

‘ଓନ୍-ଷୀ’କୁ ବିକ୍ରାନ୍ତଙ୍କ ନା

▶ପୃଷ୍ଠା ୧୧ ଦେଖନ୍ତୁ...

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-25 ◆SATURDAY ◆19 JULY 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୩ ◆ସଂଖ୍ୟା-୨୫ ◆ଶନିବାର ◆୧୯ ଜୁଲାଇ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


## ଜାତୀୟ ପରିସଂଖ୍ୟାନ ରିପୋର୍ଟ

# ଦେଶରେ ବେକାରୀ ସମସ୍ୟା ଭୟଙ୍କର

■ **ନୂଆଦିଲ୍ଲୀ, ୧୮।୭ (ସମିସ):** ପୁଣି ଦେଶରେ ତୀବ୍ର ହେଲାଣି ବେକାରୀ ସ୍ଥିତି। ଗାଁରୁ ସହରାଞ୍ଚଳ ସବୁଠି ଯୁବବର୍ଗ ବେକାର ବସିଛନ୍ତି। ବିଶେଷ ଭାବରେ ୧୫-୨୯ ବୟସ ବର୍ଗର ଯୁବକଯୁବତୀ ଏଥିରେ ସର୍ବାଧିକ ପ୍ରଭାବିତ ହୋଇଛନ୍ତି। ଦେଶରେ ନିଯୁକ୍ତି କ୍ଷେତ୍ରରେ ସୃଷ୍ଟି ହୋଇଥିବା ସ୍ଥାଣୁତା ଓ ବେକାରୀ ବୃଦ୍ଧିର ଏପରି ଚିତ୍ର ପ୍ରତିଫଳିତ ହୋଇଛି ଜାତୀୟ ପରିସଂଖ୍ୟାନ କାର୍ଯ୍ୟାଳୟର ସଦ୍ୟତମ ରିପୋର୍ଟରେ। ୨୦୨୫ ଜୁନ୍ ମାସରେ ଦେଶରେ ସାମଗ୍ରିକ ବେକାରୀ ହାର କେବଳ ବୃଦ୍ଧି ପାଇନାହିଁ, ସହରାଞ୍ଚଳରେ ଚାକିରି ନିମନ୍ତେ ସକ୍ଷମ ୧୫ ବର୍ଷରୁ ୨୦ ବର୍ଷ ବୟସର ଯୁବକଙ୍କ ବେକାରୀ ହାର ୧୮ ପ୍ରତିଶତରେ ପହଞ୍ଚିଛି। କ୍ରମାଗତ ଦ୍ୱିତୀୟ ମାସ ପାଇଁ ଦେଶରେ ବେକାରୀ ହାର ବୃଦ୍ଧି ପାଇଛି ।

ଗତ ମେ’ ମାସରେ ଦେଶର ଗ୍ରାମାଞ୍ଚଳରେ ୧୫-୨୯ ବର୍ଷ ବୟସ ବର୍ଗର ଯୁବକଯୁବତୀଙ୍କ ବେକାରୀ ହାର ୧୫% ରହିଥିଲା, ମାତ୍ର ଜୁନ୍ ମାସରେ ଏହା ବୃଦ୍ଧି ପାଇ ୧୫.୩ ପ୍ରତିଶତରେ ପହଞ୍ଚିଛି। ସେହିପରି ସହରାଞ୍ଚଳରେ ଏହି ବର୍ଗର ବେକାରୀ ହାର ୧୮ ପ୍ରତିଶତରେ ପହଞ୍ଚିଛି। ଗ୍ରାମାଞ୍ଚଳରେ, କୃଷି , ମନରେଗା ଭଳି ନିଯୁକ୍ତି ଯୋଜନା ଯୋଗୁଁ କିଛି ବେକାରୀହାର ସହରାଞ୍ଚଳଠାରୁ କିଞ୍ଚିତ୍ କମ୍ ରହିଛି। ମାତ୍ର ସହରାଞ୍ଚଳରେ ଶିକ୍ଷିତ ବେକାରଙ୍କ ନିଯୁକ୍ତି ନେଇ କୌଣସି ବ୍ୟବସ୍ଥା ହୋଇ ପାରି ନ ଥିବାରୁ ସଂଗଠିତ କ୍ଷେତ୍ରରେ ଚାକିରିର ଅଭାବ ଦେଖା ଦେଇଛି।

ଏନ୍‌ଏସ୍‌ଓ ଦେଶର ସାମ୍ପ୍ରତିକ ସାପ୍ତାହିକ ସ୍ଥିତି (ସିଡବ୍ଲ୍ୟୁଏସ୍) ଆଧାରରେ ବେକାରି ହାରର ଅନୁଧ୍ୟାନ କରିଥାଏ ଓ ପ୍ରତି ସପ୍ତାହର କାର୍ଯ୍ୟ ଅବଧିର ଆକଳନ କରି ରିପୋର୍ଟ ପ୍ରସ୍ତୁତ କରିଥାଏ। ଯଦି ଜଣେ ବ୍ୟକ୍ତି ସପ୍ତାହରେ ଗୋଟିଏ ଘଣ୍ଟା କିମ୍ବା କୌଣସି ଦିନ କାମ ପାଇନାହାଁନ୍ତି, ତେବେ ତାଙ୍କୁ ସପ୍ତାହରେ ବେକାର ବୋଲି ବିବେଚନା କରାଯାଏ।




### ସହରାଞ୍ଚଳରେ ୧୮% ଯୁବଗୋଷ୍ଠୀ ବେକାର

### ଗ୍ରାମାଞ୍ଚଳରେ ବେକାରୀ ଟପିଲା ୧୫ ପ୍ରତିଶତ

---

**ସୌମ୍ୟାଶ୍ରୀ ଆତ୍ମଦାହ**

# ତିନି ତଦନ୍ତକାରୀ ଦଳର ତନାଘନା

■ **ବାଲେଶ୍ୱର, ୧୮।୭ (ସମିସ):** ବାଲେଶ୍ୱର ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟର ଛାତ୍ରୀ ସୌମ୍ୟାଶ୍ରୀ ବିଶି ଆତ୍ମାହୁତି ଘଟଣା ସାରା ଦେଶରେ ଆଲୋଡ଼ନ ସୃଷ୍ଟି କରିଛି। ଘଟଣାର ନିରପେକ୍ଷ ତଦନ୍ତ ଦାବିରେ ବିଭିନ୍ନ ରାଜନୈତିକ ଦଳ ଓ ସାମାଜିକ ସଂଗଠନ ଲଢ଼େଇ ଜାରି ରଖିଛନ୍ତି। ଏହାକୁ ନେଇ ରାଜ୍ୟ ସରକାର ଏକପ୍ରକାର ଚାପରେ ଥିବା ବେଳେ ମାମଲାର ତଦନ୍ତ କ୍ରାଇମ୍‌ବ୍ରାଞ୍ଚକୁ ହସ୍ତାନ୍ତର କରିଛନ୍ତି। ଦୁଇ ଦିନ ହେବ କ୍ରାଇମବ୍ରାଞ୍ଚର ଟିମ୍ ତନାଘନା ଜାରି ରଖିଥିବା ବେଳେ ଆଜି ଦିଲ୍ଲୀରୁ ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ(ୟୁଜିସି)ର ୪ଜଣିଆ ଏକ ଟିମ୍ ଓ ରାଜ୍ୟ ଉଚ୍ଚଶିକ୍ଷା ବିଭାଗର ତଦନ୍ତକାରୀ ଦଳ କଲେଜରେ ପହଞ୍ଚି ତନାଘନା କରିଛନ୍ତି। ଦିନକରେ ତିନି ତିନିଟି ଉଚ୍ଚସ୍ତରୀୟ ଟିମ୍‌ର ▶ପୃଷ୍ଠା-୭

### ୟୁଜିସି ଟିମ୍ ଓ ଉଚ୍ଚଶିକ୍ଷା ବିଭାଗ ତଦନ୍ତକାରୀ ଦଳର ପଚରାଉଚରା

### ଦ୍ୱିତୀୟ ଦିନରେ କ୍ରାଇମ୍‌ବ୍ରାଞ୍ଚର ଅନୁସନ୍ଧାନ ଜାରି

## ଅଧ୍ୟାପକଙ୍କ ବିରୋଧରେ ମିଳିଛି ପ୍ରମାଣ: ନିର୍ଦ୍ଦେଶକ

■ **ବାଲେଶ୍ୱର, ୧୮।୭ (ସମିସ):** ଏଫ୍‌ଏମ୍ ସୌମ୍ୟାଶ୍ରୀ ଆତ୍ମଦାହ ଘଟଣାରେ ଅଭିଯୁକ୍ତ ଅଧ୍ୟାପକ ସମୀର ସାହୁଙ୍କ ବିରୁଦ୍ଧରେ ବଳିଷ୍ଠ ପ୍ରମାଣ ମିଳିଥିବା ଉଚ୍ଚ ଶିକ୍ଷା ବିଭାଗର ନିର୍ଦ୍ଦେଶକ କାଳୀ ପ୍ରସନ୍ନ ମହାପାତ୍ର ସୂଚନା ଦେଇଛନ୍ତି। ସେ କହିଛନ୍ତି, ସମୀରଙ୍କ ବିରୁଦ୍ଧରେ କିଛି ପ୍ରମାଣ ମିଳିଛି। ଆସନ୍ତାକାଲି କମିଟିର ତଦନ୍ତ ଶେଷ ହେବ। ପ୍ରଥମ ଦିନ ୪ ଜଣ ଛାତ୍ରଛାତ୍ରୀ, ଆଇସିସି ସଦସ୍ୟ ଏବଂ କିଛି କର୍ମଚାରୀଙ୍କୁ ପଚରାଉଚରା କରାଯାଇଛି। ଖୁବଶୀଘ୍ର ସରକାରଙ୍କୁ ରିପୋର୍ଟ ପ୍ରଦାନ କରାଯିବ।

**ଛାତ୍ରୀ ଓ ମହିଳାଙ୍କ ସୁରକ୍ଷା ଚିନ୍ତା**

## ହେଲ୍ପଲାଇନ ନମ୍ବର ଜାରି

■ **ଭୁବନେଶ୍ୱର, ୧୮।୭ (ସମିସ):** ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟ ଛାତ୍ରୀଙ୍କ ଆତ୍ମାହୁତି ଘଟଣା ପରେ ସରକାରଙ୍କ ଚେତା ପଶିଛି। ଶିକ୍ଷାନୁଷ୍ଠାନରେ ଛାତ୍ରୀଙ୍କ ସୁରକ୍ଷା ପାଇଁ ତତ୍ପର ହୋଇଛି ଉଚ୍ଚଶିକ୍ଷା ବିଭାଗ। ସମସ୍ତ ଉଚ୍ଚ ଶିକ୍ଷାନୁଷ୍ଠାନରେ ୨୪ ଘଣ୍ଟା ମଧ୍ୟରେ ଆଭ୍ୟନ୍ତରୀଣ ଅଭିଯୋଗ କମିଟି (ଆଇସିସି) ଗଠନ କରିବାକୁ ନିର୍ଦ୍ଦେଶ ଦେବା ପରେ ଆଜି ହେଲ୍ପଲାଇନ୍ (ନମ୍ବର-୧୮୧) ଜାରି କରିଛି। ସମସ୍ତ ବିଶ୍ୱବିଦ୍ୟାଳୟ, ସରକାରୀ ମହାବିଦ୍ୟାଳୟ, ଅନୁଦାନପ୍ରାପ୍ତ ମହାବିଦ୍ୟାଳୟ ଓ ବେସରକାରୀ ମହାବିଦ୍ୟାଳୟର ପ୍ରମୁଖ ସ୍ଥାନରେ ▶ପୃଷ୍ଠା-୭

---

**ଯୁକ୍ତ ୨ ଇନଷ୍ଟାଣ୍ଟ ପରୀକ୍ଷାଫଳ ପ୍ରକାଶ**

## ପାସହାର ୯୦.୫୭%

■ **ଭୁବନେଶ୍ୱର, ୧୮।୭ (ସମିସ):** ଉଚ୍ଚ ମାଧ୍ୟମିକ ଶିକ୍ଷା ପରିଷଦ (ସିଏଚଏସଇ) ପରିଚାଳିତ ଯୁକ୍ତ ୨ ଇନ୍‌ଷ୍ଟାଣ୍ଟ ପରୀକ୍ଷାଫଳ ପ୍ରକାଶ ପାଇଛି। ଚଳିତବର୍ଷ ପାସହାର ୯୦.୫୭ ପ୍ରତିଶତ ରହିଛି। ତନ୍ମଧ୍ୟରେ ଛାତ୍ରୀଙ୍କ ପାସହାର ୯୨.୯୧ ପ୍ରତିଶତ ଥିବା ବେଳେ ଛାତ୍ରଙ୍କ ୮୮.୪୩ ପ୍ରତିଶତ ରହିଛି।

ପରୀକ୍ଷା ଦେଇଥିବା ୧୦୦୮ ଛାତ୍ରଛାତ୍ରୀଙ୍କ ମଧ୍ୟରୁ ୯୧୩ ଜଣ କୃତକାର୍ଯ୍ୟ ହୋଇଛନ୍ତି। କଳାରେ ସର୍ବାଧିକ ୪୯୫ ଛାତ୍ରଛାତ୍ରୀ ପରୀକ୍ଷା ଦେଇଥିବା ବେଳେ ୪୪୯ ପାସ କରିଛନ୍ତି। ମୋଟ୍ ପାସହାର ୯୦.୫୦% ଥିବା ▶ପୃଷ୍ଠା-୭


## ୬୪ କୋଟିର ଦୁର୍ନୀତି ଧରିବାକୁ ୨୫୦ କୋଟି ଖର୍ଚ୍ଚ

■ **ନୂଆଦିଲ୍ଲୀ, ୧୮।୭ (ଏଜେନ୍ସି):** ୧୯୮୦ ଦଶକରେ ଭାରତୀୟ ରାଜନୀତିରେ ହଟଚମଟ ସୃଷ୍ଟି କରିଥିବା ବୋଫର୍ସ ଦୁର୍ନୀତି ଏବଂ ଏଥିପାଇଁ ଖର୍ଚ୍ଚ ହୋଇଥିବା ଅର୍ଥକୁ ନେଇ ଚାଞ୍ଚଲ୍ୟକର ତଥ୍ୟ ସାମନାକୁ ଆସିଛି। ସୁଇଡେନର ବୋଫର୍ସ କଂପାନୀରୁ ଟ୍ୟାଙ୍କ୍ କିଣିବା ଲାଗି ୧୫୩୭ ଟଙ୍କାର ଚୁକ୍ତି ସ୍ୱାକ୍ଷରିତ ହୋଇଥିଲା। ଭାରତ ସରକାର ଓ ବୋଫର୍ସ କଂପାନୀ ମଧ୍ୟରେ ମାର୍ଚ୍ଚ ୧୯୮୬ରେ ଏହି ଚୁକ୍ତି ହୋଇଥିଲା। ଚୁକ୍ତି ହେବାର ଗୋଟିଏ ବର୍ଷ ପରେ ଅଭିଯୋଗ ହୋଇଥିଲା ଯେ ଏହି ଚୁକ୍ତିରେ ୬୪ କୋଟି ଟଙ୍କାର କମିସନି କାରବାର ହୋଇଛି। ଏଥିରେ ନେତା, ଅଫିସର ଓ କିଛି ମଧ୍ୟସ୍ଥି ସଂପୃକ୍ତ ଥିଲେ ବୋଲି ଅଭିଯୋଗ ହୋଇଥିଲା। ଏଥିରେ ଇଟାଲୀୟ ବ୍ୟବସାୟୀ ଓଟ୍ଟାଭିଓ କ୍ୱାତ୍ରୋଚିଙ୍କୁ ଅନ୍ୟତମ ପ୍ରମୁଖ ଅଭିଯୁକ୍ତ ଦର୍ଶାଯାଇଥିଲା। ତେବେ ସବୁଠାରୁ ଆଲୋଡ଼ନ ସୃଷ୍ଟି କରିଥିବା କଥାଟି ହେଲା ଯେ ମଧ୍ୟସ୍ଥିଙ୍କୁ ଧରିବା ପାଇଁ ହୋଇଥିବା ଖର୍ଚ୍ଚର ପରିମାଣ କମିସନି ଟଙ୍କାଠାରୁ ବଢ଼ିଯାଇଥିଲା। କୁହାଯାଇଥିଲା ଯେ ୬୪ କୋଟି ଟଙ୍କାର କମିସନି କାରବାର ପାଇଁ ମଧ୍ୟସ୍ଥିଙ୍କୁ ଧରିବା ଲାଗି ୨୫୦ କୋଟି ଟଙ୍କା ଖର୍ଚ୍ଚ ହୋଇଥିଲା। କିନ୍ତୁ ପରିଣାମ ଶୂନ। ଅହୁରି ଗୁରୁତ୍ୱପୂର୍ଣ୍ଣ କଥା ହେଲା ଯେ ଏହି କମିସନି କାରବାର ଏମିତି ବିସ୍ଫୋରକ ରୂପ ଧରିଥିଲା ଯେ କେନ୍ଦ୍ରରେ ସରକାର ବଦଳିଯାଇଥିଲା। ▶ପୃଷ୍ଠା-୭


କୃଷି ଏବଂ କୃଷକ କଲ୍ୟାଣ ମନ୍ତ୍ରଣାଳୟ
ଭାରତ ସରକାର

“ପ୍ରଧାନମନ୍ତ୍ରୀ ଫସଲ ବୀମା ଯୋଜନା ଅନିଶ୍ଚିତ ପାଣିପାଗ ସହ ଜଡ଼ିତ ବିପଦକୁ କମ କରିବା ସହିତ ପରିଶ୍ରମୀ ଚାଷୀ ଭାଇଭଉଣୀଙ୍କ ଆର୍ଥିକ ହିତ ରକ୍ଷା କରିବାରେ ଲଗାତାର ଗୁରୁତ୍ୱପୂର୍ଣ୍ଣ ଭୂମିକା ନିର୍ବାହ କରୁଛି। ଚାଷୀ ହିତୈଷୀ ବୀମା ଯୋଜନାର ଲାଭ ଆଜି କୋଟି କୋଟି ଚାଷୀଙ୍କୁ ମିଳୁଛି।”
- ନରେନ୍ଦ୍ର ମୋଦୀ, ପ୍ରଧାନମନ୍ତ୍ରୀ





ଫସଲକୁ ବୀମାଭୁକ୍ତ ଓ ପରିଶ୍ରମକୁ ସଫଳ କରନ୍ତୁ

ଫସଲ ବୀମା କରାନ୍ତୁ
ସୁରକ୍ଷା କବଚ ପାଆନ୍ତୁ

ପ୍ରଧାନମନ୍ତ୍ରୀ ଫସଲ ବୀମା ଯୋଜନାର ଲାଭ ବିଷୟରେ
- 23+ କୋଟି କୃଷକ ଭାଇ ଭଉଣୀଙ୍କୁ ଏପର୍ଯ୍ୟନ୍ତ ଫସଲବୀମାର ଲାଭ ମିଳିସାରିଛି
- ₹1.75+ ଲକ୍ଷ କୋଟି ର ଦାବି କୃଷକମାନଙ୍କୁ ପୈଠ କରାଯାଇଛି
- 78+ କୋଟି ରୁ ଅଧିକ କୃଷକଙ୍କର ଆବେଦନ ପ୍ରାପ୍ତ କରାଯାଇଛି
- ରାଷ୍ଟ୍ରୀୟ ଫସଲ ବୀମା ପୋର୍ଟାଲ ଦ୍ୱାରା ସ୍ୱଚ୍ଛ ଏବଂ ଦ୍ରୁତ ଦାବି ପୈଠ

ଦେଶବ୍ୟାପୀ ହେଲ୍ପଲାଇନ୍ 14447

ପଞ୍ଜିକରଣର ଶେଷ ତାରିଖ 31 ଜୁଲାଇ, 2025




ପ୍ରଧାନମନ୍ତ୍ରୀ ଫସଲ ବୀମା ଯୋଜନା

ବୀମା ଅଂଶୀଦାରୀ AIC | Chola MS | FUTURE GENERALI | HDFC ERGO | ICICI Lombard | IFFCO-TOKIO | Kshema | Oriental Insurance | RELIANCE GENERAL INSURANCE | SBI general | TATA AIG | Universal Sompo General Insurance

ନିଜର ଫସଲକୁ ଆଜି ହିଁ ବୀମାଭୁକ୍ତ କରିବା ପାଇଁ ଯୋଗାଯୋଗ କରନ୍ତୁ

ଜନସେବା କେନ୍ଦ୍ର | କ୍ରପ୍ ଇନସ୍ୟୁରାନ୍ସ ଆପ୍ https://play.google.com | ପୋଷ୍ଟ ଅଫିସ | ବ୍ୟାଙ୍କ ଶାଖା | @PMFBY

ଯୋଜନା ସମ୍ବନ୍ଧିତ ଅଧିକ ସୂଚନା ପାଇଁ QR କୋଡ୍ ସ୍କାନ୍ କରନ୍ତୁ






# ମଙ୍ଗଳଗ୍ରହର ପଥର ୪୬ କୋଟିରେ ନିଲାମ



ନ୍ୟୁୟର୍କ, ୧୮ ।୭(ଏଜେନ୍ସି): ମଙ୍ଗଳ ଗ୍ରହରୁ ପୃଥିବୀକୁ ଆସିଥିବା ସବୁଠାରୁ ବଡ଼ ପଥରକୁ ନ୍ୟୁୟର୍କରେ ନିଲାମ କରାଯାଇଛି । ଏହି ପଥର ପାଖାପାଖି ୪୬ କୋଟି ଟଙ୍କାରେ ବିକ୍ରି ହୋଇଛି । ୨୫ କେଜି ଓଜନ ବିଶିଷ୍ଟ ଏହି ପଥରର ନାମ 'ଏନ୍‌ଡବ୍ଲ୍ୟୁଏ ୧୬୭୮୮' ରଖାଯାଇଛି । ୨୦୨୩ ନଭେମ୍ବରରେ ନାଇଜର ସାହରା ମରୁଭୂମିର ଅଗାଡେଜ କ୍ଷେତ୍ରରୁ ଏହାକୁ ଆବିଷ୍କାର କରାଯାଇଥିଲା । ଏକ ବିରାଟ ଉଲକା ପିଣ୍ଡ ମାଡ଼ ହେବା ଦ୍ୱାରା ମଙ୍ଗଳଗ୍ରହରୁ ଏହି ପଥର ଉଡ଼ି ଆସି ୨୨.୫ କୋଟି କିମି ଯାତ୍ରା କରି ପୃଥିବୀ ପୃଷ୍ଠରେ ପଡ଼ିଥିଲା । ଜଣେ ଉ୍‌ଲକାପିଣ୍ଡ ଅନୁସନ୍ଧାନକାରୀ ଏହି ପଥରର ସନ୍ଧାନ କରିଥିଲେ ।

# ମହାରାଷ୍ଟ୍ର ବିଧାନସଭାରେ ମାର୍‌ପିଟ୍



ମୁମ୍ବଇ, ୧୮ ।୭(ଏଜେନ୍ସି): ମହାରାଷ୍ଟ୍ର ବିଧାନସଭାରେ ଏକ ଅଭାବନୀୟ ଘଟଣା ଘଟିଛି । ବିଜେପି ଓ ଶରଦ ପାୱାରଙ୍କ ଏନ୍‌ସିପି ପାର୍ଟିର ବିଧାୟକମାନେ ଗୁରୁବାର ହାତାହାତି ହୋଇଛନ୍ତି । ଶୁକ୍ରବାର ଏ ନେଇ ମାମଲା ରୁଜୁ କରାଯାଇଛି । ଏହି ମାମଲାରେ ମୁମ୍ବଇ ପୁଲିସ ୨ ଜଣଙ୍କୁ ଗିରଫ କରିଛି । ବିଧାନସଭାରେ ଲାମ୍ବିର ବିଜେପି ବିଧାୟକ ଗୋପୀଚାନ୍ଦ ପଡଲକର ଓ ଏନ୍‌ସିପି (ଏସ୍‌ପି) ବିଧାୟକ ଜିତେନ୍ଦ୍ର ଆହ୍ୱାଡ୍‌ଙ୍କ ସମର୍ଥକ ହାତାହାତି ହୋଇଥିଲେ । ମାର୍‌ପିଟ୍‌ର ଏହି ଭିଡିଓ ସାମାଜିକ ଗଣମାଧ୍ୟମ ଭାଇରାଲ ହୋଇଛି । ଦୁଇ ବିଧାୟକଙ୍କ ସମର୍ଥକ ପରସ୍ପରକୁ ଗାଳି କରିଥିଲେ । ଏ ନେଇ ଏନ୍‌ସିପି ସମର୍ଥକ ଗୁରୁବାର ରାତିରେ ମେରାଇନ ଡ୍ରାଇଭ ଥାନା ସାମ୍ନାରେ ପ୍ରଦର୍ଶନ କରିଥିଲେ । ତେବେ ମାର୍‌ପିଟ୍‌ର କାରଣ ଏ ପର୍ଯ୍ୟନ୍ତ ଜଣାପଡ଼ି ନାହିଁ ।

# ପିଲା ସହ ରୁଷ୍ ମହିଳା ଭାରତରେ ନିଖୋଜ

ନୂଆଦିଲ୍ଲୀ, ୧୮ ।୭(ଏଜେନ୍ସି): ସନ୍ତାନର ହେପାଜତ ପାଇଁ ସ୍ୱାମୀ କରିଥିବା ଏକ ମାମଲାରେ ସୁପ୍ରିମକୋର୍ଟ ରୁଷ୍ ମହିଳା ଭିକ୍ଟୋରିଆଙ୍କ ବିରୋଧରେ ଲୁକ୍‌ଆଉଟ୍ ନୋଟିସ ଜାରି କରିଛନ୍ତି । ଗତ ମେ' ୭ ତାରିଖରୁ ଏହି ମହିଳା ନିଜ ପିଲା ସହ ନିଖୋଜ ଅଛନ୍ତି । ଉଭୟଙ୍କୁ ଖୋଜିବା ପାଇଁ କେନ୍ଦ୍ର ଓ ଦିଲ୍ଲୀ ସରକାରଙ୍କୁ ସୁପ୍ରିମକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି । ମହିଳା ଦେଶ ଛାଡି ନ ଯିବା ଦରକାର । ସନ୍ଧାନ ମିଳିବା ପରେ ପିଲାକୁ ତା'ର ଭାରତୀୟ ପିତା ସେକତ ବାସୁଙ୍କୁ ହସ୍ତାନ୍ତର ପାଇଁ କୋର୍ଟ ଆଦେଶ ଦେଇଛନ୍ତି । ମହିଳା ଓ ପିଲା ଜଙ୍ଗଲରେ ନିଖୋଜ ହୋଇ ଯାଇଛନ୍ତି ବୋଲି କୋର୍ଟଙ୍କୁ କୁହାଯାଇଛି । ଭିକ୍ଟୋରିଆ ଭାରତରେ ଗୁପ୍ତଚର ଭାବେ କାର୍ଯ୍ୟକରି ରୁଷିଆ ପ୍ରତ୍ୟାବର୍ତ୍ତନ କରିବାକୁ ଚାହୁଁଥିଲେ ବୋଲି ସକେତ ଓ ତାଙ୍କ ପରିବାର ସନ୍ଦେହ କରୁଛନ୍ତି । ସେ ଏକ୍ସ-୧ ଭିସାରେ ଭାରତ ଆସିଥିଲେ ।

# ପଶ୍ଚିମବଙ୍ଗ ବିକାଶରେ ମମତା ବାଧକ: ମୋଦୀ

କୋଲକାତା, ୧୮ ।୭ (ଏଜେନ୍ସି): ମୁଖ୍ୟମନ୍ତ୍ରୀ ମମତା ବାନାର୍ଜୀଙ୍କ ନେତୃତ୍ୱାଧୀନ ଟିଏମ୍‌ସି ପଶ୍ଚିମବଙ୍ଗର ବିକାଶ ଆଗରେ ପ୍ରାଚୀର ଭାବେ ଛିଡ଼ା ହୋଇଛି । ଯେଉଁ ଦିନ ଏହି ପ୍ରାଚୀର ଭାଙ୍ଗିଯିବ ସେହିଦିନ ରାଜ୍ୟରେ ବିକାଶ ତୀବ୍ର ହେବ ଏବଂ ଅସଲ ପରିବର୍ତ୍ତନ ଆସିବ । ନିଜ ସ୍ୱାର୍ଥ ପାଇଁ ଟିଏମସି ପଶ୍ଚିମବଙ୍ଗରେ ଅନୁପ୍ରବେଶକୁ ମଧ୍ୟ ପ୍ରୋତ୍ସାହନ ଦେଉଛି । ଏଥିପାଇଁ ସମ୍ପୂର୍ଣ୍ଣ ବ୍ୟବସ୍ଥା ଗଠନ କରାଯାଉଛି । ଏହା ରାଜ୍ୟ, ଦେଶ ଏବଂ ବଙ୍ଗୀୟ ସଂସ୍କୃତି ପାଇଁ ବିପଦ । ଏବେ ଟିଏମ୍‌ସି ଅନୁପ୍ରବେଶକାରୀଙ୍କ ସପକ୍ଷରେ ନୂଆ ଅଭିଯାନ ଆରମ୍ଭ କରିଛି । କିନ୍ତୁ ଯିଏ ଭାରତୀୟ ନାଗରିକ ନୁହେଁ ଏବଂ ଅନୁପ୍ରବେଶ କରି ଆସିଛି ତା ବିରୋଧରେ ସମ୍ବିଧାନ ଅନୁଯାୟୀ କାର୍ଯ୍ୟାନୁଷ୍ଠାନ ନିଆଯିବ । ରାଜ୍ୟ ବିରୋଧୀ ଷଡ଼ଯନ୍ତ୍ରକୁ ବିଜେପି କଦାପି ସଫଳ ହେବାକୁ ଦେବ ନାହିଁ ବୋଲି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ କହିଛନ୍ତି । ସେ ଦୁର୍ଗାପୁରରେ ୫ ହଜାର କୋଟିରୁ ଅଧିକ ଟଙ୍କାର ପ୍ରକଳ୍ପକୁ ଶୁକ୍ରବାର ଉଦ୍‌ଘାଟନ ଏବଂ ଶିଳାନ୍ୟାସ କରି ଏହି ମନ୍ତବ୍ୟ ଦେଇଛନ୍ତି । ମୋଦୀ ରାଜ୍ୟ ସରକାରଙ୍କୁ ସମାଲୋଚନା କରି କହିଛନ୍ତି ଯେ ଆଜି ରାଜ୍ୟରେ ହସ୍ପିଟାଲଗୁଡିକ ବି ସୁରକ୍ଷିତ ନାହିଁ । ଡାକ୍ତର ଝିଅ ସହ ଅତ୍ୟାଚାର ହେବା ପରେ ଟିଏମସି ଅପରାଧୀକୁ ବଞ୍ଚାଇବାକୁ ଲାଗି ଯାଇଥିଲା ।

# ବିହାର ବଜ୍ରପାତରେ ୧୭ ମୃତ

ନୂଆଦିଲ୍ଲୀ, ୧୮ ।୭(ଏଜେନ୍ସି): ବଜ୍ରପାତରେ ଗତ ୨୪ ଘଣ୍ଟାରେ ବିହାରରେ ୧୭ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି । କେବଳ ନାଳନ୍ଦାରେ ୫ଜଣ ପ୍ରାଣ ହରାଇଛନ୍ତି । ବୈଶାଳୀରେ ୪, ବାଙ୍କା ଓ ପାଟଣାରେ ୨ ଜଣ ଲେଖାଏଁ ବଜ୍ରପାତରେ ଜୀବନ ହରାଇଛନ୍ତି । ତେଣେ ପାଟନାରେ ଗଙ୍ଗାନଦୀ ବିପଦ ସଂକେତ ଉପରେ ପ୍ରବାହିତ ହେଉଛି । ରାଜସ୍ଥାନ, ଉତ୍ତରପ୍ରଦେଶ, ହିମାଚଳ ପ୍ରଦେଶରେ ପ୍ରବଳ ବର୍ଷା ଯୋଗୁଁ ବନ୍ୟାସ୍ଥିତି ଗମ୍ଭୀର ହୋଇଛି । ହିମାଚଳ ପ୍ରଦେଶରେ ବର୍ଷା ଜନିତ ଦୁର୍ଘଟଣାରେ ଏପର୍ଯ୍ୟନ୍ତ ୧୧୦ ଲୋକ ମୃତ୍ୟୁବରଣ କଲେଣି । ସେହିପରି ଭୂସ୍ଖଳନ ଯୋଗୁଁ ସ୍ଥଗିତ ରହିଥିବା ଅମରନାଥ ଯାତ୍ରା ଶୁକ୍ରବାର ପୁଣି ଆରମ୍ଭ ହୋଇଛି ।

# ଟଙ୍କା ଜବତ ମାମଲା: ଜଷ୍ଟିସ୍ ବର୍ମା ସୁପ୍ରିମ୍‌କୋର୍ଟଙ୍କ ଦ୍ୱାରସ୍ଥ

ନୂଆଦିଲ୍ଲୀ, ୧୮ ।୭(ଏଜେନ୍ସି): ଘରୁ ଟଙ୍କା ଜବତ ମାମଲାରେ ଆହ୍ଲାବାଦ ହାଇକୋର୍ଟର ବିଚାରପତି ଜଷ୍ଟିସ ଯଶୋବନ୍ତ ବର୍ମାଙ୍କ ବିରୋଧରେ ମହାଭିଯୋଗ ପ୍ରସ୍ତାବ ଆଣିବା ଲାଗି ସଂସଦରେ ପ୍ରସ୍ତୁତି ଚାଲିଛି । ଏପରି ସମୟରେ ଜଷ୍ଟିସ ବର୍ମା ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇଛନ୍ତି । ଏହି ମାମଲାରେ କୋର୍ଟ କମିଟି ପକ୍ଷରୁ ଦିଆଯାଇଥିବା ରିପୋର୍ଟରେ ତାଙ୍କୁ ଦୋଷୀ ସାବ୍ୟସ୍ତ କରାଯାଇଛି । ତେବେ ସେ ଏହି ରିପୋର୍ଟକୁ ରଦ୍ଦ କରିବାକୁ ସୁପ୍ରିମକୋର୍ଟରେ ଆବେଦନ ଦାଖଲ କରିଛନ୍ତି । ସେ କହିଛନ୍ତି, ମୋ ବିରୋଧରେ ଯେଉଁ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି ତାହା ନ୍ୟାୟିକ ସିଦ୍ଧାନ୍ତର ବିରୋଧୀ । ନିଜର କଥା ରଖିବାକୁ ଓ ନିର୍ଦ୍ଦୋଷ ସାବ୍ୟସ୍ତ କରିବାକୁ ମୋତେ କୌଣସି ସୁଯୋଗ ଦିଆଯାଇନାହିଁ । ଏହି କ୍ରମରେ ଜଣେ ବ୍ୟକ୍ତି ଓ ତାଙ୍କ ସାମ୍ବିଧାନିକ ଅଧିକାରରର ଉଲ୍ଲଂଘନ ହୋଇଛି ।




ଜୁଲାଇ ୨୧ରୁ ସଂସଦର ମୌସୁମୀ ଅଧିବେଶନ ଆରମ୍ଭ ହେବା ପୂର୍ବରୁ ସେ ଏହି ଆବେଦନ ଦାଖଲ କରିଛନ୍ତି । ଏହି ଅଧିବେଶନରେ ଜଷ୍ଟିସ୍ ବର୍ମାଙ୍କୁ ହଟାଇବା ପାଇଁ ମହାଭିଯୋଗ ପ୍ରସ୍ତାବ ପାରିତ କରିବାକୁ ପ୍ରସ୍ତୁତି କରାଯାଇଛି । ଆଇନ ଅନୁଯାୟୀ ଏହି ପଦକ୍ଷେପ ନିଆଯାଉଛି ବୋଲି ଆଇନମନ୍ତ୍ରୀ କହିଛନ୍ତି । ଏହି ପ୍ରସ୍ତାବକୁ କଂଗ୍ରେସ ସମେତ ଅନ୍ୟ ବିରୋଧୀ ଦଳଗୁଡ଼ିକ ସମର୍ଥନ ଓ ସ୍ୱାକ୍ଷର କରିବେ ବୋଲି ଘୋଷଣା କରିସାରିଛନ୍ତି । ନିଜର ସ୍ଥିତି ବିପଦରେ ଥିବା ହୃଦୟଙ୍ଗମ କରି ଜଷ୍ଟିସ୍ ବର୍ମା ଏବେ ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇଛନ୍ତି ।

ଉଲ୍ଲେଖଯୋଗ୍ୟ ଯେ, ଗତ ମାର୍ଚ୍ଚ ୧୪ରେ ଜଷ୍ଟିସ ବର୍ମାଙ୍କ ଦିଲ୍ଲୀ ଘରେ ରାତି ୧୧.୩୫ରେ ନିଆଁ ଲାଗିଥିଲା । ସେତେବେଳେ ବର୍ମା ବାହାରେ ଥିଲେ । କିନ୍ତୁ ତାଙ୍କ ବଙ୍ଗଳାରୁ ୧୫ କୋଟି ନଗଦ ଟଙ୍କା ମିଳିଥିଲା । ଏଥିମଧ୍ୟରୁ ଅଧିକାଂଶ ନୋଟ ଅଧା ଜଳିଯାଇଥିଲା । ଏହି ଅଧାଜଳା ଟଙ୍କା ନେଇ ଜଷ୍ଟିସ ବର୍ମାଙ୍କ ଉପରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଥିଲା ଓ ତଦନ୍ତ ପରେ ରିପୋର୍ଟ ପ୍ରକାଶ ପାଇଥିଲା । ସେତେବେଳେ ଜଷ୍ଟିସ ବର୍ମା ଦିଲ୍ଲୀ ହାଇକୋର୍ଟର ବିଚାରପତି ଥିଲେ ।

## ୨୧୭୪ କୋଟିର ମଦ ଦୁର୍ନୀତି ମାମଲା

# ଜନ୍ମଦିନରେ ବଘେଲଙ୍କ ପୁଅଙ୍କୁ ଗିରଫ କଲା ଇଡି



ରାୟପୁର, ୧୮।୭ (ଏଜେନ୍ସି): ମଦ ଦୁର୍ନୀତି ସମ୍ବନ୍ଧିତ ବହୁ କୋଟି ଟଙ୍କାର ମନି ଲଣ୍ଡରିଂ ମାମଲାରେ ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ବଡ଼ କାର୍ଯ୍ୟାନୁଷ୍ଠାନ ନେଇଛି । ଶୁକ୍ରବାର ବଡ଼ି ଭୋର୍‌ରେ ଭିଲାଇ ସ୍ଥିତ ବାସଭବନରୁ ପୂର୍ବତନ ମୁଖ୍ୟମନ୍ତ୍ରୀ ଭୂପେଶ ବଘେଲଙ୍କ ପୁଅ ତଥା ବ୍ୟବସାୟୀ ଚୈତନ୍ୟ ବଘେଲଙ୍କୁ ଗିରଫ କରାଯାଇଛି । ତାଙ୍କୁ ରାୟପୁରର ସ୍ୱତନ୍ତ୍ର କୋର୍ଟରେ ଉପସ୍ଥାପନ କରାଯାଇଛି । କୋର୍ଟ ଚୈତନ୍ୟଙ୍କୁ ୨୨ ତାରିଖ ପର୍ଯ୍ୟନ୍ତ ଇଡି ରିମାଣ୍ଡକୁ ପଠାଇ ଦେଇଛନ୍ତି । ଏହି ସମୟରେ କୋର୍ଟରେ ଭୂପେଶ ବଘେଲ, ଚରଣଦାସ ମହନ୍ତ, ମହମ୍ମଦ ଆକବର ସମେତ କଂଗ୍ରେସର ବହୁ ବଡ଼ ନେତା ଉପସ୍ଥିତ ଥିଲେ । ଏହି ଗିରଫକୁ ବିରୋଧ କରି କଂଗ୍ରେସ କର୍ମୀ ହଙ୍ଗାମା କରିଛନ୍ତି । ଗିରଫ ସମୟରେ ଇଡି ଗାଡ଼ିକୁ ଅଟକାଇବାକୁ ପ୍ରୟାସ କରିଥିଲେ । ପୁଲିସ ସହ ମୁହାଁମୁହିଁ ହୋଇଥିଲେ । ଏହା ସତ୍ତ୍ୱେ ଇଡି ଚୈତନ୍ୟଙ୍କୁ ଧରି କୋର୍ଟରେ ହାଜର କରିଥିଲା ।

ଜନ୍ମଦିନରେ ଆଜି ଚୈତନ୍ୟଙ୍କୁ ଗିରଫ କରାଯାଇଛି । ଏହାକୁ ନେଇ ବଘେଲ ପ୍ରଧାନମନ୍ତ୍ରୀ ମୋଦୀଙ୍କୁ ତାତ୍ସଲ୍ୟ କରିଛନ୍ତି । ପୂର୍ବରୁ ମୋ ଜନ୍ମଦିନରେ ପରାମର୍ଶଦାତା ଏବଂ ସ୍ୱତନ୍ତ୍ର ଦାୟିତ୍ୱରେ ଥିବା ଦୁଇ ଅଧିକାରୀ (ଓଏସ୍‌ଡି)ଙ୍କ ଘରେ ଇଡି ଚଢ଼ଉ କରାଯାଇଥିଲା । ଏବେ ପୁଅ ଜନ୍ମଦିନରେ ଯେଉଁ ଭଳି ଉପହାର ଦେଲେ ତାହା ବିଶ୍ୱର କୌଣସି ଗଣତନ୍ତ୍ରରେ ଦିଆଯାଇ ନ ଥିଲା । ଏଭଳି ଉପହାର ଦେଇଥିବାରୁ ମୋଦୀ ଏବଂ ସ୍ୱରାଷ୍ଟ୍ରମନ୍ତ୍ରୀ ଅମିତ ଶାହାଙ୍କୁ ଧନ୍ୟବାଦ । ନିଜ ମାଲିକଙ୍କୁ ଖୁସି କରିବା ପାଇଁ ମୋଦୀ-ଶାହା ଇଡି ପଠାଇ ଦେଲେ । ଏହା ସାରା ଜୀବନ ମନେ ରହିବ । ବଘେଲ କେବେ ନଇଁନି କି ଡରିବନି । ଏହା ପୂର୍ବରୁ ବଘେଲ କହିଥିଲେ ଯେ ଆଜି ବିଧାନସଭା ଅଧିବେଶନର ଶେଷ ଦିନ । ତମନାରରେ ଆଦାନୀ କାଟୁଥିବା ଗଛ ପ୍ରସଙ୍ଗ ଆଜି ଗୃହରେ ଉଠା ଯାଇଥାନ୍ତା । କିନ୍ତୁ ଏହା ପୂର୍ବରୁ ଭିଲାଇ ଆବାସକୁ ସାହେବ ଇଡି ପଠାଇ ଦେଲେ ।

ସୂଚନା ଅନୁଯାୟୀ ଚୈତନ୍ୟ ରିୟଲ ଇଷ୍ଟେଟ ବ୍ୟବସାୟରେ ଜଡ଼ିତ ଥିଲେ । ତେବେ ସେ କଂଗ୍ରେସ ସଦସ୍ୟ ଅଛନ୍ତି । ମଦ ଦୁର୍ନୀତି ସହିତ କୋଲ୍ ଲେଭି, ମହାଦେବ ଆପ୍ ଏବଂ ହାୱାଲା ମାଧ୍ୟମରେ ମନି ଲଣ୍ଡରିଂ ଆଦି ମାମଲାରେ ଚୈତନ୍ୟଙ୍କ ନାମ ଆସିଛି । ୨୧୭୪ କୋଟିର ମଦ ଦୁର୍ନୀତି ମାମଲାର ଯାଞ୍ଚରୁ ଜଣାପଡ଼ିଛି ଯେ ଭୂପେଶଙ୍କ କାର୍ଯ୍ୟକାଳରେ ଆଇଏଏସ ଅଧିକାରୀ ଅନିଲ ଟୁଟେଜା, ଅବକାରୀ ବିଭାଗର ଏମଡି ଏପି ତ୍ରିପାଠୀ ଏବଂ ବ୍ୟବସାୟୀ ଅନୱର ଢେବରଙ୍କ ସିଣ୍ଡିକେଟ ମାଧ୍ୟମରେ ଦୁର୍ନୀତି ହୋଇଥିଲା । ଇଓଡବ୍ଲ୍ୟୁ ଆରୋପପତ୍ର ଅନୁଯାୟୀ ୧୩୯୨ କୋଟି ୪୫ ଲକ୍ଷ ୩୯ ହଜାର ଟଙ୍କା କେବଳ ନେତାମନ୍ତ୍ରୀଙ୍କୁ ବଣ୍ଟା ଯାଇଥିଲା । ୩ ମଦ ଯୋଗାଣକାରୀଙ୍କୁ ୩୫୮ କୋଟି ୬୫ ଲକ୍ଷ ୩୨ ହଜାର, ଅନୱର ଢେବର ଓ ଅନିଲ ଟୁଟେଜାଙ୍କୁ ୧୮୧ କୋଟି ୫୨ ଲକ୍ଷ ୮୫ ହଜାର, ଅବକାରୀ ବିଭାଗକୁ ୯୦ କୋଟି ୭୬ ଲକ୍ଷ ୪୨ ହଜାର ୫୦୦ ଟଙ୍କା, ଅରବିନ୍ଦ ସିଂହ ଏବଂ ବିକାଶ ଅଗ୍ରୱାଲଙ୍କୁ ୬୦ କୋଟି ୫୦ ଲକ୍ଷ ୯୫ ହଜାର, ଜିଲ୍ଲା ଅବକାରୀ ଅଧିକାରୀ ଏବଂ ମଦ ଦୋକାନର କର୍ମଚାରୀଙ୍କୁ ୯୦ କୋଟି ୭୬ ଲକ୍ଷ ୪୨ ହଜାର ୫୦୦ ଟଙ୍କା ବଣ୍ଟା ଯାଇଥିଲା ।

# ଇଣ୍ଡି ମେଣ୍ଟରୁ ଅଲଗା ହେଲେ କେଜ୍ରିୱାଲ

ନୂଆଦିଲ୍ଲୀ, ୧୮ ।୭(ଏଜେନ୍ସି): ଏକ ଉଲ୍ଲେଖନୀୟ ଘଟଣାକ୍ରମରେ ଆମ ଆଦମୀ ପାର୍ଟି (ଆପ୍) ବିରୋଧୀ ଇଣ୍ଡିଆ ମେଣ୍ଟରୁ ଅଲଗା ହୋଇଛି । ଦଳର ରାଜ୍ୟସଭା ସାଂସଦ ସଞ୍ଜୟ ସିଂ ଶୁକ୍ରବାର ଏହି ସୂଚନା ଦେଇଛନ୍ତି । ତେବେ ଏହା କୌଣସି ନୂଆ କଥା ନୁହଁ । ଲୋକସଭା ନିର୍ବାଚନ ପରେ ଆପ୍ ଇଣ୍ଡିଆ ମେଣ୍ଟରୁ ପ୍ରାୟତଃ ଅଲଗା ହୋଇସାରିଥିଲା । କେବଳ ଔପଚାରିକ ଘୋଷଣା ବାକିଥିଲା । ଦିଲ୍ଲୀ ନିର୍ବାଚନ ହାରିବା ପରେ ଆପ୍ ଇଣ୍ଡିଆ ମେଣ୍ଟ ସହ ରହିବ ବୋଲି ଅନୁମାନ କରାଯାଉଥିଲା । କିନ୍ତୁ ନିକଟରେ ହୋଇଥିବା ବିଧାନସଭା ଉପ- ନିର୍ବାଚନରେ ଆପ୍ ଗୁଜରାଟ ଓ ପଞ୍ଜାବରେ ଭଲ ପ୍ରଦର୍ଶନ କରିଥିଲା । ଫଳରେ ଆପ୍ ଏବେ ନିଶ୍ଚିହ୍ନ ହୋଇନାହିଁ ବୋଲି ସ୍ପଷ୍ଟ ହୋଇଛି । ଗୁଜରାଟ ନିର୍ବାଚନରେ ଭଲ ପ୍ରଦର୍ଶନ କରିବ ବୋଲି ଆପ୍ ଆଶାବାଦୀ ଅଛି । କଂଗ୍ରେସ ସହ ନିର୍ବାଚନ ଲଢ଼ିଲେ ଆପ୍ ବେଶି ଲାଭବାନ ହେବ ନାହିଁ ବୋଲି ହୃଦୟଙ୍ଗମ କରିଛି । ତେଣୁ ଆପ୍ ଇଣ୍ଡିଆ ମେଣ୍ଟରୁ ଅଲଗା ହେବାକୁ ନିଷ୍ପତ୍ତି ନେଇଛି । ଏହି ମେଣ୍ଟ କେବଳ ୨୦୨୪ ଲୋକସଭା ନିର୍ବାଚନ ପାଇଁ ଉଦ୍ଦିଷ୍ଟ ଥିଲା । ଏହା ପରେ ଆମେ ଦିଲ୍ଲୀ ଓ ହରିୟାଣାରେ ଏକାକି ନିର୍ବାଚନ ଲଢ଼ିଥିଲୁ ବୋଲି ସଞ୍ଜୟ କହିଛନ୍ତି । ଏହିକ୍ରମରେ ସେ କଂଗ୍ରେସ ପାର୍ଟିକୁ ସମାଲୋଚନା କରିଛନ୍ତି । କଂଗ୍ରେସ ଇଣ୍ଡିଆ ମେଣ୍ଟର ନେତୃତ୍ୱ ନେବାରେ ବିଫଳ ହୋଇଛି । ଲୋକସଭା ନିର୍ବାଚନ ପରେ କଂଗ୍ରେସ ଇଣ୍ଡିଆ ମେଣ୍ଟର କୌଣସି ବୈଠକ ଡାକିନାହିଁ । ତେଣୁ ଏହା ଏକ ପିଲା ଖେଳ ନୁହେଁ ବୋଲି ସେ କହିଛନ୍ତି । ଏବେ ଆପ୍ ଏକାକୀ ନିର୍ବାଚନ ଲଢ଼ିବ ବୋଲି ସେ ସ୍ପଷ୍ଟ କରିଛନ୍ତି ।

# ସ୍ୱତନ୍ତ୍ର ଏନ୍‌ଆଇଏ କୋର୍ଟ ଗଠନ ନ କଲେ ବିଚାରାଧୀନଙ୍କୁ ଜାମିନ ଦେବୁ: ସୁପ୍ରିମକୋର୍ଟ

ନୂଆଦିଲ୍ଲୀ, ୧୮।୭ (ଏଜେନ୍ସି): ନ୍ୟାସନାଲ ଇନଭେଷ୍ଟିଗେସନ ଏଜେନ୍ସି (ଏନଆଇଏ)କୁ ନେଇ ସୁପ୍ରିମକୋର୍ଟ ଶୁକ୍ରବାର କେନ୍ଦ୍ର ସରକାରଙ୍କୁ ବଡ଼ ଚେତାବନୀ ଦେଇଛନ୍ତି । ଏନ୍‌ଆଇଏ ମାମଲାର ଶୀଘ୍ର ଶୁଣାଣି ଲାଗି ଉପଯୁକ୍ତ ଭିତ୍ତିଭୂମି ସହିତ ଅଲଗା କୋର୍ଟ ଗଠନ କଲେ ବିଚାରାଧୀନ ଅଭିଯୁକ୍ତଙ୍କୁ ଜାମିନ ପ୍ରଦାନ କରିବୁ ବୋଲି ସର୍ବୋଚ୍ଚ ନ୍ୟାୟାଳୟ ସ୍ପଷ୍ଟ କରିଦେଇଛନ୍ତି । କେତେ ଦିନ ପର୍ଯ୍ୟନ୍ତ ବିଚାରାଧୀନ ଅଭିଯୁକ୍ତଙ୍କୁ ହେପାଜତରେ ରଖିବ ବୋଲି କେନ୍ଦ୍ର ଏବଂ ସମ୍ବନ୍ଧିତ ରାଜ୍ୟ ସରକାରଙ୍କୁ ପ୍ରଶ୍ନ କରିଛନ୍ତି । ଏଭଳି ମାମଲାର ସମାଧାନ ଲାଗି ସ୍ୱତନ୍ତ୍ର କୋର୍ଟ ଗଠନ ନିମନ୍ତେ ଜଷ୍ଟିସ ସୂର୍ଯ୍ୟକାନ୍ତ ଏବଂ ଜଷ୍ଟିସ ଜୟୋମାଲ୍ୟ ବାଗଚୀଙ୍କ ଖଣ୍ଡପୀଠ କେନ୍ଦ୍ରକୁ ଶେଷ ସୁଯୋଗ ଦେଇଛନ୍ତି । ଦୀର୍ଘଦିନ ପର୍ଯ୍ୟନ୍ତ ଜେଲ୍‌ରେ ଥାଇ ଶୁଣାଣି ଆରମ୍ଭ ହୋଇ ନ ଥିବା ଜଣେ ଅଭିଯୁକ୍ତଙ୍କ ଆବେଦନର ବିଚାର କରି କୋର୍ଟ ଏହି ଟିପ୍ପଣୀ ଦେଇଛନ୍ତି । ଖଣ୍ଡପୀଠ କହିଛନ୍ତି ଯେ ବର୍ତ୍ତମାନ ଥିବା ଅଦାଲତକୁ ଖାଲି ସ୍ୱତନ୍ତ୍ର କୋର୍ଟ ଘୋଷଣା କରିଦେଲେ ପର୍ଯ୍ୟାପ୍ତ ହେବ ନାହିଁ । ଏଭଳି କରିବା ଦ୍ୱାରା ବିଚାରାଧୀନ କଏଦୀ, ବୃଦ୍ଧ, ଗରିବ ଏବଂ ବୈବାହିକ ବିବାଦ ଭଳି ଅନ୍ୟ ଜରୁରୀ ମାମଲା ପ୍ରଭାବିତ ହେବ । ୟୁଏପିଏ ଏବଂ ଏମକୋକା ଭଳି ଗମ୍ଭୀର ମାମଲାରେ ତ୍ୱରିତ ଶୁଣାଣି ପାଇଁ ଅଲଗା ସ୍ୱତନ୍ତ୍ର କୋର୍ଟ ଆବଶ୍ୟକ । କୋର୍ଟ ଏନଆଇଏ ସଚିବଙ୍କ ସତ୍ୟପାଠ ଉପରେ ମଧ୍ୟ ଅସନ୍ତୋଷ ପ୍ରକାଶ କରିଛନ୍ତି । କହିଛନ୍ତି ଯେ ସରକାର ବିଚାରକୁ ତ୍ୱରାନ୍ୱିତ କରିବା ପାଇଁ କ'ଣ ଠୋସ୍ ପଦକ୍ଷେପ ନେଇଛନ୍ତି ତାହା ଏଥିରେ କୁହାଯାଇ ନାହିଁ । ଏନଆଇଏ ମାମଲା ଚଳାଇବାକୁ ଚାହୁଁଛି, କିନ୍ତୁ ଟ୍ରାଏଲ ଶୀଘ୍ର କରିବାକୁ ଚାହୁଁନାହିଁ । ଯଦି ପରବର୍ତ୍ତୀ ଶୁଣାଣି ସୁଦ୍ଧା ଏହା ଉପରେ ନିଷ୍ପତ୍ତି ନିଆ ନ ଯାଏ ତେବେ କୋର୍ଟ ଅଭିଯୁକ୍ତଙ୍କୁ ମୁକ୍ତ କରିଦେବେ ବୋଲି ସ୍ପଷ୍ଟ କରିଛନ୍ତି ।

# ପାକିସ୍ତାନୀ ଟିଆରଏଫ୍‌କୁ ଆତଙ୍କୀ ସଂଗଠନ ଘୋଷଣା କଲା ଆମେରିକା

ୱାସିଂଟନ, ୧୮ ।୭(ଏଜେନ୍ସି): ପାକିସ୍ତାନ ସମର୍ଥିତ ଦି ରେସିଷ୍ଟାନ୍ସ ଫ୍ରଣ୍ଟ (ଟିଆରଏଫ୍)କୁ ଆମେରିକା ଆତଙ୍କବାଦୀ ସଂଗଠନ ଘୋଷଣା କରିଛି । ଟିଆରଏଫ୍‌କୁ ଫରେନ ଟେରରିଷ୍ଟ ଅର୍ଗାନାଇଜେସନ (ଏଫ୍‌ଟିଓ) ଓ ସ୍ପେଶିଆଲି ଡେଜିଗନେଟେଡ ଗ୍ଲୋବାଲ ଟେରରିଷ୍ଟ (ଏସ୍‌ଡିଜିଟି) ତାଲିକାରେ ସାମିଲ କରିଛି । ଆମେରିକା ବୈଦେଶିକ ମନ୍ତ୍ରୀ ମାର୍କୋ ରୁବିଆ ଶୁକ୍ରବାର ଏହି ଘୋଷଣା କରିଛନ୍ତି । ଟିଆରଏଫ୍ ହେଉଛି ଲସ୍କର- ଇ- ତୋଇବା (ଏଲ୍‌ଇଟି)ର ଏକ ଛାମୁଆ ସଂଗଠନ । ପହଲଗାମ୍ ଆତଙ୍କବାଦୀ ଆକ୍ରମଣ ପାଇଁ ଟିଆରଏଫ୍ ନିଜକୁ ଦାୟୀ କରିଥିଲା । ଏଥିରେ ଧାର୍ମିକ ପରିଚୟ ପଚାରି ୨୬ ଜଣ ଲୋକଙ୍କୁ ଅତି ନିର୍ମମ ଭାବେ ଗୁଳି ମାରି ହତ୍ୟା କରାଯାଇଥିଲା ବୋଲି ରୁବିଆ କହିଛନ୍ତି । ଭାରତୀୟ ସେନା ଉପରେ କେତୋଟି ଆକ୍ରମଣ ଘଟଣାରେ ମଧ୍ୟ ଟିଆରଏଫ୍ ନିଜକୁ ଦାୟୀ କରିଛି । ଆତଙ୍କବାଦ ବିରୋଧରେ ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ତାଙ୍କର କଡ଼ା ଆଭିମୁଖ୍ୟ ସ୍ପଷ୍ଟ କରିଛନ୍ତି ବୋଲି ସେ କହିଛନ୍ତି ।

# ବୌଦ୍ଧ ଭିକ୍ଷୁଙ୍କୁ ଫସାଇ ୧୦୨ କୋଟି ଲୁଟ୍

ବ୍ୟାଙ୍କକ, ୧୮।୭ (ଏଜେନ୍ସି): ଧର୍ମ ପରାୟଣ ଥାଇଲାଣ୍ଡରେ ଏକ ସେକ୍ସ ସ୍କାଣ୍ଡାଲକୁ ନେଇ ଚାଞ୍ଚଲ୍ୟ ଖେଳି ଯାଇଛି । ଏହି ସ୍କାଣ୍ଡାଲରେ ବୌଦ୍ଧ ସନ୍ୟାସୀ ଫସିଛନ୍ତି । ଜଣେ ଯୁବତୀ ସୋସିଆଲ ମିଡିଆରେ ଆକାଉଣ୍ଟ ଖୋଲି ବୌଦ୍ଧ ସନ୍ୟାସୀଙ୍କ ସହ ବନ୍ଧୁତା କରୁଥିଲା । ନିଜ ମାୟାଜାଲରେ ଫସାଇ ସନ୍ୟାସୀଙ୍କ ବ୍ରହ୍ମଚର୍ଯ୍ୟ ଭଙ୍ଗ କରି ଶାରୀରୀକ ସମ୍ପର୍କ ରଖୁଥିଲା । ଗୋପନୀୟ ଭାବେ ଏହି ସମୟର ଫଟୋ ଏବଂ ଭିଡିଓ ରେକର୍ଡିଂ କରୁଥିଲା । ପରେ ଏହା ଆଧାରରେ ବୌଦ୍ଧ ସନ୍ୟାସୀଙ୍କୁ ବ୍ଲାକମେଲ୍ କରି କୋଟି କୋଟି ଟଙ୍କା ଏବଂ ସାମଗ୍ରୀ ଲୁଟି ନେଉଥିଲା । ଏହି ମାମଲାରେ ଥାଇଲାଣ୍ଡ ପୁଲିସ ଯୁବତୀ ୱିଲୱାନ ଏମସାୱତ (୩୦)ଙ୍କୁ ଗିରଫ କରିଛି । ଏହି ସ୍କାଣ୍ଡାଲରେ ଫସିଥିବା ୯ ମଠାଧୀଶ ଏବଂ ବରିଷ୍ଠ ଭିକ୍ଷୁଙ୍କ ମୁଖା ଖୋଲି ଯାଇଛି । ସେମାନଙ୍କୁ ଭିକ୍ଷୁ ପଦରୁ ବାହାର କରିଦିଆଯାଇଛି । ଏହା ଜଣାପଡ଼ିବା ପରେ ଥାଇ ରାଜା ନିଜ କାର୍ଯ୍ୟକ୍ରମରେ ସାମିଲ ହେବା ପାଇଁ ବୌଦ୍ଧ ସନ୍ୟାସୀଙ୍କୁ ଦେଇଥିବା ନିମନ୍ତ୍ରଣ ପ୍ରତ୍ୟାହାର କରି ନେଇଛନ୍ତି ।



ଏହି ମହିଳା ମିସ୍ ଗଲ୍ଫ ନାମରେ ପରିଚିତ ଥିଲେ । ତାଙ୍କ ଫୋନରୁ ବୌଦ୍ଧ ସନ୍ୟାସୀଙ୍କୁ ପଠା ଯାଇଥିବା ମେସେଜ ଏବଂ ଭିଡିଓ ମିଳିଛି । ୮୦ ହଜାର ଉଲଗ୍ନ ଫଟୋ ମଧ୍ୟ ଜବତ କରାଯାଇଛି । ସେ ନିଜ ଘରକୁ ଡକାଇ ବୌଦ୍ଧ ସନ୍ୟାସୀଙ୍କ ସହ ସମ୍ବନ୍ଧ ରଖୁଥିଲା । ସେ ବ୍ଲାକମେଲ୍ କରି ଗତ ତିନି ବର୍ଷ ମଧ୍ୟରେ ବୌଦ୍ଧ ଭିକ୍ଷୁଙ୍କଠାରୁ ୧୦୨ କୋଟି ଟଙ୍କା ଲୁଟି ନେଇଥିଲା । ଏହି ଅର୍ଥକୁ ଅନ୍‌ଲାଇନ ଜୁଆଖେଳରେ ଲଗାଉ ଥିଲା । କିଛି ବୌଦ୍ଧ ସନ୍ୟାସୀ ମଧ୍ୟ ମିସ୍ ଗଲ୍ଫଙ୍କ ସହ ସମ୍ପର୍କ ରଖିଥିବା ସ୍ୱୀକାର କରିଛନ୍ତି । ଜଣେ ଭିକ୍ଷୁଙ୍କୁ ସେ କାର୍ ଉପହାର ଦେଇଥିଲା । ମାତ୍ର ଅନ୍ୟ ଜଣେ ଭିକ୍ଷୁଙ୍କ ସହ ଦେଖିଦେବା ପରେ ମହିଳା ତାଙ୍କୁ ଟଙ୍କା ମାଗିଥିଲେ । ପ୍ରଥମେ ଜୁନ୍ ମଧ୍ୟଭାଗରେ ୱାଟ ଟ୍ରି ଥୋଟସାଥିପ ମଠର ମଠାଧିଶ ନିଖୋଜ ହେବା ପରେ ଏହି ମାମଲା ସାମ୍ନାକୁ ଆସିଥିଲା ।


# ଦିଲ୍ଲୀର ୪୫, ବେଙ୍ଗାଲୁରୁର ୫୦ ସ୍କୁଲକୁ ବୋମା ଧମକ

ନୂଆଦିଲ୍ଲୀ, ୧୮ ।୭(ଏଜେନ୍ସି): ରାଜଧାନୀ ଦିଲ୍ଲୀ ଓ ବେଙ୍ଗାଲୁରୁରେ ଶୁକ୍ରବାର ସକାଳେ ୯୫ରୁ ଊର୍ଦ୍ଧ୍ୱ ସ୍କୁଲକୁ ବୋମାରେ ଉଡାଇଦେବାକୁ ଧମକ ମିଳିଛି । ଦିଲ୍ଲୀର ୪୫ରୁ ଅଧିକ ସ୍କୁଲକୁ ଉଡାଇଦେବାକୁ ଇମେଲ ଜରିଆରେ ଧମକ ମିଳିଛି । ଏଥିରେ ପୀତମପୁରା, ଦ୍ୱାରକା, ପଶ୍ଚିମବିହାର, ରୋହିଣୀ, ସଙ୍ଗମ ବିହାର ସମେତ ଅନ୍ୟସ୍ଥାନରେ ଥିବା ସ୍କୁଲ ସାମିଲ ରହିଛି । ସୂଚନା ମିଳିବା ପରେ ଦିଲ୍ଲୀ ପୁଲିସ୍, ବୋମା ନିଷ୍କ୍ରିୟ ଦଳ ଓ ଦମକଳ ବାହିନୀ ବିଭିନ୍ନ ସ୍କୁଲ୍‌ରେ ପହଞ୍ଚିଥିଲେ । ସ୍କୁଲଗୁଡିକୁ ତୁରନ୍ତ ଖାଲି କରିଦିଆଯାଇଥିଲା ଓ ତଲାସୀ ଅଭିଯାନ ଆରମ୍ଭ କରାଯାଇଥିଲା । ସେହିପରି ଦିଲ୍ଲୀ ବିଶ୍ୱବିଦ୍ୟାଳୟର ୩ଟି କଲେଜକୁ ମଧ୍ୟ ସମାନ ଧମକ ମିଳିଥିଲା । ଗତ ୫ ଦିନ ମଧ୍ୟରେ ଚତୁର୍ଥ ଥର ପାଇଁ ଦିଲ୍ଲୀରେ ଇମେଲ ଜରିଆରେ ଏପରି ଧମକ ମିଳିଛି । ଏହାପୂର୍ବରୁ ଜୁଲାଇ ୧୪, ୧୫ ଓ ୧୬ ତାରିଖରେ ଏପରି ଧମକ ମିଳିଥିଲା । ସେହିପରି ବେଙ୍ଗାଲୁରୁର ୫୦ଟି ସ୍କୁଲକୁ ଇମେଲ ଜରିଆରେ ସମାନ ଧମକ ମିଳିଛି । ସୂଚନା ମିଳିବା ପରେ ହିଁ ପୁଲିସ ଓ ବୋମା ନିଷ୍କ୍ରିୟ ଦଳ ଭିନ୍ନ ଭିନ୍ନ ସ୍କୁଲରେ ପହଞ୍ଚି ଯାଞ୍ଚ ପ୍ରକ୍ରିୟା ଆରମ୍ଭ କରିଥିଲେ ।

ଧନୀ ବ୍ୟବସାୟୀଙ୍କୁ ଲୋଭ ଦେଖାଇ ଲୁଟ୍ /

# ୫୦୦ କୋଟି ଠକେଇର ସୂତ୍ରଧର ଗିରଫ

ବେଙ୍ଗାଲୁରୁ, ୧୮।୭ (ଏଜେନ୍ସି): ଧନ ସମ୍ପତ୍ତିର ଲୋଭ ମଣିଷକୁ ଅନ୍ଧ କରିଦିଏ । ପାଖରେ ଯେତେ ଧନ ଥିଲେ ବି ଅଧିକରୁ ଅଧିକ ଅର୍ଜନ କରିବାର ଆଶା ବିପଦ ସୃଷ୍ଟି କରିଥାଏ । ଠକ ଏହାର ସୁଯୋଗ ନେଇ ଠକେଇ କରିଥାନ୍ତି । ଏଭଳି ଏକ ଠକେଇ ମାମଲା ମାଙ୍ଗାଲୁରୁ ସହରରୁ ସାମ୍ନାକୁ ଆସିଛି । ଅଧିକ ଟଙ୍କାର ଋଣ ଲୋଭ ଏବଂ ଜମି ଚୁକ୍ତି କରିଦେବାକୁ କହି ଧନୀ ବ୍ୟବସାୟୀଙ୍କୁ ନିଶାଣ କରୁଥିଲା । ବ୍ୟାଙ୍କ ସହ ଚିହ୍ନା ପରିଚୟ ଥିବା ଦର୍ଶାଇ ଆସ୍ଥା ଭାଜନ ହେଉଥିଲା । ପରେ ବ୍ୟବସାୟ ବଢ଼ାଇବା ପାଇଁ ୫୦୦ରୁ ୬୦୦ କୋଟି ଋଣ କରିଦେବାକୁ କହୁଥିଲା । ରାଜି ହେବା ପରେ ପ୍ରୋସେସିଂ ଫି, ଆଇନଗତ କାର୍ଯ୍ୟ କରିବାକୁ କହି ୫୦ ଲକ୍ଷ ଟଙ୍କାରୁ ୪ କୋଟି ପର୍ଯ୍ୟନ୍ତ ଅଗ୍ରୀମ ମାଗୁଥିଲା । ଆଉ ଟଙ୍କା ପାଇବା ପରେ ଫୋନ ସ୍ୱିଚ୍‌ଅଫ୍ କରି ଦେଉଥିଲା । ବ୍ୟବସାୟୀଙ୍କ ସହ କୌଣସି ଯୋଗାଯୋଗ ରଖୁ ନ ଥିଲା । ଗାଏବ ହେଇ ଯାଉଥିଲା । ଜଣେକି ଦୁଇ ଜଣ ନୁହେଁ, ଦେଶର ଅନେକ ଧନୀ ବ୍ୟବସାୟୀଙ୍କଠାରୁ ୫୦୦ କୋଟିରୁ ଅଧିକ ଟଙ୍କା ଠକି ନେଇଥିବା ଠକ ରୋହନ ସାଲ୍‌ଦାନାକୁ ମାଙ୍ଗାଲୁରୁ ସହର ପୁଲିସ ଗିରଫ କରିଛି ।



ପୁଲିସ କମିଶନର ସୁଧୀର କୁମାର ରେଡ୍ଡୀ ଏବଂ ଏସିପି ରବୀଶ ନାୟକଙ୍କ ନେତୃତ୍ୱାଧୀନ ଟିମ୍ ରାତି ଅଧରେ ଅଭିଯାନ ଚଳାଇ ଜେପିନାମୋଗାରୁ ଅଞ୍ଚଳରୁ ତାକୁ ଗିରଫ କରିଛନ୍ତି । ଏହି ଠକ ନିଜେ ରହିବା ଏବଂ କଳା କାରବାରକୁ ଲୁଚାଇବା ପାଇଁ ମହଲ ଗଢ଼ି ଗୁପ୍ତ କୋଠରୀ ବନାଇ ଥିଲା । ଏହା ଦେଖି ପୁଲିସ ଅବାକ ହୋଇ ଯାଇଥିଲା । ସେ କବାଟ ପଛରେ ଥିବା ଗୋପନୀୟ ପ୍ରକୋଷ୍ଠରେ ରହୁଥିଲା । ଠକେଇ ଟଙ୍କାରେ ଅୟସ କରୁଥିଲା । ମହଙ୍ଗା ସାମଗ୍ରୀ କିଣି ସଜେଇ ରଖିଥିଲା । ଏହା ଭିତରେ ବାର୍‌ଠାରୁ ଆରମ୍ଭ କରି ସବୁ ସୁବିଧା ଥିଲା । ବାହାରିବା ପାଇଁ ଗୁପ୍ତ ପଥ ରହିଥିଲା । ଆଗନ୍ତୁକଙ୍କ ଉପରେ ନଜର ରଖିବା ପାଇଁ କଡ଼ା ସୁରକ୍ଷା ବ୍ୟବସ୍ଥା କରିଥିଲା । ଉଚ୍ଚ କ୍ଷମତା ସମ୍ପନ୍ନ ସିସିଟିଭି ଲଗାଇ ଥିଲା । ଆଉ ଏହା ସମସ୍ତଙ୍କ ଦୃଷ୍ଟି ଆଢୁଆଳରେ ଥିଲା । ପୁଲିସ ଯାଞ୍ଚରୁ ଜଣାପଡ଼ିଛି ଯେ ଗତ ତିନି ମାସରେ ତାର ଖାତାରେ ୪୦ କୋଟି ଟଙ୍କାର କାରବାର ହୋଇଛି । ତା' କୋଠାରେ ୩ରୁ ୫ ଲକ୍ଷ ଟଙ୍କା ମୂଲ୍ୟର ବିରଳ ସାମଗ୍ରୀ ଜବତ କରାଯାଇଛି । ମଦ ଭଣ୍ଡାର ମଧ୍ୟ ରହିଛି । ଆର୍ଥିକ ପ୍ରତିଷ୍ଠାନ ସହ ସମ୍ପର୍କ ଥିବା ଦର୍ଶାଇ ସେ ଦେଶର ଅନେକ ବ୍ୟବସାୟୀଙ୍କୁ ଠକିଥିଲା । ସେ ପୀଡ଼ିତଙ୍କୁ ପ୍ରଥମେ ନିଜ କ୍ଷମତା ଦେଖାଉ ଥିଲା । ପରେ ଠକି ଚାଲି ଯାଉଥିଲା । ଏବେ ସେ କେମିତି ଏହି କାରବାର କରୁଥିଲା ତାହା ଜାଣିବା ପାଇଁ ତଦନ୍ତ ଜାରି ରହିଛି ।

### ଅସହିଷ୍ଣୁ ହୋଇ ବନ୍ଦ କରିଥିଲେ '୫-ଟି' ଓ 'ମୋ ସରକାର'

# ଜୀବନ ଗଲା ପରେ ଚେତା ପଶିଲା

ଭୁବନେଶ୍ୱର, ୧୮ ।୭(ସମିସ): ସାଧାରଣ ଲୋକଙ୍କ ଆପତ୍ତି ଅଭିଯୋଗ ଶୁଣାଣି ନିମନ୍ତେ ପୂର୍ବ ସରକାର କରିଥିଲେ '୫-ଟି' ଓ 'ମୋ ସରକାର' ବ୍ୟବସ୍ଥା। ପ୍ରଶାସନକୁ ଶୃଙ୍ଖଳିତ କରିବା ପାଇଁ ପୂର୍ବ ସରକାରଙ୍କ ଏହି ଦୁଇ ବ୍ୟବସ୍ଥା ଅଭୂତପୂର୍ବ ସଫଳତା ପାଇଥିଲା, ସାରା ଦେଶରେ ଆଦୃତି ଲାଭ କରିଥିଲା। 'ମୋ ସରକାର'ରେ ଲୋକମାନଙ୍କଠାରୁ ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ସିଧାସଳଖ ଆପତ୍ତି ଅଭିଯୋଗ ଶୁଣୁଥିଲା ଓ ସ୍ଥଳବିଶେଷରେ ନିଜଆଡ଼ୁ ଫୋନ୍ କରାଯାଇ ସାଧାରଣ ଲୋକଙ୍କଠାରୁ ମତାମତ ନିଆଯାଉଥିଲା। ମାତ୍ର ସରକାର ପରିବର୍ତ୍ତନ ପରେ ସରକାରୀ ଅସହିଷ୍ଣୁତାର ଶିକାର ହୋଇଥିଲା ଏହି ଦୁଇ କାର୍ଯ୍ୟକ୍ରମ। ଦୁଇଟି ବ୍ୟବସ୍ଥାକୁ ବନ୍ଦ କରି ଦିଆଯାଇଥିଲା। ମାତ୍ର ଏବେ ସୌମ୍ୟାଶ୍ରୀଙ୍କ ଆତ୍ମଦାହ ଘଟଣା ପରେ ସରକାରଙ୍କ ଚେତା ପଶିଛି। ପ୍ରତ୍ୟେକ ସରକାରୀ ବିଭାଗ ସାମାଜିକ ଗଣମାଧ୍ୟମ ପ୍ଲାଟ୍‌ଫର୍ମ 'ଏକ୍ସ'ରେ ନିଜକୁ ସକ୍ରିୟ କରିଛି ଓ ଆପତ୍ତି ଅଭିଯୋଗ ଶୁଣାଣି ପାଇଁ ପଥ ପରିଷ୍କାର କରିଛି। 'ଏକ୍ସ' ମାଧ୍ୟମରେ ହେଉଥିବା ଅଭିଯୋଗଗୁଡ଼ିକୁ ସମ୍ପୃକ୍ତ ଜିଲ୍ଲାପାଳ ଓ ଏସ୍‌ପିଙ୍କୁ ତୁରନ୍ତ ତଦନ୍ତ କରିବା ପାଇଁ ନିର୍ଦ୍ଦେଶ ଦେଉଛନ୍ତି। ବର୍ତ୍ତମାନ ସମୟରେ ସରକାର ଅଭିଯୋଗଗୁଡ଼ିକୁ ଯେଭଳି ଗମ୍ଭୀରତାର ସହ ନିରୀକ୍ଷଣ କରୁଛନ୍ତି, ଗତ ୧ ତାରିଖରେ

### ଅଭିଯୋଗ ଶୁଣିଥିଲେ ଆଜି ବଞ୍ଚିଥାନ୍ତେ ସୌମ୍ୟାଶ୍ରୀ

ସୌମ୍ୟାଶ୍ରୀ କରିଥିବା ଅଭିଯୋଗକୁ ଯଦି ସେତିକି ଗୁରୁତ୍ୱ ଦେଇଥା'ନ୍ତେ, ତେବେ ଜଣେ ନିରୀହ ଛାତ୍ରୀଙ୍କର ଏଭଳି ଯନ୍ତ୍ରଣାସିକ୍ତ ମୃତ୍ୟୁ ହୋଇନଥା'ନ୍ତା ବୋଲି ସାଧାରଣରେ ଆଲୋଚନା ହେଉଛି।

ସରକାରଙ୍କର ୪୦ଟି ସରକାରୀ ବିଭାଗ ରହିଛି। ଏହି ସମସ୍ତ ବିଭାଗର 'ଏକ୍ସ', 'ଫେସ୍‌ବୁକ୍', 'ଇନ୍‌ଷ୍ଟାଗ୍ରାମ୍' ଆଦି ସାମାଜିକ ଗଣମାଧ୍ୟମ ଆକାଉଣ୍ଟ୍ ଅଛି। ଏହି ଆକାଉଣ୍ଟର ପରିଚାଳନା ପାଇଁ ରାଜକୋଷରୁ ମାସକୁ ଲକ୍ଷଲକ୍ଷ ଟଙ୍କା ବ୍ୟୟ ହେଉଛି। ଏଥିପାଇଁ ନିର୍ଦ୍ଦିଷ୍ଟ ସଂସ୍ଥାଙ୍କୁ ନିଯୁକ୍ତି ଦିଆଯାଇଛି। ହେଲେ ସେମାନେ ସାଧାରଣ ଲୋକଙ୍କ ମୌଳିକ ଦାବିକୁ ଅଣଦେଖା କରି କେବଳ ସରକାରୀ ପ୍ରଚାର ପ୍ରସାରରେ ମାତିଛନ୍ତି ବୋଲି ସାଧାରଣଲୋକ ଅଭିଯୋଗ କରିଛନ୍ତି। ପୂର୍ବ ସରକାର ସମୟରେ ଏହି ମାଧ୍ୟମରେ ଆସୁଥିବା ଅଭିଯୋଗଗୁଡ଼ିକର ଗୁରୁତ୍ୱର ସହ ନିଆଯାଉଥିଲା। ଅଭିଯୋଗର ସତ୍ୟାସତ୍ୟ ଯାଞ୍ଚ କରି କାର୍ଯ୍ୟାନୁଷ୍ଠାନ ହୋଇଥିବା ଏକାଧିକ ନଜିର୍ ରହିଛି। ମାତ୍ର ସରକାର ବଦଳିବାରେ ଅନ୍ୟ ବ୍ୟବସ୍ଥା ପରି ସାମାଜିକ ଗଣମାଧ୍ୟମରେ ହେଉଥିବା ଆପତ୍ତି ଓ ଅଭିଯୋଗ ବ୍ୟବସ୍ଥା ବି ସ୍ଥାଣୁ ପାଲଟି ଯାଇଛି। ଏହାର ନଗ୍ନ ଉଦାହରଣ ମଧ୍ୟ ସୌମ୍ୟାଶ୍ରୀଙ୍କ ଘଟଣାରେ ଦେଖିବାକୁ ମିଳିଛି।

ଅପରପକ୍ଷେ, ବିଭାଗୀୟ ମନ୍ତ୍ରୀମାନଙ୍କର ସାମାଜିକଗଣମାଧ୍ୟମରେବିଭିନ୍ନପ୍ଲାଟ୍‌ଫର୍ମରେ ଆକାଉଣ୍ଟ୍ ରହିଛି। ସେଠି ସେମାନେ ଏକାଧିକ ସୂଚନା ପ୍ରଦାନ କରିବା ସହ ନିଜ ସଭା ସମିତିର ଫଟୋ ଆଦି ଅପ୍‌ଲୋଡ୍ କରୁଛନ୍ତି। ମାତ୍ର ସେମାନଙ୍କୁ ଟ୍ୟାଗ୍ କରି କୌଣସି ଏକ ବିଷୟରେ ନ୍ୟାୟ ମାଗିଲେ, ସେମାନେ ଏହାର ଉତ୍ତର ମିଳୁନାହିଁ। ମନ୍ତ୍ରୀମାନଙ୍କ ଆକାଉଣ୍ଟ୍ ପାଇଁ ମଧ୍ୟ ବିଭାଗୀୟ ଦପ୍ତରରୁ ଟଙ୍କା ଖର୍ଚ୍ଚ ହେଉଛି; ହେଲେ ଏହା ଲୋକଙ୍କ ହିତରେ କମ୍ ଓ ମନ୍ତ୍ରୀଙ୍କ ପ୍ରଚାରରେ ଅଧିକ ବ୍ୟବହାର ହେଉଥିବା ଅଭିଯୋଗ ହେଉଛି। ପୂର୍ବ ସରକାରରେ 'ମୋ ସରକାର' ପ୍ରଶାସନକୁ କ୍ରିୟାଶୀଳ କରିଥିଲା। ସରକାରୀ ବାବୁମାନେ ଏହାକୁ ଗୁରୁତ୍ୱ ଦେଉଥିଲେ। ସାମାଜିକ ଗଣମାଧ୍ୟମରେ ଆସୁଥିବା ଅଭିଯୋଗ ଉପରେ କାର୍ଯ୍ୟାନୁଷ୍ଠାନ ନେଉଥିଲେ। ବିଶେଷକରି '୫-ଟି' ବ୍ୟବସ୍ଥାରେ ଭିତରେ ସାମାଜିକ ଗଣମାଧ୍ୟମରେ ଅଭିଯୋଗ ସମାଧାନର ଭୂମିକା ବେଶ ଗୁରୁତ୍ୱପୂର୍ଣ୍ଣ ଥିଲା। ମାତ୍ର ବର୍ତ୍ତମାନର ସରକାର ଅସହିଷ୍ଣୁ ହୋଇ ଏସବୁ ବ୍ୟବସ୍ଥା ବନ୍ଦ କରିଦେବା ସାଧାରଣ ଲୋକଙ୍କ ଯନ୍ତ୍ରଣାକୁ ବଢ଼ାଇ ଦେଇଛି ଓ ପ୍ରଶାସନିକ ବ୍ୟବସ୍ଥାକୁ ଅନ୍ଧ-ମୂକ-ବଧିର କରିଦେଇଥିବା ଅଭିଯୋଗ ହୋଇଛି।

# ୨୧ରେ ସବୁ ଆର୍‌ଡିସି ଅଫିସ୍ ଘେରିବ ବିଜେଡି



### 'ସୌମ୍ୟାଶ୍ରୀଙ୍କୁ ନ୍ୟାୟ ନମିଳିବା ପର୍ଯ୍ୟନ୍ତ ଆନ୍ଦୋଳନ ଜାରି ରହିବ'

### ଉଚ୍ଚଶିକ୍ଷା ମନ୍ତ୍ରୀଙ୍କ ଇସ୍ତଫା ଓ ବିଚାର ବିଭାଗୀୟ ତଦନ୍ତ ଦାବିରେ ଦଳ ଅଟଳ

ଭୁବନେଶ୍ୱର, ୧୮।୭ (ସମିସ): ଫକୀରମୋହନ କଲେଜ ଛାତ୍ରୀ ସୌମ୍ୟାଶ୍ରୀ ବିଶି ଆତ୍ମାହୁତି ଘଟଣା ପାଇଁ ସରକାରୀ ବ୍ୟବସ୍ଥାଗତ ବିଫଳତାକୁ ଦାୟୀ କରିଛି ବିଜେଡି। ପୀଡ଼ିତାଙ୍କୁ ନ୍ୟାୟ ପ୍ରଦାନ ଦାବିରେ ଦଳ ପକ୍ଷରୁ ବିଭିନ୍ନ ଆନ୍ଦୋଳନାତ୍ମକ କାର୍ଯ୍ୟକ୍ରମ ଜାରି ରହିଛି। ଏହି କ୍ରମରେ ଆସନ୍ତା ଜୁଲାଇ ୨୧ରେ ଦଳ ତରଫରୁ ରାଜ୍ୟର ସମସ୍ତ ଆରଡିସି ଅଫିସ୍ ଘେରାଉ କରାଯିବ ବୋଲି ଶୁକ୍ରବାର ବିଜେଡି ପକ୍ଷରୁ ସୂଚନା ଦିଆଯାଇଛି।

ଶଙ୍ଖ ଭବନଠାରେ ଆଜି ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ଦଳର ବରିଷ୍ଠ ଉପସଭାପତି ଦେବୀ ପ୍ରସାଦ ମିଶ୍ର କହିଛନ୍ତି, ଏହି ଘଟଣା ସମଗ୍ର ରାଜ୍ୟବାସୀଙ୍କୁ ବ୍ୟଥିତ କରିଛି। ପୀଡ଼ିତା ଛାତ୍ରୀଙ୍କ ପରିବାରକୁ ନ୍ୟାୟ ପ୍ରଦାନ ଦାବିରେ ବିଜୁ ଜନତା ଦଳ ପ୍ରତିବାଦ କାର୍ଯ୍ୟକ୍ରମ କରିଆସୁଛି। ୧୪ ତାରିଖ ବିଳମ୍ବିତ ରାତିରେ ସୌମ୍ୟାଶ୍ରୀଙ୍କ ମୃତ୍ୟୁ ଘୋଷଣା କରାଯାଇଥିଲା ବେଳେ ତା' ପରଦିନ ସକାଳୁ ଅର୍ଥାତ୍ ଜୁଲାଇ ୧୫ ତାରିଖରେ ବିଜୁ ଛାତ୍ର ଓ ଯୁବ ଜନତା ଦଳ ତରଫରୁ ରାଜ୍ୟବ୍ୟାପୀ ଆନ୍ଦୋଳନ ଆରମ୍ଭ ହୋଇଥିଲା। ୧୬ ତାରିଖ ଦିନ ବିଜୁ ଜନତା ଦଳ ତରଫରୁ ଲୋକସେବା ଭବନ ଘେରାଉ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା, ଯେଉଁଥିରେ ସରକାରଙ୍କ ନିର୍ଦ୍ଦେଶରେ ପୁଲିସ୍ ଆନ୍ଦୋଳନକାରୀଙ୍କ ଉପରେ ଆକ୍ରମଣ କରିଥିଲା। ରାଜ୍ୟ ସରକାରଙ୍କ ଦାୟିତ୍ୱହୀନତା ଓ ସମ୍ବେଦନହୀନତା ଲାଗି ଉଚ୍ଚଶିକ୍ଷା ମନ୍ତ୍ରୀଙ୍କ ଇସ୍ତଫା ଏବଂ ଏହାର ତଦନ୍ତ ଉଚ୍ଚ ନ୍ୟାୟାଳୟରେ କାର୍ଯ୍ୟରତ ବିଚାରପତିଙ୍କ ଦ୍ୱାରା ବିଚାର ବିଭାଗୀୟ ତଦନ୍ତ ପାଇଁ ବିଜେଡି ଦାବି କରିଛି। ସୌମ୍ୟାଶ୍ରୀଙ୍କୁ ନ୍ୟାୟ ନ ମିଳିବା ଯାଏ ବିଜୁ ଜନତା ଦଳ ଏହି ଆନ୍ଦୋଳନକୁ ତୀବ୍ରତର କରିବ। ଆସନ୍ତା ୨୧ ତାରିଖରେ ରାଜ୍ୟର ସବୁ ଆରଡିସି ଅଫିସ୍ ସାମ୍ନାରେ ଦଳ ବିକ୍ଷୋଭ ପ୍ରଦର୍ଶନ କରିବ ବୋଲି ଶ୍ରୀ ମିଶ୍ର କହିଛନ୍ତି। ଏହି ସାମ୍ବାଦିକ ସମ୍ମିଳନୀରେ ବିଧାୟକ ଗୌତମବୁଦ୍ଧ ଦାସ, ପୂର୍ବତନ ସାଂସଦ ପ୍ରଦୀପ ମାଝୀ ଓ ବରିଷ୍ଠ ସାଧାରଣ ସମ୍ପାଦକ ଭୃଗୁ ବକ୍ସିପାତ୍ର ଉପସ୍ଥିତ ଥିଲେ।

### ଏଫ୍‌ଏମ୍ ଛାତ୍ରୀ ଆତ୍ମଦାହ ଘଟଣା

# ଗାନ୍ଧୀ ମୂର୍ତ୍ତି ନିକଟରେ ବିଜେଡିର ମୌନବ୍ରତ

ଭୁବନେଶ୍ୱର, ୧୮।୭(ସମିସ): ବାଲେଶ୍ୱରର ଏଫ୍‌ଏମ୍ କଲେଜ ଛାତ୍ରୀ ଆତ୍ମାହୁତି ଘଟଣା ପ୍ରତିବାଦରେ ଆଜି ଜନତା ମଇଦାନ ନିକଟସ୍ଥ ଗାନ୍ଧୀ ପାର୍କସ୍ଥିତ ମହାତ୍ମା ଗାନ୍ଧୀଙ୍କ ପ୍ରତିମୂର୍ତ୍ତି ନିକଟରେ ବିଜୁ ଜନତା ଦଳର ଭୁବନେଶ୍ୱର ସାଂଗଠନିକ ଜିଲ୍ଲା ପକ୍ଷରୁ ଅଭିନବ ପ୍ରତିବାଦ କରାଯାଇଛି। ବିଜେଡି ନେତା ଓ କର୍ମୀ ମୁହଁରେ କଳା ପଟି ବାନ୍ଧି ମୌନବ୍ରତ କରିଛନ୍ତି। ଏହି ଅବସରରେ ବିଜେଡି ପକ୍ଷରୁ କୁହାଯାଇଛି ଯେ ସରକାରଙ୍କ ନିଷ୍କ୍ରିୟତା ଓ ଦାୟିତ୍ୱହୀନତା ଲାଗି ଗୋଟିଏ ନିରୀହ ଝିଅର ଜୀବନ ଦୀପ ଅକାଳରେ ଚାଲିଗଲା। ଏହାର ପ୍ରତିବାଦ କରିବା ବେଳେ ସରକାରଙ୍କ ନିର୍ଦ୍ଦେଶରେ ପୁଲିସ ବିଜେଡି ନେତା ଓ କର୍ମୀଙ୍କୁ ବର୍ବରୋଚିତ ଆକ୍ରମଣ କରିଛି। ତେଣୁ ଭୁବନେଶ୍ୱର ବିଜୁ ଜନତା ଦଳ ପକ୍ଷରୁ ସରକାରଙ୍କୁ ସଦ୍‌ବୁଦ୍ଧି ପ୍ରଦାନ ଉଦ୍ଦେଶ୍ୟରେ ଏହି ଅଭିନବ ପ୍ରତିବାଦ କରାଯାଇଛି। ଭୁବନେଶ୍ୱର ବିଜେଡି ଜିଲ୍ଲା ସଭାପତି ଅଶୋକ ଚନ୍ଦ୍ର ପଣ୍ଡାଙ୍କ ନେତୃତ୍ୱରେ ଅନୁଷ୍ଠିତ ଏହି ପ୍ରତିବାଦ ସଭାରେ ଦଳର ବରିଷ୍ଠ ନେତା ଦେବୀ ପ୍ରସାଦ ମିଶ୍ର,ସଞ୍ଜୟ କୁମାର ଦାସବର୍ମା, ଅତନୁ ସବ୍ୟସାଚୀ ନାୟକ,



ପ୍ରତାପ ଜେନା, ଡଃ ଅମର ପଟ୍ଟନାୟକ, ଟୁକୁନି ସାହୁ, ପ୍ରଦୀପ ଅମାତ, ପ୍ରଣବ ବଳବନ୍ତରାୟ, ପ୍ରଦୀପ ମାଝୀ, ଅନନ୍ତ ନାରାୟଣ ଜେନା, ସୁଶାନ୍ତ ରାଉତ, ମିଡିଆ ସଂଯୋଜକ ଡଃ ପ୍ରିୟବ୍ରତ ମାଝୀ, ଭୃଗୁ ବକ୍ସିପାତ୍ର, ଲୋପାମୁଦ୍ରା ବକ୍ସିପାତ୍ର, ବିଜୟ ନାୟକ, ଶର୍ମିଷ୍ଠା ସେଠୀ, ଡଃ ଲେଖାଶ୍ରୀ ସାମନ୍ତସିଂହାର, ରାଜଶ୍ରୀ ମଲ୍ଲିକ, ଧୃତିରଞ୍ଜନ ମାର୍ଥା, ରଶ୍ମିରଞ୍ଜନ ଦାସ, ଇପ୍ସିତା ସାହୁ, ସୋଫିଆ ଆଲାମଙ୍କ ସମେତ ବହୁ ନେତା ଓ ନେତ୍ରୀ ଉପସ୍ଥିତ ଥିଲେ।

# ପତ୍ନୀ ହତ୍ୟାକାରୀକୁ ଆଜୀବନ କାରାବାସ

କେନ୍ଦୁଝର, ୧୮।୭ (ସମିସ): ୨୦୨୧ ମସିହାରେ ସଂଘଟିତ ଏକ ହତ୍ୟା ମାମଲାର ବିଚାର କରି କେନ୍ଦୁଝର ଜିଲ୍ଲା ଓ ଦୌରାଜଜ୍ ଗୋପାଳଚନ୍ଦ୍ର ବେହେରା ଅଭିଯୁକ୍ତ ସଦାଶିବ ସାମଲ ଓରଫ୍ ଟିକ(୩୯)କୁ ଦୋଷୀ ସାବ୍ୟସ୍ତ କରିବା ସହ ଆଜୀବନ କାରାଦଣ୍ଡ ଏବଂ ୧୦ ହଜାର ଟଙ୍କା ଜରିମାନାରେ ଦଣ୍ଡିତ କରିଛନ୍ତି। ଜରିମାନା ଅନାଦେୟ ହେଲେ, ଅଧିକ ୧ବର୍ଷ ଜେଲଦଣ୍ଡ ଭୋଗିବାକୁ ରାୟରେ ନିର୍ଦ୍ଦେଶ ରହିଛି। ୮ ଜଣଙ୍କ ସାକ୍ଷ୍ୟ ଓ ପ୍ରମାଣକୁ ଭିତ୍ତି କରି କୋର୍ଟ ଉପରୋକ୍ତ ରାୟ ଶୁଣାଇଛନ୍ତି।

ସଦାଶିବର ଘର ଯାଜପୁର ଜିଲ୍ଲା ସାନ୍ତରାଗାଡ଼ିଆ ନିକଟସ୍ଥ ବାଙ୍ଗରାକଟ୍ ଗ୍ରାମରେ। ସେ କେନ୍ଦୁଝର ଜିଲ୍ଲା ଦୈତାରୀ ଥାନାଞ୍ଚଳରେ ସନ୍ଧ୍ୟା କିନ୍ନର (୩୦)ଙ୍କୁ ବିବାହ କରିଥିଲେ। ପ୍ରାୟ ୬ ବର୍ଷ ଏକାଠି ରହିବା ପରେ ଉଭୟଙ୍କ ସଂପର୍କରେ ଫାଟ ଦେଖାଦେଇଥିଲା। ସନ୍ଧ୍ୟାଙ୍କୁ ଛାଡ଼ି ସଦାଶିବ ଅନ୍ୟତ୍ର ରହିଥିଲେ। ଏହାର ମାସେ ପରେ ୨୦୨୧ଅକ୍ଟୋବର ୧୯ ତାରିଖରେ ସନ୍ଧ୍ୟାଙ୍କ ଘରକୁ ସଦାଶିବ ଆସିଥିଲେ। ସେଠାରେ ଦୁହିଁଙ୍କ ମଧ୍ୟରେ ପାଟିତୁଣ୍ଡ ହେବାରୁ ଏଥିରେ ଉତ୍‌କ୍ଷିପ୍ତ ହୋଇ ସଦାଶିବ ଘରକୋଣରେ ଥିବା ଏକ କୋଦାଳରେ ସନ୍ଧ୍ୟାଙ୍କ ମୁଣ୍ଡକୁ ହାଣି ଦେଇଥିଲେ। ଏଥିରେ ଘଟଣାସ୍ଥଳରେ ସନ୍ଧ୍ୟାଙ୍କ ମୃତ୍ୟୁ ହୋଇଯାଇଥିଲା। ଏ ସଂପର୍କରେ ବିନିତା କିନ୍ନରଙ୍କ ଅଭିଯୋଗ ଆଧାରରେ ଦୈତାରୀ ପୁଲିସ୍ ଏକ ହତ୍ୟା ମାମଲା ରୁଜୁ କରି ସଦାଶିବଙ୍କୁ ଗିରଫ କରିଥିଲା। କେନ୍ଦୁଝର ଜିଲ୍ଲା ଦୌରାଜଜ୍‌ଙ୍କ କୋର୍ଟରେ ବିଚାରାଧୀନ ଥିଲା। ପିପି ପ୍ରଦୀପ କୁମାର ଦାଶ ଏହି ମାମଲା ପରିଚାଳନା କରୁଥିଲେ।

### ଯୁବତୀଙ୍କୁ ଅସଦାଚରଣ ଓ ନିର୍ଯାତନା

# ଅନୁଗୋଳ ବିଜେପି ଜିଲ୍ଲା ସଂପାଦକ ଗିରଫ

ଅନୁଗୋଳ,୧୮ ।୭(ସମିସ): ଯୁବତୀଙ୍କୁ ଅସଦାଚରଣ ଓ ଧମକ ଅଭିଯୋଗରେ ଅନୁଗୋଳ ଜିଲ୍ଲା ବିଜେପି ସଂପାଦକ ସୁଦୀପ୍ତ ସ୍ୱାଇଁଙ୍କୁ ବନ୍ତଳା ଥାନା ପୁଲିସ ଗିରଫ କରିଛି। ସୁଦୀପ୍ତ ଦୀର୍ଘ ଦିନ ଧରି ବନ୍ତଳା ଥାନା ଅଞ୍ଚଳର ଜଣେ ଯୁବତୀଙ୍କୁ ମାନସିକ ଓ ଶାରୀରିକ ନିର୍ଯାତନା ଦେବା ସହ ଅସଦାଚରଣ କରି ଆସୁଥିଲେ।

### ଦଳରୁ ନିଲମ୍ବିତ କଲେ ରାଜ୍ୟ ସଭାପତି

ଖାଲି ସେତିକି ନୁହେଁ, ଫୋନ୍ କରି ତାଙ୍କ ପରିବାରଲୋକଙ୍କୁ ଗାଳିଗୁଲଜ କରିବା ସହ ଘର ବାହାରେ ମାରଣାସ୍ତ୍ର ଧରି ଭୟଭୀତ କରାଉଥିଲେ। ଏପରିକି, ଯୁବତୀଜଣଙ୍କ ବ୍ୟାଙ୍କ୍ କର୍ମଚାରୀ ହୋଇଥିବାରୁ ସେ ବ୍ୟାଙ୍କ୍ ଯିବା ସମୟରେ ସୁଦୀପ୍ତ ତାଙ୍କୁ ଅସଦାଚରଣ କରୁଥିଲେ ବୋଲି ଥାନାରେ ଲିଖିତ ଅଭିଯୋଗ ହୋଇଛି। ପୁଲିସ୍ ସୁଦୀପ୍ତଙ୍କ ବିରୋଧରେ ବିଏନ୍‌ଏସ୍‌ର ଦଫା ୨୯୬, ୩୫୧ (୨), ୭୮ରେ ମାମଲା ରୁଜୁ କରି ତାଙ୍କୁ କୋର୍ଟଚାଲାଣ କରିଛି।

ଅପରପକ୍ଷେ, ବିଜେପି ହେଭିୱେଟ୍ ନେତାଙ୍କ ଚାପରେ ପୁଲିସ ଦଫା କୋହଳ କରିଥିବା ଅଭିଯୋଗ ହୋଇଛି। କିନ୍ତୁ ମାଜିଷ୍ଟ୍ରେଟ୍ ଅଭିଯୋଗକୁ ଗୁରୁତ୍ୱର ସହ ଗ୍ରହଣ କରି ବିଏନ୍‌ଏସ୍ ଦଫା ୭୫ ଯୋଡ଼ିବାକୁ ନିର୍ଦ୍ଦେଶ ଦେଇଥିବା ତଦନ୍ତ ଅଧିକାରୀ ଶୁଭକାନ୍ତ ସ୍ୱାଇଁ ଗଣମାଧ୍ୟମକୁ ସୂଚନା ଦେଇଛନ୍ତି। ସେହିପରି ଏହାକୁ ନେଇ ବିଭିନ୍ନ ମହଲରେ ପ୍ରତିକ୍ରିୟା ପ୍ରକାଶ ପାଇବା ପରେ ବିଜେପି ପକ୍ଷରୁ ସଂଧ୍ୟାରେ ସୁଦୀପ୍ତଙ୍କୁ ନିଲମ୍ବିତ କରାଯାଇଛି। ବିଜେପି ରାଜ୍ୟ ସଭାପତି ମନମୋହନ ସାମଲ ଓ ଜିଲ୍ଲା ସଭାପତି ପୃଥକ୍ ପୃଥକ୍ ଭାବେ ତାଙ୍କୁ ଦଳରୁ ନିଲମ୍ବିତ କରାଯାଇଥିବା ନେଇ ସୂଚନା ଦେଇଛନ୍ତି।

ସୁଦୀପ୍ତ ବିଜେପିର ବହୁ ହେଭିୱେଟ ନେତାଙ୍କ ସହ ବସାଉଠା କରୁଥିବା ଦର୍ଶାଇ ସ୍ଥାନୀୟ ଅଞ୍ଚଳରେ ଉତ୍ପାତ କରୁଥିଲେ।



ଝିଅ-ବୋହୂଙ୍କୁ କମେଣ୍ଟ ମାରିବା ସହ ରାସ୍ତାରେ ଗଲା ବେଳେ ଅଶ୍ଳୀଳ ଇଙ୍ଗିତ କରୁଥିବା ଅଞ୍ଚଳବାସୀ ଅଭିଯୋଗ କହିଛନ୍ତି। ତେବେ ବହୁ ବଡ଼ ବଡ଼ ନେତାଙ୍କ ହାତ ତାଙ୍କ ମୁଣ୍ଡ ଉପରେ ଥିବାରୁ କେହି ଥାନାରେ ଅଭିଯୋଗ କରୁନଥିଲେ। କିନ୍ତୁ ଯୁବତୀଜଣଙ୍କୁ ସେ ଅତ୍ୟଧିକ ନିର୍ଯାତନା ଦେବା ଦ୍ୱାରା ସେ ଅତିଷ୍ଠ ହୋଇ ଆଇନର ଆଶ୍ରୟ ନେଇଥିବା କହିଛନ୍ତି।

ନାରୀ ସୁରକ୍ଷାକୁ ନେଇ ବିଜେପି ରାଜ୍ୟରେ ଡିଣ୍ଡିମ ପିଟୁଥିବା ବେଳେ ପ୍ରତିଦିନ ବିଭିନ୍ନ ସ୍ଥାନରୁ ନାରୀନିର୍ଯାତନା ଓ ନାରୀ ବିରୋଧୀ ଅତ୍ୟାଚାର, ହିଂସାର ଖବର ସାମ୍ନାକୁ ଆସୁଛି। ଗୋପାଳପୁର ବେଳାଭୂମିରେ ଛାତ୍ରୀଙ୍କୁ ଗଣବଳାତ୍କାରଠାରୁ ଆରମ୍ଭ କରି ବାଲେଶ୍ୱର ଏଫଏମ କଲେଜ୍ ଛାତ୍ରୀ ତଥା ଏବିଭିପି ସଦସ୍ୟାଙ୍କ ଆତ୍ମାହୁତି ଭଳି ଅନେକ ଘଟଣା ମନରୁ ନ ଲିଭୁଣୁ ଖୋଦ୍ ଜଣେ ବିଜେପି ନେତାଙ୍କ ଏଭଳି କାରନାମା ସମସ୍ତଙ୍କୁ ବ୍ୟଥିତ କରିଛି।

### ନିଶାସକ୍ତ ଯୁବକଙ୍କ ଉନ୍ମତ୍ତକାଣ୍ଡ

# ଜିଅନ୍ତା ନାଗକୁ ଚୋବାଇଦେଲେ

ବଲାଙ୍ଗିର,୧୮ ।୭(ସମିସ): ନିଶାସକ୍ତ ଅବସ୍ଥାରେ ଜଣେ ବ୍ୟକ୍ତି ଏକ ଜିଅନ୍ତା ନାଗ ସାପକୁ ଖାଇଦେବା ଭଳି ଏକ ଅଭାବନୀୟ ଘଟଣା ସାମ୍ନାକୁ ଆସିଛି। ବଲାଙ୍ଗିର ଜିଲ୍ଲା ତୁଷୁରା ଥାନା ଅଧୀନ ତେନ୍ତୁଲିଖୁଣ୍ଟି ଗ୍ରାମରେ ଏହି ଘଟଣା ଘଟିଛି। ତାଙ୍କୁ ଗୁରୁତର ଅବସ୍ଥାରେ ଭୀମଭୋଇ ମେଡିକାଲ କଲେଜ ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି। ସୂଚନାନୁସାରେ, ଗ୍ରାମର ଉକ୍ତ ବ୍ୟକ୍ତିଜଣଙ୍କ ପ୍ରାୟ ସମୟ ନିଶାଗ୍ରସ୍ତ ରୁହନ୍ତି। ଆଜି ସେ ନିଶାସକ୍ତ ଅବସ୍ଥାରେ ଥିବା ବେଳ ଏକ ଜୀବନ୍ତ ନାଗସାପକୁ ଧରି ପାଟିରେ ଚୋବାଇ ଦେଇଥିଲେ। ଏହା ଦେଖି ସ୍ଥାନୀୟ ଲୋକ ତାଙ୍କୁ ବାରଣ କରି



ଘରକୁ ପଠାଇଥିଲେ। କିନ୍ତୁ ଏହାର କିଛି ସମୟ ପରେ ସେ ଗୁରୁତର ହୋଇପଡ଼ିବାରୁ ପରିବାରଲୋକେ ତାଙ୍କୁ ଭୀମଭୋଇ ମେଡିକାଲ କଲେଜ ଡାକ୍ତରଖାନାରେ ଭର୍ତ୍ତି କରାଇଥିଲେ। ତାଙ୍କ ଦେହରେ ବିଷର ପ୍ରଭାବ ଅଧିକ ରହିଥିବା ଡାକ୍ତର ସୂଚନା ଦେଇଛନ୍ତି। ଅବସ୍ଥା ସଂକଟାପନ୍ନ ରହିଛି।

# ଏନ୍‌କାଉଣ୍ଟର୍‌ରେ ୬ ମାଓବାଦୀ ନିହତ

ମାଲକାନଗିରି, ୧୮।୭ (ସମିସ): ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡ଼ରେ ଯବାନଙ୍କୁ ବଡ଼ ସଫଳତା ମିଳିଛି। ଛତିଶଗଡ ଅବୁଝମାଡ଼ ଜଙ୍ଗଲରେ ଯବାନଙ୍କ ଏନ୍‌କାଉଣ୍ଟର୍‌ରେ ୬ ମାଓବାଦୀ ନିହତ ହୋଇଛନ୍ତି। ଅପରେସନ୍ ଜାରି ରହିଥିବାରୁ ମୃତ୍ୟୁ ସଂଖ୍ୟା ଆହୁରି ବୃଦ୍ଧି ପାଇବ ବୋଲି ଅନୁମାନ କରାଯାଉଛି। ଅପରପକ୍ଷେ, ଘଟଣାସ୍ଥଳରୁ ଏକେ-୪୭, ଏସଏଲଆର୍ ବନ୍ଧୁକ ସହ ବିପୁଳ ବିସ୍ଫୋରକ ଓ ମାଓ ସାମଗ୍ରୀ ଜବତ କରାଯାଇଛି। ସୂଚନାନୁଯାୟୀ, ଅବୁଝମାଡ଼ ଜଙ୍ଗଲରେ କିଛି ମାଓବାଦୀ ଆତ୍ମଗୋପନ କରିଥିବା ବିଶ୍ୱସ୍ତ ସୂତ୍ରରୁ ସୂଚନା ମିଳିବା ପରେ ଆଜି ନାରାୟଣପୁର ପୁଲିସ୍ ଓ ଯବାନଙ୍କ ପକ୍ଷରୁ ମିଳିତ ସର୍ଚ୍ଚ ଅପରେସନ୍ କରାଯାଇଥିଲା। ଏହି ସମୟରେ ଯବାନଙ୍କୁ ଦେଖି ମାଓବାଦୀମାନେ ଅତର୍କିତ ଗୁଳିମାଡ଼ କରିଥିଲେ। ଯବାନଙ୍କ ପକ୍ଷରୁ ଏହାର ପାଲଟା ଜବାବ ଦିଆଯାଇଥିଲା। ଏଥିରେ ୬ ମାଓବାଦୀ ନିହତ ହୋଇଥିବା ବେଳେ କିଛି ମାଓବାଦୀ ଛତ୍ରଭଙ୍ଗ ଦେଇ ଅନ୍ୟତ୍ର ପଳାଇଥିବା ଜଣାଯାଇଛି। ସେମାନଙ୍କୁ ଖୋଜିବା ପାଇଁ ଅପରେସନ୍‌କୁ ଆହୁରି ଜୋରଦାର କରିଦିଆଯାଇଛି। ସେହିପରି ଯବାନମାନେ ଫେରିବା ପରେ ମୃତ୍ୟୁ ସଂଖ୍ୟା ସଂପର୍କରେ ଅଧିକ କିଛି ସ୍ପଷ୍ଟ ହୋଇପାରିବ ବୋଲି କୁହାଯାଉଛି।

# ସୌମ୍ୟାଶ୍ରୀଙ୍କ ଏକାଦଶାହରେ ଶ୍ରଦ୍ଧାଞ୍ଜଳି ଦିବସ ପାଳିବ ଇଣ୍ଡିଆ ମେଣ୍ଟ

ଭୁବନେଶ୍ୱର,୧୮ ।୭(ସମିସ): ଆସନ୍ତା ୨୪ ତାରିଖ ବାଲେଶ୍ୱର ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟର ଦିବଂଗତ ଛାତ୍ରୀ ସୌମ୍ୟାଶ୍ରୀଙ୍କ ଏକାଦଶାହ। ଏହି ଦିନକୁ ଶ୍ରଦ୍ଧାଞ୍ଜଳି ଦିବସ ଭାବେ ପାଳନ କରିବା ପାଇଁ ଇଣ୍ଡିଆ ମେଣ୍ଟର କଂଗ୍ରେସ



### ନିର୍ଯ୍ୟାତିତ ମହିଳାଙ୍କ ଲାଗି ସ୍ୱତନ୍ତ୍ର ସେଲ ଖୋଲିବ ପିସିସି

### ସଂସଦରେ ଉଠିବ ସୌମ୍ୟାଶ୍ରୀ ପ୍ରସଙ୍ଗ: ପ୍ରଭାରୀ


ସମେତ ୮ଟି ଦଳ ନିଷ୍ପତ୍ତି ନେଇଛନ୍ତି। ସାରା ରାଜ୍ୟରେ ମହିଳା କଂଗ୍ରେସ ସମେତ ଆଠଟି ଦଳର ମହିଳା ସେଲ୍ ଏଥିରେ ସାମିଲ ହେବେ। କେବଳ ବାଲେଶ୍ୱର ପୀଡ଼ିତା ନୁହନ୍ତି; ନିର୍ଯାତନାର ଶିକାର ହୋଇ ପ୍ରାଣ ହରାଇଥିବା ଅନ୍ୟ ମହିଳା ଓ ଝିଅଙ୍କୁ ମଧ୍ୟ ଶ୍ରଦ୍ଧାଞ୍ଜଳି ଦିଆଯିବ ବୋଲି ଶୁକ୍ରବାର କଂଗ୍ରେସ ସମେତ ୮ଟି ସମଭାବାପନ୍ନ ଦଳ ପକ୍ଷରୁ ସାମ୍ବାଦିକ ସମ୍ମିଳନୀରେ ଏହି ସୂଚନା ଦିଆଯାଇଛି। ଏଥିପାଇଁ ରାଜ୍ୟର ସମସ୍ତ ବିଦ୍ୟାଳୟ, ମହାବିଦ୍ୟାଳୟ ଓ ବିଶ୍ୱବିଦ୍ୟାଳୟରେ ୨ ମିନିଟ୍ ନୀରବ ପ୍ରାର୍ଥନା କରିବା ପାଇଁ ପିସିସି ସଭାପତି ଭକ୍ତ ଚରଣ ଦାସ ନିବେଦନ କରିଛନ୍ତି।

ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଭକ୍ତ କହିଛନ୍ତି ଯେ ରାଜ୍ୟରେ ନିର୍ଯାତିତ ମହିଳାଙ୍କ ଲାଗି ମହିଳା ସେଲ୍ ଖୋଲିବ ପିସିସି। ସେମାନେ ଆପ୍ ମାଧ୍ୟମରେ ଅଭିଯୋଗ କରିବା ପରେ ପିସିସି ଅନୁଧ୍ୟାନ କରି ତଦନ୍ତରେ ସହଯୋଗ କରିବ। ରାଜନୈତିକ ବ୍ୟାପାର କମିଟି ବୈଠକରେ ଏହି ନିଷ୍ପତ୍ତି ହୋଇଛି। କଂଗ୍ରେସ ବିଧାୟକ ଦଳ ନେତା ରାମଚନ୍ଦ୍ର କାଡ଼ାମ୍ କହିଛନ୍ତି, ସୌମ୍ୟାଶ୍ରୀଙ୍କ ପ୍ରସଙ୍ଗ ଆଗାମୀ ଦିନରେ ବିଧାନସଭାରେ ଉଠିବ। ଆଗରୁ ନାରୀ ସୁରକ୍ଷା ପ୍ରସଙ୍ଗ କଂଗ୍ରେସ ଗୃହରେ ଉଠାଇଥିଲା। ହେଲେ ରାଜ୍ୟ ସରକାର ଶୁଣି ନ ଥିଲେ। ଯେ ପର୍ଯ୍ୟନ୍ତ ଝିଅ ନ୍ୟାୟ ନ ପାଇଛି, ଆନ୍ଦୋଳନ ଜାରି ରହିବ ବୋଲି କାଡ଼ାମ କହିଛନ୍ତି। ଓଡିଶା କଂଗ୍ରେସ ପ୍ରଭାରୀ ଅଜୟ କୁମାର ଲଲ୍ଲୁ କହିଥିଲେ, ଆସନ୍ତାକାଲି ଦିଲ୍ଲୀରେ ଇଣ୍ଡିଆ ବ୍ଲକ ବୈଠକ ବସିବ। ଏହି ବୈଠକରେ ବାଲେଶ୍ୱର ପୀଡ଼ିତାଙ୍କ ପ୍ରସଙ୍ଗ ଉଠିବ। ରାହୁଲ ଗାନ୍ଧୀ ଏହି ପ୍ରସଙ୍ଗ ସଂସଦରେ ଉଠାଇବେ। ଘଟଣାରେ ନ୍ୟାୟିକ ତଦନ୍ତ ପାଇଁ କଂଗ୍ରେସ ଦାବି କରୁଛି। ଉଚ୍ଚ ନ୍ୟାୟାଳୟର ଜଣେ କାର୍ଯ୍ୟକାରୀ ବିଚାରପତିଙ୍କ ଦ୍ୱାରା ତଦନ୍ତ ହେଉ ଏବଂ ଉଚ୍ଚତମ ନ୍ୟାୟାଳୟ ତଦାରଖ କରନ୍ତୁ। ଏଥିସହିତ ତୁରନ୍ତ ରାଜ୍ୟ ସରକାର ମହିଳା କମିଶନ ନିଯୁକ୍ତି କରନ୍ତୁ ବୋଲି କଂଗ୍ରେସ ପ୍ରଭାରୀ ଶ୍ରୀ ଲଲ୍ଲୁ କହିଛନ୍ତି। ଆଗାମୀ ଦିନରେ ମହିଳା ସୁରକ୍ଷା ପାଇଁ ଆନ୍ଦୋଳନ ଜାରି ରହିବ ବୋଲି ପୂର୍ବତନ କେନ୍ଦ୍ରମନ୍ତ୍ରୀ ଶ୍ରୀକାନ୍ତ ଜେନା କହିଛନ୍ତି।

### ସୌମ୍ୟାଶ୍ରୀ ଆତ୍ମଦାହ ଘଟଣାରେ ସରକାରଙ୍କୁ ବିଜୟଙ୍କ ସମାଲୋଚନା

# କୁଶାସନ ଚରମ ସୀମାରେ; ସୁଶାସନ କେଉଁଠାରେ?

ଭୁବନେଶ୍ୱର,୧୮ ।୭(ସମିସ): ବାଲେଶ୍ୱର ଏଫ୍‌ଏମ୍ କଲେଜ ଛାତ୍ରୀ ସୌମ୍ୟାଶ୍ରୀଙ୍କ ଆତ୍ମାହୁତି ଘଟଣାରେ ସରକାରଙ୍କ ଉପରେ ବର୍ଷିଛନ୍ତି ବରିଷ୍ଠ ନେତା ବିଜୟ ମହାପାତ୍ର। ଏକ ସାମ୍ବାଦିକ ସମ୍ମିଳନୀରେ ବିଜୟ ଏହି ପ୍ରସଙ୍ଗରେ ସରକାରଙ୍କ ଆଭିମୁଖ୍ୟକୁ ନେଇ ପ୍ରଶ୍ନ ଉଠାଇବା ସହ ଗତ ୩୫ ବର୍ଷ ମଧ୍ୟରେ ଏପରି ଘଟଣା ଘଟିନାହିଁ ବୋଲି କହିଛନ୍ତି। ଜଣେ ଝିଅ କଲେଜ କ୍ୟାମ୍ପସରେ ନିଜ ଦେହରେ ନିଆଁ ଲଗାଇ ଆତ୍ମହତ୍ୟା କେବେ କରିନାହାନ୍ତି। ସାରା ଭାରତରେ ଏଥିପାଇଁ ଓଡ଼ିଶାକୁ ଲଜ୍ଜିତ ଓ ନିନ୍ଦିତ ହେବାକୁ ପଡ଼ିଛି। ଏହାକୁ କେବେ ଲିଭାଇ ହେବ ନାହିଁ। ଏହି ଘଟଣା ସବୁବେଳେ ସରକାରଙ୍କ ମୁଣ୍ଡ ଉପରେ ଖଣ୍ଡା ଭଳି ଝୁଲି ରହିବ। ଯଦି ସରକାର ଏହି ଘଟଣାକୁ ସାମାନ୍ୟ ଗୁରୁତ୍ୱ ଦେଇଥାଆନ୍ତେ; ତେବେ ଏଭଳି ଘଟଣା ଆଦୌ ଘଟିନଥାନ୍ତା ବୋଲି ଶ୍ରୀ ମହାପାତ୍ର କହିଛନ୍ତି।



### ଚାରି ଦଶନ୍ଧି ମଧ୍ୟରେ ସବୁଠାରୁ ଅଭାବନୀୟ ଘଟଣା

### ସରକାରଙ୍କ ମୁଣ୍ଡ ଉପରେ ଖଣ୍ଡା ଭଳି ଝୁଲି ରହିବ ଏହି ଘଟଣା

### କୋର୍ଟଙ୍କ ନିରୀକ୍ଷଣରେ ତଦନ୍ତ ହେଲେ ମିଳିପାରିବ ସଠିକ ତଥ୍ୟ

ସେ କହିଛନ୍ତି ଯେ ବିଜେପି ଯେତେବେଳେ ବିରୋଧୀ ଦଳରେ ଥିଲା, ସେତେବେଳେ ପ୍ରତ୍ୟେକ କଥାରେ ସିବିଆଇ ତଦନ୍ତ ଦାବି କରୁଥିଲା। ଏବେ କ'ଣ ପାଇଁ ସିବିଆଇକୁ ନିରପେକ୍ଷ ତଦନ୍ତ ପାଇଁ ସରକାର କହୁନାହାନ୍ତି ବୋଲି ସେ ପ୍ରଶ୍ନ କରିଛନ୍ତି। ତେଣୁ ଏଥିରୁ ନିରପେକ୍ଷ ତଦନ୍ତ ପାଇଁ ସରକାରଙ୍କ ଆଗ୍ରହ ନ ଥିବା ମନେ ହେଉଛି। ଏହି ଘଟଣାକୁ ସରକାର ଗୁରୁତ୍ୱର ସହ ନେବାକୁ ଆଦୌ ରାଜି ନୁହନ୍ତି। ଏହି ଘଟଣା ସମସ୍ତଙ୍କ ଜ୍ଞାତସାରରେ ଘଟିଛି। ଛାତ୍ରୀଜଣଙ୍କ ଜିଲ୍ଲା ପ୍ରଶାସନଠୁ ଆରମ୍ଭ କରି ମୁଖ୍ୟମନ୍ତ୍ରୀଙ୍କ ପର୍ଯ୍ୟନ୍ତ ସମସ୍ତଙ୍କୁ ଏ ସମ୍ପର୍କରେ ଜଣାଇଛନ୍ତି; କିନ୍ତୁ ଏହି ଘଟଣା କୁଆଡ଼େ ଯାଉଛି କେହି ଆକଳନ କରିପାରିଲେନି। ଯଦି ଆକଳନ ଠିକ୍ କରିଥାନ୍ତେ, ହୁଏତ ଛାତ୍ରୀଜଣଙ୍କର ଜୀବନ ରକ୍ଷା ହୋଇଯାଇଥା'ନ୍ତା। ଏବେ ରାଜ୍ୟରେ ସୁଶାସନ ଦିବସ ପାଳନ ନେଇ ପ୍ରଚାର ହେଉଛି। ହେଲେ ଯେଉଁଠି କୁଶାସନ ଚରମ ସୀମାରେ ପହଞ୍ଚିଛି, ସେଠି କିପରି ସୁଶାସନ ଦିବସ ପାଳନ କରିବାର କୌଣସି ମାନେ ନାହିଁ। ବିଜେଡି ଶାସନ ବେଳେ ବିଭିନ୍ନ ମାମଲାରେ କ୍ରାଇମବ୍ରାଞ୍ଚ ତଦନ୍ତକୁ ବିରୋଧ କରି ବିଜେପି ନେତାମାନେ ସିବିଆଇ ତଦନ୍ତ ଦାବି କରୁଥିଲେ। ବର୍ତ୍ତମାନର ମୁଖ୍ୟମନ୍ତ୍ରୀ ମଧ୍ୟ ବିଧାନସଭାରେ ବିଭିନ୍ନ ଘଟଣାରେ ସିବିଆଇ ତଦନ୍ତ ଦାବି କରିଥିଲେ। ଏବେ ଏହି ମାମଲାରେ କିପରି କ୍ରାଇମବ୍ରାଞ୍ଚ ସଠିକ୍ ତଦନ୍ତ କରିବ ବୋଲି ସେ ପ୍ରଶ୍ନ ଉଠାଇଛନ୍ତି। ତେଣୁ ସରକାର ଏହି ମାମଲାକୁ କୋର୍ଟଙ୍କ ନିରୀକ୍ଷଣରେ ତଦନ୍ତ ପାଇଁ ଆବେଦନ କରିପାରିବେ। ଏହାଦ୍ୱାରା କ୍ରାଇମବ୍ରାଞ୍ଚ ମନଇଚ୍ଛା ତଦନ୍ତ କରିପାରିବ ନାହିଁ। ଫଳରେ ରାଜ୍ୟବାସୀଙ୍କ ମନରେ ମଧ୍ୟ କିଛି ଦ୍ୱନ୍ଦ୍ୱ ରହିବ ନାହିଁ ବୋଲି ସେ କହିଛନ୍ତି।

ଏହି ଅବସରରେ ଶ୍ରୀ ମହାପାତ୍ର ଭୁବନେଶ୍ୱର ସାଂସଦ ଅପରାଜିତା ଷଡ଼ଙ୍ଗୀ ଏକ ସାମ୍ବାଦିକ ସମ୍ମିଳନୀରେ ଦେଇଥିବା ମନ୍ତବ୍ୟ ଉପରେ ପ୍ରଶ୍ନ ଉଠାଇଛନ୍ତି। ରାଜ୍ୟପାଳ ରାଜ୍ୟର ସମସ୍ତ ଆଇସିସି ସମ୍ପର୍କିତ ତଥ୍ୟ ୨ମାସ ଧରି ସମୀକ୍ଷା କରିଥିବା ସାଂସଦ ସାମ୍ବାଦିକ ସମ୍ମିଳନୀରେ କହିଥିବା କଥାକୁ ନେଇ ବିଜୟ ପ୍ରଶ୍ନ ଉଠାଇଛନ୍ତି। ସେ କହିଛନ୍ତି ଯେ ଯଦି ସାଂସଦଙ୍କ କଥା ସତ ହୁଏ, ତେବେ ରାଜ୍ୟପାଳ ବାଲେଶ୍ୱର ଘଟଣା କଥା ନିଶ୍ଚିତ ଜାଣିଥିବେ। ତେଣୁ ରାଜ୍ୟପାଳ ଏହି ତଦନ୍ତ କରିଛନ୍ତି କି ନାହିଁ, ତାହା ସ୍ପଷ୍ଟ ହେବା ଓ ଏହି ତଦନ୍ତର ନିଷ୍କର୍ଷ କ'ଣ ବାହାରିଲା ତାହା ଲୋକଙ୍କୁ ଅବଗତ କରିବା କରାଯିବା ଆବଶ୍ୟକ ବୋଲି ସେ କହିଛନ୍ତି।

## ବିଜେପି ଜିଲ୍ଲା ସମ୍ପାଦକ ଗିରଫ ଘଟଣା

# ଦୃଢ଼ କାର୍ଯ୍ୟାନୁଷ୍ଠାନ ନ ହେଲେ ଥାନା ଘେରଉ କରିବ ବିଜେଡି

ଅନୁଗୋଳ, ୧୮ ।୭ (ସମିସ)

ଅନୁଗୋଳ ଜିଲ୍ଲା ବିଜେଡି କାର୍ଯ୍ୟାଳୟରେ ଜିଲ୍ଲା ସଭାପତି ବ୍ରଜକିଶୋର ପ୍ରଧାନଙ୍କ ନିର୍ଦ୍ଦେଶରେ ପୂର୍ବତନ ସଭାପତି ମହେନ୍ଦ୍ର ବସ୍ତିଆଙ୍କ ଅଧ୍ୟକ୍ଷତାରେ ଏକ ସାମ୍ବାଦିକ ସମ୍ମିଳନୀ ଅନୁଷ୍ଠିତ ହୋଇଛି। ବନ୍ତଲା ଥାନା ଅଞ୍ଚଳର ଜଣେ ଯୁବକ ଜଣେ ଯୁବତୀଙ୍କୁ ଶାରୀରିକ ଓ ମାନସିକ ନିର୍ଯାତନା ଦେଉଥିବା ବନ୍ତଲା ଥାନାରେ ଅଭିଯୋଗ ଆଧାରରେ ପୁଲିସ ମାମଲା ରୁଜୁ କରି ଗୁରୁବାର ରାତିରେ ଜିଲ୍ଲା ବିଜେପି ସମ୍ପାଦକ ସୁଦୀପ୍ତ ସ୍ୱାଇଁଙ୍କୁ ଗିରଫ କରିଛି। ତେବେ ଯୁବତୀ ଜଣକ ସଙ୍ଗୀନ ଅଭିଯୋଗ ଆଣିଥିବା ବେଳେ ସୁଦୀପ୍ତଙ୍କ ବିରୋଧରେ କୋହଳ ଦଫା ଲଗାଯାଇ ମାମଲା ରୁଜୁ କରାଯାଇଥିବା ବିଜେଡି ଅଭିଯୋଗ କରିଛି। ଅଭିଯୁକ୍ତ ସୁଦୀପ୍ତ ଶାସକ ଦଳର ବଡ଼ ନେତା, ମନ୍ତ୍ରୀ ଓ ବିଧାୟକଙ୍କ ସହ ଘନିଷ୍ଠ ହୋଇଥିବାରୁ ବନ୍ତଲା ଥାନା ଅଧିକାରୀ ତାଙ୍କ ନାମରେ କୋହଳ ଦଫା ଲଗାଇଛନ୍ତି। ତେବେ ଅଭିଯୁକ୍ତଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ହେବା ଦରକାର ଯେପରି ଆଗକୁ କୌଣସି ଲୋକ ମହିଳା ଓ ଯୁବତୀଙ୍କୁ ଅସଦାଚରଣ କରିବାକୁ ଭୟ କରିବ ବୋଲି କହିଛନ୍ତି ବିଜେଡି ମହିଳା ସଭାପତି। ଅଭିଯୁକ୍ତ ବିରୋଧରେ ପୁଲିସ ଉଚିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ ନ କଲେ ଆଗାମୀ ଦିନରେ ବିଜେଡି ରାଜରାସ୍ତାକୁ ଓହ୍ଲାଇବା ସହ ଥାନା ଘେରଉ କରିବ ବୋଲି ସାମ୍ବାଦିକ ସମ୍ମିଳନୀରେ ଚେତାବନୀ ଦିଆଯାଇଛି। ସାମ୍ବାଦିକ ସମ୍ମିଳନୀରେ ଯୁବନେତା ଅରୁଣାଭ ସିଂ, ଛାତ୍ର ଜନତା ଦଳ ସଭାପତି ରାଜୀବ ଲୋଚନ ଦାସ, ମହିଳା ବିଜେଡି ସଭାନେତ୍ରୀ ମାଳିନୀ ସର ପ୍ରମୁଖ ଉପସ୍ଥିତ ଥିଲେ।




## ବିଦ୍ୟାଳୟ ପାଣି ପମ୍ପ ସଜାଡ଼ିବା ବେଳେ ବିଦ୍ୟୁତ୍ ଆଘାତରେ ଶିକ୍ଷକ ମୃତ

ଅନୁଗୋଳ, ୧୮ ।୭ (ସମିସ): ବନ୍ତଲା ଥାନା ପୋକତୁଙ୍ଗା ପ୍ରାଥମିକ ବିଦ୍ୟାଳୟରେ ପାଣି ପମ୍ପ ମରାମତି କରୁଥିବା ବେଳେ ବିଦ୍ୟୁତ ଆଘାତରେ ଶିକ୍ଷକଙ୍କ ମୃତ୍ୟୁ ହୋଇଛି। ମୃତକ ହେଲେ ପମ୍ପାସର ପ୍ରାଥମିକ ବିଦ୍ୟାଳୟରେ କାର୍ଯ୍ୟରତ ଶିକ୍ଷକ ପ୍ରତାପ କୁମାର ମିଶ୍ର। ପ୍ରତାପ ଅନୁଗୋଳ ବ୍ଲକ ପମ୍ପାସର ପ୍ରାଥମିକ ବିଦ୍ୟାଳୟରେ ଚାକିରି କରୁଥିବା ବେଳେ ତାଙ୍କ ସ୍ତ୍ରୀ ସବିତା ଆଚାର୍ଯ୍ୟ ପୋକତୁଙ୍ଗାରେ ଶିକ୍ଷୟିତ୍ରୀ ଭାବେ କାର୍ଯ୍ୟ କରୁଛନ୍ତି। ଶୁକ୍ରବାର ବିଦ୍ୟାଳୟ ଛୁଟି ପରେ ପ୍ରତାପ ସ୍ତ୍ରୀଙ୍କୁ ଆଣିବା ପାଇଁ ପୋକତୁଙ୍ଗାରେ ପହଞ୍ଚିଥିଲେ। ତେବେ ଉକ୍ତ ବିଦ୍ୟାଳୟର ପାଣି ପମ୍ପ ଅଚଳ ଥିବାରୁ ସବିତା ପ୍ରତାପଙ୍କୁ ତାହାକୁ ସଜାଡ଼ିବାକୁ କହିଥିଲେ। ପ୍ରତାପ ପାଣିପମ୍ପ ସଜାଡ଼ିବା ବେଳେ ତାଙ୍କୁ ବିଦ୍ୟୁତ ଆଘାତ ଲାଗିଥିଲା। ଫଳରେ ସେ ଛିଟିକିପଡ଼ି ଗୁରୁତର ହୋଇପଡ଼ିଥିଲେ। ତାଙ୍କୁ ଉଦ୍ଧାର କରାଯାଇ ପ୍ରଥମେ ବନ୍ତଲା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ପ୍ରାଥମିକ ଚିକିତ୍ସା ପରେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ସ୍ଥାନାନ୍ତର କରାଯାଇଥିଲା। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ।

■ ଜନପ୍ରତିନିଧିଙ୍କୁ ଅଣଦେଖା ଅଭିଯୋଗ

## ୭ ଦିନରେ ଯନ୍ତ୍ରୀଙ୍କ ବଦଳି ନ ହେଲେ ସାମୂହିକ ଇସ୍ତଫା

ପାଲଲହଡ଼ା, ୧୮ ।୭ (ସମିସ): ପାଲଲହଡ଼ା ବ୍ଲକରେ କାର୍ଯ୍ୟରତ ଭାରପ୍ରାପ୍ତ ସହକାରୀ ଯନ୍ତ୍ରୀ ପ୍ରମୋଦ କୁମାର ସ୍ୱାଇଁ ଉପଖଣ୍ଡର ଜନପ୍ରତିନିଧିମାନଙ୍କୁ ଅଣଦେଖା କରୁଥିବା ଶୁକ୍ରବାର ପଞ୍ଚାୟତ ସମିତି ଅଧ୍ୟକ୍ଷା ରୀନାରାଣୀ ନାଏକଙ୍କ ନେତୃତ୍ୱରେ ବ୍ଲକର ସରପଞ୍ଚ ଏବଂ ସମିତି ସଭ୍ୟସଭ୍ୟାମାନେ ଉପଜିଲ୍ଲାପାଳଙ୍କୁ ଅଭିଯୋଗ

● ସରପଞ୍ଚ ଏବଂ ସମିତି ସଭ୍ୟ/ସଭ୍ୟାଙ୍କ ଧମକ



କରିଛନ୍ତି। ଯନ୍ତ୍ରୀ ସ୍ୱାଇଁ ଲୋକ ପ୍ରତିନିଧିଙ୍କୁ ନ ଜଣାଇ ବ୍ଲକରେ ବିଭିନ୍ନ ପ୍ରକଳ୍ପ କାର୍ଯ୍ୟକାରୀ କରି ମୋଟା ଅଙ୍କରେ ପିସି ନେଉଛନ୍ତି। ଫଳରେ ବ୍ଲକରେ ଦିନକୁ ଦିନ ଦୁର୍ନୀତି ବଢ଼ିବାରେ ଲାଗିଛି। ଯନ୍ତ୍ରୀ ସ୍ୱାଇଁ ବିଧାୟକଙ୍କ ହାତବାରିସୀ ସାଜି କାର୍ଯ୍ୟ କରୁଛନ୍ତି ଏବଂ ପଞ୍ଚାୟତ ପ୍ରତିନିଧିମାନଙ୍କୁ ଅଣଦେଖା କରୁଛନ୍ତି। ଏହି ଦୁର୍ନୀତିଗ୍ରସ୍ତ ସହକାରୀ ଯନ୍ତ୍ରୀଙ୍କୁ ୭ ଦିନ ମଧ୍ୟରେ ବଦଳି କରା ନ ଗଲେ ବ୍ଲକର ସମସ୍ତ ସରପଞ୍ଚ ଏବଂ ସମିତି ସଭ୍ୟ ସାମୂହିକ ଇସ୍ତଫା ଦେବେ ବୋଲି ଉପଜିଲ୍ଲାପାଳ ରବୀନ୍ଦ୍ର କୁମାର ପଟେଲଙ୍କୁ ସାକ୍ଷାତ ଦାବିପତ୍ର ପ୍ରଦାନ କରିଛନ୍ତି।

## ଜିଲ୍ଲା ଆଇନସେବା ପ୍ରାଧିକରଣ ତରଫରୁ ସ୍ୱତନ୍ତ୍ର ମଧ୍ୟସ୍ଥତା ଅଭିଯାନ

ଅନୁଗୋଳ, ୧୮ ।୭ (ସମିସ): ଭାରତର ସର୍ବୋଚ୍ଚ ନ୍ୟାୟାଳୟ ଜାତୀୟ ଆଇନସେବା ପ୍ରାଧିକରଣ ମଧ୍ୟସ୍ଥତା ଏବଂ ମିଳାମିଶା ପ୍ରକଳ୍ପ କମିଟି, ରାଜ୍ୟ ଆଇନସେବା ପ୍ରାଧିକରଣ, କଟକ ଓ ଜିଲ୍ଲା ଓ ଦୌରାଜଜ ତଥା ଜିଲ୍ଲା ଆଇନସେବା ପ୍ରାଧିକରଣ ଅନୁଗୋଳର ଅଧ୍ୟକ୍ଷ ଦାମୋଦର ରଥଙ୍କ ନିର୍ଦ୍ଦେଶ କ୍ରମେ ଜିଲ୍ଲା ଆଇନସେବା ପ୍ରାଧିକରଣ ତରଫରୁ ଜୁଲାଇ ୧ରୁ ୯୦ ଦିନ ବ୍ୟାପୀ ସ୍ୱତନ୍ତ୍ର ମଧ୍ୟସ୍ଥତା ଅଭିଯାନ: 'ରାଷ୍ଟ୍ର ପାଇଁ ମଧ୍ୟସ୍ଥତା' କାର୍ଯ୍ୟକ୍ରମର ଶୁଭାରମ୍ଭ ହୋଇଛି। ଉକ୍ତ ମଧ୍ୟସ୍ଥତା କାର୍ଯ୍ୟକ୍ରମ ମାଧ୍ୟମରେ କୋର୍ଟରେ ବିଚାରାଧୀନ ଥିବା ପାରିବାରିକ ମାମଲା, ମୋଟର ଯାନ ଦୁର୍ଘଟଣା ଜନିତ ମାମଲା, ଚେକ ବାଉନ୍ସ ମାମଲ, ଘରୋଇ ହିଂସା ମାମଲା, ଜମି ଅଧିଗ୍ରହଣ ମାମଲା, ଖାଉଟି ବିବାଦ ମାମଲା, ଚାକିରି ସମ୍ପର୍କିତ ମାମଲା, ଫୌଜଦାରୀ ମାମଲା, ଦେୱାନୀ ମାମଲା, ଋଣ ଆଦାୟ ସମ୍ପର୍କିତ ମାମଲା, ବ୍ୟବସାୟ ସମ୍ପର୍କିତ ମାମଲା ଇତ୍ୟାଦିର ମଧ୍ୟସ୍ଥତା ମାଧ୍ୟମରେ ସମାଧାନ କରାଯାଇପାରିବ। ମଧ୍ୟସ୍ଥତା ପ୍ରକ୍ରିୟା ଗୋପନୀୟ ସ୍ୱଚ୍ଛ, ଅନୌପଚାରିକ ଏବଂ ନମନୀୟ ଅଟେ। ଏଥି ପାଇଁ ସମସ୍ତ ଖର୍ଚ୍ଚ ସରକାର ବହନ କରନ୍ତି। ମଧ୍ୟସ୍ଥତା ମାଧ୍ୟମରେ ନିଜ ମାମଲାର ସହଜ ସମାଧାନ ଏବଂ ଆର୍ଥିକ ଖର୍ଚ୍ଚ ଓ ସମୟ ଅପଚୟରୁ ନିସ୍ତାର ପାଇବା ପାଇଁ ଏହା ଏକ ସୁଯୋଗ। ସବିଶେଷ ବିବରଣୀ ନିମନ୍ତେ ଜିଲ୍ଲା ଆଇନସେବା ପ୍ରାଧିକରଣ ଅନୁଗୋଳ ବା ତାଲୁକ ଆଇନସେବା କାର୍ଯ୍ୟାଳୟ ତାଳଚେର, ଆଠମଲିକ, ପାଲଲହଡ଼ା, ଛେଣ୍ଡିପଦା ଓ ବଣ୍ଡରପାଳ ସହ ଯୋଗାଯୋଗ କରିବାକୁ କୁହାଯାଇଛି।

## ଶିଶୁ ନିର୍ଯାତନା ନିରୋଧ ସମ୍ପର୍କିତ ସଚେତନତା




କିଶୋରନଗର, ୧୮ ।୭ (ସମିସ): ବିଶ୍ୱ ଯୁବକେନ୍ଦ୍ର, ବଣୀନଳୀ ଦ୍ୱାରା ପରିଚାଳିତ କାର୍ଯ୍ୟକ୍ରମ 'ଆକ୍ସେସ ଟୁ ଜଷ୍ଟିସ' ଦ୍ୱାରା ଅନୁଗୋଳ ଜିଲ୍ଲା କିଶୋରନଗର ବ୍ଲକ ଉରୁକୁଳା ପଞ୍ଚାୟତ ପିତବୋଲିଗୋରଡ଼ ଗ୍ରାମରେ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ଏଥିରେ ୱାର୍ଡ ମେମ୍ବର, ଆଶାକର୍ମୀ ପୁଷ୍ପଲତା ପ୍ରଧାନ, ସଭାପତି ସ୍ୱପ୍ନେଶ୍ୱର ଦେହୁରୀ, ସମ୍ପାଦକ ଫକୀର ବେହେରା, ସିଆର୍‌ପି ବନିତା ସାହୁ ଓ ଗ୍ରାମବାସୀ ଉପସ୍ଥିତ ଥିଲେ। ଜିଲ୍ଲାରେ ଶିଶୁମାନଙ୍କୁ ନିଜର ଅଧିକାରରୁ ବଞ୍ଚିତ କରି ବଲ୍ୟବିବାହ, ଶିଶୁ ଚାଲାଣ, ଶିଶୁ ଯୌନ ନିର୍ଯାତନା, ଶିଶୁ ଶ୍ରମିକ, ଜୀବନ ପ୍ରତି ବିପଦ ଥିବା କାର୍ଯ୍ୟରେ ନିୟୋଜନ ତଥା ଏହାର ଭୟାବହତା ଉପରେ ଆଲୋଚନା କରାଯାଇଥିଲା। ବାଲ୍ୟ ବିବାହ ତଥା ଶିଶୁଙ୍କୁ ଶ୍ରମରେ ନିୟୋଜିତ କରୁଥିବା ଲୋକଙ୍କ ପାଇଁ ଭାରତୀୟ ଆଇନ ଅନୁଯାୟୀ ଦଣ୍ଡବିଧାନ ଓ ନିୟମାବଳୀ ଏବଂ ପ୍ରତ୍ୟେକ ଶିଶୁର ଚାରିଟି ପ୍ରାଥମିକ ଅଧିକାର ବିଷୟରେ ଅବଗତ କରାଯାଇଥିଲା। ବିଶ୍ୱ ଯୁବକେନ୍ଦ୍ରର ନିର୍ଦ୍ଦେଶକ ମନୋଜ କୁମାର ମହାପାତ୍ର ଓ ପୂଜା ସ୍ୱାଇଁଙ୍କ ତତ୍ତ୍ୱାବଧାନରେ ପ୍ରକଳ୍ପ ସହଯୋଗୀ ପପି ଦେହୁରୀ ସଭା ପରିଚାଳନା କରିଥିଲେ। ବାଲ୍ୟବିବାହ ନ କରିବାକୁ ଶପଥପାଠ କରାଯାଇଥିଲା।

## ବସ୍ ମୁହଁରୁ ଅଳ୍ପକେ ବର୍ତ୍ତିଲେ ସ୍କୁଟି ଆରୋହୀ

ତାଳଚେରସଦର, ୧୮ ।୭ (ସମିସ): ତାଳଚେର ଶିଳ୍ପାଞ୍ଚଳରେ ରାସ୍ତା ଅଣଓସାରିଆ ସହ ଖାଲଖମା ଓ ଆଶାତୀତ ଯାନବାହାନ ବୃଦ୍ଧି ଯୋଗୁଁ ଦୈନନ୍ଦିନ ଦୁର୍ଘଟଣା ଘଟିଚାଲିଛି। ସିଏସଆର ଓ ଡିଏମଏଫ ଅର୍ଥ ବ୍ୟୟ ହେଉଥିଲେ ହେଁ ତାଳଚେରବାସୀଙ୍କ ଯନ୍ତ୍ରଣା କମିବା ପରିବର୍ତ୍ତେ ବଢ଼ି ଚାଲିଛି। ଶୁକ୍ରବାର ଚମ୍ପାପଶି ଛକରେ ଏକ ଦୁର୍ଘଟଣା ଘଟିଛି। ତାଳଚେର କଲେଜ ଅଧ୍ୟାପିକା ମହାଦେଇ ଭୂତିଆ ବ୍ୟକ୍ତି ସ୍କୁଟିରେ ଯାଉଥିବା ବେଳେ ହଠାତ୍ ଏକ ବସ୍ ତାଙ୍କୁ ମୁହାଁମୁହିଁ ଧକ୍କା ଦେଇଥିଲା। ତେବେ ସେ ଅଳ୍ପକେ ବର୍ତ୍ତି ଯାଇଛନ୍ତି। ସ୍ଥାନୀୟ ଲୋକେ ତାଙ୍କୁ ଉଦ୍ଧାର କରି ସ୍ଥାନୀୟ ମେଡିକାଲରେ ଭର୍ତ୍ତି କରିଛନ୍ତି।

## ନୂତନ ବ୍ଲକ ସହକାରୀ ନିର୍ବାହୀ ଯନ୍ତ୍ରୀଙ୍କ ଯୋଗଦାନ



କିଶୋରନଗର, ୧୮ ।୭ (ସମିସ): କିଶୋରନଗର ବ୍ଲକରେ ଶୁକ୍ରବାର ନୂତନ ବ୍ଲକ ସହକାରୀ ନିର୍ବାହୀ ଯନ୍ତ୍ରୀ ଭାବେ ଦୀପ୍ତିମୟୀ ପ୍ରଧାନ କାର୍ଯ୍ୟରେ ଯୋଗଦାନ କରିଛନ୍ତି। ସେ ପୂର୍ବରୁ ବରଗଡ଼ ଜିଲ୍ଲା ସୋହେଲା ବ୍ଲକରେ କାର୍ଯ୍ୟରତ ଥିଲେ। ଏଠାରେ ପୂର୍ବରୁ କାର୍ଯ୍ୟରତ ଥିବା ବ୍ଲକ ସହକାରୀ ନିର୍ବାହୀ ଯନ୍ତ୍ରୀ ଆଲୋକ ମିଶ୍ରଙ୍କ ଠାରୁ ସେ ଦାୟିତ୍ୱ ଗ୍ରହଣ କରିଛନ୍ତି। ଆଲୋକ ମିଶ୍ରଙ୍କ ଅନୁଗୋଳ ବ୍ଲକକୁ ବଦଳି ହୋଇଛି।

## ୨୭ରେ ଜିଲ୍ଲାସ୍ତରୀୟ ଲୋକ ଅଦାଲତ

ଅନୁଗୋଳ, ୧୮ ।୭ (ସମିସ): ଅନୁଗୋଳ ଓ ତାଳଚେରସ୍ଥିତ ଅଦାଲତ ପରିସରରେ ଆସନ୍ତା ୨୭ ତାରିଖ ଜିଲ୍ଲାସ୍ତରୀୟ ଲୋକ ଅଦାଲତ ଅନୁଷ୍ଠିତ ହେବ। ଏହି ଲୋକ ଅଦାଲତରେ ବିଚାରାଧୀନ ଚେକ୍ ବାଉନ୍ସ ମାମଲାର ଆପୋଗ ସହମତିରେ ସମାଧାନ କରାଯାଇପାରିବ। ଲୋକ ଅଦାଲତରେ ମକଦ୍ଦମା/ବିବାଦର ସମାଧାନ ପାଇଁ କୌଣସି ଆର୍ଥିକ ଖର୍ଚ୍ଚ ପଡେନାହିଁ ଏବଂ ଲୋକ ଅଦାଲତଙ୍କ ରାୟ ବୈଧ ଚୂଡାନ୍ତ ବ ଅମଲଯୋଗ୍ୟ। ଦୀର୍ଘଦିନ ଧରି ଚାଲୁ ରହିଥବା ମକଦ୍ଦମାର ସହଜ ସମାଧାନ ପାଇଁ ଏବଂ ଆର୍ଥିକ ଖର୍ଚ୍ଚ ଓ ସମୟ ଅପଚୟରୁ ନିସ୍ତାର ପାଇବା ପାଇଁ ଏହା ଏକ ସୁଯୋଗ। ଏହି ସୁଯୋଗର ସଦୁପଯୋଗ କରିବା ପାଇଁ କୁହାଯାଇଛି। ଏ ସମ୍ପର୍କିତ ସବିଶେଷ ବିବରଣୀ ନିମନ୍ତେ ଅନୁଗୋଳ ଜିଲ୍ଲା ଆଇନସେବା ପ୍ରାଧିକରଣ କିମ୍ବା ତାଳଚେର ତାଲୁକ ଆଇନସେବା କାର୍ଯ୍ୟାଳୟ ସହ ଯୋଗାଯୋଗ କରିବାକୁ ପରାମର୍ଶ ଦିଆଯାଇଛି।

## ନାଲ୍‌କୋର ନୂତନ ଜିଜିଏମଙ୍କୁ ସମ୍ବର୍ଦ୍ଧନା

ନାଲକୋ ନଗର, ୧୮ ।୭ (ସମିସ): ନାଲକୋ ଏସ ଆଣ୍ଡ ପି କମ୍ପ୍ଲେକ୍ସରେ ନୂତନ ଭାବେ ଦାୟିତ୍ୱ ଗ୍ରହଣ କରିଥିବା ଜିଜିଏମ (ମାନବ ସମ୍ବଳ ପ୍ରଶାସନ) ସୁନୀଲ କୁମାର ମହାପାତ୍ରଙ୍କୁ ନାଲକୋ ନଗର ଯାଦବ ସମାଜ ତରଫରୁ ଉତ୍ତରୀୟ ଏବଂ ପୁଷ୍ପଗୁଚ୍ଛ ଦେଇ ସମ୍ବର୍ଦ୍ଧନା ପ୍ରଦାନ କରାଯାଇଛି। ଯାଦବ ସମାଜ ତରଫରୁ ପ୍ରତ୍ୟେକ ବର୍ଷ ପରି ଆଗାମୀ ନନ୍ଦ ଉତ୍ସବ ଏବଂ ଫଗୁ ଦଶମୀରେ ପାଇଁ ତାଙ୍କ ସହଯୋଗ ପାଇଁ ମହାପାତ୍ରଙ୍କୁ ଅନୁରୋଧ କରାଯାଇଛି। ଏଥିରେ ସମାଜର ସଭାପତି ଭରତ ରାଉତ, ସାଧାରଣ ସମ୍ପାଦକ ପ୍ରକାଶ ବେହେରା, ରଞ୍ଜନ ବେହେରା, ବିଭୂତି ବେହେରା, ଦୀନବନ୍ଧୁ ଭୁତିଆ, ସୁଶାନ୍ତ ରାଉତ ଏବଂ ସୁଶାନ୍ତ ସାହୁ ଉପସ୍ଥିତ ଥିଲେ।



## ଛାତ୍ରୀଙ୍କ ନିରାପତ୍ତା ସୁନିଶ୍ଚିତ କରିବା ଦାବି

# ୨୩ରେ ବିଧାନସଭା ଆଗରେ ଏଆଇଡିଏସଓର ବିକ୍ଷୋଭ

ଅନୁଗୋଳ, ୧୮ ।୭ (ସମିସ): ସ୍କୁଲ, କଲେଜ, ବିଶ୍ୱବିଦ୍ୟାଳୟ ସମେତ ସମସ୍ତ ସ୍ଥାନରେ ଛାତ୍ରୀମାନଙ୍କ ନିରାପତ୍ତା ସୁନିଶ୍ଚିତ କରିବା ଦାବିରେ ଏଆଇଡିଏସଓ ରାଜ୍ୟ ପରିଷଦ ପକ୍ଷରୁ ଆସନ୍ତା ୨୩ ତାରିଖ ବିଧାନସଭା ସମ୍ମୁଖରେ ରାଜ୍ୟସ୍ତରୀୟ ବିଶାଳ ଛାତ୍ର ବିକ୍ଷୋଭ ଅନୁଷ୍ଠିତ ହେବ। ବାଲେଶ୍ୱର ଏଫ୍‌ଏମ୍ କଲେଜ ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ଦୁଃଖଦ ମୃତ୍ୟୁ ଘଟଣାରେ ସମ୍ପୃକ୍ତ ସମସ୍ତ ଅପରାଧୀ ତଥା ସୌମ୍ୟାଶ୍ରୀଙ୍କ ଅଭିଯୋଗ ସତ୍ତ୍ୱେ କୌଣସି ପଦକ୍ଷେପ ନେଇ ନ ଥିବା ସମସ୍ତ ବ୍ୟକ୍ତିମାନଙ୍କୁ ଦୃଷ୍ଟାନ୍ତମୂଳକ ଦଣ୍ଡବିଧାନ ଦାବିରେ ଏଆଇଡିଏସଓ ଲଗାତର ଆନ୍ଦୋଳନ କରିବା ସହ ଜୁଲାଇ ୧୭ ତାରିଖ ସାରା ଓଡ଼ିଶାରେ ଛାତ୍ର ଧର୍ମଘଟ କରିଥିଲା। ଏହି ଛାତ୍ର ଧର୍ମଘଟକୁ ଓଡ଼ିଶାର ଛାତ୍ରଛାତ୍ରୀ ଅକୁଣ୍ଠ ସମର୍ଥନ ଦେଇ ସଫଳ କରିଛନ୍ତି। ଏହି ସଫଳତା ସରକାରଙ୍କୁ ଏକ ଚେତାବନୀ। ଏ ନେଇ ଏଆଡିଏସଓ ରାଜ୍ୟ ସଭାପତି ସୋମନାଥ ବେହେରା ଓ ସମ୍ପାଦକ ସିଦ୍ଧାର୍ଥ ରଥ ଏକ ପ୍ରେସ ବିବୃତିରେ କହିଛନ୍ତି ଯେ ଛାତ୍ରୀମାନଙ୍କ ନିରାପତ୍ତା ସୁନିଶ୍ଚିତ ଦାବିରେ ଏଆଡିଏସଓର ଆନ୍ଦୋଳନ ଜାରି ରହିବ। ଏହା ସହ ରାଜ୍ୟରେ ବନ୍ଦ ହୋଇଥିବା ସମସ୍ତ ସରକାରୀ ସ୍କୁଲ ଖୋଲିବା, ରାଜ୍ୟର ସମସ୍ତ ଶିକ୍ଷାନୁଷ୍ଠାନରେ ଆବଶ୍ୟକ ଶିକ୍ଷକ, ଅଧ୍ୟାପକ, କର୍ମଚାରୀ ପଦବୀ ପୂରଣ, ପ୍ରତ୍ୟକ୍ଷ ଛାତ୍ର ସଂସଦ ନିର୍ବାଚନ ତାରିଖ ଘୋଷଣା, ଛାତ୍ରଛାତ୍ରୀଙ୍କୁ ମାଗଣା ବସ୍ ପାସ୍ ଯୋଗାଇଦେବା, ଶିକ୍ଷାମାରଣ ଜାତୀୟ ଶିକ୍ଷାନୀତି-୨୦୨୦ ବାତିଲ କରିବା ଆଦି ଦାବି ମଧ୍ୟ ଉତ୍ଥାପନ କରାଯିବ। ସରକାରୀ ଶିକ୍ଷାକୁ ରକ୍ଷା କରିବା ସହ ଶିକ୍ଷା-ସଂସ୍କୃତି-ମାନବତା ଉପରେ ଆସୁଥିବା ଆକ୍ରମଣକୁ ରୋକିବା ପାଇଁ ସମସ୍ତେ ସ୍ୱର ଉତ୍ତୋଳନ କରିବାକୁ ଆହ୍ୱାନ ଦେଇଛନ୍ତି। ଆସନ୍ତା ୨୩ ତାରିଖ ବିଧାନସଭା ସମ୍ମୁଖରେ ହେବାକୁ ଥିବା ଛାତ୍ର ବିକ୍ଷୋଭକୁ ସଫଳ କରିବାକୁ ଜିଲ୍ଲାର ଛାତ୍ରସମାଜକୁ ଏଆଇଡିଏସଓ ଜିଲ୍ଲା ସଭାପତି ପରମାନନ୍ଦ ସାହୁ ଓ ସମ୍ପାଦକ ନାରାୟଣ ନାୟକ ଆହ୍ୱାନ ଦେଇଛନ୍ତି।

## ମହିଳାଙ୍କ ଅଭିଯୋଗକୁ ଗୁରୁତ୍ୱ ଦେଉ ନ ଥିବା ଥାନା ଅଧିକାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଦାବି

ଅନୁଗୋଳ, ୧୮ ।୭ (ସମିସ): ରାଜ୍ୟରେ ଗତ ଏକ ବର୍ଷ ହେଲା ବଢ଼ି ଚାଲିଛି ନାରୀ ନିର୍ଯାତନା, ଦୁଷ୍କର୍ମ। ଅନୁଗୋଳ ଜିଲ୍ଲାରେ ମଧ ଏହାର ସଂଖ୍ୟା କିଛି କମ ନାହିଁ। ପୂର୍ବରୁ ଜିଲ୍ଲାର ନନ୍ଦିନୀପାଲି, ନିଶା ଥାନା ଅଞ୍ଚଳ, ତାଳଚେର, ବନ୍ତଲା ଆଦି ଅଞ୍ଚଳରେ ଦୁଷ୍କର୍ମ ଓ ହତ୍ୟା ଘଟଣା ସାମ୍ନାକୁ ଆସିଥିଲା। ଏବେ ପୁଣି ବନ୍ତଲା ଅଞ୍ଚଳର ଜଣେ ଯୁବତୀଙ୍କୁ ଅସଦାଚରଣ ହୋଇଥିବା ଅଭିଯୋଗ ହୋଇଛି। ଯେଉଁଥିରେ ଜଣେ ବିଜେପି ନେତା ହିଁ ସମ୍ପୃକ୍ତ ଥିବା ଅଭିଯୋଗ ହୋଇଛି। ସମ୍ପୃକ୍ତ ବିଜେପି ନେତା ସୁଦୀପ୍ତ ସ୍ୱାଇଁଙ୍କୁ ପୁଲିସ ଗିରଫ କରିଛି। ତେବେ ଏହି ସମସ୍ତ ଘଟଣାକୁ ନେଇ ଜିଲ୍ଲାରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ କରିଛି କଂଗ୍ରେସ। ଏକ ସାମ୍ବାଦିକ ସମ୍ମିଳନୀରେ କଂଗ୍ରେସ ଏହି ଘଟଣାରେ ଉଦବେଗ ପ୍ରକାଶ କରିବା ସହ ସରକାରୀ ଦଳର ନେତା ହୋଇଥିବାରୁ ପୁଲିସ ଅଭିଯୁକ୍ତଙ୍କୁ ଘଣ୍ଟ ଘୋଡ଼ାଇବାକୁ ଚେଷ୍ଟା କରୁଥିବା ଅଭିଯୋଗ କରିଛି। ଅଭିଯୋଗ ଅନୁସାରେ ପୀଡ଼ିତା ଯୁବତୀ ଜଣକ ୪ ଦିନ ହେଲା ଅଭିଯୋଗ କରିଥିଲେ ମଧ୍ୟ ପୁଲିସ ମାମଲା ଦାୟର କରୁ ନ ଥିଲା। ଗୁରୁବାର ସନ୍ଧ୍ୟାରେ ଯୁବତୀ ଜଣକ ଆତ୍ମାହୁତି ଦେବା ପାଇଁ ଚେତାବନୀ ଦେବାପରେ ବନ୍ତଲା ପୁଲିସ ଚାପରେ ତରବରିଆ ଭାବେ ମାମଲା ଦାୟର କରି ଶୁକ୍ରବାର ଭୋରରୁ ଅଭିଯୁକ୍ତଙ୍କୁ ଗିରଫ କରିଥିଲା। ଏଣୁ ମହିଳାମାନଙ୍କ ଅଭିଯୋଗକୁ ଗୁରୁତ୍ୱ ଦେଉ ନ ଥିବା ଏଭଳି ଥାନା ଅଧିକାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଦାବି କରିଛି କଂଗ୍ରେସ। ଏହା ନ ହେଲେ ଏସପି ଅଫିସ ଘେରଉ କରାଯିବା ସହ ଦଳ ଆନ୍ଦୋଳନକୁ ଓହ୍ଲାଇବ ବୋଲି ସାମ୍ବାଦିକ ସମ୍ମିଳନୀରେ ଜିଲ୍ଲା କଂଗ୍ରେସ ସଭାପତି ଅମ୍ବିକା ପ୍ରସାଦ ଭଞ୍ଜ ଚେତାବନୀ ଦେଇଛନ୍ତି। ସାମ୍ବାଦିକ ସମ୍ମିଳନୀରେ ଅନ୍ୟମାନଙ୍କ ମଧ୍ୟରେ କଂଗ୍ରେସ ନେତା ଜିତେନ୍ଦ୍ର କୁମାର ସାହୁ, ସୁନୀଲ ପ୍ରଧାନଙ୍କ ସମେତ ଅନ୍ୟ କର୍ମକର୍ତ୍ତା ଉପସ୍ଥିତ ଥିଲେ।

## 'ପଛୁଆବର୍ଗଙ୍କ ପାଇଁ ଉଦ୍ଦିଷ୍ଟ ସରକାରୀ ଯୋଜନାର ବିବରଣୀ ଦିଅ'



ଅନୁଗୋଳ, ୧୮ ।୭ (ସମିସ): ଦଳିତ, ଅବହେଳିତ, ଅନୁସୂଚିତ ଜାତି ଓ ଜନଜାତି ଲୋକମାନଙ୍କ ସାମାଜିକ ବିକାଶ ପାଇଁ ଉଭୟ ରାଜ୍ୟ ଓ କେନ୍ଦ୍ର ସରକାରଙ୍କ କେଉଁ କେଉଁ ଯୋଜନା ସବୁ ବର୍ତ୍ତମାନ କାର୍ଯ୍ୟକାରୀ ହେଉଛି ଅବା ରହିଛି ତାହାର ସମ୍ପୂର୍ଣ୍ଣ ବିବରଣୀ ପ୍ରଦାନ କରିବା ସହ ନୋଟିସ୍ ବୋର୍ଡରେ ଲେଖିବାକୁ ପ୍ରାକ୍ତନ ସାଂସଦ ମହେଶ ସାହୁ ଶୁକ୍ରବାର ଅନୁଗୋଳ ଓ ବଣ୍ଡରପାଳ ବିଡିଓଙ୍କୁ ଲିଖିତ ଭାବେ ଅନୁରୋଧ କରିଛନ୍ତି। ଏଥିସହ ଜାତୀୟ ରାଜପଥଗୁଡ଼ିକର ଅବସ୍ଥା ଅତ୍ୟନ୍ତ ଶୋଚନୀୟ ଅବସ୍ଥା ସମ୍ପର୍କରେ ଜିଲ୍ଲାପାଳଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି। ରାଜପଥର ବିଭିନ୍ନ ସ୍ଥାନରେ ଖାଲଖମା ସୃଷ୍ଟି ହେଲାଣି। ଫଳରେ ଦୁର୍ଘଟଣା ଘଟି ଅନେକ ଧନଜୀବନ ହାନି ଘଟୁଛି। ଏହାର ତୁରନ୍ତ ମରାମତି ଆବଶ୍ୟକ ହୋଇପଡ଼ିଛି। ବଣ୍ଡରପାଳରୁ ତାଳଚେର ଦେଇ କଣିହାଁ ଯାଇଥିବା ରାସ୍ତା ଅବସ୍ଥା ସର୍ବାଧିକ ଶୋଚନୀୟ ହୋଇପଡ଼ିଛି। ଉକ୍ତ ରାସ୍ତା ଦେଇ ହଜାର ହଜାର ଭାରୀଯାନ, ବସ ଓ ହାଲୁକା ଯାନ ଯାତାୟାତ କରୁଛି। ଗାଡ଼ିଗୁଡ଼ିକ ଖାଲରେ ପଡ଼ି ଦୁର୍ଘଟଣାଗ୍ରସ୍ତ ହେଉଛି। ଏହି ରାସ୍ତାଗୁଡ଼ିକର ମରାମତି ବା ନିର୍ମାଣ ଯୁଦ୍ଧକାଳୀନ ଭିତ୍ତିରେ କରିବାକୁ ପ୍ରାକ୍ତନ ସାଂସଦ ସାହୁ ଜିଲ୍ଲାପାଳଙ୍କୁ ଦାବିପତ୍ର ପ୍ରଦାନ କରିଛନ୍ତି।

## ପୂର୍ବତନ ମନ୍ତ୍ରୀ ଅଦ୍ୱୈତ ପ୍ରସାଦ ସିଂହଙ୍କ ଶ୍ରାଦ୍ଧବାର୍ଷିକୀ

ଅନୁଗୋଳ, ୧୮ ।୭ (ସମିସ): ଅନୁଗୋଳ ଜିଲ୍ଲା ପ୍ରତିଷ୍ଠାତା, ଅବିଭକ୍ତ ଢେଙ୍କାନାଳ ଜିଲ୍ଲାର ବରପୁତ୍ର, ପୂର୍ବତନ ମନ୍ତ୍ରୀ, ସମବାୟବିତ୍ ସ୍ୱର୍ଗତ ଅଦ୍ୱୈତ ପ୍ରସାଦ ସିଂହଙ୍କ ସପ୍ତଦଶ ଶ୍ରାଦ୍ଧବାର୍ଷିକୀ ଉପଲକ୍ଷେ ଅନୁଗୋଳ ସଭାଗୃହରେ ଏକ ସ୍ମୃତିଚାରଣ ସଭା ଅନୁଷ୍ଠିତ ହୋଇଛି। କାର୍ଯ୍ୟକ୍ରମରେ ପୂର୍ବତନ ମନ୍ତ୍ରୀ ପ୍ରଦୀପ ଅମାତ, ପ୍ରଫୁଲ୍ଲ ମଲ୍ଲିକ, ଡ. ନୃସିଂହ ଚରଣ ସାହୁ, ପୂର୍ବତନ ସାଂସଦ ରବିନାରାୟଣ ପାଣି, ପୂର୍ବତନ ବିଧାୟକ ସୁଧୀର କୁମାର ସାମଲ, ମୁକେଶ କୁମାର ପାଲ, ବିଜେଡି ରାଜ୍ୟ ପରିଷଦ ସଭ୍ୟ ମହେନ୍ଦ୍ର ବସ୍ତିଆ, ଜିଲ୍ଲା ପରିଷଦ ଅଧ୍ୟକ୍ଷା ବବିତା ପ୍ରଧାନ, ଅନୁଗୋଳ ନଗରପାଳ ଅକ୍ଷୟ କୁମାର ସାମନ୍ତ, ବଣ୍ଡରପାଳ ବ୍ଲକ ଅଧ୍ୟକ୍ଷ ବିଜୟ କୁମାର ନାଥ, ଅନୁଗୋଳ ବ୍ଲକ ଅଧ୍ୟକ୍ଷା ରାଜଶ୍ରୀ ସାହୁ, ଆଠମଲ୍ଲିକର ବରିଷ୍ଠ ବିଜେଡି ନେତା ଭାଗୀରଥି ପ୍ରଧାନ, ସାମାଜିକ କର୍ମୀ କୁଞ୍ଜବିହାରୀ ଦାସ, ପୂର୍ବତନ ଉପଜିଲ୍ଲାପାଳ ରଜନୀକାନ୍ତ ସିଂହ ପ୍ରମୁଖ ଯୋଗଦେଇଥିଲେ। ଜିଲ୍ଲା ପରିଷଦ ସଭ୍ୟ ପ୍ରିୟଦର୍ଶୀ ପଟ୍ଟନାୟକ ସଭାପତିତ୍ୱ କରିଥିଲେ। ଅଦ୍ୱୈତ ବାବୁଙ୍କ ସହ ଜଡ଼ିତ ବିଭିନ୍ନ ଅନୁଭୂତି ବିଶେଷ କରି ସାମାଜିକ ଜୀବନଠୁ କ୍ୟାବିନେଟ ମନ୍ତ୍ରୀ ପର୍ଯ୍ୟନ୍ତ ତାଙ୍କ ଜୀବନ ଯାତ୍ରା ବିଷୟରେ ଅତିଥିମାନେ ଆଲୋକପାତ କରିଥିଲେ। ସେ ପୂର୍ବତନ ମୁଖ୍ୟମନ୍ତ୍ରୀ ପ୍ରବାଦ ପୁରୁଷ ବିଜୁ ପଟ୍ଟନାୟକଙ୍କ ଅତି ଘନିଷ୍ଠ ଥିଲେ ବୋଲି ପ୍ରକାଶ କରିଥିଲେ। ଅନୁଗୋଳ ନଗର ବିଜେଡି ସଭାପତି ବୃନ୍ଦାବନ ସ୍ୱାଇଁ ଧନ୍ୟବାଦ ଅର୍ପଣ କରିଥିଲେ। ଅରୁଣାଭ ସିଂହ, ରାଜୀବ ଲୋଚନ ଦାସଙ୍କ ସମେତ ବିଜୁ ଛାତ୍ର ଓ ଯୁବ ଜନତା ଦଳର ସଦସ୍ୟ ସଭା ପରିଚାଳନା କରିଥିଲେ।




# ବିଶ୍ୱ ସର୍ପ ଦିବସ ପାଳିତ

ଅନୁଗୋଳ, ୧୮ ।୭ (ସମିସ)



ତାଳଚେର ୱାର୍କିଂ ଜର୍ଣ୍ଣାଲିଷ୍ଟସ ଆସୋସିଏସନ ଓ ପିପୁଲ ଫର ଆନିମଲ୍ସ, ତାଳଚେର ମିଳିତ ସହଯୋଗରେ ସ୍ଥାନୀୟ ପଞ୍ଚାୟତ ସମିତି ସଭାଗୃହରେ ଏକ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ସାମ୍ବାଦିକ ଧୀରମୋହନ ରାୟଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ତାଳଚେର ଡେପୁଟି କଲେକ୍ଟର ମାନସ ମୋହନ ସେଠ ଯୋଗଦେଇ କହିଲେ, ପ୍ରକୃତିର ସୃଷ୍ଟିରେ ସର୍ପ ହେଉଛି ଏକ ଗୁରୁତ୍ୱପୂର୍ଣ୍ଣ ଜୀବ, ଯାହା ପରିବେଶ ସନ୍ତୁଳନରେ ବିଶେଷ ସହାୟକ ହୋଇଥାଏ। ଆମ ଦେଶରେ ପ୍ରାୟ ଦୁଇଶହରୁ ଅଧିକ ପ୍ରଜାତିର ସାପ ଅଛନ୍ତି। ମାତ୍ର ୬୦ ପ୍ରଜାତିର ସାପ ବିଷାକ୍ତ। ସାପ ଆମର ଶତ୍ରୁ ନୁହେଁ। ସେମାନଙ୍କୁ ସୁରକ୍ଷା ଦେବା ସହ ସଂରକ୍ଷଣ କରିବା ଆମ କର୍ତ୍ତବ୍ୟ ବୋଲି କହିଥିଲେ। ମୁଖ୍ୟବକ୍ତା ଭାବେ ତାଳଚେର ଏସ୍‌ଡିପିଓ ଭରତ ଚନ୍ଦ୍ର ସାହୁ ଯୋଗଦେଇ କହିଲେ, ସାପକୁ ଯଦିଓ ଆମେ ଡରୁ, ଅପରପକ୍ଷରେ ସାପ ମଧ୍ୟ ଆମକୁ ଡରେ। ସାପକୁ ଆଘାତ ନ ଲାଗିଲେ ସେ କାମୁଡ଼େ ନାହିଁ। ସାପକୁ ମାରିଦେବା ହେଉଛି ଆଇନତଃ ଅପରାଧ। ଏହି ଅପରାଧ ପାଇଁ ଜରିମାନା ସହ ପାଞ୍ଚବର୍ଷ ଜେଲଦଣ୍ଡ ପ୍ରାବଧାନ ରହିଛି ବୋଲି ସେ କହିଥିଲେ। ବିଶେଷ ଅତିଥି ଭାବେ ତାଳଚେର ଉପଖଣ୍ଡ ଚିକିତ୍ସାଳୟର ବିଶେଷଜ୍ଞ ଡାକ୍ତର ଅରବିନ୍ଦ ନନ୍ଦି ଯୋଗଦେଇ କହିଲେ, ସାପ କାମୁଡ଼ିଲେ ଗୁଣିଗାରେଡ଼ିରେ ପ୍ରଭାବିତ ନ ହୋଇ ତୁରନ୍ତ ନିକଟସ୍ଥ ଚିକିତ୍ସାଳୟକୁ ସମ୍ପୃକ୍ତ ବ୍ୟକ୍ତିଙ୍କୁ ନେଇଯିବା ଉଚିତ। ତା' ସହ କାମୁଡ଼ିଥିବା ସାପର ଫଟୋ ଉଠାଇ ଡାକ୍ତରଙ୍କୁ ଦେଖାଇଲେ ସଠିକ ଚିକିତ୍ସା ଶୀଘ୍ର ହୋଇପାରିବ। ଭୂମିରେ ଶୋଉଥିବା ଲୋଚକେ ମଶାରି ଟାଙ୍ଗି ଶୋଇଲେ ସାପକାମୁଡ଼ା ଭୟ ରହେନାହିଁ ବୋଲି ସେ କହିଥିଲେ। ଅନ୍ୟତମ ଅତିଥି ଭାବେ ଉପଖଣ୍ଡ ପ୍ରାଣୀ ଚିକିତ୍ସକ ଡା. ସୁବାସ ଚନ୍ଦ୍ର ସାହୁ, ତାଳଚେର ସ୍ୱୟଂଶାସିତ ମହାବିଦ୍ୟାଳୟ ଅଧ୍ୟକ୍ଷ ମେଜର ସୁବ୍ରତ କୁମାର ଦାସ, ଆଇ ଡ୍ରିମ୍ ମ୍ୟାନେଜମେଣ୍ଟ କଲେଜ ଅଧ୍ୟକ୍ଷ ଦୀପ୍ତିରଞ୍ଜନ ବିଶ୍ୱାଳ ପ୍ରମୁଖ ଯୋଗଦେଇ ବିଶ୍ୱ ସର୍ପ ଦିବସ ପାଳନର ମହତ୍ତ୍ୱ ଉପରେ ବକ୍ତବ୍ୟ ରଖିଥିଲେ। ପିପୁଲ ଫର୍ ଆନିମଲ୍ସ, ତାଳଚେର ଶାଖା ମୁଖ୍ୟ କୁନା କୁମାର ସାହୁ ପ୍ରୋଜେକ୍ଟର ମାଧ୍ୟମରେ ବିଷଧର ସାପ ଓ ବିଷବିହୀନ ସାପଙ୍କ ପରିଚୟ ପ୍ରଦାନ ସହ ସେମାନଙ୍କ ଆଚରଣ, ବିଚରଣ ସମ୍ପର୍କରେ ବର୍ଣ୍ଣନା କରିଥିଲେ। ତାଳଚେର ୱାର୍କିଂ ଜର୍ଣ୍ଣାଲିଷ୍ଟସ ଆସୋସିଏସନ ପକ୍ଷରୁ ପିପୁଲ ଫର ଆନିମଲ୍ସର ସଦସ୍ୟ, ଜଙ୍ଗଲ ବିଭାଗ ଅଧିକାରୀ ଏବଂ ସ୍ୱେଚ୍ଛାସେବୀମାନଙ୍କୁ ପ୍ରାଣୀମାନଙ୍କ ନିଃସର୍ତ୍ତ ସେବା ସୁରକ୍ଷା ପାଇଁ ସମ୍ବର୍ଦ୍ଧିତ କରାଯାଇଥିଲା। ସଂଗଠନର ସଭାପତି ମଦନମୋହନ ସାହୁ, ସାଧାରଣ ସମ୍ପାଦକ ସୌଭାଗ୍ୟ ଚନ୍ଦ୍ର ନାୟକ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ସ୍ୱେଚ୍ଛାସେବୀ ରବୀନ୍ଦ୍ରନାଥ ସେଠ ଧନ୍ୟବାଦ ଅର୍ପଣ କରିଥିଲେ।

### ପଟ୍ଟାମୁଣ୍ଡାଇ, ରାଜନଗର ବ୍ଲକ୍‌ରେ ବନ୍ୟା ପରିସ୍ଥିତି ଜଟିଳ

# ବନ୍ୟା ବିପନ୍ନଙ୍କୁ ଭେଟିଲେ ବିଧାୟକ

ରାଜନଗର, ୧୮।୭ (ସମିସ)



ରାଜନଗର ବ୍ଲକରେ ବନ୍ୟା ପରିସ୍ଥିତି ଦିନକୁ ଦିନ ଉଦବେଗଜନକ ହେବାରେ ଲାଗିଛି। ୪ଟି ପଞ୍ଚାୟତରେ ଥିବା ଗାଁ ଓ ଚାଷଜମିରେ ବନ୍ୟା ଜଳ ଲହଡି ଭାଙ୍ଗୁଛି। ବ୍ରାହ୍ମଣୀରେ ବନ୍ୟା ଯୋଗୁଁ ରାଜନଗର ବ୍ଲକର ବନ୍ଧପଡ଼ା, ଓସ୍ତିଆ, ବେଲପାଳ, ରାଜପୁର ପଞ୍ଚାୟତ ପାଣି ଘେରରେ ରହିଛି। ୨୦ରୁ ଅଧିକ ଗାଁ ରାସ୍ତା ଉପରେ ୪/୬ ଫୁଟର ବନ୍ୟା ପାଣି ଚାଲୁଛି। ପ୍ରଶାସନ ପକ୍ଷରୁ ଆଜି ଯାଏଁ ବିପନ୍ନଙ୍କ ନିକଟରେ ରିଲିଫ ସାମଗ୍ରୀ ପହଞ୍ଚି ପାରିନାହିଁ। ଆଜି ରାଜନଗର ବିଧାୟକ ଧ୍ରୁବ ସାହୁ ବନ୍ଧପଡ଼ା, ଫିରିକିଦାଣ୍ଡି, ଚକିବାଙ୍କ, ଓସ୍ତିଆ, ନଗଡ଼, ବାନ୍ଧପାଟଣା, ତଳଓସ୍ତିଆ ପ୍ରଭୃତି ଗାଁର ବନ୍ୟା ବିପନ୍ନଙ୍କ ଦୁର୍ଦ୍ଦଶା ଦେଖିବା ସହ ତୁରନ୍ତ ସେମାନଙ୍କୁ ୭ ଦିନ ପାଇଁ ରିଲିଫ ଯୋଗାଇ ଦେବା ସହିତ ଗୋଖାଦ୍ୟ, ପାଣି ପାଉଚ ଓ ଔଷଧ ଯୋଗାଇ ଦେବାକୁ ସରକାରଙ୍କ ନିକଟରେ ଦାବି କରିଛନ୍ତି। ବିଧାୟକଙ୍କ ସହିତ ପଞ୍ଚାୟତ ସମିତି ଅଧ୍ୟକ୍ଷା ପ୍ରତିଭା ପାତ୍ର, ତହସିଲଦାର ଯୀଶୁକ୍ରିଷ୍ଟ ଦାସ, ବିଡିଓ ଅନିରୁଦ୍ଧ ବେହେରା, ସରପଞ୍ଚ ବୈଦେହୀ ଦାସ, ବିଜୟ ନାୟକ, ବୈବର୍ତ୍ତ ବିଶ୍ୱାଳ ପ୍ରମୁଖ ବନ୍ୟା ଗସ୍ତ କରି ବିପନ୍ନଙ୍କ ସହିତ ଆଲୋଚନା କରିଥିଲେ।

# ବନ୍ୟା ବିପନ୍ନଙ୍କ ନିକଟରେ ପହଞ୍ଚିଲେ ଗଣେଶ୍ୱର



**ପଟ୍ଟାମୁଣ୍ଡାଇ/ଦାଣ୍ଡିସାହି, ୧୮।୭ (ସମିସ):** କେନ୍ଦ୍ରାପଡ଼ା ନିର୍ବାଚନମଣ୍ଡଳୀରେ ସାମିଲ ଥିବା ପଟ୍ଟାମୁଣ୍ଡାଇ ବ୍ଲକର ୭ଟି ପଞ୍ଚାୟତ ଅଳପୁଆ, ତରଡିପାଳ, ପେଣ୍ଠପାଳ, ଅଣ୍ଟରା, ଅମୃତମଣୋହି, ବଲୁରିଆ ଓ ବ୍ରାହ୍ମଣୀ, କାଣି ନଦୀର ମଝିରେ ଥିବା ଉପାନ୍ତ ଅଞ୍ଚଳ ସିଂହଗାଁ ପଞ୍ଚାୟତ ସମ୍ପୂର୍ଣ୍ଣ ଭାବେ ବନ୍ୟା ଜଳ

**ସିଂହଗାଁ ପାଇଁ ପହଞ୍ଚିଲା ଯନ୍ତ୍ରଚାଳିତ ବୋଟ୍**

ଘେରରେ ରହିଛି। କେନ୍ଦ୍ରାପଡ଼ା ବିଧାୟକ ଗଣେଶ୍ୱର ବେହେରା ବନ୍ୟା ଘେରରେ ଥିବା ଅଳପୁଆ, ତରଡିପାଳ, ପେଣ୍ଠପାଳ ଓ ସିଂହଗାଁ ପଞ୍ଚାୟତରେ ପହଞ୍ଚି ଲୋକଙ୍କ ଅସୁବିଧା ବିଷୟରେ ପଚାରି ବୁଝିଥିଲେ। ସେହି ସମୟରେ ପଟ୍ଟାମୁଣ୍ଡାଇ ବ୍ଲକ ପ୍ରଶାସନ ବନ୍ୟା ଅଞ୍ଚଳ ପରିଦର୍ଶନରେ ଯାଇଥିବା ସମୟରେ ବିଧାୟକ ଶ୍ରୀ ବେହେରାଙ୍କ ସହିତ ସାକ୍ଷାତ ହୋଇଥିଲା। ବିଧାୟକ ଶ୍ରୀ ବେହେରା ଲୋକଙ୍କୁ ରାସନ୍ ସାମଗ୍ରୀ, ଗୃହପାଳିତ ପଶୁଙ୍କ ଖାଦ୍ୟ ତୁରନ୍ତ ଯୋଗାଇ ଦେବାକୁ ନିର୍ଦ୍ଦେଶ ଦେଇଥିଲେ। ପରେ ଉପଜିଲ୍ଲାପାଳଙ୍କୁ ଫୋନ୍ ଯୋଗେ ସିଂହଗାଁ ପଞ୍ଚାୟତ ପାଇଁ ଯନ୍ତ୍ରଚାଳିତ ବୋଟ ବ୍ୟବସ୍ଥା କରିବାକୁ କହିଥିଲେ। ଉପଜିଲ୍ଲାପାଳ ବିଧାୟକଙ୍କ କଥାକୁ ଗୁରୁତ୍ୱଦେଇ ଯନ୍ତ୍ରଚାଳିତ ବୋଟ ବ୍ୟବସ୍ଥା କରିଥିବା ଜଣାଯାଇଛି। ବିଧାୟକ ଶ୍ରୀ ବେହେରା ଦାଣ୍ଡିସାହିଠାରୁ ଡଙ୍ଗାରେ ସିଂହଗାଁ ପଞ୍ଚାୟତ ଯାଇଥିଲେ। କୃଷ୍ଣଦାସପୁର, ବଡରାଉଳିଆ, ସାନରାଉଳିଆ, ନୂଆପଡ଼ା, ସିଂହଗାଁରେ ପହଞ୍ଚି ଲୋକଙ୍କୁ ସମସ୍ତ ଅସୁବିଧା ବିଷୟରେ ପଚାରି ବୁଝିଥିଲେ। ବିଧାୟକ ଶ୍ରୀ ବେହେରା ଗ୍ରାମକୁ ଗ୍ରାମ ବୁଲି ଲୋକଙ୍କୁ ଭେଟିଥିଲେ। ଲୋକଙ୍କ ପାଇଁ ନେଇଥିବା ଚୁଡ଼ା, ବିସ୍କୁଟ, ମେଡିସିନ, ବ୍ଲିଚିଂ ପାଉଡର ବଣ୍ଟନ କରିଥିଲେ। ବିଧାୟକ ଶ୍ରୀ ବେହେରାଙ୍କ ସହିତ ଚନ୍ଦନ ସାହୁ, କୈଳାସ ଦାସ, ହଗନ ନାୟକ, ସୁକାନ୍ତ ରାଉତ, ଟୁକୁନା ସାହୁ, ଅଭିଷେକ ବିଶ୍ୱାଳ, ଝିଣ୍ଟା ବିଶ୍ୱାଳ, ସମିତି ସଭ୍ୟ ନିରଞ୍ଜନ ବାରିକ, ସରପଞ୍ଚ ଦେବବ୍ରତ ନାୟକ, ଶଶାଙ୍କ ବିଶ୍ୱାଳ, ବଣ୍ଟି ପ୍ରଧାନ, କେଦାର ବିଶ୍ୱାଳ, ରଶ୍ମୀକାନ୍ତ ବେହେରା, କାଙ୍ଗାଳି ସେଠୀ, କୁଳମଣି ମଳିକ, ଦୀପକ ନାୟକ, ଉମେଶ ମହାନ୍ତି, ମଳୟ ମଳିକ ପ୍ରମୁଖ ସାମିଲ ଥିଲେ।

**ବିରୂପା ନଦୀବନ୍ଧ ରାସ୍ତା ଅବସ୍ଥା ବେହାଲ**

## କିପରି ହେବ ନଦୀର ବନ୍ୟା ନିରୀକ୍ଷଣ



**ଡେରାବିଶ, ୧୮।୭ (ସମିସ):** ବିରୂପା ନଦୀରେ ଏବେ ବନ୍ୟାଜଳ ବିପଦସଙ୍କେତ ଉପରେ ପ୍ରବାହିତ ହେଉଛି। ଏଥିପାଇଁ ଡେରାବିଶ ବ୍ଲକ ଅନ୍ତର୍ଗତ ବିରୂପା ନଦୀକୂଳରେ ଅବସ୍ଥିତ ବେଣୀପୁର, ମଙ୍ଗଳପୁର ଓ ଛୋଟି ପଞ୍ଚାୟତର ଜନସାଧାରଣ ଏବେ ଭୟଭୀତ ଅବସ୍ଥାରେ ରହିଛନ୍ତି। ଦୁର୍ବଳ ବନ୍ଧ ପାଇଁ ୨୦୨୦ରେ ବେଣୀପୁରଠାରେ ଘେରିବନ୍ଧ ଭାଙ୍ଗି ବେଣୀପୁର ଅଞ୍ଚଳରେ ବ୍ୟାପକ କ୍ଷୟକ୍ଷତି ଘଟାଇଥିଲା। ଚଳିତବର୍ଷ ନଦୀବନ୍ଧର ସୁରକ୍ଷା ପାଇଁ ଜଳସମ୍ପଦ ବିଭାଗ ପକ୍ଷରୁ ଅଧିକାରୀ ଓ କର୍ମଚାରୀ ଘନଘନ ବନ୍ଧ ନିରୀକ୍ଷଣ କରୁଛନ୍ତି। ତେବେ ବନ୍ଧ ରାସ୍ତା ଏଭଳି ଶୋଚନୀୟ ହୋଇପଡ଼ିଛି ଯେ ଅଧିକାରୀଙ୍କ ଗାଡ଼ି ବନ୍ଧ ଉପରେ ଯିବା ତ ଦୂରର କଥା, ଚାଲିଚାଲି ମଧ୍ୟ ଯାଇ ହେଉନାହିଁ। ଏହି ବନ୍ଧର ପଲ୍ଲୀରଘୁନାଥପୁରଠାରୁ ବେଣୀପୁର ପର୍ଯ୍ୟନ୍ତ ବନ୍ଧ ରାସ୍ତାର ବହୁ ସ୍ଥାନ ଖାଲଖମାରେ ଭର୍ତ୍ତି ହୋଇଛି। କେଉଁଠି ପିଚୁ ଦବି ବଡ଼ ବଡ଼ ଗାଡ଼ ସୃଷ୍ଟି ହୋଇଛି ତ ଆଉ କେଉଁ ସ୍ଥାନରେ ପିଚୁ ନଷ୍ଟ ହୋଇଯାଇ ତା' ତଳୁ କାଦୁଅ ବାହାରିଲାଣି। ଏଭଳି ସ୍ଥଳେ ନଦୀବନ୍ଧର ନିରୀକ୍ଷଣ କରିବା କଷ୍ଟକର ହେବ ବୋଲି ସ୍ଥାନୀୟ ଜନସାଧାରଣ ପ୍ରକାଶ କରିଛନ୍ତି। ଯୁଦ୍ଧକାଳୀନ ଭିତ୍ତିରେ ଏହି ବନ୍ଧର ଖାଲଖମା ମରାମତି କରି ଯାତାୟାତ ଉପଯୋଗୀ କରିବା ପାଇଁ ଅଞ୍ଚଳବାସୀ ଦାବି କରିଛନ୍ତି।

## ଘାଗରାଡ଼ିଆ ବନ୍ୟାଞ୍ଚଳରେ ମେଡିକାଲ ଟିମ୍




**କେନ୍ଦ୍ରାପଡ଼ା, ୧୮।୭ (ସମିସ):** କେନ୍ଦ୍ରାପଡ଼ା ବ୍ଲକ ଅନ୍ତର୍ଗତ ଘାଗରାଡ଼ିଆ ଅଞ୍ଚଳରେ ବନ୍ୟା ପରିସ୍ଥିତି ଜଟିଳ ହୋଇଛି। ଏ ଅଞ୍ଚଳରେ ଲୋକେ ନାହିଁ ନ ଥିବା ଅସୁବିଧା ଭୋଗ କରୁଛନ୍ତି। ଆଜି ଏହି ଅଞ୍ଚଳରେ ମେଡିକାଲ ଟିମ ପହଞ୍ଚି ଲୋକଙ୍କୁ ଔଷଧ ବଣ୍ଟନ କରିଛନ୍ତି। ଏହି ମେଡିକାଲ ଟିମ ମେଡିସିନ ବଣ୍ଟନ କରିବା ସହିତ ପିଇବା ପାଣିରେ ହାଲୋଜିନ ବଟିକା ପକାଇ ପାଣିକୁ ବିଶୋଧନ କରିଛନ୍ତି। ଏହି ଟିମରେ ବିପିଏମ ମଞ୍ଜୁଶ୍ରୀ ବିଶ୍ୱାଳ, ଆଶା କର୍ମୀ ଶାନ୍ତିଲତା ବେହେରା, ଏଏନଏମ ଦିଦି ଆକ୍ରମ ବାସିନୀ ପରିଡ଼ା, ଆୟୁଷ ଡାକ୍ତର ରଞ୍ଜିତା ସାମଲ, ପୁରୁଷ କର୍ମୀ ଭରତ ମାରାଣ୍ଡି ପ୍ରମୁଖ ସାମିଲ ହୋଇ ଲୋକଙ୍କୁ ଔଷଧ ବଣ୍ଟନ କରିଥିଲେ।

## ମଧୁବନ ସାଇ ମନ୍ଦିରର ପ୍ରତିଷ୍ଠା ଉତ୍ସବ



**ଗୋବିନ୍ଦପୁର, ୧୮।୭ (ସମିସ):** ଆଳି ବ୍ଲକ ଅନ୍ତର୍ଗତ ମଧୁବନ ଗ୍ରାମ ସାଇ ମନ୍ଦିରର ତୃତୀୟ ପ୍ରତିଷ୍ଠା ଉତ୍ସବ ଅନୁଷ୍ଠିତ ହୋଇଛି। ବୁଧବାର ଅଙ୍କୁରାରୋପଣ, ଅଗ୍ନି ସ୍ଥାପନ, କଳସ ଯାତ୍ରା, ଗୋପୂଜା କରାଯିବା ସହ ନୃତ୍ୟ ପରିବେଷଣ କାର୍ଯ୍ୟକ୍ରମ କରାଯାଇଥିଲା। କଳସ ଯାତ୍ରାରେ ଗ୍ରାମର ଶତାଧିକ ମହିଳା ଯୋଗ ଦେଇଥିଲେ। ଉତ୍ସବକୁ ସାଇଶ୍ରଦ୍ଧା ଚାରିଟେବୁଲ ଟ୍ରଷ୍ଟ ସଦସ୍ୟ ଓ ଗ୍ରାମବାସୀ ପରିଚାଳନା କରିଥିଲେ।

## ସାମ୍ବାଦିକଙ୍କ ପିତୃ ବିୟୋଗ



**ରାଜକନିକା, ୧୮।୭ (ସମିସ):** କେନ୍ଦ୍ରାପଡ଼ା ଜିଲ୍ଲା ରାଜକନିକା ବ୍ଲକ ଅନ୍ତର୍ଗତ ମହୁରୀଗାଁର ଗଙ୍ଗାଧର ବଳଙ୍କ ୭୨ ବର୍ଷ ବୟସରେ ପରଲୋକ ହୋଇଯାଇଛି। ସ୍ୱର୍ଗତ ବଳ ରାଜକନିକାର ସାମ୍ବାଦିକ ପ୍ରବୀଣ କୁମାର ବଳଙ୍କ ପିତା ଅଟନ୍ତି। ସେ କିଛିଦିନ ଧରି ବାର୍ଦ୍ଧକ୍ୟଜନିତ ରୋଗରେ ପୀଡ଼ିତ ଥାଇ ଚିକିତ୍ସିତ ହେଉଥିଲେ। ସେ ଜଣେ ପରୋପକାରୀ, ମିଷ୍ଟଭାଷୀ, ଧର୍ମପ୍ରାଣ ଓ ଉଦାର ହୃଦୟର ବ୍ୟକ୍ତି ଥିଲେ। ପଞ୍ଚାୟତ ସମିତି ଉପାଧ୍ୟକ୍ଷ ତନ୍ମୟ ଦାସ, ଯୁବନେତା ତଥା ସାମାଜିକ କର୍ମୀ କୁମର ନାୟକ, ଯୁବନେତା ସତ୍ୟ ପରିଡ଼ା, ପ୍ରମୋଦ ପତି, ପ୍ରମୋଦ ସାମଲ, ଶରଣ ନାୟକ, ନିରଞ୍ଜନ ନାୟକ, ସାମାଜିକ କର୍ମୀ ନିରୋଦ ଜେନା, ଚିନ୍ମୟ ଦାସ, କନିକା-ଆଳି ଅଞ୍ଚଳର ସାମ୍ବାଦିକ ଶେଷ ଦର୍ଶନ କରିଥିଲେ। ଗାଁ ଶ୍ମଶାନରେ ତାଙ୍କର ଶେଷକୃତ୍ୟ ସମ୍ପନ୍ନ ହୋଇଥିବାବେଳେ ମୃତ୍ୟୁଶଯ୍ୟା ନିକଟରେ ପତ୍ନୀ ଅନ୍ନପୂର୍ଣ୍ଣା, ପୁଅ ପ୍ରବୀଣ ବଳ, ବୋହୂ ସୁମିତ୍ରା, ଝିଅ ମିନତୀ, ଲିଲିମା, ଜ୍ୱାଇଁ ରାଜେନ୍ଦ୍ର, ଶୁଭପ୍ରସାଦ, ନାତୁଣୀ ସାଇସ୍ମିତା, ନାତି ଆଦିଦେବ ପ୍ରମୁଖ ଉପସ୍ଥିତ ଥିଲେ।

## ଲକ୍ଷ୍ମୀନାରାୟଣ ମନ୍ଦିର ପ୍ରତିଷ୍ଠାତାଙ୍କ ପରଲୋକ



**ରାଜକନିକା, ୧୮।୭ (ସମିସ):** ଓଳାଭର ଅଞ୍ଚଳର ବିଶିଷ୍ଟ ସମାଜସେବୀ ତଥା ଲକ୍ଷ୍ମୀନାରାୟଣ ମନ୍ଦିର ପ୍ରତିଷ୍ଠାତା ଘନଶ୍ୟାମ ଜଗତିଙ୍କ ୯୪ ବର୍ଷ ବୟସରେ ପରଲୋକ ଘଟିଛି। ମୃତ୍ୟୁଶଯ୍ୟା ନିକଟରେ ବାବନ କିଶୋର ଜଗତି, ବୀରେନ ଜଗତି, ସମାଜସେବୀ ଦାମୋଦର ନାୟକ, ସାମ୍ବାଦିକ ଅକ୍ଷୟ ସାହୁ, ନମିତା ନାୟକ, ସୁମିତ୍ରା ସାହୁ, ଅତିରିକ୍ତ ଜିଲ୍ଲାଜଜ ବିଦ୍ୟାଧର ପୃଷ୍ଟି, ଡା ସୁମନ ଜଗତି, ଡା ଶ୍ରୁତକୀର୍ତ୍ତି ପରିଡ଼ା, ସଂଗ୍ରାମ ଜଗତି ଓ ବିକ୍ରମ ଜଗତି ପ୍ରମୁଖ ଉପସ୍ଥିତ ଥିଲେ। ତାଙ୍କ ପରଲୋକରେ ବହୁ ବିଶିଷ୍ଟ ବ୍ୟକ୍ତି ତାଙ୍କ ବାସଭବନରେ ପହଞ୍ଚି ଶେଷ ଦର୍ଶନ କରି ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଥିଲେ। ସ୍ୱର୍ଗତ ଜଗତି ୧୯୮୪ରେ ଓଳାଭରଠାରେ ଲକ୍ଷ୍ମୀନାରାୟଣ ମନ୍ଦିର ପ୍ରତିଷ୍ଠା କରିଥିଲେ। ତାଙ୍କ ମର ଶରୀରକୁ ଓଳାଭରଠାରୁ ଶୋଭାଯାତ୍ରାରେ ନିଆଯାଇ ପୁରୀ ସ୍ୱର୍ଗଦ୍ୱାରରେ ଶେଷକୃତ୍ୟ ସମ୍ପନ୍ନ କରାଯାଇଥିଲା। ଜ୍ୟେଷ୍ଠ ପୁତ୍ର ବାବନ କିଶୋର ଜଗତି ମୁଖାଗ୍ନି ଦେଇଥିଲେ। ତାଙ୍କ ବିୟୋଗରେ ପୁରୀ ଗୋବର୍ଦ୍ଧନ ପୀଠ ସନ୍ଥ ସଂରକ୍ଷକ ସ୍ୱାମୀ ଅସୀମାନନ୍ଦ ଦାସମହାରାଜ, ଆଳି ବିଧାୟକ ପ୍ରତାପ କେଶରୀ ଦେବ, ପୂର୍ବତନ ବିଧାୟକ ଦୋଳଗୋବିନ୍ଦ ନାୟକ, ରାଜନଗର ବିଧାୟକ ଧ୍ରୁବ ସାହୁ ପ୍ରମୁଖ ଗଭୀର ଶୋକ ପ୍ରକାଶ କରିଛନ୍ତି।

## ଛାତ୍ର ବିଜେଡି ପକ୍ଷରୁ ମୁଖ୍ୟମନ୍ତ୍ରୀ, ଉଚ୍ଚଶିକ୍ଷା ମନ୍ତ୍ରୀ ଓ ସାଂସଦଙ୍କ କୁଶପୁତ୍ତଳିକା ଦାହ

**ରାଜକନିକା, ୧୮।୭ (ସମିସ):** ବାଲେଶ୍ୱରର ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟ ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ଆତ୍ମାହୁତି ଓ ମୃତ୍ୟୁ ଘଟଣାରେ ଛାତ୍ର ବିଜେଡି ପକ୍ଷରୁ ମୁଖ୍ୟମନ୍ତ୍ରୀ, ଉଚ୍ଚଶିକ୍ଷା ମନ୍ତ୍ରୀ ଓ ସାଂସଦଙ୍କ କୁଶପୁତ୍ତଳିକା ଦାହ କରାଯାଇଛି। ସରକାର ଓ ପ୍ରଶାସନକୁ ଦାୟୀ କରିବା ସମସ୍ତ ପ୍ରତ୍ୟକ୍ଷ ଓ ପରୋକ୍ଷ ଦୋଷୀଙ୍କ ବିରୁଦ୍ଧରେ କଠୋରରୁ କଠୋର କାର୍ଯ୍ୟାନୁଷ୍ଠାନ ଦାବି କରି ଛାତ୍ର ବିଜେଡି ନେତା ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ଓ ବାଲେଶ୍ୱର ସାଂସଦ ପ୍ରତାପ ଷଡ଼ଙ୍ଗୀଙ୍କ କୁଶପୁତ୍ତଳିକା ଦାହ କରିଛନ୍ତି।



## ୮ ନଂ କେନାଲ ବନ୍ଧ ରାସ୍ତାରେ ଗାତ



**ପଞ୍ଚୁପାଣ୍ଡବ, ୧୮।୭ (ସମିସ):** ଡେରାବିଶ ବ୍ଲକ ବେଣୀପୁର ପଞ୍ଚାୟତ ଅନ୍ତର୍ଗତ କେନାଲ ବନ୍ଧ ରାସ୍ତାରେ ଗାତ ସୃଷ୍ଟି ହୋଇ ବିପଦ ସୃଷ୍ଟି କରିଛି।ଏହି ରାସ୍ତା ପଟ୍ଟାମୁଣ୍ଡାଇ କେନାଲର ୮ନଂ କେନାଲ ବନ୍ଧ ରାସ୍ତା ଦେଇଯାଇଥିବାବେଳେ ଏହି ରାସ୍ତାରେ ଏକ ଗାତ ସୃଷ୍ଟି ହୋଇଛି। ଫଳରେ ଲୋକେ ଯାତାୟାତରେ ବହୁ ସମସ୍ୟାର ସମ୍ମୁଖୀନ ହେଉଥିବା ଅଭିଯୋଗ ହେଉଛି। ଏହି ରାସ୍ତାରେ ଲୋକେ ଲକ୍ଷ୍ମୀନାରାୟଣପୁରରୁ ସଦାନନ୍ଦପୁର ଓ ବେଣୀପୁରରୁ ଯାଜପୁର ଜିଲ୍ଲାର ବରୀ ବ୍ଲକ ଅନ୍ତର୍ଗତ ରତ୍ନଗିରି, କମ୍ପଗଡ଼ ଗ୍ରାମକୁ ଯାତାୟାତ କରୁଛନ୍ତି। ଏହି ଗାତ ସୃଷ୍ଟି ହୋଇଥିବା ଜାଗାରେ ଆଗରୁ କେନାଲରେ ଘାଇ ହୋଇଥିବା ଅଞ୍ଚଳବାସୀ ଅଭିଯୋଗ କରିଛନ୍ତି। ଏହି ଗାତକୁ ବନ୍ଦ କରିବା ସହ କେନାଲ ପ୍ରତି ବିପଦ ଥିବାରୁ କେନାଲକୁ ମରାମତି କରିବା ପାଇଁ ଅଞ୍ଚଳବାସୀ ଦାବି କରିଛନ୍ତି।

## ନୂତନ ଜିଲ୍ଲା ଶିକ୍ଷାଧିକାରୀଙ୍କୁ ୟୁଟିଆଇ ସଙ୍ଘ ପକ୍ଷରୁ ସ୍ୱାଗତ



**କେନ୍ଦ୍ରାପଡ଼ା, ୧୮।୭ (ସମିସ):** କେନ୍ଦ୍ରାପଡ଼ା ଜିଲ୍ଲା ଶିକ୍ଷା ଅଧିକାରୀ ଭାବେ ପବିତ୍ର ମୋହନ ବାରିକ ଜିଲ୍ଲା କାର୍ଯ୍ୟାଳୟରେ କାର୍ଯ୍ୟଭାର ଗ୍ରହଣ କରିଛନ୍ତି। କିଛି ମାସ ପୂର୍ବେ ଶିକ୍ଷାଧିକାରୀ ଭାବେ ବସନ୍ତ କୁମାର ନାୟକ ଉକ୍ତ ପଦବୀରେ ଅବସ୍ଥାପିତ ହୋଇ କାର୍ଯ୍ୟ ସମ୍ପାଦନ କରୁଥିବାବେଳେ ତାଙ୍କୁ ଅନ୍ୟତ୍ର ବଦଳି କରି ତାଙ୍କ ସ୍ଥାନରେ ଶ୍ରୀ ବାରିକଙ୍କୁ ନିଯୁକ୍ତି ପ୍ରଦାନ କରାଯାଇଛି। ନୂତନ ଜିଲ୍ଲା ଶିକ୍ଷା ଅଧିକାରୀ ଭାବେ କାର୍ଯ୍ୟରେ ଯୋଗଦାନ କରିଥିବାରୁ ଜିଲ୍ଲା ମିଳିତ ଶିକ୍ଷକ ଓ କର୍ମଚାରୀ (ୟୁଟିଆଇ) ସଂଘ ପକ୍ଷରୁ ତାଙ୍କୁ ଜିଲ୍ଲା କାର୍ଯ୍ୟାଳୟରେ ସ୍ୱାଗତ କରାଯାଇଛି। ଜିଲ୍ଲା ସଂଘ ସମ୍ପାଦକ ବଙ୍କିମ ବିହାରୀ ମହାନ୍ତିଙ୍କ ନେତୃତ୍ୱରେ ସଂଘର ଉପଦେଷ୍ଟା ଉପେନ୍ଦ୍ର କୁମାର ସ୍ୱାଇଁ, ଗୋପାଳକୃଷ୍ଣ ପୃଷ୍ଟି, ଶିକ୍ଷକ ନେତା ଅଜୟ ନାୟକ, ଉପେନ୍ଦ୍ର ସାହୁ, ଗଣେଶ ରାଉତ ଓ ସନ୍ତୋଷ କୁମାର କୁଣ୍ଡ ପ୍ରମୁଖ ନୂତନ ଜିଲ୍ଲା ଶିକ୍ଷାଧିକାରୀଙ୍କୁ ଅଙ୍ଗବସ୍ତ୍ର, ପୁଷ୍ପଗୁଚ୍ଛ ପ୍ରଦାନ ପୂର୍ବକ ସ୍ୱାଗତ କରିଥିଲେ। ଏ ଅବସରରେ ୟୁଟିଆ ସଂଘ ଉପଦେଷ୍ଟା କସ୍ତୁରୀ ଚରଣ ସ୍ୱାଇଁ, ହେମନ୍ତ ଜେନା, ବିଜୟ କୁମାର ସାମଲ, ସଭାପତି ମହେନ୍ଦ୍ର ମଲ୍ଲିକ, ପରିବେଶବିତ୍ ତଥା ପୂର୍ବତନ ଶିକ୍ଷାଧିକାରୀ କାଶୀନାଥ ରାଉତରାୟ ପ୍ରମୁଖ ଶ୍ରୀ ବାରିକଙ୍କୁ ଅଭିନନ୍ଦନ ଜଣାଇଛନ୍ତି।

## ସାପ କାମୁଡ଼ାରେ ୨ ଗୁରୁତର

**ପଟ୍ଟାମୁଣ୍ଡାଇ/ମାଳିପୁର, ୧୮।୭ (ସମିସ):** ବ୍ରାହ୍ମଣୀ ବନ୍ୟାରେ ବ୍ୟାପକ ଅଞ୍ଚଳ ଜଳମଗ୍ନ ହୋଇପଡ଼ିଥିବାବେଳେ ବିଭିନ୍ନ ଗ୍ରାମ ପାଣି ଘେରରେ ରହିଛି। ବନ୍ୟା ସମୟରେ କୁମ୍ଭୀର ଓ ସାପଙ୍କ ଦୌରାତ୍ମ୍ୟ ବୃଦ୍ଧି ପାଇଛି। ଗତକାଲି ରାତିରେ ସାପ କାମୁଡ଼ାରେ ଡାମରପୁର ପଞ୍ଚାୟତର ପୂର୍ବତନ ସରପଞ୍ଚ ନିରଞ୍ଜନ ମାଝୀ ଗୁରୁତର ଆହତ ହୋଇଥିବାବେଳେ ସେହି ଗ୍ରାମର ଗୌରାଙ୍ଗ ଆଚାର୍ଯ୍ୟଙ୍କ ଝିଅ ଟିକିଲି ଆଚାର୍ଯ୍ୟ ଗୁରୁତର ଆହତ ହୋଇଛନ୍ତି। ଉଭୟଙ୍କୁ ବନ୍ୟାଞ୍ଚଳରୁ ଯନ୍ତ୍ରଚାଳିତ ବୋଟ ଯୋଗେ ଉଦ୍ଧାର କରାଯାଇ ପଟ୍ଟାମୁଣ୍ଡାଇ ସବଡଭିଜନ ସ୍ୱାସ୍ଥ୍ୟକେନ୍ଦ୍ରରେ ଚିକିତ୍ସା ପାଇଁ ଭର୍ତ୍ତି କରାଯାଇଛି।

## ପାଣି ଘେରରେ ତୁଳସୀଡ଼ିଆ ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର; ରୋଗୀସେବା ବ୍ୟାହତ



**ପଟ୍ଟାମୁଣ୍ଡାଇ/ଦାଣ୍ଡିସାହି, ୧୮।୭ (ସମିସ):** ଉନ୍ନତ ସ୍ୱାସ୍ଥ୍ୟସେବା ଯୋଗାଇ ଦେବାକୁ ପଟ୍ଟାମୁଣ୍ଡାଇ ବ୍ଲକ ଅନ୍ତର୍ଗତ ଧୋୟାଞ୍ଚଳରେ ତିନୋଟି ସ୍ୱାସ୍ଥ୍ୟକେନ୍ଦ୍ର ସ୍ଥାପନ କରାଯାଇଥିଲା। ତୁଳସୀଡ଼ିଆଠାରେ ଥିବା ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର ବନ୍ୟା ଘେରରେ ରହିଥିବାରୁ ରୋଗୀ ସେବା ବ୍ୟାହତ ହୋଇଛି। ଭିତ୍ତିଭୂମି ଅଭାବ ଯୋଗୁଁ ଏଭଳି ପରିସ୍ଥିତି ସୃଷ୍ଟି କରିଛି। ପ୍ରତ୍ୟେକ ଦିନ ଶହ ଶହ ରୋଗୀ ଏହି ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର ଉପରେ ନିର୍ଭର କରୁଥିବାବେଳେ ପ୍ରାକୃତିକ ବିପର୍ଯ୍ୟୟ ସମୟରେ ଉକ୍ତ ସ୍ୱାସ୍ଥ୍ୟକେନ୍ଦ୍ର ରୋଗୀ ସେବା ଯୋଗାଇବାରେ ବିଫଳ ହୋଇଛି। ବନ୍ୟା ସମୟରେ ବହୁ ମୂଲ୍ୟବାନ ଔଷଧ ଓ ସ୍ୱାସ୍ଥ୍ୟକେନ୍ଦ୍ରର ଗୁରୁତ୍ୱପୂର୍ଣ୍ଣ କାଗଜପତ୍ର ପାଣିରେ ବୁଡ଼ି ନଷ୍ଟ ହେବା ନଜିର ପୂର୍ବରୁ ମଧ୍ୟ ରହିଛି। ତରଡ଼ିପାଳ ପଞ୍ଚାୟତରେ ତୁଳସୀଡିଆ ସ୍ୱାସ୍ଥ୍ୟକେନ୍ଦ୍ରର କର୍ମଚାରୀ ରୋଗୀ ଚିକିତ୍ସା କରୁଥିବା ଦେଖିବାକୁ ମିଳିଛି।

## ଖରସ୍ରୋତାରୁ ନିଖୋଜ ଛାତ୍ରୀଙ୍କ ମୃତଦେହ ଉଦ୍ଧାର

**ଆଳି, ୧୮।୭ (ସମିସ):** ଖରସ୍ରୋତା ନଦୀକୁ ଡେଇଁ ନିଖୋଜ ହୋଇଯାଇଥିବା ଛାତ୍ରୀଙ୍କ ମୃତଦେହ ଆଜି ଉଦ୍ଧାର କରାଯାଇଛି। ସିଂହପୁର ନିକଟବର୍ତ୍ତୀ କେନ୍ଦ୍ରାପଡ଼ା ଜିଲ୍ଲାର ଆଳି ଥାନା ଅନ୍ତର୍ଗତ ଗୋବିନ୍ଦପୁର ଗ୍ରାମର ସୁଧାଂଶୁ ଶେଖର ମିଶ୍ରଙ୍କ ଝିଅ ମଧୁସ୍ମିତା ଗତକାଲି ମଧ୍ୟାହ୍ନରେ ଖରସ୍ରୋତା ନଦୀକୁ ଡେଇଁ ଆତ୍ମହତ୍ୟା କରିଥିଲେ। ଗତକାଲିଠାରୁ ଓଡ୍ରାଫ ଟିମ୍ ଓ ବିଞ୍ଝାରପୁର ପୁଲିସ ଖୋଜାଖୋଜି ଜାରି ରଖିଥିଲେ। ତେବେ ଆଜି ଅପରାହ୍ନରେ ନଦୀରେ ବୁଡ଼ିବାର ୩୦୦ ମିଟର ଦୂର ଯାଜପୁର ଜିଲ୍ଲାର ଚନ୍ଦନପୁର ଗ୍ରାମ ନିକଟ ନଦୀରୁ ଛାତ୍ରୀଙ୍କ ମୃତଦେହ ଉଦ୍ଧାର କରାଯାଇଛି। ବିଞ୍ଝାରପୁର ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁ କରି ଯାଜପୁରକୁ ବ୍ୟବଚ୍ଛେଦ ପାଇଁ ପଠାଇଛନ୍ତି।

**ନିମ୍ନମାନର ମଧ୍ୟାହ୍ନଭୋଜନ ପ୍ରଦାନ ଅଭିଯୋଗ**

## ପ୍ରଧାନଶିକ୍ଷକଙ୍କୁ କାରଣ ଦର୍ଶାଅ ନୋଟିସ୍

**କେନ୍ଦ୍ରାପଡ଼ା, ୧୮।୭ (ସମିସ):** କେନ୍ଦ୍ରାପଡ଼ା ସରକାରୀ ଉଚ୍ଚବିଦ୍ୟାଳୟରେ ଛାତ୍ରଛାତ୍ରୀଙ୍କୁ ନିମ୍ନମାନର ମଧ୍ୟାହ୍ନଭୋଜନ ପରସା ଯାଉଥିବା ଅଭିଯୋଗ ହେଉଛି। ମଧ୍ୟାହ୍ନ ଭୋଜନରେ ଯେଉଁ ସୋୟାବିନ ପଡୁଛି, ତାହା ମଧ୍ୟ ଅତ୍ୟନ୍ତ ନିମ୍ନମାନର। ସେହିପରି ଛାତ୍ରଛାତ୍ରୀଙ୍କୁ ଯେଉଁ ବାଦାମଲଡୁ ଦିଆଯାଉଛି, ତାହାର ମାନ ମଧ୍ୟ ସଠିକ ନାହିଁ। କେବଳ ସେତିକି ନୁହେଁ ଛାତ୍ରଛାତ୍ରୀଙ୍କୁ ପିଇବା ପାଇଁ ଯେଉଁ ପାନୀୟଜଳ ଦିଆଯାଉଛି, ତାହା ମଧ୍ୟ ସଂକ୍ରମିତ। ଏ ନେଇ କେନ୍ଦ୍ରାପଡ଼ା ଜିଲ୍ଲା ଶିକ୍ଷାଧିକାରୀ ପବିତ୍ରମୋହନ ବାରିକ କେନ୍ଦ୍ରାପଡ଼ା ସରକାରୀ ଉଚ୍ଚ ବିଦ୍ୟାଳୟର ପ୍ରଧାନଶିକ୍ଷକଙ୍କୁ ପତ୍ରସଂଖ୍ୟା ୬୩୫୩, ୧୭।୭।୨୦୨୫ରେ କାରଣ ଦର୍ଶାଅ ନୋଟିସ ଜାରି କରିଛନ୍ତି। ଆସନ୍ତା ୨ ଦିନ ତାରିଖ ମଧ୍ୟରେ ଜବାବ ରଖିବାକୁ ଚିଠିରେ ଉଲ୍ଲେଖ ରହିଛି। ଯଦି ପ୍ରଧାନଶିକ୍ଷକ ନୋଟିସର ଉତ୍ତର ଦେବାରେ ଅବହେଳା କରନ୍ତି, ତେବେ ତାଙ୍କ ବିରୋଧରେ ଏକପାଖିଆ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ନୋଟିସରେ ଉଲ୍ଲେଖ ରହିଛି।

## ରାଜନଗର ବ୍ଲକ୍ ଯାତ୍ରା କମିଟିର ବନ୍ଧୁମିଳନ

**ରାଜନଗର, ୧୮।୭ (ସମିସ):** ରାଜନଗର ବ୍ଲକ ଯାତ୍ରା କମିଟିର ବନ୍ଧୁମିଳନ ଉତ୍ସବ ପ୍ରେମ ବିହାରସ୍ଥ କେସି ମଣ୍ଡପରେ ଅନୁଷ୍ଠିତ ହୋଇଯାଇଛି। ସଂଘର ବ୍ଲକ ସଭାପତି ବିଭୂତି ନାୟକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ଉତ୍ସବରେ ମୁଖ୍ୟଅତିଥି ଭାବେ ଓଡ଼ିଶା ଯାତ୍ରା କମିଟି ସୁରକ୍ଷା ମଞ୍ଚ ସମ୍ପାଦକ ନୃସିଂହପ୍ରସାଦ ସୁନ୍ଦରରାୟ, ସମ୍ମାନିତ ଅତିଥି ଭାବେ ମଞ୍ଚର ଉପସଭାପତି ବୈକୁଣ୍ଠନାଥ ପାକଳ, ସହସମ୍ପାଦକ ପ୍ରମୋଦ ଚନ୍ଦ୍ର ମିଶ୍ର, ଆଳି ବ୍ଲକ ଯାତ୍ରା କମିଟି ସଂଘ ସମ୍ପାଦକ ବୀରେନ୍ଦ୍ର ପଣ୍ଡା, ସମ୍ବାଦିକ ଜଗନ୍ନାଥ ଦାସ ଯୋଗଦେଇ ଯାତ୍ରା ମଞ୍ଚସ୍ଥ କରାଉଥିବା କମିଟିର ବିଭିନ୍ନ ସମସ୍ୟା ସମ୍ପର୍କରେ ଆଲୋକପାତ କରିଥିଲେ। ବିଶେଷକରି ଯାତ୍ରା ଟିକେଟ ମୂଲ୍ୟ ହ୍ରାସ କରି ଦର୍ଶକଙ୍କ ନିକଟତର ହେବା, ଯାତ୍ରା ମାଲିକଙ୍କ ଅହେତୁକ ମୂଲ୍ୟବୃଦ୍ଧି, ଯାତ୍ରା ପାଇଁ ଆବଶ୍ୟକ ହେଉଥିବା ଡିଜେଲ ଓ ଆନୁସଙ୍ଗିକ ବ୍ୟବସ୍ଥାରେ ଖର୍ଚ୍ଚ କମାଇବା, ଏକା ସମୟରେ ପାଖାପାଖି ଯାତ୍ରା କମିଟି ଯାତ୍ରା ନ କରାଇବା ସମ୍ପର୍କରେ ଆଲୋଚନା କରାଯାଇଥିଲା। ଏହି ଉତ୍ସବରେ ପଟ୍ଟାମୁଣ୍ଡାଇ ବ୍ଲକ ମଦନପୁର ଯାତ୍ରା କମିଟି ସଭ୍ୟ ଆଶିଷ ରାଉଳ ଓ ଏହି ବ୍ଲକର ବିଭିନ୍ନ ଯାତ୍ରା କମିଟିର କର୍ମକର୍ତ୍ତା ମହେଶ୍ୱର ବେହେରା, କୃପାସିନ୍ଧୁ ପଡ଼ିହାରୀ, ଚନ୍ଦ୍ରଚନ୍ଦନ ମିଶ୍ର, ଦୁଃଶାସନ ଦାସ, କମଳାକାନ୍ତ ରାଉତ, ପବିତ୍ର ସେଠୀ, ଅନିରୁଦ୍ଧ ପରିଡ଼ା, ରଶ୍ମିରଞ୍ଜନ ସାହାଣୀ ଓ ମହେଶ୍ୱର ସେଠୀ ପ୍ରମୁଖ ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ବ୍ଲକ କମିଟି ସମ୍ପାଦକ ଶରତ ଦାସ ସମ୍ପାଦକୀୟ ବିବରଣୀ ପାଠ କରିଥିଲେ। ବରିଷ୍ଠ ସଦସ୍ୟ ତଥା ସାମ୍ବାଦିକ ବସନ୍ତ କୁମାର ହାତି ଧନ୍ୟବାଦ ଅର୍ପଣ କରିଥିଲେ।

**ଫସଲ ନଷ୍ଟ କରୁଛନ୍ତି ଅଣ୍ଡିରା ବାଛୁରି**

## ଗୋଶାଳା ନେବାକୁ ଦାବି

**ପଞ୍ଚୁପାଣ୍ଡବ, ୧୮।୭ (ସମିସ):** ଡେରାବିଶ ବ୍ଲକ ଅନ୍ତର୍ଗତ ବିଭିନ୍ନ ପଞ୍ଚାୟତରେ ଶତାଧିକ ଅଣ୍ଡିରା ବାଛୁରି ବୁଲୁଛନ୍ତି। ଏହି ଅଣ୍ଡିରା ବାଛୁରୀ ଫସଲ ନଷ୍ଟ କରୁଥିବାରୁ ଚାଷୀଙ୍କ ଚିନ୍ତା ବଢ଼ାଇ ଦେଇଛି। ଏଥିସହ ଏହି ଅଣ୍ଡିରା ବାଛୁରୀ ଓ ଷଣ୍ଢ ରାସ୍ତା ଓ ପୋଲାକୁ କବଜା କରି ରଖୁଛନ୍ତି। ଆଗ ଭଳି କାଞ୍ଜିଆହୁଦା ନ ଥିବାବେଳେ ପ୍ରଶାସନିକ ଅଧିକାରୀ ଏଥିପ୍ରତି ଦୃଷ୍ଟି ଦେଉ ନ ଥିବା ଅଭିଯୋଗ ହେଉଛି। ଏମାନଙ୍କୁ ଗୋଶାଳା ନିଆଯିବାକୁ ଦାବି ହେଉଛି। ଏବେ ଚାଷ କାମରେ ହଳ ବଳଦ ବ୍ୟବହାର ବଦଳରେ ଟ୍ରାକ୍ଟରରେ ଚାଷ ହେଉଛି। ଏଥିପାଇଁ ଅଣ୍ଡିରା ବାଛୁରୀ ମାଲିକ ବାହାରେ ଛାଡ଼ି ଦେଉଛନ୍ତି। ଫଳରେ ବେଣୀପୁର ବିରୂପା ନଦୀ ବ୍ରିଜ, ବେଲାରପୁର ଗୋବରୀ ନଦୀ ବ୍ରିଜ, ବିଭିନ୍ନ ବ୍ରିଜ ଓ ରାସ୍ତାରେ ମାଳମାଳ ବାଛୁରୀ ଓ ଷଣ୍ଢଙ୍କ ମେଳି ହେଉଛି। ଯଦ୍ୱାରା ଗାଡ଼ି ଯାତାୟାତରେ ସମସ୍ୟା ସୃଷ୍ଟି ହେଉଛି। ଏଥିଯୋଗୁଁ ପ୍ରତିଦିନ ଦୁର୍ଘଟଣା ଘଟୁଛି। ଏଥିପ୍ରତି ଦୃଷ୍ଟି ଦିଆଯିବାକୁ ସାଧାରଣରେ ଦାବି ହେଉଛି।

ସକାଳ
THE SAKALA

# ସମ୍ପାଦକୀୟ



ପୁରାଣ ଓ କିମ୍ବଦନ୍ତୀ ଆମ ପରିଚୟର ଅଂଶ ଓ ଅସ୍ତିତ୍ୱର ଆଧାର
-ସୁଧାମୂର୍ତ୍ତି

## ଅସ୍ଥିର ବିଶ୍ୱ

ରୁଷ ଓ ୟୁକ୍ରେନ ଯୁଦ୍ଧ ଆମେରିକା ଓ ନାଟୋ ସହଯୋଗୀଙ୍କ ପାଇଁ ଚିନ୍ତା ଓ ଉଦ୍‌ବେଗର କାରଣ ହୋଇଛି । ସମସ୍ତ ସାମରିକ ସହଯୋଗ ସତ୍ତ୍ୱେ ୟୁକ୍ରେନର ପ୍ରତିରୋଧ ଶକ୍ତି ଦିନକୁ ଦିନ ଊଣା ହେଉଛି । ଅପରପକ୍ଷରେ ରୁଷର ପ୍ରତିପତ୍ତି ଓ ସାମର୍ଥ୍ୟ ବୃଦ୍ଧି ପାଉଛି । ରୁଷ–ୟୁକ୍ରେନ ଶାନ୍ତି ପ୍ରତିଷ୍ଠା ବା ବୁଝାମଣା ସକାଶେ ଟ୍ରମ୍ପଙ୍କ ପକ୍ଷରୁ ହେଉଥିବା ଉଦ୍ୟମରୁ କୌଣସି ସୁଫଳ ମିଳୁନି । ଆମେରିକା ଓ ନାଟୋ ରୁଷ–ୟୁକ୍ରେନ ଯୁଦ୍ଧରେ କେବଳ ପରାଜିତ ନୁହନ୍ତି, ରୁଷର ପ୍ରାଧାନ୍ୟ ସେମାନଙ୍କ ପାଇଁ ଅସହ୍ୟ ହୋଇପଡ଼ିଛି କହିଲେ ଅତ୍ୟୁକ୍ତି ହେବ ନାହିଁ । ତେଣୁ ଆମେରିକା ଓ ନାଟୋ ସହଯୋଗୀମାନେ ବିଚଳିତ ହେବା ସ୍ୱାଭାବିକ । ଏହି ପୃଷ୍ଠଭୂମିରେ ପରିବର୍ତ୍ତିତ ରଣନୀତି ଅନୁଯାୟୀ ଆର୍ଥିକ ଦୃଷ୍ଟିରୁ ରୁଷକୁ ଦୁର୍ବଳ କରିବାର ଯୋଜନା ପ୍ରସ୍ତୁତ ହୋଇଛି । ବିଭିନ୍ନ ଆର୍ଥିକ ପ୍ରତିବନ୍ଧକ ଲଗାଇ ରୁଷକୁ ଜବତ କରିବାକୁ ନାଟୋ ଚାହୁଁଛି । ଆମେରିକାର ସିନେଟରେ ମଧ୍ୟ ଏହା ଆଲୋଚନା ପରିସରକୁ ଆସିଛି । ଏହି ପ୍ରସ୍ତାବକୁ ୮୪ ସିନେଟର ସମର୍ଥନ କରିଥିବାରୁ ତାହା ଖୁବ୍ ଶୀଘ୍ର ଅନୁମୋଦନ ଲାଭ କରିବ ବୋଲି ଅନୁମାନ କରାଯାଉଛି । ଆହୁରି ମଧ୍ୟ ରୁଷ ସହ ବାଣିଜ୍ୟ ସଂପର୍କ ରଖୁଥିବା ରାଷ୍ଟ୍ର ବିରୋଧରେ ୫୦୦ % ଟାରିଫ ଲାଗୁ କରିବାକୁ ଆମେରିକା ଧମକ ଦେଇଛି । ବିଶେଷକରି ରୁଷରୁ ତୈଳ ଓ ଗ୍ୟାସ ସଂଗ୍ରହ କରୁଥିବା ଭାରତ, ଚୀନ ଓ ବ୍ରାଜିଲ ବିରୋଧରେ ୧୦୦ ପ୍ରତିଶତ ଟାରିଫ ଲାଗୁ କରିବାକୁ ନାଟୋର ସଚିବ ମାର୍କରୁଟ୍ ଧମକ ଦେଇଛନ୍ତି । ପରୋକ୍ଷରେ ରୁଷ ସହ ବାଣିଜ୍ୟ କାରବାର ରଦ୍ଦ କରିବାକୁ ଏହାକୁ ଏକ ଚେତାବନୀ ରୂପେ ଗ୍ରହଣ କରାଯାଇପାରେ ।

ଇତିମଧ୍ୟରେ ଯୁଦ୍ଧ ସମାପ୍ତି ପ୍ରସଙ୍ଗରେ କୌଣସି ବୁଝାମଣାରେ ଉପନୀତ ହେବା ପାଇଁ ରାଷ୍ଟ୍ରପତି ଟ୍ରମ୍ପଙ୍କ ପକ୍ଷରୁ ରୁଷକୁ ୫୦ ଦିନ ସମୟ ଦିଆଯାଇଛି । କୂଟନୈତିକ ପର୍ଯ୍ୟବେକ୍ଷକ ମନେ କରନ୍ତି ଯେ ବ୍ରିକ୍ସ ସମ୍ମିଳନୀରେ ଗୃହୀତ ମିଳିତ ପ୍ରସ୍ତାବ ଟ୍ରମ୍ପଙ୍କୁ କ୍ଷୁବ୍ଧ କରିଛି । ଆଗକୁ ରୁଷ, ଚୀନ ଓ ଭାରତ ମଧ୍ୟରେ ସୁସଂପର୍କ ପ୍ରତିଷ୍ଠାର ପଥ ପରିଷ୍କାର ହେବାକୁ ଯାଉଥିବା ପାଶ୍ଚାତ୍ୟ ରାଷ୍ଟ୍ରଗୋଷ୍ଠୀ ଅନୁମାନ କରୁଛନ୍ତି । ଏହି ତିନି ରାଷ୍ଟ୍ର ମଧ୍ୟରେ ନବେ ଦଶକରେ ଆର୍ଥିକ, ସାମରିକ ଓ ରାଜନୈତିକ ସଂପର୍କ ସୁଦୃଢ଼ କରିବା ପାଇଁ ଆରମ୍ଭ ହୋଇଥିବା 'ଆରଆଇସି' ନୂଆ ରୂପ ନେଇ ପାରେ । ବେଜିଂରେ ସାଂଘାଇ ସହଯୋଗ ସଂଗଠନ (ଏସସିଓ) ବୈଠକରେ ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂହଙ୍କ ଚୀନ୍ ପ୍ରତିପକ୍ଷ ଓ ବୈଦେଶିକ ମନ୍ତ୍ରୀଙ୍କ ସହିତ ସ୍ୱତନ୍ତ୍ର ସାକ୍ଷାତ ଆଲୋଚନା ଏବଂ ନିକଟରେ ବୈଦେଶିକ ମନ୍ତ୍ରୀ ଏସ୍ ଜୟଶଙ୍କରଙ୍କ ଚୀନ୍ ରାଷ୍ଟ୍ରପତି ସି.ଜିନପିଙ୍ଗଙ୍କ ସହ ଆଲୋଚନା ଏଥିଲାଗି ପାଶ୍ଚାତ୍ୟ ରାଷ୍ଟ୍ର ଜଗତରେ ଚର୍ଚ୍ଚାର ଖୋରାକ ଯୋଗାଇଛି ।

ଅପରପକ୍ଷରେ ସଂପ୍ରତି ପ୍ରତିକୂଳ ପରିସ୍ଥିତିରେ ସମ୍ମୁଖୀନ ହୋଇଥିବା ରୁଷ୍ ପୁଣି ଆରଆଇସି ସଂପର୍କ ଗଢ଼ିବା ଉଦ୍ୟମରେ କେତେଦୂର ଆନ୍ତରିକତା ପ୍ରକାଶ କରିବ ସେ ନେଇ ମଧ୍ୟ ସନ୍ଦେହ ରହିଛି । ପୁଣି ଏ କ୍ଷେତ୍ରରେ ପ୍ରମୁଖ ବାଧକ ହେଉଛି ଚୀନ୍‌ର ପରିବର୍ତ୍ତିତ ଭାରତ ବିରୋଧୀ ଆଭିମୁଖ୍ୟ । 'ଅପରେସନ ସିନ୍ଦୂର'ରେ ଚୀନ୍ ପାକିସ୍ତାନକୁ ଉପଗ୍ରହରୁ ସଂଗୃହୀତ ତଥ୍ୟ ଯୋଗାଇବା ସହ ସାମରିକ ସହାୟକ ମଧ୍ୟ ଯୋଗାଇଛି । ସେହିଭଳି ନିଜର ୬୨ ବିଲିୟନ ଡଲାର ମୂଲ୍ୟର ମହତାକାଂକ୍ଷୀ ଯୋଜନାକୁ ସାକାର କରିବା ସକାଶେ ଅଧିକୃତ କାଶ୍ମୀର ଉପରେ ଭାରତର ଦାବିକୁ ପ୍ରତିହତ କରିବା ସହ ଅକ୍ସାଇ ଚୀନକୁ ଦଖଲ ମଧ୍ୟ କରିଛି । ଭାରତର ଶକ୍ତି, ସାମର୍ଥ୍ୟ ଓ ସମୃଦ୍ଧିର ଗତିରୋଧ କରିବାରେ ଚୀନର ନାକାରାତ୍ମକ ଭୂମିକା ବିଶ୍ୱବାସୀଙ୍କୁ ବେଶ୍ ଜଣା । ଭାରତର ସମସ୍ତ ପଡ଼ୋଶୀ ରାଷ୍ଟ୍ରଙ୍କୁ ନିଜ ଅକ୍ତିଆରରେ ରଖି ଚୀନ ସେମାନଙ୍କୁ ନିଜ ସ୍ୱାର୍ଥ ରକ୍ଷା ସକାଶେ ପ୍ରୟୋଗ କରିଚାଲିଛି । ସି.ଜିନପିଙ୍ଗଙ୍କ ସହ ଆମ ବୈଦେଶିକ ମନ୍ତ୍ରୀଙ୍କ ସାକ୍ଷାତ ଓ ଆଲୋଚନାରୁ ସେଭଳି କିଛି ଅନୁକୂଳ ସଂପର୍କ ନେଇ ବାର୍ତ୍ତା ମଧ୍ୟ ମିଳିନାହିଁ । ଏଥିପୂର୍ବରୁ ମଧ୍ୟ ଏକାଧିକ ଥର ମୋଦୀ-ଜିନପିଙ୍ଗ ଭେଟ ହୋଇଛି, କିନ୍ତୁ ଚୀନ୍‌ର ଆଭିମୁଖ୍ୟ ଅପରିବର୍ତ୍ତିତ ରହିଛି । ତେଣୁ ଆରଆଇସିର ପୁନଃଗଠନ ଏତେ ସହଜ ନୁହେଁ ବୋଲି ଅନୁମାନ କରାଯାଉଛି ।

ଏଭଳି ଅସ୍ଥିର ବିଶ୍ୱରେ ଭାରତ ପାଇଁ କିନ୍ତୁ ଏକ ବଡ଼ ଆଶ୍ୱାସନାର ବିଷୟ ହେଲା ଏହାର ବିଶାଳ ବଜାର ବ୍ୟବସ୍ଥା । ବଜାର ଅର୍ଥନୀତି ଆଉ ମୁକ୍ତ ନୁହେଁ । ବିଶ୍ୱବାଣିଜ୍ୟ ସଂଗଠନ ଭୂମିକା ଦିନକୁ ଦିନ କ୍ଷୁର୍ଣ୍ଣ ହେଉଛି । ଏସବୁ ସତ୍ତ୍ୱେ ୧୪୬ କୋଟି ଲୋକସଂଖ୍ୟା ବିଶିଷ୍ଟ ଭାରତର ବୃହତ ବଜାର ତାହାର ପ୍ରାଧାନ୍ୟ ହରାଇନି । ବଜାର ଯେଉଁଠି ଅଛି ସେଠାରେ ବିପଣନ ହେବ । ତେଣୁ ନିଜ ନଜର ବ୍ୟବସାୟିକ ସ୍ୱାର୍ଥରକ୍ଷା ସକାଶେ ମେଣ୍ଟ ଓ ଗୋଷ୍ଠୀ ନିର୍ବିଶେଷରେ ସେମାନେ ଆମ ସହ ସଂପର୍କ ରକ୍ଷା କରିବେ । ସମୟ ଓ ସୁବିଧାକୁ ଅପେକ୍ଷା କରିବା ହେଉଛି ବୁଦ୍ଧିମାନର କାମ । ସେହିଭଳି ରୁଷର ଅଶୋଧିତ ତୈଳ ଓ ଗ୍ୟାସ ଆମଦାନୀ ନ କଲେ ଯେ ଭାରତ ବଡ଼ ଧରଣର କ୍ଷତି ସହିବ ଏକଥା ନୁହେଁ । ଏଥିମଧ୍ୟରେ ଓପେକ୍ ରାଷ୍ଟ୍ରସମୂହ ତୈଳ ଉତ୍ପାଦନ ବଢ଼ାଇଛନ୍ତି । ଏହାର ପ୍ରଭାବରେ ରୁଷ ମଧ୍ୟ ରିହାତି ଘୋଷଣା କରିଛି । ଭାରତ ସେଭଳି ଚାପର ସମ୍ମୁଖୀନ ହେଲେ ୟୁଏଇ କିମ୍ବା ମଧ୍ୟପ୍ରାଚ୍ୟରୁ ତୈଳ ଆମଦାନୀ କରିପାରେ । ଏହାଛଡ଼ା ଭାରତ ପାଇଁ ଆଉ ଏକ ଆଶ୍ୱାସନାର ବିଷୟ ହେଉଛି ଆମେରିକାରେ ପ୍ରବାସୀ ଭାରତୀୟଙ୍କ ଲବି । ଟ୍ରମ୍ପଙ୍କ ଅସ୍ଥିର ମତିଗତି ଭାରତ ପାଇଁ କେତେକାଂଶରେ ପ୍ରତିକୂଳ ପରିସ୍ଥିତି ସୃଷ୍ଟି କରିଥିଲେ ମଧ୍ୟ ହଠାତ୍ ଦିଗ ବଦଳାଇବାର ସମ୍ଭାବନା କମ୍ । କାରଣ ବିଭିନ୍ନ କ୍ଷେତ୍ରରେ ପାରଦର୍ଶିତା ଓ ପ୍ରତିଷ୍ଠା ଅର୍ଜନ କରିଥିବା ଭାରତୀୟଙ୍କ ଆମେରିକାରେ ପ୍ରଭାବଶାଳୀ ଲବି ରହିଛି । ବାଜପେୟୀଙ୍କ ପ୍ରଧାନମନ୍ତ୍ରିତ୍ୱ ଅମଳରେ ପୋଖରାନ୍ ଆଣବିକ ପରୀକ୍ଷାଣକୁ ନେଇ ଉପୁଜିଥିବା ବିବାଦୀୟ ପରିସ୍ଥିତିର ସମାଧାନ ସେହି ପ୍ରବାସୀ ଭାରତୀୟଙ୍କ ଲବି ଯୋଗୁଁ ହୋଇପାରିଥିଲା । ତେଣୁ ଟ୍ରମ୍ପଙ୍କ ୪ ବର୍ଷର ଶାସନ ଶେଷକଥା ନୁହେଁ । ଆମେରିକା ସହିତ ସଂପର୍କକୁ ଆହୁରି ସୁଦୃଢ଼ କରିବାର ଆହ୍ୱାନ ହିଁ ବଡ଼ କଥା ।


ଏବେ ବିଶ୍ୱ ଏକ ବିଚିତ୍ର ପରିସ୍ଥତି ଦେଇ ଗତି କରୁଛି । ରୁଷ-ୟୁକେନ୍ ଯୁଦ୍ଧ ସମାପ୍ତ ପାଇଁ ଯେଉଁ ତତ୍ପରତା ପ୍ରକାଶ ପାଇଛି, ତାହା ଗାଜାରେ ଇସ୍ରାଏଲ କରୁଥିବା ନରସଂହାର କ୍ଷେତ୍ରରେ ଦେଖିବାକୁ ମିଳୁନି । ସେହିଭଳି ଇସ୍ରାଏଲ ଅଘୋଷିତ ଆଣବିକ ଅସ୍ତ୍ର ମହଜୁଦ୍ ରଖିଥିବା ବେଳେ ଇରାନ ନାଲି ଆଖିର ସମ୍ମୁଖୀନ ହେଉଛି? ନେତାନ୍ୟାହୁ ଓ ଟ୍ରମ୍ପଙ୍କ ସଂପର୍କର ଅର୍ଗଳିରେ ଏସବୁ ଗୁରୁତ୍ୱପୂର୍ଣ୍ଣ ପ୍ରଶ୍ନ ଓ ପ୍ରସଙ୍ଗ ନିଷ୍ପ୍ରଭ ହୋଇପଡୁଛି । ଇହୁଦୀଙ୍କ ପ୍ରାଧାନ୍ୟ ଓ ପତିଆରା ନିକଟରେ ଆମେରିକାର କ୍ଷମତା ଲବି ନିଷ୍ପ୍ରଭ କି? ଏହି ପ୍ରଶ୍ନ ମଧ୍ୟ ଉଠୁଛି, ଯାହାର ଗୂଢ଼ ରହସ୍ୟ ଆଜି ନହେଲେ ମଧ୍ୟ କାଲି ଉନ୍ମୋଚନ ହେବ । ଇତିମଧ୍ୟରେ ନାଟୋଠାରୁ ଦୂରେଇ ଯାଇଥିବା ଟ୍ରମ୍ପ ଏବେ ବ୍ରିକ୍ସର କ୍ରମବର୍ଦ୍ଧିଷ୍ଣୁ ପ୍ରଭାବକୁ ପ୍ରତିହତ କରିବା ପାଇଁ ପୁଣି ଥରେ ସଂଗଠନକୁ କୋଳେଇ ନେବାକୁ ଉଦ୍ୟତ ହେଉଛନ୍ତି । ହୁଏତ ତା'ଭିତରେ ପୁଣି ଆଉ ଏକ ସମୀକରଣ ସୃଷ୍ଟି ହୋଇପାରେ । ଆଞ୍ଚଳିକ ସ୍ୱାର୍ଥ ଓ ପ୍ରସଙ୍ଗ ଭିତ୍ତିରେ ବିଭିନ୍ନ ଆଞ୍ଚଳିକ ଓ ବହୁପାକ୍ଷିକ ସଂଗଠନର ପୁନର୍ଗଠନ, ଜନ୍ମ ଓ ବିଲୟର ସମ୍ଭାବନାକୁ ମଧ୍ୟ ଏଡ଼ାଇ ଦେଇ ହେବ ନାହିଁ । ତେଣୁ ଅସ୍ଥିର ବିଶ୍ୱରେ ସମୟର ଆହ୍ୱାନକୁ ପ୍ରତିହତ କରିବା ପାଇଁ ଭାରତ ନିଜେ ହିଁ ନିଜକୁ ମୁକୁଳାଇବାର ବାଟ ଖୋଜିବାକୁ ପଡ଼ିବ । ●

## ପାଣିପାଗ ପ୍ରାକସୂଚନା କେତେ ଜରୁରୀ

ଡ.ମାନସ ରଞ୍ଜନ ଶତପଥୀ

ଓଡ଼ିଶାରେ ଦୁଇ-ତୃତୀୟାଂଶରୁ ଅଧିକ ଚାଷଜମି ଜଳସେଚନ ରହିତ । ତେଣୁ ଏଠାର ଚାଷୀକୁଳ ମୌସୁମୀ ବର୍ଷା ଉପରେ ବିଶେଷ ନିର୍ଭରଶୀଳ । ଏ ଦିଗରେ ସଠିକ ପାଣିପାଗ ସମ୍ବନ୍ଧୀୟ ପ୍ରାକ୍‌ସୂଚନା ସହାୟକ ହୋଇଥାଏ । ପାଣିପାଗ ବିଭାଗ ଆଜିକାଲି ନିୟମିତ ଭାବେ ଜନସାଧାରଣଙ୍କ ସୁବିଧା ଓ ସତର୍କତା ପାଇଁ ପ୍ରାକ ସୂଚନା ଦେଉଛି, ଯେଉଁଥିରେ ମୌସୁମୀ ବର୍ଷା, ଖରା, ଶୀତ, ଲଘୁଚାପ, ଅଦିନିଆ ବର୍ଷା, ବାତ୍ୟା, ଘଡ଼ଘଡ଼ି ଓ ବିଜୁଳି ସମ୍ପର୍କିତ ଖବର ଅନ୍ତର୍ଭୁକ୍ତ । ଏସବୁ ଖବର ଟିଭି, ରେଡିଓ ସହିତ ରାଜ୍ୟ ବିପର୍ଯ୍ୟୟ ପରିଚାଳନା ସଂସ୍ଥା ତରଫରୁ ମୋବାଇଲରେ ମେସେଜ ପହଞ୍ଚୁଛି । ଏପରି ପାଣିପାଗର ପ୍ରାକ ସୂଚନା କୃଷି କାର୍ଯ୍ୟ ସହିତ ଶସ୍ୟ ଅମଳ, ଗସ୍ତ ସୂଚୀ, ଗୃହ ନିର୍ମାଣ, ଶୁଭ କାର୍ଯ୍ୟ, ଇତ୍ୟାଦି ସମାପନ କରିବାରେ ଜନତାଙ୍କୁ ବିଶେଷ ସହାୟକ ହୋଇଥାଏ । ତଥାପି ବର୍ତ୍ତମାନ ଜଳବାୟୁ ପରିବର୍ତ୍ତନ ଯୋଗୁଁ ବର୍ଷାରେ ବିଶେଷ ଅନିୟମିତତା ଅପାଠୁଆ ଚାଷୀଙ୍କୁ ହନ୍ତସନ୍ତ କରୁଛି ।

ଓଡ଼ିଶା ଉପକୂଳବର୍ତ୍ତୀ ରାଜ୍ୟ ହୋଇଥିବାରୁ ସାଧାରଣ ଭାବେ ପ୍ରାକୃତିକ ବିପତ୍ତି ଯୋଗୁଁ ବିଶେଷ କ୍ଷତିଗ୍ରସ୍ତ ହୋଇଥାଏ । ୧୯୯୯ ମହାବାତ୍ୟାରେ ସଠିକ ପ୍ରାକ ସୂଚନା ଅଭାବରୁ ଅସଂଖ୍ୟ ଜନଜୀବନ ସହ ଅମାପ କ୍ଷତି ହେବା ଅସ୍ୱୀକାର କରାଯାଇ ନ ପାରେ । ସରକାର ଏହାକୁ ହୃଦବୋଧ କରିପାରି କିପରି ବିପର୍ଯ୍ୟୟର ଉଚିତ ମୁକାବିଲା କରିହେବ ସେନେଇ ପରିକଳ୍ପନା କରି ବିଭିନ୍ନ ଜ୍ଞାନୀ ଗୁଣୀ ଏପରିକି ଆଇଆଇଟିର ସହାୟତା ନେଇ ରଣନୀତି ଓ ଖସଡ଼ା ପ୍ରସ୍ତୁତ କରିଥିଲେ । ଏହି କ୍ରମରେ ଅତ୍ୟାଧୁନିକ ଡପ୍‌ଲାର ରାଡାର ୨୦୧୫ ମସିହାରେ ଗୋପାଳପୁର ଓ ପାରାଦ୍ୱୀପ ଠାରେ ପ୍ରତିଷ୍ଠା କରିଥିଲେ । ଏହି ରାଡାର ବିକଶିତ ରାଷ୍ଟ୍ରମାନେ ପାଣିପାଗ ସୂଚନା ପାଇଁ ବ୍ୟବହାର କରୁଥିବା ବେଳେ ଏହାର ବଜାର ଦର ବର୍ତ୍ତମାନ ୧୫ ରୁ ୨୦ କୋଟି ଟଙ୍କା । ବାର୍ଷିକ



ଏହାର ରକ୍ଷଣାବେକ୍ଷଣ ଖର୍ଚ୍ଚ ପ୍ରାୟ ୨୦-୪୦ ଲକ୍ଷ ଟଙ୍କା । ଡପ୍‌ଲାର ସୂଚନା ପ୍ରଣାଳୀକୁ ଆହୁରି ମଜବୁତ କରିବା ଉଦ୍ଦେଶ୍ୟରେ ବାଲେଶ୍ୱର ଓ ସମ୍ବଲପୁରଠାରେ ୨୦୨୬ ମସିହା ସୁଦ୍ଧା ଆଉ ଦୁଇଟି ରାଡାର ପ୍ରତିଷ୍ଠା କରିବାକୁ ସରକାରୀ ପ୍ରସ୍ତୁତି ଚାଲୁ ରହିଛି । ଏହାଛଡ଼ା ଓଡ଼ିଶା ସରକାର 'ଓସଡମା ଓ ଓଡ୍ରାଫ' ଭଳି ସଂସ୍ଥା ଯଥାକ୍ରମେ ୧୯୯୯ ଓ ୨୦୦୧ ମସିହାରେ ଗଠନ କରିଛନ୍ତି ।

ଡପ୍‌ଲାର ରାଡାର ପ୍ରତିଷ୍ଠା ପରବର୍ତ୍ତୀ ଅବସ୍ଥାରେ ପ୍ରାକୃତିକ ବିପର୍ଯ୍ୟୟ ପରିଚାଳନା ଚିତ୍ରପଟରେ ବ୍ୟାପକ ପରିବର୍ତ୍ତନ ଆସିପାରିଲା । ଅଧୁନା ସଠିକ ପାଣିପାଗ ପ୍ରାକସୂଚନା ସହିତ ଓସଡମା ଓ ଓଡ୍ରାଫ ସହାୟତା ଯୋଗୁଁ ସରକାର ଫାଇଲିନ, ତିତଲି, ଫନି, ହୁଦହୁଦ, ୟଶ ଭଳି ବାତ୍ୟାରେ ମୃତାହତ ସଂଖ୍ୟା ଶୂନ୍ୟ କରି ପାରିଲେ ଏବଂ ଜାତୀୟ ଅନ୍ତର୍ଜାତୀୟ ସଂସ୍ଥାଙ୍କ ଦ୍ୱାରା ଓଡ଼ିଶା ପୁରସ୍କୃତ ହେଲା । ୧୮୪୦ ମସିହାରେ ଖ୍ରୀଷ୍ଟିଆନ ଡପ୍‌ଲାର ନିଜର ଗବେଷଣା ମାଧ୍ୟମରେ 'ଡପ୍‌ଲାର ପ୍ରଭାବ' ତତ୍ତ୍ୱ ଉଦ୍‌ଭାବନ କରିଥିଲେ, ଯାହାର ନିୟମକୁ ଆଧାର କରି ଡପ୍‌ଲାର ରାଡାର ପରିଚାଳିତ । ଏହି ରାଡାରଗୁଡ଼ିକ ସାଧାରଣ ଭାବେ ସମୁଦ୍ର ମୁହାଁ ହୋଇ ଉପକୂଳରେ ସ୍ଥାପନ ହୁଏ । ଫଳରେ ଏଥିରୁ ନିସୃତ ରେଡିଓ ତରଙ୍ଗ ସମୂହ ସମୁଦ୍ର ଗଭୀରତା ମଧ୍ୟକୁ ଅହର୍ନିଶ ପ୍ରବାହିତ ହେବା ସୁଯୋଗ ସୃଷ୍ଟି ହୁଏ । ଏହି ତରଙ୍ଗଗୁଡ଼ିକ ସମୁଦ୍ର ଗର୍ଭରେ ସୃଷ୍ଟି ହେଉଥିବା ବିଶେଷ ଜଳୀୟକଣା, ଝଡ଼ କିମ୍ବା ବିପରୀତ ପରିସ୍ଥିତି ସଂସ୍ପର୍ଶରେ ଆସିବା କ୍ଷଣି ଏହା ନିଜର ଗତି ଓ ତରଙ୍ଗରେ ବ୍ୟବହାରିକ ତ୍ୱରିତ ବ୍ୟତିକ୍ରମ ଦେଖାଇଥାଏ, ଯାହା ବିଚଳିତ ତରଙ୍ଗ ଆକାରରେ ରାଡ଼ାର ପାଖକୁ ଫେରିଆସେ । ଏହାର ଗୁରୁତ୍ୱ ଓ ଗତିବିଧି ବିଶେଷଜ୍ଞ ମାନେ ବ୍ୟାଖ୍ୟା କରି କେଉଁ ଦିଗରୁ, କେତେ ଦୂରତ୍ୱ ତଥା ଆସନ୍ନ ସାମୁଦ୍ରିକ ବିପତ୍ତିର ବେଗ ସମ୍ବନ୍ଧୀୟ ପୂର୍ବାନୁମାନ ଜନତାଙ୍କୁ ଯୋଗାଇ ଥାଆନ୍ତି । ଗୋଟିଏ ଡପ୍‌ଲାର ରାଡାର ଉଭୟ ପାର୍ଶ୍ୱରେ ୫୦୦ କିମି ପର୍ଯ୍ୟନ୍ତ ଜଳବାୟୁ ସଂକ୍ରାନ୍ତୀୟ ବାର୍ତ୍ତା ଦେବାରେ ସକ୍ଷମ । ଏଗୁଡ଼ିକ ମୁଖ୍ୟତଃ ବାତ୍ୟାର ଗତିବିଧି, ପବନର ରୂପରେଖ ଓ ନାଓ କାଷ୍ଟିଙ୍ଗ ସମ୍ବନ୍ଧୀୟ ସୂଚନା ପ୍ରେରଣ କରିଥା'ନ୍ତି । ନାଓ କାଷ୍ଟିଙ୍ଗ ଏକ ବିଶେଷ ବୈଷୟିକ ଜ୍ଞାନ, ଯାହା ମାଧ୍ୟମରେ ଆସନ୍ତା ୨ ରୁ ୩ ଘଣ୍ଟା ମଧ୍ୟରେ ହଠାତ ପାଗ ପରିବର୍ତ୍ତନ ହୋଇ ବର୍ଷା, ଘଡ଼ଘଡ଼ି, ବାତ୍ୟା ଓ ପବନ ସମ୍ବନ୍ଧୀୟ ପ୍ରାକ ସୂଚନା ମିଳିଥାଏ ।

ଅତ୍ୟନ୍ତ ସଠିକ ପାଣିପାଗ ସୂଚନା ଉପଲବ୍ଧ କରିବାକୁ ସରକାର ବିଭିନ୍ନ ସ୍ଥାନରେ ପାଣିପାଗ କେନ୍ଦ୍ର ସ୍ଥାପନ କରୁଛନ୍ତି, ଯାହା ବର୍ତ୍ତମାନ ସୁଦ୍ଧା ପୂର୍ଣ୍ଣସମ୍ଭବ ହୋଇନାହିଁ । ବିଭିନ୍ନ ସ୍ଥାନରେ ପାଣିପାଗ କାର୍ଯ୍ୟାଳୟ ଖୋଲିବାରେ ଥିବା ଅସୁବିଧାକୁ ଏଡ଼ାଇବା ଲାଗି ପାଇଁ ବର୍ତ୍ତମାନ ପ୍ରାୟ ୩୦୦ ରୁ ଅଧିକ ସ୍ୱୟଂଚାଳିତ ପାଣିପାଗ କେନ୍ଦ୍ରମାନ ରାଜ୍ୟର ବିଭିନ୍ନ ସ୍ଥାନରେ ପ୍ରତିଷ୍ଠା ହୋଇସାରିଛି । ଏହି କେନ୍ଦ୍ରମାନଙ୍କର ନିତିଦିନିଆ କାର୍ଯ୍ୟକ୍ରମ ହେଲା ସେହି ଅଞ୍ଚଳରେ ହେଉଥିବା ବୃଷ୍ଟି, ତାପମାତ୍ରା, ଆର୍ଦ୍ରତା, ପବନର ଗତି, ଆକାଶରେ ଥିବା ମେଘର ଅବସ୍ଥା ଇତ୍ୟାଦି ବିଶ୍ଳେଷଣ କରି ସ୍ଥାନୀୟ ଅଞ୍ଚଳରେ ହେବାକୁ ଥିବା ପାଣିପାଗ ପରିବର୍ତ୍ତନ ବିଷୟରେ ପୂର୍ବାନୁମାନ ଯୋଗାଇବା । ବିଶେଷଜ୍ଞଙ୍କ ମତରେ ଏପରି ପାଣିପାଗ କେନ୍ଦ୍ର ଯେତେ କମ ଦୂରତାରେ ସ୍ଥାପନ ହେବ ସେତେ ନିର୍ଭୁଲ ଓ ସଠିକ ପାଣିପାଗ ପୂର୍ବାନୁମାନ ଜନତା ପାଇପାରିବେ । ଏପରିକି ଆସନ୍ତା ଦୁଇ ଘଣ୍ଟା ମଧ୍ୟରେ କିପରି ପାଣିପାଗରେ ପରିବର୍ତ୍ତନ ହେବ, ତାହା ନିର୍ଭୁଲ ଓ ନିର୍ବିଘ୍ନରେ ପ୍ରକାଶ କରା ଯାଇପାରିବ ।

ଯୁକ୍ତରାଷ୍ଟ୍ର ଆମେରିକାରେ ଘଣ୍ଟାଏ ପୂର୍ବରୁ ବର୍ଷା, ଝଡ଼ କିମ୍ବା ବରଫ ଝଡ଼ ସୂଚନା ପାଣିପାଗ ବିଭାଗ ଯୋଗାଇଥା'ନ୍ତି, ଯାହା କଦାପି ଭୁଲ ହୋଇନଥାଏ । ସୂଚନା ଅନୁଯାୟୀ ସେଠାରେ ପ୍ରତି ୪୦ କି.ମି. ଦୂରତାରେ ପାଣିପାଗ କେନ୍ଦ୍ର ସ୍ଥାପନ ହେବା ଦ୍ୱାରା ବିଭିନ୍ନ ପାଣିପାଗ ଜନିତ ଉପାଦାନକୁ ନେଇ ସଠିକ ଆକଳନ କରିବା ଆମେରିକୀୟ ପାଣିପାଗ ବିଶେଷଜ୍ଞଙ୍କ ପକ୍ଷେ ଅତ୍ୟନ୍ତ ସହଜ ହୋଇଥାଏ । ଆମେରିକୀୟମାନେ ଅତ୍ୟାଧୁନିକ ରାଡାର ପ୍ରଣାଳୀ ସହିତ ନିର୍ଭୁଲ ପାଣିପାଗ ପୂର୍ବାନୁମାନ ପାଇଁ ଉପଗ୍ରହର ସହାୟତା ନେଇ ସଠିକ ଆକଳନ କରିପାରନ୍ତି । ଏହି ଉପଗ୍ରହମାନେ ଆକାଶ ମାର୍ଗରୁ ଦେଶୀୟ, ରାଜ୍ୟସ୍ତରୀୟ କିମ୍ବା ପ୍ରାନ୍ତୀୟ ପାଣିପାଗ ସମ୍ବନ୍ଧିତ ଚିତ୍ର ଉତ୍ତୋଳନ କରି ବିଭିନ୍ନ ପାଣିପାଗ କେନ୍ଦ୍ରମାନଙ୍କୁ ପ୍ରେରଣ କରିବା ପରେ ବିଶେଷଜ୍ଞମାନେ ସ୍ଥାନୀୟ ଅବସ୍ଥାକୁ ବ୍ୟାଖ୍ୟା କରି ସଠିକ ଆକଳନ କରିପାରନ୍ତି । ଏଠାରେ ସୂଚିତ କରାଯାଇପାରେ ଯେ ଭାରତରେ ମଧ୍ୟ ନିଜସ୍ୱ ଉପଗ୍ରହ ଇନସାଟ -୩ ଡି ଓ ଇନସାଟ-୩ ଡିଆର ବର୍ତ୍ତମାନ ପାଣିପାଗ ବିଭାଗକୁ ଜଳବାୟୁ ସମ୍ବନ୍ଧୀୟ ପ୍ରାକ ସୂଚନା ଯୋଗାଇ ଦେଉଛନ୍ତି ।

ପାଣିପାଗ ସମ୍ବନ୍ଧୀୟ ପୂର୍ବାନୁମାନ ନିହାତି ପକ୍ଷେ ଆଜି ଏକ ବିଶେଷ ଆବଶ୍ୟକତା । ଭାରତ ପରିପ୍ରେକ୍ଷୀରେ ପାଣିପାଗ ବିଭାଗ ଆହୁରି ଅଧିକ ଶାଣିତ ହେବାର ଆବଶ୍ୟକତା ରହିଛି । ●

(ଅଧ୍ୟକ୍ଷ, ମଡେଲ ଡିଗ୍ରୀ କଲେଜ, ନୟାଗଡ଼)
ମୋ: ୯୪୩୭୪୭୯୦୪୫

## ଫୁଲ ତୁ କାହିଁକି ଝଡ଼ିଗଲୁ?

ଡକ୍ଟର ଅଭିମନ୍ୟୁ ବରାଳ

ବ୍ୟାସକବିଙ୍କ ନାମରେ ନାମିତ ଓଡ଼ିଶାର ଏକ ବିଶିଷ୍ଟ ଶିକ୍ଷାୟତନରେ ଫୁଟିବା ପୂର୍ବରୁ କଢ଼ିଟି ଝାଉଁଳି ଗଲା ବୃନ୍ତରେ । ଝଡ଼ି ପଡ଼ିଲା ଅକାଳରେ । ଫୁଟିଥିଲେ ତା'ର ସୁରଭି ଆମୋଦିତ କରିଥା'ନ୍ତା ସମସ୍ତଙ୍କୁ । ଏଥିସହିତ ପୁଣି ଥରେ କଳଙ୍କିତ ହୋଇଗଲା ଗୁରୁ-ଛାତ୍ରୀଙ୍କର ପବିତ୍ର ସମ୍ପର୍କ ।

ପୁଣ୍ୟଭୂମି ଭାରତବର୍ଷ ଋଷିମୁନିଙ୍କ ଦେଶ । ପୂର୍ବକାଳରେ ଶିଷ୍ୟଶିଷ୍ୟାମାନେ ଗୁରୁକୁଳାଶ୍ରମରେ ରହି ଶିକ୍ଷା ଲାଭ କରୁଥିଲେ । ଯେଉଁଠି ପ୍ରିୟମ୍ବଦା, ଅନସୂୟା, ଶକୁନ୍ତଳା ପ୍ରଭୃତି ମୁନି କନ୍ୟାମାନେ ଉଦାହରଣ ସୃଷ୍ଟି କରିଛନ୍ତି, ସେଠାରେ ଆଜି ସେ ଦିବ୍ୟଚେତନାର ଅବକ୍ଷୟ ଘଟିଲା କେମିତି? କିନ୍ତୁ ଆଜି ଆମର ବ୍ୟବସ୍ଥା ହିଁ ଏଇଆ । ଝିଅଟି ଉତ୍ପୀଡ଼ନକୁ ସହ୍ୟ କରି ନପାରି ନିଜକୁ ଠେଲି ଦେଲା ମରଣ ମୁହଁକୁ । ନିଜର ଦୁଃଖକୁ ସେ ସମସ୍ତଙ୍କ ପାଖରେ ଜଣାଇ ହତାଶ ହେଲା, ନ୍ୟାୟ ପାଇବାରେ ବିଫଳ ହେଲା । ଆଉ କେତେ ବାରମ୍ବାର ହୋଇଥା'ନ୍ତା? ଆମ ବ୍ୟବସ୍ଥାକୁ ଧିକ୍ । ସମସ୍ତେ ଜାଣିଲେ, ହେଲେ କେହି କାର୍ଯ୍ୟାନୁଷ୍ଠାନ ଗ୍ରହଣ କଲେ ନାହିଁ । ସେ ଜାଣିଲା ତା'କୁ ଏ ରାଜ୍ୟରେ ନ୍ୟାୟ ମିଳିବ ନାହିଁ । ସେ ତ କୌଣସି ବଡ଼ଲୋକର ଝିଅ ନୁହେଁ, ଏକ ସାଧାରଣ ପରିବାରର ପିଲା । ତା'କଥା କିଏ ଶୁଣିବ? ରାଧାନାଥ ଯଥାର୍ଥରେ କହିଛନ୍ତି **'ଧିକ ସେ ସଂସାର ପ୍ରବଳର ଯହିଁ ସବୁକଥାରେ ସୁଯୋଗ, ଦୁର୍ବଳର ଯହିଁ ଲଲାଟ ଲିଖନ ନୀରବେ ଲାଞ୍ଛନା ଭୋଗ । (ପାର୍ବତୀ)'** ।

ଆଜି ସମସ୍ତେ କୁମ୍ଭୀର କାନ୍ଦଣା କାନ୍ଦୁଛନ୍ତି ଲେଡ଼ିଗୁଡ଼ ସବୁ କହୁଣିକୁ ବହିଯିବା ପରେ । କିନ୍ତୁ କାହାରି ଆଖିରେ ଲୁହ ନାହିଁ । ଟିକିଏ ଆଗରୁ ସେମାନେ କୁଆଡ଼େ ଯାଇଥିଲେ? ସେମାନେ କ'ଣ କଲେ? ଯୁଗେ ଯୁଗେ ଏ ସମାଜ ଏହିପରି । କାହାପ୍ରତି ସେ ସମ୍ବେଦନଶୀଳ ହୁଏ ନାହିଁ । ଏପରିକି ସତୀ ଶିରୋମଣି ଜାନକୀ ମହାରଣୀଙ୍କୁ ଏ ସମାଜ କଟୁ ସମାଲୋଚନା କରିବାକୁ ପଛାଇଲା ନାହିଁ । ଶେଷରେ ସୀତାଠାକୁରାଣୀ ଅତିଷ୍ଠ ହୋଇ ପାତାଳ ଗମନ କଲେ । ଆମର ସାମାଜିକ ବିଧି ବ୍ୟବସ୍ଥାରେ ଝିଅଟିଏ ପାଇଁ କେହି ବି ସମ୍ବେଦନଶୀଳ ହେଲେ ନାହିଁ । ସମସ୍ତେ ଲୋକଦେଖାଣିଆ ମନ୍ତବ୍ୟ ଦେଇ ନିଜର ଦାୟିତ୍ୱ ତୁଲାଇ ଦେଲେ ।

ପବିତ୍ର ଶିକ୍ଷାୟତନ ଆଜି କାହିଁକି ଏଡ଼େ ଅପବିତ୍ର, ବିକଳାଙ୍ଗ? ଆମ ସମାଜ, ଆମ ବିଚାର ଧାରା, ଆମ ନୈତିକତା ଆଉ କ'ଣ ଅଛି? ଏସବୁର ଅଧୋପତନ ହୋଇ ପାଇଛି । ସମସ୍ତଙ୍କୁ ଗୁହାରି କରିବା ପରେ ଯେତେବେଳେ କେହି ନଶୁଣି ଉପେକ୍ଷା କଲେ, ସେତେବେଳେ ଝିଅଟି ଏପରି କଠୋର ତଥା ଚରମ ପଦକ୍ଷେପ ନେବାକୁ ବାଧ୍ୟ ହେଲା । ସର୍ବସମକ୍ଷରେ ସେ ନିଜକୁ ଜାଳିଦେଲା । କେବଳ ଜଣେ ଛାତ୍ରକୁ ଛାଡ଼ିଦେଲେ କେହି ସେଠାରେ ନଥିଲେ । କେହି ତା' ଜୀବନକୁ ରକ୍ଷା କରିବାକୁ ଚେଷ୍ଟା କଲେ ନାହିଁ । କେହି ସେତେବେଳେ ଆଗେଇ ଆସିଲେ ନାହିଁ କାହିଁକି? ଏ ରହସ୍ୟ ତଦନ୍ତସାପେକ୍ଷ । ଏବେ ବୁକୁଫଟା କାନ୍ଦ କାନ୍ଦି ଓଡ଼ିଶା ବନ୍ଦ କଲେ କ'ଣ ହେବ? ଆମରିମାନଙ୍କ ଅପାରଗତାରୁ ସେ ଝିଅ ଆଜି ଚାଲିଗଲା ଅଫେରା ରାଇଜକୁ । ତା'ର ଅମୂଲ୍ୟ ଜୀବନ ଜଳିପୋଡ଼ି ପାଉଁଶ ହୋଇଗଲା । ଏହା ହିଁ ଥିଲା ଏହି ସମାଜ ତଥା ସମାଜର ବଡ଼ ପଣ୍ଡାମାନଙ୍କ ସମ୍ମୁଖରେ ଝିଅଟିର ମୌନ ପ୍ରତିବାଦ । ସେ ଝିଅ ପୋଡ଼ି ଯାଇ ନାହିଁ, ବରଂ ଆମ ସମାଜର ନୈତିକତା ଶତଧା ଦଗ୍ଧ ହୋଇ ଯାଇଛି । ଝିଅଟିର ଆତ୍ମଦାହ ଆଜି ଏହି ବାର୍ତ୍ତା ପ୍ରେରଣ କରିଛି ।

ଓଡ଼ିଆ ଘରର ପାରମ୍ପରିକ ଜୀବନଧାରା ଆଜି ସମ୍ପୂର୍ଣ୍ଣ ପଥଭ୍ରଷ୍ଟ । ଝିଅ ଓଡ଼ିଆ ଘରର ଲକ୍ଷ୍ମୀ ବୋଲି ବିବେଚନା କରାଯାଏ, ଝିଅଟିଏ କୋଳକୁ ଆସିଲେ ଘରର ଆନନ୍ଦ ବଢ଼ିଯାଏ, ପିତାମାତାଙ୍କର ଆୟୁବୃଦ୍ଧି ହୁଏ ବୋଲି ବିଶ୍ୱାସ ରହିଛି । ଝିଅଟିଏ ଆମ ଘରର ଆନନ୍ଦର ବଳୟ । ସେ ଦୁହିତା, ଦୁଇ କୁଳକୁ ହିତା ।

ହଇଲୋ ଝିଅ, ତୁଏ ମର୍ମନ୍ତୁଦ ପଦକ୍ଷେପ କାହିଁକି ନେଲୁ? ତୁତ ଏଡ଼େ ସାହାସୀ ଝିଅ । କେତେକ ଅନୁଷ୍ଠାନରେ ଝିଅମାନଙ୍କ ଆତ୍ମରକ୍ଷା କରିବାର ଶିକ୍ଷା ଦେଉଥିଲୁ । ତୁ କାହିଁକି ଏଡ଼େ ଦୁର୍ବଳ ହୋଇଗଲୁ? ନିଜକୁ ରକ୍ଷା କରି ପାରିଲୁ ନାହିଁ? କୁଆଡ଼େ ଗଲା ସେ ସାହସ, ସେ ଧୈର୍ଯ୍ୟ? ତୁ ଏ ଜାତିର ବୀରାଙ୍ଗନା । ବରଂ ତୁ ବଞ୍ଚି ରହି ଦେଖିଥା'ନ୍ତୁ ସମାଜ କିପରି ଜଳୁଛି । ସମାଜପତିମାନେ କିପରି ବିକଳ ଚିତ୍କାର କରୁଛନ୍ତି । ତୋତେ ଅବଶ୍ୟ ନ୍ୟାୟ ମିଳିବ । ଏ ଜଗତ ଦେଖିବ । ଯେଉଁଠି ଥିଲେ ବି ତୋ ଆତ୍ମା ସନ୍ତୋଷ ଲାଭ କରିବ । ଏହାର ତୋର ଆତ୍ମଦାହ ନୁହେଁ, ସମାଜକୁ ଏକ ମହାନ ଚେତାବନୀ । ଶିକ୍ଷାୟତନରେ ରହୁଥିବା ନରପିଶାଚମାନେ ନିଶ୍ଚୟ ମହାଶିକ୍ଷା ଲାଭ କରିବେ ।

ଏଭଳି ଦୁର୍ଭାଗ୍ୟଜନକ ଘଟଣାଗୁଡ଼ିକ ଘଟିବାର ପ୍ରମୁଖ କାରଣ ହେଲା ମହାବିଦ୍ୟାଳୟଗୁଡ଼ିକୁ ସ୍ୱୟଂଶାସିତ କରିଦେବା । ଏହାଦ୍ୱାରା ଅଧ୍ୟାପକମାନେ ଅଧିକ ଶକ୍ତିଶାଳୀ ହୋଇଗଲେ ଏବଂ ସେମାନଙ୍କର ସ୍ୱେଚ୍ଛାଚାରିତା ବଢ଼ିଗଲା । ଯଥାଯଥ ଯୋଗ୍ୟତା ନ ଥାଇ ବି ଅନେକ ବିଶ୍ୱବିଦ୍ୟାଳୟରେ ପ୍ରଫେସର/ସହକାରୀ ପ୍ରଫେସର ହେବାର ସୁଯୋଗ ପାଇଗଲେ । ଛାତ୍ରଛାତ୍ରୀମାନଙ୍କ ନମ୍ବର ବଢ଼ାଇବା-କମାଇବା, ଉପସ୍ଥାନ କମାଇଦେବା, ପରୀକ୍ଷାରେ ପ୍ରତିବନ୍ଧକ ସୃଷ୍ଟି କରି ଛାତ୍ରମାନଙ୍କୁ ଅସୁବିଧାରେ ପକାଇ ସେମାନଙ୍କୁ ଶୋଷଣ କରିବା ସହଜ ହୋଇଗଲା । ଅନେକ ଝିଅ ମଧ୍ୟ ଯୌନ ଶୋଷଣର ଶିକାର ହେଲେ । ଅତୀତରେ ବିଶ୍ୱବିଦ୍ୟାଳୟମାନଙ୍କ ଅଧୀନରେ ମହାବିଦ୍ୟାଳୟମାନେ ରହିଥିଲେ ଏବଂ ସେମାନଙ୍କ ପରୀକ୍ଷା ନିୟନ୍ତ୍ରଣ ବିଶ୍ୱବିଦ୍ୟାଳୟ କରୁଥିଲା । ତେଣୁ ଏତେଟା ଦୁର୍ନୀତି ଏବଂ ଶୋଷଣ ହୋଇ ପାରୁନଥିଲା ।

ମୃତାଛାତ୍ରୀ ସୌମାଶ୍ରୀଙ୍କର ଜଣେ ସହପାଠିନୀଙ୍କ ଗଣମାଧ୍ୟମରେ ଦେଇଥିବା ବୟାନରୁ ଜଣାଯାଏ, ସୌମ୍ୟାଶ୍ରୀଙ୍କ ସପକ୍ଷରେ ୧୨ ରୁ୧୫ ଜଣ ଛାତ୍ରଛାତ୍ରୀ ଥିବା ବେଳେ ବିଭାଗୀୟ ଅଧ୍ୟାପକ ଓ ଅଧ୍ୟକ୍ଷଙ୍କ ସପକ୍ଷରେ ୩୦୦ ଛାତ୍ରଛାତ୍ରୀ ଥିଲେ । ସେମାନେ ହୁଏତ ନିଜର ସ୍ୱାର୍ଥ ସିଦ୍ଧି ଲାଗି ଅଧ୍ୟାପକଙ୍କ ସହିତ ଥିଲେ । କାରଣ ପରୀକ୍ଷାରେ ଫେଲ କରିଦେବାର ଭୟ ଥିଲା । ତେଣୁ ଆମର ଲୋକପ୍ରିୟ ସରକାରଙ୍କୁ ଅନୁରୋଧ ଏହାର ଆଶୁ ନିରାକରଣ କରାଗଲେ ଶିକ୍ଷାନୁଷ୍ଠାନର ଗୌରବ ପୁଣି ଫେରି ଆସିବ । ନଚେତ କେତେ ଯେ ସୌମ୍ୟାଶ୍ରୀ ଅଗ୍ନି ଦଗ୍ଧ ହେବେ କହି ହେବ ନାହିଁ । ●

ସାକ୍ଷୀଗୋପାଳ(ପୁରୀ)
ମୋ: ୯୯୩୭୮୩୫୨୩୩

## ତିବ୍ବତରେ ବୌଦ୍ଧଧର୍ମ

ପ୍ରବୀର କୁମାର ପଟ୍ଟନାୟକ

ରାଜା ସ୍ରଙ୍ଗ ବୌଦ୍ଧ ଗୁରୁ ଓ ବୌଦ୍ଧ ଗ୍ରନ୍ଥ ସନ୍ଧାନ ନିମିତ୍ତ ପ୍ରତିନିଧି ଦଳଙ୍କୁ ଭାରତ ଓ ଚୀନ ପଠାଇଲେ । ତିବ୍ବତରେ ଉପସ୍ଥିତ ଥିବା ଭାରତ, ନେପାଳ ଓ ଚୀନର ବୌଦ୍ଧ ଆଚାର୍ଯ୍ୟଗଣ ତଥା ଭାରତକୁ ଯାଇ ଶିକ୍ଷାଲାଭ କରିଥିବା ଥୋନ୍‌ମି ଏବଂ ତାଙ୍କର ଯୋଗ୍ୟ ଶିଷ୍ୟଗଣ ସମସ୍ତଙ୍କୁ ସଂଗୃହୀତ ଶାସ୍ତ୍ର ଓ ଧର୍ମଗ୍ରନ୍ଥଗୁଡ଼ିକର ଅନୁବାଦ ତଥା ସଂପାଦନା କାର୍ଯ୍ୟରେ ନିୟୋଜିତ କଲେ । କରଣ୍ଡବ୍ୟୂହସୂତ୍ର, ରତ୍ନମେଘସୂତ୍ର ଆଦି ଅନେକ ଗ୍ରନ୍ଥ ତିବ୍ବତର ନୂତନ ଲିପି ଓ ଭାଷା ବ୍ୟବହାର କରି ଅନୁବାଦ କରାଗଲା । ରାଜା ସ୍ରଙ୍ଗ ଦୀର୍ଘ ବର୍ଷ ଧରି ନିଜେ ତିବ୍ବତର ନୂତନ ଲିପି ଓ ଭାଷାର ଅଧ୍ୟୟନ ମଧ୍ୟ କରିଥିଲେ । ରାଜା ଅନେକ ଶାସ୍ତ୍ର ଓ ଧର୍ମଗ୍ରନ୍ଥ ଅଧ୍ୟୟନ କରିବା ସହ ଦେଶରେ ବହୁ ଧର୍ମୀୟ ଅନୁଷ୍ଠାନ ଓ ମଠ, ମନ୍ଦିର ଆଦି ପ୍ରତିଷ୍ଠା କରିଥିଲେ । ବୌଦ୍ଧଧର୍ମର ନୀତିକାନ୍ତି ଓ ଶିକ୍ଷଣୀୟ ବାଣୀ ଇତ୍ୟାଦି ବ୍ୟାପକ ଭାବେ ସମଗ୍ର ତିବ୍ବତରେ ପ୍ରସାରିତ କରାଇଥିଲେ । ରାଜା ସ୍ରଙ୍ଗ ଏବଂ ତାଙ୍କ ଦୁଇ ରାଣୀ ତିବ୍ବତରେ ବୌଦ୍ଧ ଧର୍ମର ବୀଜରୋପଣ

ଦ୍ୱିତୀୟ-ବୁଦ୍ଧ କଥା



କରିବା ସହ ଦେଶରେ ଶିକ୍ଷା, ସାଂସ୍କୃତିକ ବିକାଶ ଓ ସାମାଜିକ ସଂସ୍କାରର ଭିତ୍ତି ମଧ୍ୟ ସ୍ଥାପନ କରାଇଲେ । ରାଜା ସ୍ରଙ୍ଗଙ୍କୁ ତିବ୍ବତର ସଂରକ୍ଷକ ବୌଦ୍ଧ ଦେବତା ଅବଲୋକିତେଶ୍ୱରଙ୍କ ଅବତାର ଭାବରେ ଗ୍ରହଣ କରାଯାଇଥିଲା ।

ରାଜା ସ୍ରଙ୍ଗ୍‌ଙ୍କ ଶାସନ କାଳରେ ତିବ୍ବତରେ ବୌଦ୍ଧ ଧର୍ମକୁ ପ୍ରଚଳନ କରାଗଲା । ତିବ୍ବତୀୟ ଭାଷା ଓ ଲିପିକୁ ମଧ୍ୟ ପ୍ରଚଳନ କରାଗଲା । ଏହାବ୍ୟତୀତ ଅନ୍ୟ ଭାଷାର ଶାସ୍ତ୍ର ଓ ଧର୍ମ ଗ୍ରନ୍ଥସବୁ ଯାହା ମିଳିଲା ବ୍ୟାପକଭାବେ ତାହାକୁ ଲିପିବଦ୍ଧ କରାଯିବା କାର୍ଯ୍ୟ ମଧ୍ୟ ଆରମ୍ଭ ହେଲା । ବୌଦ୍ଧ ଧର୍ମକୁ ନିଜ ଦେଶରେ ପ୍ରଚଳିତ କରିବାରେ ରାଜାଙ୍କ ଉଦ୍ଦେଶ୍ୟ ଧାର୍ମିକ ଅପେକ୍ଷା ଅଧିକ ରାଜନୈତିକ ହିଁ ଥିଲା । ସେ ଚାହୁଁଥିଲେ ପଡ଼ୋଶୀ ଓ ବାହାର ଦେଶ ସହିତ ସାଂସ୍କୃତିକ ବିନିମୟ ତିବ୍ବତୀୟମାନଙ୍କର ବୃଦ୍ଧି ପାଉ, ଯାହା ସେହି ଅଞ୍ଚଳର ସଭ୍ୟତା ଓ ସଂସ୍କୃତିର ପ୍ରଭାବ ତିବ୍ବତୀୟମାନଙ୍କ ଉପରେ ପଡ଼ିବ ଏବଂ ସେମାନେ ସଭ୍ୟ, ସଂସ୍କୃତିସଂପନ୍ନ ଓ ମାର୍ଜିତ ତଥା ସଂସାରାଭିଜ୍ଞ ହୋଇପାରିବେ, ଯାହାଫଳରେ ଦେଶର ଉନ୍ନତି ସାଧନ ହୋଇପାରିବ । ସମାନ୍ତରାଳ ଭାବେ ରାଜା ସ୍ଥାନୀୟ ବନ ଧର୍ମକୁ ମଧ୍ୟ ଉତ୍ସାହିତ କରୁଥିଲେ । ସେଥିରେ ମଧ୍ୟ ରାଜାଙ୍କୁ ଦିବ୍ୟପୁରୁଷ ଭାବେ ବିବେଚନା କରାଯାଉଥିଲା । ରାଜା ଉଭୟ ଧର୍ମକୁ ପ୍ରଶ୍ରୟ ଦେଉଥିଲେ ମଧ୍ୟ ଯେହେତୁ ବନ୍ ତିବ୍ବତର ଦୀର୍ଘକାଳର ଧାର୍ମିକ ପରମ୍ପରା ଭାବେ ରହି ଆସିଥିଲା, ତାହାର ସମାଜରେ ଅଧିକ ପ୍ରଭାବ ରହିଥିଲା । ଏଣୁ ଉଭୟ ଧର୍ମ ମଧ୍ୟରେ ସଂଘର୍ଷ ଘଟିବା ମଧ୍ୟ ସ୍ୱାଭାବିକ ଥିଲା ।

ସେ ସମୟକୁ ସମଗ୍ର ଦେଶ ଏକଜୁଟ ଥିଲା । ପାଖ ପଡ଼ୋଶୀ ଛୋଟ ଛୋଟ ରାଜ୍ୟଗୁଡ଼ିକୁ ଜୟ କରି ତିବ୍ବତ ସହ ରାଜା ମିଶାଇ ଦେଇଥିଲେ । ପଡ଼ୋଶୀ ପ୍ରଭାବଶାଳୀ ଶାଙ୍ଗ୍-ଶୁଙ୍ଗ ଅଞ୍ଚଳ ବନ୍ ଧର୍ମର ଗଡ଼ ଭଳି ରହିଥିଲା । ତାକୁ ମଧ୍ୟ ରାଜା ଜୟ କରି ତିବ୍ବତ ସହ ମିଶାଇ ଦେଇଥିଲେ । ତାହାର ଧର୍ମ ଓ ସଂସ୍କୃତି ମଧ୍ୟ ତିବ୍ବତୀୟ ଧର୍ମ ସଂସ୍କୃତି ସହ ମିଶି ପ୍ରଭାବ ବିସ୍ତାର କଲା । କ୍ରମେ ବନ୍ ଧର୍ମ ବିଦେଶୀ ବୌଦ୍ଧ ଧର୍ମକୁ ପ୍ରତିରୋଧ କରିବାକୁ ଲାଗିଲା । ରାଜା ସ୍ରଙ୍ଗଙ୍କ ତିରୋଧାନ ପରେ ତିବ୍ବତରେ ବୌଦ୍ଧଧର୍ମ ଆଗକୁ ବଢ଼ି ପାରିଲା ନାହିଁ । ବନ୍ ଧର୍ମ ଅଧିକ ପ୍ରଭାବଶାଳୀ ଭାବେ ଉଭା ହେବାରେ ଲାଗିଲା । (କ୍ରମଶଃ...) ●

ଭୁବନେଶ୍ୱର, ମୋ: ୭୨୦୫୦୨୨୭୯୦

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ । ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ ।

## ବ୍ରାହ୍ମଣୀ, ଖରସ୍ରୋତା, କାଣୀ ନଦୀରେ ବନ୍ୟା

# ଗାଁ ଦାଣ୍ଡକୁ ଉଠି ଆସିଲେ କୁମ୍ଭୀର





**ପଟ୍ଟାମୁଣ୍ଡାଇ, ରାଜନଗରର ବହୁ ଅଞ୍ଚଳ ବାହ୍ୟ ଜଗତରୁ ବିଚ୍ଛିନ୍ନ**

**ବିଦ୍ୟୁତ୍ ସେବା ବ୍ୟାହତ, ପାନୀୟଜଳ ପାଇଁ ଲୋକେ ହନ୍ତସନ୍ତ**

**ପୌରାଞ୍ଚଳ ବୁଲି ବନ୍ୟା ସ୍ଥିତି ଅନୁଧ୍ୟାନ କଲେ ବିଧାୟକ**

**ପଟ୍ଟାମୁଣ୍ଡାଇ/ରାଜନଗର, ୧୮।୭(ସମିସ):** ବ୍ରାହ୍ମଣୀ, ଖରସ୍ରୋତା ଓ କାଣୀ ନଦୀରେ ବନ୍ୟା ଯୋଗୁଁ ପଟ୍ଟାମୁଣ୍ଡାଇ ଓ ରାଜନଗର ବ୍ଲକ୍‌ର ବହୁ ଅଞ୍ଚଳ ବାହ୍ୟଜଗତରୁ ବିଚ୍ଛିନ୍ନ ହୋଇଛି। ପଟ୍ଟାମୁଣ୍ଡାଇ ପୌରପରିଷଦର ୯ଟି ୱାର୍ଡ ଓ ୧୪ଟି ପଞ୍ଚାୟତର ଲୋକ ଏବଂ ରାଜନଗର ବ୍ଲକ୍‌ର ୨୦ରୁ ଅଧିକ ଗାଁ ପାଣି ଘେରରେ ରହିଛି। ଗାଁ ରାସ୍ତା ପାଣିରେ ବୁଡ଼ି ରହିଥିବାରୁ ଯାତାୟାତ ଠପ୍ ହୋଇଯାଇଛି। ବିଦ୍ୟୁତ୍ ସେବା ମଧ୍ୟ ବ୍ୟାହତ ହୋଇଛି। ପିଇବା ପାଣି ପାଇଁ ଲୋକେ ହନ୍ତସନ୍ତ ହେଉଛନ୍ତି। ଏପରିକି, ବନ୍ୟାପାଣିରେ କିଛି କୁମ୍ଭୀର ଗାଁକୁ ଉଠି ଆସିଥିବା ଦେଖିବାକୁ ମିଳିଥିବାରୁ ଲୋକେ ଭୟଭୀତ ଅବସ୍ଥାରେ ରହିଛନ୍ତି। ଅପରପକ୍ଷେ, ଆଜି ରାଜନଗର ବିଧାୟକ ଧ୍ରୁବ ସାହୁ ପୌରାଞ୍ଚଳ ବୁଲି ବନ୍ୟା ସ୍ଥିତି ଅନୁଧ୍ୟାନ କରିଛନ୍ତି।

ସପ୍ତାହେ ଧରି ପଟ୍ଟାମୁଣ୍ଡାଇ ଅଞ୍ଚଳରେ ବନ୍ୟା ପରିସ୍ଥିତି ଲାଗି ରହିଛି। ଯାତାୟାତ, ବିଦ୍ୟୁତ ଓ ପାନୀୟ ଜଳ ବିପର୍ଯ୍ୟସ୍ତ ହୋଇପଡ଼ିଥିବାରୁ ଲୋକଙ୍କ ଦୁର୍ଦ୍ଦଶା ବଢ଼ିଛି। ପୌର ପରିଷଦର ୯ଟି ୱାର୍ଡ ପ୍ରଭାବିତ ହୋଇଥିବା ବେଳେ ୧୧ ହଜାର ଲୋକ ବିପନ୍ନ ହୋଇଛନ୍ତି। ପଟ୍ଟାମୁଣ୍ଡାଇ ବ୍ଲକର ୧୪ ପଞ୍ଚାୟତର ୫୦ହଜାରରୁ ଉର୍ଦ୍ଧ୍ୱ ଲୋକ ଓ ୧୫ହଜାର ଗୃହପାଳିତ ପଶୁ ଜଳବନ୍ଦୀ ଅଛନ୍ତି। ଡାମରପୁର, ଶ୍ରୀରାମପୁର ଓ ବଳଭଦ୍ରପୁର ପଞ୍ଚାୟତରେ ସ୍ଥିତି ବେହାଲ ହୋଇଛି। ଯାତାୟାତ ଓ ପାନୀୟଜଳ ସମସ୍ୟା ଯୋଗୁଁ ଲୋକମାନେ ଅସୁବିଧା ଭୋଗୁଛନ୍ତି। ସିଂହଗାଁ ପଞ୍ଚାୟତର ସିଂହଗାଁ, କୃଷ୍ଣଦାସପୁର, ରାଉଳିଆଡିଆ, ପାଣିସାଉଁଳିଆ ଆଦି ଜଳମଗ୍ନ ହୋଇ ବାହ୍ୟଜଗତରୁ ବିଚ୍ଛିନ୍ନ ହୋଇପଡିଛି। ସେହିପରି ଅଳପୁଆ ପଞ୍ଚାୟତର ଗୋଜିଆକଣ, ବିଲମଲିକସାହି, ବେହେରାସାହି, ମିଶ୍ରବାଗ, ସେଠୀସାହି, ଜେନାସାହି, ପାହାନ୍ତାସିଂହ ସାହି, ତରଡ଼ିପାଳ ପଞ୍ଚାୟତର ପୋଖରୀକୂଳ, ଗୋପାଳପୁର, ଜେନାସାହି, ବିଶ୍ୱାଳସାହି, ନାଥସାହି, ମଲିକସାହି, ଘାଗରାଡିଆ ପେଣ୍ଠପାଳ ପଞ୍ଚାୟତର କୂଳସାହି, କୋଳଥିଆ, ବାଲିକିରା, ଦାଣ୍ଡିସାହି ଦାଣ୍ଡିସାହି, ଅଣରା ପଞ୍ଚାୟତର ବ୍ରହ୍ମପୁର, ବିଷ୍ଣୁପୁର, ବ୍ରାହ୍ମଣସାହି, ଦାଣ୍ଡିଉପର, ଅମୃତମଣୋହି ପଞ୍ଚାୟତର ନୂଆଡିଆ, ଜଗନ୍ନାଥପୁର, ଶାନ୍ତିପଡା, ସିଦ୍ଧବାଲି, ବଲୁରିଆ ପଞ୍ଚାୟତର ଫୁଲପାଟଣା ପାଣିଘେରରେ ଥିବା ବେଳେ ହଜାରହଜାର ଏକର ଚାଷଜମି ଜଳମଗ୍ନ ହୋଇପଡ଼ିଛି।

ପଟ୍ଟାମୁଣ୍ଡାଇ ପୌରାଞ୍ଚଳର ତନୁପୁର ରାସ୍ତା ବୁଡ଼ିଯାଇଥିବାରୁ ବାଲିପାଟଣା, ଖଡ଼ିପାଳ, ତନୁପୁର, ନନ୍ଦିନୀନଗର ବାହ୍ୟଜଗତରୁ ବିଚ୍ଛିନ୍ନ ହୋଇପଡିଛି। ପଟ୍ଟାମୁଣ୍ଡାଇ ବ୍ଲକର ବାଛରା ପଞ୍ଚାୟତ ମଣ୍ଡପଡା-ବାଛରା ରାସ୍ତା ବୁଡିଯାଇଥିବାରୁ ବାଛରା, ମଣ୍ଡପଡା ବାହ୍ୟଜଗତରୁ ବିଚ୍ଛିନ୍ନ ହୋଇପଡିଛି। ସେହିପରି ରାଜନଗର ବ୍ଲକ୍ ଅନ୍ତର୍ଗତ ୪ଟି ପଞ୍ଚାୟତ ବନ୍ଧପଡା, ଓସ୍ତିଆ, ବେଲପାଳ, ରାଜପୁରର ୨୦ଟି ଗାଁ ପାଣି ଘେରରେ ରହିଛି। ଗାଁ ରାସ୍ତାରେ ୪ ଫୁଟ ଉଚ୍ଚର ପାଣି ଚାଲୁଛି। ବନ୍ୟା ଯୋଗୁଁ ଫସଲ କ୍ଷତିଗ୍ରସ୍ତ ହୋଇଛି।

ଆଜି ରାଜନଗର ବିଧାୟକ ଧ୍ରୁବ ସାହୁ ନନ୍ଦିନୀନଗର, ତଳବାଲିପଡ଼ା, ବଳଦେବନଗର, ସିଦ୍ଧପାଟଣା, କଷଣଅଣ୍ଟା, ବାଲିପଡ଼ା, ନୂଆଗାଁ, କାକୁଡ଼ିପଲ୍ଲୀ ସମେତ ବ୍ଲକର ବାଛରା ପଞ୍ଚାୟତର ମଣ୍ଡପଡା, ବାଛରା ଗ୍ରାମକୁ ବୋଟ ଯୋଗେ ଯାଇ ବନ୍ୟା ସ୍ଥିତି ଓ ବିପନ୍ନ ଲୋକଙ୍କ ଅବସ୍ଥା ଅନୁଧ୍ୟାନ କରିଥିଲେ। ବିଧାୟକଙ୍କ ସହ ପୌର ପରିଷଦ ଅଧ୍ୟକ୍ଷ ହେମନ୍ତ ସାହୁ, ନଗର ବିଜେଡି ସଭାପତି ବୁଢ଼ା ଲେଙ୍କା, ଯୁବନେତା ଦିଲ୍ଲୀପ ସେଠୀ କାଉନସିଲର ପ୍ରଶାନ୍ତ ବାରିକ, ପ୍ରିୟଙ୍କା ସେଠୀ, ମଧୁସ୍ମିତା ମଳିକ, ସୁଧାମୟ ମଳିକ ପ୍ରମୁଖ ବନ୍ୟାବିପନ୍ନ ବିଭିନ୍ନ ୱାର୍ଡ ବୁଲି ସ୍ଥିତି ଅନୁଧ୍ୟାନ କରିଥିଲେ। ବିଧାୟକ ଶ୍ରୀ ସାହୁ ପଟ୍ଟାମୁଣ୍ଡାଇ ପୌରାଞ୍ଚଳର ବନ୍ୟା ବିପନ୍ନ ୯ଟି ୱାର୍ଡର ଲୋକଙ୍କୁ ଆବଶ୍ୟକ ସରକାରୀ ସହାୟତା ଯୋଗାଇଦେବାକୁ ପୌର ପ୍ରଶାସନକୁ ନିର୍ଦ୍ଦେଶ ଦେଇଥିଲେ। ଏଥିସହିତ ବିପନ୍ନ ଲୋକଙ୍କୁ ସମସ୍ତ ସରକାରୀ ସହାୟତା ଯୋଗାଇ ଦେବାକୁ ସରକାରଙ୍କ ନିକଟରେ ଦାବି କରିଛନ୍ତି।

## ପ୍ରସୂତି ମୃତ୍ୟୁକୁ ନେଇ ଉତ୍ତେଜନା

# ନର୍ସିଂହୋମରେ ଭଙ୍ଗାରୁଜା


ଶବ ରଖି ଜୟପୁର-ଜଗତସିଂହପୁର ରାସ୍ତା ଅବରୋଧ

**ଜଗତସିଂହପୁର, ୧୮।୭(ସମିସ):** ତ୍ରୁଟିପୂର୍ଣ୍ଣ ଚିକିତ୍ସା ଯୋଗୁଁ ଜଣେ ପ୍ରସୂତିଙ୍କ ମୃତ୍ୟୁ ହୋଇଥିବା ଅଭିଯୋଗ ହୋଇଛି। ଏହାର ପ୍ରତିବାଦ କରି ଉତ୍ତ୍ୟକ୍ତ ଲୋକେ ସମ୍ପୃକ୍ତ ନର୍ସିଂହୋମରେ ଭଙ୍ଗାରୁଜା କରିବା ସହିତ ପ୍ରାୟ ୨ ଘଣ୍ଟା ଧରି ରାସ୍ତାରେ ଶବ ରଖି ଅବରୋଧ କରିଥିଲେ।

ସୂଚନା ମୁତାବକ, ଜଗତସିଂହପୁର ସଦର ଥାନା ଅନ୍ତର୍ଗତ ତରଡ଼ା ଗ୍ରାମର ସସ୍ମିତା ସ୍ୱାଇଁ ନାମକ ଜଣେ ମହିଳା ଜଗତସିଂହପୁର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଡାକ୍ତର ଭୂୟାଁଙ୍କ ନିକଟରେ ଚିକିତ୍ସିତ ହେଉଥିଲେ। ଗର୍ଭ ଧାରଣାର ୫ ମାସ ପରେ ଅଲ୍ଟ୍ରାସାଉଣ୍ଡ ସମୟରେ ଗର୍ଭରେ ଛୁଆ ନଷ୍ଟ ହୋଇଯାଇଥିବା ଡାକ୍ତର ଭୂୟାଁ କହିବା ସହିତ ଚର୍ଚ୍ଚିକା ବଜାରସ୍ଥ ସାଇଶ୍ରଦ୍ଧା ନର୍ସିଂହୋମରେ ଅସ୍ତ୍ରୋପଚାର ପାଇଁ ପରାମର୍ଶ ଦେଇଥିଲେ। ୧୭ ତାରିଖ ଦିନ ୧.୩୦ ସମୟରେ ଅସ୍ତ୍ରୋପଚାର ହୋଇଥିଲା। ତେବେ ଅସ୍ତ୍ରୋପଚାର ପରେ ରକ୍ତସ୍ରାବ ବନ୍ଦ ନ ହେବାରୁ ସସ୍ମିତାଙ୍କୁ ଏକ ଘରୋଇ ଆମ୍ବୁଲାନ୍ସରେ ଚିକିତ୍ସା ସମ୍ବନ୍ଧୀୟ ସମସ୍ତ କାଗଜପତ୍ର ନ ଦେଇ କଟକ ରେଫର କରିଥିଲେ ନର୍ସିଂହୋମ କର୍ତ୍ତୃପକ୍ଷ ଓ ଡାକ୍ତର ଭୂୟାଁ। ଆମ୍ବୁଲାନ୍ସ କଲେଜ ଛକରେ ଖରାପ ହୋଇଯାଇଥିବାବେଳେ ଆଉଏକ ଘରୋଇ ଆମ୍ବୁଲାନ୍ସରେ ରୋଗୀଙ୍କୁ କଟକ ନିଆଯାଇଥିଲା। ମାତ୍ର ସାଇଶ୍ରଦ୍ଧା ନର୍ସିଂହୋମ କର୍ତ୍ତୃପକ୍ଷ ଚିକିତ୍ସା ସମ୍ବନ୍ଧୀୟ କୌଣସି କାଗଜପତ୍ର ଦେଇ ନ ଥିବାରୁ କୌଣସି ନର୍ସିଂହୋମ ତାଙ୍କୁ ଆଡ୍‌ମିଶନ କରି ନ ଥିଲେ। ପରିବାର ଲୋକ ରୋଗୀକୁ ଏସସିବି ମେଡ଼ିକାଲକୁ ନେଇଥିବାବେଳେ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ସାଇଶ୍ରଦ୍ଧା ନର୍ସିଂହୋମର ତ୍ରୁଟିପୂର୍ଣ୍ଣ ଚିକିତ୍ସା ଓ ବିନା କାଗଜପତ୍ରରେ କଟକ ରେଫର କରିଥିବାରୁ ପ୍ରସୂତୀଙ୍କ ମୃତ୍ୟୁ ହୋଇଥିବା ଅଭିଯୋଗ ଆଣି ସସ୍ମିତାଙ୍କ ପରିବାର ଓ ସ୍ଥାନୀୟ ଲୋକ ନର୍ସିଂହୋମ ସମ୍ମୁଖ ଜଗତସିଂହପୁର-ଜୟପୁର ରାସ୍ତାରେ ଶବ ରଖି ପ୍ରତିବାଦ କରିବା ସହିତ ନର୍ସିଂହୋମରେ ପଶି ଭଙ୍ଗାରୁଜା କରିଥିଲେ। ସାଇଶ୍ରଦ୍ଧା ନର୍ସିଂହୋମ କର୍ତ୍ତୃପକ୍ଷ ଓ ଅସ୍ତ୍ରୋପଚାର କରିଥିବା ଡାକ୍ତରଙ୍କୁ ଗିରଫ ସହିତ ଉପଯୁକ୍ତ କ୍ଷତିପୂରଣ ଦାବି କରି ୨ ଘଣ୍ଟା ଧରି ରାସ୍ତାରୋକ କରାଯାଇଥିଲା।

## ସେବାଶ୍ରମ ଛାତ୍ର ଆତ୍ମହତ୍ୟା ଘଟଣା

# ପ୍ରଧାନଶିକ୍ଷକ ନିଲମ୍ବିତ



**ନୂଆପଡ଼ା, ୧୮।୭(ସମିସ):** ନୂଆପଡ଼ା ଜିଲ୍ଲା ଅନୁସୂଚିତ ଜାତି ଓ ଜନଜାତି ଉନ୍ନୟନ ବିଭାଗ ଅଧୀନ ସାହାଜଟ ସେବାଶ୍ରମ ସ୍କୁଲରେ ଅନୌପଚାରିକ ଭାବେ ରହୁଥିବା ପଛୁଆ ବର୍ଗର ଛାତ୍ର ଅଶ୍ୱିନୀ ବନଛୋର୍ ସ୍କୁଲ ପରିସର ଏକ ଗଛରେ ଆତ୍ମହତ୍ୟା କରିବା ଘଟଣାରେ ପ୍ରଧାନଶିକ୍ଷକ ହରଦେବ ହଂସଙ୍କୁ ଶୁକ୍ରବାର ନିଲମ୍ବିତ କରାଯାଇଛି।

୩ବର୍ଷ ତଳେ ଜଗଦୀଶ ନାଗ ନାମକ ଜଣେ ଶିକ୍ଷକ ସାହଜଟ ସେବାଶ୍ରମକୁ ବଦଳି ହୋଇ ଆସିଥିଲେ। ସେହିଦିନଠାରୁ ତାଙ୍କର ସଂପର୍କୀୟ ଭଣଜା ଅଶ୍ୱିନୀ ବନଛୋର୍‌ଙ୍କୁ ସାଙ୍ଗରେ ଆଣି ନାମ ଲେଖାଇଥିଲେ। ସେବେଠୁ ଏହି ଛାତ୍ରଜଣଙ୍କ ଏହି ଏସସି/ଏସ୍‌ଟି ହଷ୍ଟେଲରେ ରହିଆସୁଥିଲେ।

ଘଟଣା ଦିନ (ବୁଧବାର) ଜଗଦୀଶ ଆଶ୍ରମରେ ନ ଥିଲେ। ଏପରିକି, ହଷ୍ଟେଲ ସୁପରିଣ୍ଟେଣ୍ଡେଣ୍ଟ ମଧ୍ୟ ରହୁନଥିଲେ। ସମସ୍ତ ଅନ୍ତେବାସୀ ରାତ୍ରିଭୋଜନ କରିବା ପରେ ଅଶ୍ୱିନୀ ବାହାରକୁ ଚାଲିଯାଇଥଲେ। ବିଳମ୍ବିତ ରାତିରେ ସେ ଗଛରେ ଝୁଲୁଥିବା ଅନ୍ୟ ଛାତ୍ରମାନେ ଦେଖିବାକୁ ପାଇଥିଲେ।

## ମୁଖ୍ୟମନ୍ତ୍ରୀଙ୍କୁ ଉପଭୋକ୍ତା ମହାସଂଘର ଚିଠି

# ବିହାର ଦେଲା ମାଗଣା ବିଜୁଳି; ଓଡିଶାରେ କେବେ?

**ଭୁବନେଶ୍ୱର, ୧୮।୭(ସମିସ):** ବିହାରର ବିଜେପି-ଜେଡିୟୁ ସରକାଙ୍କ ମୁଖ୍ୟମନ୍ତ୍ରୀ ନୀତିଶ କୁମାର ତାଙ୍କ ରାଜ୍ୟରେ ୧୨୫ ୟୁନିଟ୍ ମାଗଣା ବିଜୁଳି ଅଗଷ୍ଟ ୧ରୁ ଲାଗୁ ହେବ ବୋଲି ଘୋଷଣା କରିଛନ୍ତି। କିନ୍ତୁ ଦୁଃଖର କଥା, ବିଜୁଳି ଉତ୍ପାଦନର ରାଜ୍ୟ ଓଡ଼ିଶାରେ ମାଗଣା ବିଜୁଳି ଦିଆଗଲା ନାହିଁ। ସରକାରକୁ ଆସିବା ପୂର୍ବରୁ ରାଜ୍ୟବାସୀଙ୍କୁ ବିଜେପି ମାଗଣା ବିଜୁଳି ଦେବାକୁ ପ୍ରତିଶୃତି ଦେଇଥିଲା। ୧୩ ମାସ ହେଲା ସରକାର ଆସିଲାଣି; କିନ୍ତୁ ଏହା କାର୍ଯ୍ୟକାରୀ ହେଲା ନାହିଁ। ତେଣୁ କେବେ ଓଡ଼ିଶା ସରକାର ରାଜ୍ୟବାସୀଙ୍କୁ ମାଗଣା ବିଜୁଳି ଦେବେ, ତାକୁ ନେଇ ପ୍ରଶ୍ନ କରିଛି ଓଡ଼ିଶା ରାଜ୍ୟ ବିଦ୍ୟୁତ୍ ଉପଭୋକ୍ତା ମହାସଂଘ। ସମ୍ପାଦକ ରବି ବେହେରା ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କୁ ଚିଠି ଲେଖି ଓଡ଼ିଶାରେ ଅନ୍ତତଃ ୨୦୦ ୟୁନିଟ୍ ବିଜୁଳି ମାଗଣାରେ ଦେବା ପାଇଁ ଦାବି କରିଛନ୍ତି।

# ନାଳରେ ବୁଡ଼ି ମା’-ପୁଅ ମୃତ

**ଫିରିଙ୍ଗିଆ/ଫୁଲବାଣୀ,୧୮।୭(ସମିସ):** କନ୍ଧମାଳ ଜିଲ୍ଲା ଚକାପାଦ ବ୍ଲକ୍ ପସରା ପଞ୍ଚାୟତ ଅନ୍ତର୍ଗତ ପଖାଳଖିଆ ନିକଟ ଖଉମୁଣ୍ଡା ଜଙ୍ଗଲରେ ଏକ ଅଘଟଣ ଘଟିଛି। ଜଙ୍ଗଲ ଭିତରେ ଥିବା ଏକ ନାଳରେ ବୁଡ଼ି ମା’-ପୁଅଙ୍କ ମୃତ୍ୟୁ ହୋଇଛି। ମୃତକଦ୍ୱୟ ହେଲେ, କଇନ୍ତା ଭୋଇ (୪୫) ଓ ତାଙ୍କ ପୁଅ ଆରତ(୫)। ଚକାପାଦ ପୁଲିସ୍ ଶବଦ୍ୱୟକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏନେଇ ଏକ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି।

ସୂଚନାନୁଯାୟୀ, ପୁଅ ଆରତକୁ ସାଥିରେ ନେଇ କଇନ୍ତା ଗୁରୁବାର ଦିନ ପୋଢ଼ ଚରାଇବାକୁ ନିକଟସ୍ଥ ଜଙ୍ଗଲକୁ ଯାଇଥିଲେ। କିନ୍ତୁ ଦୁହେଁ ଆଉ ଘରକୁ ଫେରିନଥିଲେ। କଇନ୍ତାଙ୍କ ସ୍ୱାମୀ ଗତକାଲି ବହୁ ଖୋଜାଖୋଜି କରିବା ପରେ ମଧ୍ୟ ପାଇନଥିଲେ। ତେବେ ଆଜି ପୁଣିଥରେ ଖୋଜିବାକୁ ଯାଇଥିବା ବେଳେ ଉଭୟ ମା’-ପୁଅଙ୍କ ଶବ ନାଳରେ ଭାସୁଥିବା ଦେଖିବାକୁ ପାଇଥିଲେ। ସେ ଦୁହିଁଙ୍କୁ ଉଦ୍ଧାର କରି ବ୍ରାହ୍ମଣପାଦ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଡାକ୍ତର ସେମାନଙ୍କୁ ମୃତ ଘୋଷଣା କରିଥିଲେ। ତେବେ କେଉଁ ପରିସ୍ଥିତିରେ ଦୁହିଁଙ୍କର ମୃତ୍ୟୁ ହେଲା, ସେନେଇ ତଦନ୍ତ ଚାଲିଥିବା ତଦନ୍ତକାରୀ ଅଧିକାରୀ ଏଏସ୍‌ଆଇ ନାରାୟଣ ପ୍ରଧାନ ସୂଚନା ଦେଇଛନ୍ତି।

# ଖରସ୍ରୋତାରୁ ନିଖୋଜ ଛାତ୍ରୀଙ୍କ ମୃତଦେହ ଉଦ୍ଧାର

**ସିଂହପୁର, ୧୮।୭(ସମିସ):** ଖରସ୍ରୋତା ନଦୀକୁ ଡେଇଁ ନିଖୋଜ ହୋଇଯାଇଥିବା ଛାତ୍ରୀଙ୍କ ମୃତଦେହ ଆଜି ଉଦ୍ଧାର କରାଯାଇଛି। ସିଂହପୁର ନିକଟବର୍ତ୍ତୀ କେନ୍ଦ୍ରାପଡ଼ା ଜିଲ୍ଲାର ଆଳି ଥାନା ଅନ୍ତର୍ଗତ ଗୋବିନ୍ଦପୁର ଗ୍ରାମର ସୁଧାଂଶୁ ଶେଖର ମିଶ୍ରଙ୍କ ଝିଅ ସସ୍ମିତା ଗତକାଲି ମଧ୍ୟାହ୍ନରେ ଖରସ୍ରୋତା ନଦୀକୁ ଡେଇଁ ଆତ୍ମହତ୍ୟା କରିଥିଲେ। ଗତକାଲିଠାରୁ ଓଡ୍ରାଫ ଟିମ୍ ଓ ବିଞ୍ଝାରପୁର ପୁଲିସ ଖୋଜାଖୋଜି ଜାରି ରଖିଥିଲେ। ତେବେ ଆଜି ଅପରାହ୍ନରେ ନଦୀରେ ବୁଡ଼ିବାର ୩୦୦ ମିଟର ଦୂର ଯାଜପୁର ଜିଲ୍ଲାର ଚନ୍ଦନପୁର ଗ୍ରାମ ନିକଟ ନଦୀରୁ ଛାତ୍ରୀଙ୍କ ମୃତଦେହ ଉଦ୍ଧାର କରାଯାଇଛି। ବିଞ୍ଝାରପୁର ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁ କରି ଯାଜପୁରକୁ ବ୍ୟବଚ୍ଛେଦ ପାଇଁ ପଠାଇଛନ୍ତି।

# ଭାଇବୋହୂକୁ ହାଣିଦେଲା ଦେଢ଼ଶୁର

**ଜମିବାଡ଼ି ବିବାଦ**

**କଲ୍ୟାଣସିଂହପୁର,୧୮।୭(ସମିସ):** ରାୟଗଡ଼ା ଜିଲ୍ଲା କଲ୍ୟାଣସିଂହପୁର ବ୍ଲକ ଧାମୁଣିପଙ୍ଗା ପଞ୍ଚାୟତର ଢେପାଗୁଡ଼ା ଗ୍ରାମରେ ଦେଢଶୁରର କୋଡ଼ି ଚୋଟରେ ଭାଇବୋହୂର ମୃତ୍ୟୁ ଘଟିଛି।

ପରିବାର ଲୋକଙ୍କ କହିବା ଅନୁଯାୟୀ, ଆଜି ସକାଳେ ବୈମାଝୀ ପ୍ରେପକା ନିଜ ବିଲକୁ କାମ କରିବାକୁ ଯାଇଥିଲେ। ତାଙ୍କ ସ୍ତ୍ରୀ ସୌଲେନ୍ଦ୍ରି ସାରକା (୩୫) ଘରେ ରୋଷେଇ କରୁଥିଲେ। ଦେଢ଼ଶୁର ଲତ୍ରା ପ୍ରେପକା (୬୦) ଧରିଥିବା କୋଡ଼ିରେ ଭାଇବୋହୂର ମୁଣ୍ଡରେ ଦୁଇ ଚୋଟ ମାରିଥିଲେ। ଫଳରେ ରକ୍ତ ଜୁଡୁବୁଡୁ ଅବସ୍ଥାରେ ସେ ରୋଷେଇ ଘରେ ପଡିରହିଥିଲା। ପ୍ରେପକା ଏହି ହତ୍ୟାକାଣ୍ଡ ବିଷୟରେ ପରିବାର ଲୋକଙ୍କୁ କହିଥିଲେ ମଧ୍ୟ ସେମାନେ ବିଶ୍ୱାସ କରି ନଥିଲେ। ତେବେ ସେ ବାରମ୍ବାର କହିବାରୁ ପିଲାମାନେ ଯାଇ ସୌଲେନ୍ଦ୍ରି ରକ୍ତ ଜୁଡୁବୁଡୁ ଅବସ୍ଥାରେ ପଡିରହିଥିବା ଦେଖିଥିଲେ।। ଖବର ପାଇ ସ୍ୱାମୀ ବୈମାଝୀ ଘଟଣାସ୍ଥଳରେ ପହଞ୍ଚି ସଙ୍ଗେ ସଙ୍ଗେ ରୋଗୀବୁହା ଗାଡି ଯୋଗେ ତାଙ୍କୁ ନେଇ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରିଥିଲେ। ଡାକ୍ତର ଚିନ୍ମୟ ନାୟକ ପ୍ରାଥମିକ ଚିକିତ୍ସା କରି ଅବସ୍ଥା ସଙ୍କଟାପନ୍ନ ଥିବାରୁ ତାଙ୍କୁ ରାୟଗଡ଼ା ମୁଖ୍ୟ ଚିକିତ୍ସାଳୟକୁ ପଠାଇଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଛନ୍ତି।

ପୂର୍ବରୁ ପରିବାର ମଧ୍ୟରେ ଜମିଜମା ଗଣ୍ଡଗୋଳ ଲାଗିରହିଥିଲା। ଆଜି ସକାଳୁ ବିଲରେ ଦୁଇ ଭାଇଙ୍କ ମଧ୍ୟରେ ବଚସା ହୋଇଥିଲା। ରାଗରେ ଆସି କୋଡ଼ି ଧରି ରଷେଇ ଘରେ ଭାଇବୋହୁକୁ ଆକ୍ରମଣ କରିଥିବା ଲତ୍ରା କହିଛନ୍ତି।

ବୈମାଝୀ ପ୍ରେପକା ଶିକ୍ଷକତା କରୁଥିବା ବେଳେ ସ୍ତ୍ରୀ ସୌଲେନ୍ଦ୍ରି ସାରକା କଲ୍ୟାଣସିଂହପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଅଧୀନରେ ସଦର ମହକୁମାରେ (ଏଏନ୍‌ଏମ) ମହିଳା ସ୍ୱାସ୍ଥ୍ୟ କର୍ମୀ ଭାବେ କାର୍ଯ୍ୟରତ। ଢେପାଗୁଡା ଗ୍ରାମରେ ପୁଲିସ ଅଧିକାରୀ ନୀଳକଣ୍ଠ ବେହେରା ପହଞ୍ଚି ତଦନ୍ତ ଚଳାଇଛନ୍ତି। ଭାଇବୋହୁର ମୃତ୍ୟୁ ଖବର ଶୁଣିବା ପରେ ନିଜେ ମାରିଥିବ କୋଡ଼ି ଧରି ଥାନାରେ ଦେଢଶୁର ଥାନାରେ ଆତ୍ମସମର୍ପଣ କରିଥିବା ଜଣାପଡ଼ିଛି। ସ୍ଥାନୀୟ ପୁଲିସ ରାୟଗଡା ସ୍ୱାସ୍ଥ୍ୟକେନ୍ଦ୍ରରେ ପହଞ୍ଚି ଶବ ଜବତ କରି ହତ୍ୟା ମାମଲା ରୁଜୁ କରିଛି। ଶବ ବ୍ୟବଚ୍ଛେଦ ପରେ ପରିବାରକୁ ହସ୍ତାନ୍ତର କରାଯିବ ବୋଲି ପୁଲିସ ପକ୍ଷରୁ ସୂଚନା ମିଳିଛି।

## ଅବଶିଷ୍ଟାଂଶ

### ପାସହାର ୯୦.୫୭%...

ବେଳେ ଛାତ୍ରଙ୍କ ୮୬.୧୬% ଓ ଛାତ୍ରୀଙ୍କ ୯୪.୦୯% ପାସହାର ରହିଛି। ସେହିପରି ବିଜ୍ଞାନରେ ୩୪୮ ପରୀକ୍ଷାର୍ଥୀଙ୍କ ମଧ୍ୟରୁ ୩୧୧ଜଣ ପାସ କରିଛନ୍ତି।

ମୋଟ୍ ପାସହାର ୮୯.୩୬% ଥିବା ବେଳେ ଛାତ୍ରଙ୍କ ୮୮.୩୪% ଏବଂ ଛାତ୍ରୀଙ୍କ ପାସହାର ୯୦.୮୪% ରହିଛି। ବାଣିଜ୍ୟରେ ୧୩୩ ପରୀକ୍ଷାର୍ଥୀଙ୍କ ମଧ୍ୟରୁ ୧୨୧ ଏବଂ ଧନ୍ଦାମୂଳକ ଶିକ୍ଷାରେ ୩୨ପରୀକ୍ଷାର୍ଥୀଙ୍କ ମଧ୍ୟରୁ ୨୯ଜଣ କୃତକାର୍ଯ୍ୟ ହୋଇଛନ୍ତି। ଜଗତସିଂହପୁର ଜିଲାର ଶହେ ପ୍ରତିଶତ ଛାତ୍ରଛାତ୍ରୀ ପାସ୍ କରିଥିବା ବେଳେ ନୂଆପଡ଼ାରେ ସର୍ବନିମ୍ନ ୩୩.୩୩ ପ୍ରତିଶତ ପିଲା ପାସ୍ କରିଥିବା ପରୀକ୍ଷା ନିୟନ୍ତ୍ରକ ପ୍ରଶାନ୍ତ କୁମାର ପରିଡ଼ା କହିଛନ୍ତି।

### ତିନି ତଦନ୍ତକାରୀ...

ତଦନ୍ତ ଆଜି ଜିଲ୍ଲାରେ ଚର୍ଚ୍ଚାର ବିଷୟ ହୋଇଛି। ଅନୁସନ୍ଧାନର ନିର୍ଯ୍ୟାସ କ’ଣ ବାହାରିବ, ସେନେଇ ସାଧାରଣରେ ଉତ୍କଣ୍ଠା ବଢ଼ି ଚାଲିଥିବା ବେଳେ ଏହି ଘଟଣା ସହ ପ୍ରତ୍ୟକ୍ଷ ଓ ପରୋକ୍ଷ ଭାବେ ସଂଶ୍ଳିଷ୍ଟ ଅନ୍ୟ ଅଭିଯୁକ୍ତଙ୍କ ଉପରୁ କେବେ ପରଦା ଉଠିବ, ସେନେଇ ଆଲେଚନା ଜୋର୍ ଧରିଛି।

ଘଟଣାର ବିଭିନ୍ନ ଦିଗକୁ ନେଇ ତଦନ୍ତ ଜାରି ରଖିଥିବା କ୍ରାଇମ୍‌ବ୍ରାଞ୍ଚର ଗୋଟିଏ ଟିମ୍ ଆଜି ସୌମ୍ୟାଶ୍ରୀଙ୍କ ପୈତୃକ ବାସଭବନକୁ ଯାଇ ତାଙ୍କ ପରିବାର ସଦସ୍ୟଙ୍କ ବୟାନ ରେକର୍ଡ କରିଥିବା ବେଳେ ଅନ୍ୟ ଏକ ଟିମ୍ କଲେଜ କ୍ୟାମ୍ପସ୍‌ରେ ପୀଡ଼ିତା ଛାତ୍ରୀଙ୍କ ସହପାଠୀମାନଙ୍କୁ ଡାକି ପଚରାଉଚରା କରିଛି।

ଅନ୍ୟପକ୍ଷରେ ଘଟଣାର ପୁଙ୍ଖାନୁପୁଙ୍ଖ ରିପୋର୍ଟ ସଂଗ୍ରହ କରିବା ପାଇଁ ଦିଲ୍ଲୀରୁ ୟୁଜିସିର ଚାରିଜଣିଆ ଏକ ଫ୍ୟାକ୍ଟଫାଇଣ୍ଡିଂ ଟିମ୍ ଆଜି ବାଲେଶ୍ୱରରେ ପହଞ୍ଚିଛି। କମିଟି ଅଧ୍ୟକ୍ଷ ପ୍ରଫେସର୍ ରାଜକୁମାର ମିତ୍ତଲଙ୍କ ନେତୃତ୍ୱରେ ସଦସ୍ୟା ପ୍ରଫେସର୍ସୁ କ୍ଷମା ଯାଦବ, ଡ. ନିରୋଜ ଗୁପ୍ତା, ୟୁଜିସିର ଯୁଗ୍ମସଚିବ ତଥା କମିଟିର ସଂଯୋଜକ ଡ. ଅସୀମା ମଙ୍ଗଲା ପ୍ରମୁଖ କଲେଜର ଭାରପ୍ରାପ୍ତ ଅଧ୍ୟକ୍ଷ ଫିରୋଜକାନ୍ତ ପାତ୍ରଙ୍କ ସହ ମାମଲାର ବିଭିନ୍ନ ଦିଗକୁ ନେଇ ଆଲେଚନା କରିଛନ୍ତି। ଏହାସହ ସୌମ୍ୟାଶ୍ରୀଙ୍କୁ ନିର୍ଯାତନା ଘଟଣା ବାବଦରେ ତଥ୍ୟ ସଂଗ୍ରହ କରିବା ସହ ଆତ୍ମାହୁତିର ବିଭିନ୍ନ ଦିଗ ଉପରେ ରିପୋର୍ଟ ସଂଗ୍ରହ କରିଛନ୍ତି। ସେହିପରି ପୀଡ଼ିତା ଛାତ୍ରୀଙ୍କ ସହପାଠୀମାନଙ୍କ ସହ ଆଲୋଚନା କରି ତଥ୍ୟ ସଂଗ୍ରହ କରିବା ସହ ଆଗକୁ ଏଭଳି ସମ୍ବେଦନଶୀଳ ଘଟଣା ଯେମିତି ନଘଟିବ, ସେନେଇ କଲେଜର ଭାରପ୍ରାପ୍ତ ଅଧ୍ୟକ୍ଷ ପ୍ରଫେସର୍ ପାତ୍ରଙ୍କ ସହ ଆଲୋଚନା କରିଛନ୍ତି। ଆସନ୍ତାକାଲି ଏହି ଟିମ୍‌ର ସଦସ୍ୟମାନେ ଦୁଇ ଭାଗରେ ବିଭକ୍ତ ହୋଇ ପୃଥକ୍ ପୃଥକ୍ ସ୍ଥାନରୁ ତଥ୍ୟ ସଂଗ୍ରହ କରିବେ। ଗୋଟିଏ ଟିମ୍ ସୌମ୍ୟାଶ୍ରୀଙ୍କ ପରିବାର ସଦସ୍ୟଙ୍କ ବୟାନ ରେକର୍ଡ କରିବାକୁ ଯିବ। ଅନ୍ୟ ଟିମ୍ କଲେଜ କ୍ୟାମ୍ପସ୍‌ର ଅନ୍ୟ ଦିଗ ଉପରେ ତଦନ୍ତ କରିବେ।

ସେହିପରି ଉଚ୍ଚଶିକ୍ଷା ବିଭାଗର ଆଉ ଏକ ଉଚ୍ଚସ୍ତରୀୟ କମିଟି ଆଜି ଅପରାହ୍ଣରେ ଆସି କଲେଜରେ ପହଞ୍ଚି ଘଟଣାର ଅନ୍ୟ ଦିଗ ଉପରେ ତଦନ୍ତକୁ ଆଗକୁ ବଢ଼ାଇଛନ୍ତି। କଲେଜର ଆଭ୍ୟନ୍ତରୀଣ ଅଭିଯୋଗ କମିଟି (ଆଇସିସି)ର ସଦସ୍ୟମାନଙ୍କୁ ଗୋଟି ଗୋଟି କରି ପଚରାଉଚରା କରିଛନ୍ତି। ତେବେ କମିଟିର ସଦସ୍ୟ ଥିବା ତିନିଜଣ ଛାତ୍ରୀ ଆଜି ତଦନ୍ତରେ ସାମିଲ ହୋଇନାହାନ୍ତି। ଏହା ତଦନ୍ତକାରୀ କମିଟି ଓ କଲେଜ କର୍ତ୍ତୃପକ୍ଷଙ୍କ ମୁଣ୍ଡବ୍ୟଥାର କାରଣ ପାଲଟିଛି। ଉଚ୍ଚଶିକ୍ଷା ବିଭାଗର ନିର୍ଦ୍ଦେଶକ ଡ. କାଳୀପ୍ରସନ୍ନ ମହାପାତ୍ରଙ୍କ ନେତୃତ୍ୱରେ ଗଠିତ ଏହି ଟିମ୍‌ରେ ବିଭାଗୀୟ ଯୁଗ୍ମ ସଚିବ ଡ. ମୌସୁମୀ ନାୟକ ଏବଂ ବିଜେବି ସ୍ୱୟଂଶାସିତ ମହାବିଦ୍ୟାଳୟ ଅଧ୍ୟକ୍ଷା ପ୍ରଫେସର୍ ଝୁମକି ରଥ ସାମିଲ ଅଛନ୍ତି। ସେମାନେ ଆଭ୍ୟନ୍ତରୀଣ ଅଭିଯୋଗ କମିଟି(ଆଇସିସି)ର ସଦସ୍ୟ ସଦସ୍ୟାମାନଙ୍କ ସହ ପୁଙ୍ଖାନୁପୁଙ୍ଖ ଆଲୋଚନା ଆଲୋଚନା କରିଥିବା ଜଣାପଡ଼ିଛି। ଆସନ୍ତାକାଲି ଟିମ୍ ଘଟଣାର ଅନ୍ୟ ଦିଗ ଉପରେ ତଦନ୍ତ କରିବ ବୋଲି ଜଣାପଡ଼ିଛି। ଅପରପକ୍ଷେ, ପୀଡ଼ିତାଙ୍କୁ ଆତ୍ମଦାହ ଭଳି ଜଘନ୍ୟ ନିଷ୍ପତ୍ତି ପାଇଁ ପ୍ରବର୍ତ୍ତାଇଥିବା ବ୍ୟକ୍ତିବିଶେଷ ଏବଂ ଏଭଳି ସମ୍ବେଦନଶୀଳ ଘଟଣାକୁ ଚାପି ଦେବାକୁ ରହିଥିବା ଅଦୃଶ୍ୟ ଚାପ ଆଦି ଉପରୁ ତିନିଟି ଯାକ ତଦନ୍ତକାରୀ ଟିମ୍ କେମିତି ପରଦାଉଠାଉଛନ୍ତି, ତାହା ସର୍ଭିଙ୍କ ଅପେକ୍ଷାରେ ରହିଛି। ଏଜେନ୍ସିଗୁଡ଼ିକର ତଦନ୍ତ ରିପୋର୍ଟ ରାଜ୍ୟ ସରକାରଙ୍କୁ ପ୍ରଦାନ କରାଯିବା ପରେ ପରବର୍ତ୍ତୀ କାର୍ଯ୍ୟାନୁଷ୍ଠାନ ସ୍ଥିରୀକୃତ ହେବ ବୋଲି ସୂଚନା ମିଳିଛି।

### ହେଲ୍ପଲାଇନ ନମ୍ବର...

ହେଲ୍ପଲାଇନ ନମ୍ବର ପ୍ରଦର୍ଶନ କରାଯିବ। ଏଥିପାଇଁ ବିଭାଗ ପକ୍ଷରୁ ସମସ୍ତ କୁଳସଚିବ ଓ ଅଧ୍ୟକ୍ଷମାନଙ୍କୁ ନିର୍ଦ୍ଦେଶ ଦିଆଯାଇଛି। କାର୍ଯ୍ୟସ୍ଥଳରେ ମହିଳାଙ୍କ ଯୌନ ଉତ୍ପୀଡ଼ନ (ନିବାରଣ, ନିଷେଧ ଓ ପ୍ରତିକାର) ଅଧିନିୟମ, ୨୦୧୩ ଏବଂ ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ (ୟୁଜିସି) ନିର୍ଦ୍ଦେଶାବଳୀକୁ କଡ଼ାକଡ଼ି ପାଳନ କରିବାକୁ କୁହାଯାଇଛି। ଏହାସହ ଛାତ୍ରୀଙ୍କ ସୁରକ୍ଷା ପାଇଁ ବିଭିନ୍ନ ସଚେତନତା କର୍ମଶାଳା ହେବ। କର୍ମଶାଳାରେ ସମସ୍ତ ଛାତ୍ରଛାତ୍ରୀ, ଶିକ୍ଷକ ଓ ଅଣଶିକ୍ଷକ କର୍ମଚାରୀ, ଆଭ୍ୟନ୍ତରୀଣ ଅଭିଯୋଗ କମିଟିର ସଦସ୍ୟ ଉପସ୍ଥିତ ରହିବେ। କର୍ମଶାଳାର ବିସ୍ତୃତ ବିବରଣୀ ୩ଦିନ ମଧ୍ୟରେ ଉଚ୍ଚଶିକ୍ଷା ବିଭାଗକୁ ପ୍ରଦାନ କରିବାକୁ କୁହାଯାଇଛି।

### ୬୪ କୋଟିର...

ସୂଚନାଯୋଗ୍ୟ ଯେ କମିସନି କାରବାର ଅଭିଯୋଗ ଆସିବା ପରେ ୧୯୮୭ରେ ଜେପିସି ତଦନ୍ତ ଆରମ୍ଭ ହେଲା। ୧୯୮୯ରେ ହୋଇଥିବା ଲୋକସଭା ନିର୍ବାଚନରେ ବୋଫର୍ସ ବିବାଦ ଘେରରେ ଥିବା ରାଜୀବ ଗାନ୍ଧୀ ସରକାରର ପତନ ଘଟିଥିଲା ଏବଂ ଭିପି ସିଂହ ପ୍ରଧାନମନ୍ତ୍ରୀ ହୋଇଥିଲେ। ୧୯୯୦ରେ ସିବିଆଇ ଏହି ମାମଲାରେ ଏଫ୍‌ଆଇଆର ଦାଖଲ କରିଥିଲା। ୧୯୯୯ରେ ପ୍ରଥମ ଚାର୍ଜସିଟ୍ ଦାଖଲ ହୋଇଥିଲା। ଏଥିରେ ୱିନ୍ ଚଡ୍ଢା, ମଧ୍ୟସ୍ଥି ସାଜିଥିବା କ୍ୱାତ୍ରୋଚି, ପ୍ରତିରକ୍ଷା ସଚିବ ଭଟନାଗର ଏବଂ ବୋଫର୍ସ କଂପାନୀର ନାମ ଥିଲା। ୨୦୦୪ରେ ଦିଲ୍ଲୀର ଏକ କୋର୍ଟ ପ୍ରମାଣ ଅଭାବରୁ ରାଜୀବ ଗାନ୍ଧୀଙ୍କ ନାମ ବାଦ୍ ଦେଇଥିଲା। ୨୦୦୬ରେ ଭାରତ ସରକାରଙ୍କ ଅନୁରୋଧ କ୍ରମେ କ୍ୱାତ୍ରୋଚିଙ୍କୁ ଆର୍ଜେଣ୍ଟିନାରେ ଅଟକ ରଖାଯାଇଥିଲା। କିନ୍ତୁ ଭାରତ ଓ ଆର୍ଜେଣ୍ଟିନା ମଧ୍ୟରେ ପ୍ରତ୍ୟର୍ପଣ ଚୁକ୍ତି ନଥିବାରୁ କ୍ୱାତ୍ରୋଚିଙ୍କୁ ମୁକ୍ତ କରାଯାଇଥିଲା। ଶେଷରେ ୨୦୧୧ରେ ଦିଲ୍ଲୀର ସିବିଆଇ କୋର୍ଟ ଏହି ମାମଲାରେ ପୂର୍ଣ୍ଣଚ୍ଛେଦ ପକାଇଥିଲେ। କୋର୍ଟ କହିଥିଲେ ଯେ କ୍ୱାତ୍ରୋଚିଙ୍କ ପ୍ରତ୍ୟର୍ପଣ ପାଇଁ ସରକାରୀ ତହବିଲରୁ ୨୫୦ କୋଟି ଟଙ୍କା ଖର୍ଚ୍ଚ ହୋଇସାରିଲାଣି। ଆଉ ଅଧିକ ଖର୍ଚ୍ଚ କରାଯିବା ସମ୍ଭବ ନୁହେଁ। ୧୯୯୩ରୁ ଭାରତ ଛାଡ଼ି ପଳାଇଥିବା କ୍ୱାତ୍ରୋଚିଙ୍କୁ ଆଉ ଅଣାଯାଇପାରିନଥିଲା।


**AFFIDAVIT**

Apana By virtue of an affidavit before the Notary Public, Titilagarh, on dated- 02/07/2025. I, **Bigantha Kharsel,** aged about 57 years, S/o Late Pitho, resident of At/Po- Bhatipada, P.S. Titilagarh, Dist- Bolangir (Odisha) affirm that, my actual name is **Bigantha Kharsel,** S/o. Pitho which is mentioned in my Railway service record but in my Aadhar Card my name has been mentioned as **Biganath Kharsel**, S/o. Pita Kharsel instead of **Bigantha Kharsel,** S/o. Pitho. That, **Bigantha Kharsel**, S/o. Pitho and **Biganath Kharsel**, S/o. Pita Kharsel is same and one person. Henceforth, I shall be known as **Bigantha Kharsel**, S/o. Pitho for all future purposes.

**Bigantha Kharsel**

**IN THE COURT OF THE CIVIL JUDGE (SENIOR DIVISION) ANGUL**
**CIVIL SUIT NO: 195 /2020**
Kumudini Naik
Versus
Prabhakar Naik and others

**DRAFT NOTICE**
U/O 5, RULE 20 OF CIVIL PROCEDURE CODE.

To,
D.5. Sharat Naik, Aged about 45 years, Vill: Amantapur, P.O.: Bimalbeda, P.S: Jarpada, Dist: Angul
Bibhuti Behera, Aged about 40 years, Son of Late Niladri Behera, Vill: Amantapur, P.O.: Bimalbeda, P.S: Jarpada, Dist: Angul
Whereas the above named Plaintiff filed a suit for registration of a sale deed and other reliefsYou are hereby noticed to appear in this Court in person or by a pleader duly instructed and able to answer all material questions relating to the case, or who shall be accompanied by some persons able to answer all such questions, on the 03rd day of September 2025, at 10 ½ O' clock in the forenoon, to answer the claim if any; and directed to file on that day a written statement of your defence and to produce on the said day all documents in your possession or power upon which you base your defence or claim for set-off or counter-claim, and where you rely on any other document whether in your possession or power or not, as evidence in support of your defence or claim for set-off or counter claim, you shall enter such documents in a list to be annexed to the written statement.
Take notice that, in default of your appearance on the day before mentioned, the suit will be heard and determined in your absence.
Given under my hand and the seal of the Court, this 11th day of July 2024.

**Sd/- Court of the Civil Judge (Sr. Divn) Angul**

**AFFIDAVIT**

I Arun Kumar Patra, S/o- Dibakar Patra, Village- Palusia, Po- Gopinathpur, Ps-Bhograi, Dist- Balasore declared by affidavit before Executive Magistrate, Bhograi, No. 2531/ 2025 that my daughter name as Hena Patra in her Birth and Matric certificate, that wrongly mentioned as Henarani Patra in Aadhar. Hena Patra and Henarani Patra is one & same person. Hence she shall be known as **Hena Patra** for all future purposes.

**AFFIDAVIT**

I, Manoj Kumar Samal, S/o- Dinabandhu Samal, resident of Plot No- 68, Sector-2, Niladri Vihar, Ps- Chandrasekarpur, Bhubaneswar, Pin- 751021, Dist- Khordha, Odisha declare by this affidavit No-1386, date- 14/07/2025 that now onwards I shall be known as **MANOJ SAMAL** for all future purposes.

**AFFIDAVIT**

By virtue of affidavit no . 8219 , sworn before Executive Magistrate, SADAR CUTTACK dated 18/07/2025, I, Jatadhari Sukula, S/o- Manu Sukula permanent resident of At/Po- NUAGARH, P.S-ASTARANGA, DIST-PURI, Odisha, Pin- 752109 declare that I have changed the name of my daughter from Rajshree Sukula to Rajashree Sukula. Henceforth she shall be known as **Rajashree Sukula** for all purpose.

**AFFIDAVIT**

By virtue of an affidavit sworn before the Executive Magistrate, Nabarangpur, no.830, dtd. 18/07/ 2025, I, Sri Gedala Venkat, S/o- Sri G. Babu Rao, resident of R.K. Colony, Nabarangpur state that, my original name's spelling is **Gedala Venkat** but in my son **Gedila Rohit Kumar**'s PM Shri Kendriya Vidyala school record my name has been wrongly recorded as **Gedila Venkat** instead of **Gedala Venkat**. Hence **Gedila Venkat** and **Gedala Venkat** is one and same person.

**AFFIDAVIT**

By virtue of an affidavit sworn before The Notary Public, Titilagarh on dated- 15/07/2025. I, **Mamata Majhi** (new name), W/o- Laxman Majhi, Address: At- Sikuan, PO- Marlad, PS- Titilagarh, Dist- Balangir (Odisha), PIN- 767066 declare that I have changed my name from **Lovely Majhi** (old name) To **Mamata Majhi** (new name). Henceforth, I shall be known as **Mamata Majhi** (new name) for all future purposes.

**(Mamata Majhi)**

**ହସ୍ତଶିଳ୍ପୀ ଇନ୍କ୍ୟୁବେସନ୍ କାର୍ଯ୍ୟକ୍ରମ**
KIIT-Technology Business Incubator (KIIT-TBI), Bhubaneswar

ଓଡିଶାର Applique (ଚାନ୍ଦୁଆ), Hand Painting (ହସ୍ତଚିତ୍ର), Ceramics/Terracotta (ସେରାମିକ୍ସ/ଟେରାକୋଟା) ଓ Silver Filigree (ରୁପା ତାରକସି) ଶିଳ୍ପୀ ଙ୍କ ପାଇ KIIT-TBI ଏବଂ ବିକାଶ ଆୟୁକ୍ତ (ହସ୍ତଶିଳ୍ପ), ବସ୍ତ୍ର ମନ୍ତ୍ରଣାଳୟ, ଭାରତ ସରକାର ଙ୍କର ମିଳିତ ଆନୁକୂଲ୍ୟ ରେ ଆୟୋଜିତ ହସ୍ତଶିଳ୍ପୀ ଇନ୍କ୍ୟୁବେସନ୍ କାର୍ଯ୍ୟକ୍ରମରେ ଚୟନ ପାଇ ଆବେଦନ କରନ୍ତୁ।

- ଚୟନ ତାରିଖ: ୨୨ ଜୁଲାଇ ୨୦୨୫
- ସ୍ଥାନ: କିଟ୍-ଟିବିଆଇ (KIIT-TBI), କ୍ୟାମ୍ପସ-୧୧, କିଟ୍ ବିଶ୍ୱବିଦ୍ୟାଳୟ, ଭୁବନେଶ୍ୱର
- ପ୍ରତି କଳାରୁ କେବଳ ୫ ଜଣ ମହିଳା ଶିଳ୍ପୀଙ୍କୁ ଚୟନ କରାଯିବ
- Stipend: ଦିନକୁ ଟଙ୍କା ୫୦୦.୦୦
- ଅବଧି: ୨.୫ ମାସ - ସମ୍ପୂର୍ଣନି: ଶୁଳ୍କ ଏବଂ ଆବାସିକ କାର୍ଯ୍ୟକ୍ରମ
- ଆବେଦନ ଲିଙ୍କ: https://sfurti.kiitincubator.in/

ବିବରଣୀ ଇମେଲ୍ କରନ୍ତୁ: debashis@kiitincubator.in. ଅଧିକ ସୂଚନା ପାଇଁ ଯୋଗାଯୋଗ କରନ୍ତୁ: 7751003502 / 9311429320

# ଜାତୀୟ ରାଜପଥ ପାଲଟିଛି ମରଣଯନ୍ତା

ଡେରାବିଶ,୧୮।୭(ସମିସ)



- ଠିକାଦାରଙ୍କ ଉପରେ ରାଜପଥ କର୍ତ୍ତୃପକ୍ଷଙ୍କ ନାହିଁ ନିୟନ୍ତ୍ରଣ
- ହମ୍ପସ୍ ଓ ଡାଇଭରସନ୍ ଯୋଗୁଁ ବଢ଼ୁଛି ଦୁର୍ଘଟଣା

ଚଣ୍ଡିଖୋଲ-ପାରାଦୀପ ଜାତୀୟ ରାଜପଥ ଏବେ ବାରିଖିଆ ରାସ୍ତାରେ ପରିଣତ ହେଉଛି । ଏହି ରାସ୍ତା କାମ କରୁଥିବା ଠିକାଦାର ମନମୁଖି ରାସ୍ତା କାମ କରୁଥିବା ଓ ଠିକାଦାରଙ୍କ କାର୍ଯ୍ୟକଳାପ ଉପରେ ଜାତୀୟ ରାଜପଥ କର୍ତ୍ତୃପକ୍ଷଙ୍କ କୌଣସି ନିୟନ୍ତ୍ରଣ ନ ଥିବା ନେଇ କେନ୍ଦ୍ରାପଡ଼ାର ବରିଷ୍ଠ ଆଇନଜୀବୀ ବିଧୁଭୂଷଣ ମହାପାତ୍ର ଅଭିଯୋଗ କରିଛନ୍ତି । ଶ୍ରୀ ମହାପାତ୍ରଙ୍କ କହିବା ଅନୁଯାୟୀ ଚଣ୍ଡିଖୋଲ-ପାରାଦୀପ ରାଜପଥ ସମ୍ପ୍ରସାରଣ କାର୍ଯ୍ୟ କରୁଥିବା ଠିକାଦାର ଜନସାଧାରଣଙ୍କ ସ୍ୱାର୍ଥ ପ୍ରତି ଦୃଷ୍ଟି ନ ଦେଇ କାମ କରୁଛନ୍ତି । ଏପରିକି ଏହି ଜାତୀୟ ରାଜପଥର ଡେରାବିଶ ବ୍ଲକ୍ ଅନ୍ତର୍ଗତ ପଞ୍ଚୁପାଣ୍ଡବଠାରୁ ଅଁଳାବାଙ୍କ ପର୍ଯ୍ୟନ୍ତ ଠିକାଦାର ଯେଉଁଠି ନାହିଁ ସେଠି ରାସ୍ତାକୁ ବନ୍ଦ କରି ଡାଇଭର୍ସନ ନିର୍ମାଣ କରୁଛନ୍ତି । ଏଥିସହିତ ବହୁ ସ୍ଥାନରେ ବଡ଼ ବଡ଼ ହମ୍ପସ୍ ନିର୍ମାଣ କରୁଛନ୍ତି । ଡାଇଭରସନ ପୂର୍ବରୁ ରାସ୍ତାରେ ଗାଡ଼ି ଚାଳକଙ୍କ ନିମନ୍ତେ ସୂଚନା ଫଳକ ଦିଆଯାଉନାହିଁ ଓ ଡାଇଭର୍ସନ ରାସ୍ତା ସଠିକ ଭାବେ ନିର୍ମାଣ କରାଯାଉନାହିଁ । ଫଳରେ ଏହା ମୃତ୍ୟୁ ପଥ ପାଲଟିଥିବା ଶ୍ରୀ ମହାପାତ୍ର କହିଛନ୍ତି । ଅଧିକାଂଶ ସମୟରେ ଏହି ଡାଇଭର୍ସନ ପାଇଁ ବହୁ ଦୁର୍ଘଟଣା ଘଟି ଧନଜୀବନ ହାନି ହେଉଛି । ଠିକାଦାରଙ୍କ ଦ୍ୱାରା ରାତାରାତି ରାସ୍ତାରେ ଡାଇଭର୍ସନର ସ୍ଥାନ ପରିବର୍ତ୍ତନ ହୋଇଯାଉଥିବାରୁ ଏହାକୁ ହଠାତ୍ ନ ଜାଣି ପାରି ପରଷ୍ପର ମଧ୍ୟରେ ଧକ୍କା ହେଉଥିବା ଶ୍ରୀ ମହାପାତ୍ର ପ୍ରକାଶ କରିଛନ୍ତି । ଛତା ଛକରେ ଠିକା ସଂସ୍ଥା ପକ୍ଷରୁ ଦୁଇଟି ରାସ୍ତାକୁ ବନ୍ଦ କରି ମାତ୍ର ଗୋଟିଏ ରାସ୍ତା ଖୋଲାଯାଇଛି । ଯେଉଁଥିରେ ଉଭୟ ପଟୁ ଗାଡ଼ି ଯିବାଆସିବା କରୁଛି । ଏହି ଛକ ବସ୍ତବହୁଳ ଛକ ହୋଇଥିବାରୁ ମାତ୍ର ଗୋଟିଏ ରାସ୍ତାରେ ଯାନବାହାନ ଯାତାୟାତ କରିବାରେ ବହୁତ ଅସୁବିଧା ହେଉଥିବା ଦେଖିବାକୁ ମିଳିଛି । ଏପରିକି ଏହି ରାସ୍ତା ନିର୍ମାଣରେ ଡିପିଆର ସମ୍ପର୍କରେ ସ୍ଥାନୀୟ ଜନପ୍ରତିନିଧି ଅବଗତ ନ ଥିବାରୁ ଏହି ରାସ୍ତାର ଡିଜାଇନ୍, ଏହା କେଉଁ ସାମଗ୍ରୀରେ ନିର୍ମାଣ କରାଯିବ, ତାହା ମଧ୍ୟ ସାଧାରଣ ଲୋକ ଅବଗତ ନାହାଁନ୍ତି । ଠିକାଦାର ରାସ୍ତା ନିର୍ମାଣ କରିବା ପାଇଁ ପାଖିଣ ବଦଳରେ ଡେରାବିଶ ବ୍ଲକ୍ ଅଞ୍ଚଳରେ ବିଭିନ୍ନ ସ୍ଥାନରୁ ମାଟି ସଂଗ୍ରହ କରି ରାସ୍ତା ନିର୍ମାଣ କରୁଥିଲେ । ଏ ସମ୍ପର୍କରେ ଶ୍ରୀ ମହାପାତ୍ର ବାରମ୍ବାର ଅଭିଯୋଗ କରିବା ପରେ ଠିକାଦାର ପାଖିଣ ବ୍ୟବହାର କରୁଛନ୍ତି । ଏଥିସହିତ ନିୟୋଜିତ ଶ୍ରମିକ ଓ ରାଜପଥରେ ଯାତାୟାତ କରୁଥିବା ଲୋକଙ୍କ ସୁରକ୍ଷା ପ୍ରତି ଆଦୌ ଦୃଷ୍ଟି ଦିଆଯାଉନାହିଁ । ଏ ସମ୍ପର୍କରେ ଜାତୀୟ ରାଜପଥ କର୍ତ୍ତୃପକ୍ଷ ଜାଣି ଅଜଣା ସାଜୁଛନ୍ତି । ତୁରନ୍ତ ଜାତୀୟ ରାଜପଥ କର୍ତ୍ତୃପକ୍ଷ ଓ କେନ୍ଦ୍ରାପଡ଼ା ଜିଲ୍ଲା ପ୍ରଶାସନ ଏଥିପ୍ରତି ଦୃଷ୍ଟି ଦେଇ ଠିକାଦାରଙ୍କ ମନମୁଖି କାର୍ଯ୍ୟକଳାପ ପ୍ରତି ଦୃଷ୍ଟି ଦେବାକୁ ଶ୍ରୀ ମହାପାତ୍ର ଦାବି କରିଛନ୍ତି ।

## ୯ ଓ ୧୦ନଂ ୱାର୍ଡରେ ମା’ ପାଇଁ ଗଛଟିଏ କାର୍ଯ୍ୟକ୍ରମ



ଜଗତସିଂହପୁର,୧୮।୭(ସମିସ): ଜଗତସିଂହପୁର ପୌର ପରିଷଦ ଅନ୍ତର୍ଗତ ୱାର୍ଡ ନମ୍ବର ୯ ଓ ୧୦ରେ ମା’ ପାଇଁ ଗଛଟିଏ କାର୍ଯ୍ୟକ୍ରମରେ ବୃକ୍ଷରୋପଣ ଅନୁଷ୍ଠିତ ହୋଇଯାଇଛି । ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଜଗତସିଂହପୁର ବିଧାୟକ ଅମରେନ୍ଦ୍ର ଦାସ ଯୋଗଦେଇ ବୃକ୍ଷରୋପଣ କରିଥିଲେ । ଏହି ବୃକ୍ଷରୋପଣ କାର୍ଯ୍ୟକ୍ରମ କୋର୍ଟ ଛକସ୍ଥ ରାମମନ୍ଦିର, ନିତ୍ୟାନନ୍ଦ ଆଶ୍ରମ ପରିସରରେ ଅନୁଷ୍ଠିତ ହୋଇଥିଲା । ଅନ୍ୟମାନଙ୍କ ମଧ୍ୟରେ ବିଧାୟକଙ୍କ ପୌର ପରିଷଦ ପ୍ରତିନିଧି ସୁଶାନ୍ତ ରଞ୍ଜନ ସ୍ୱାଇଁ, ବରିଷ୍ଠ ବିଜେପି କର୍ମୀ ଶ୍ରୀକାନ୍ତ ଚୌଧୁରୀ, ସ୍ମୃତିରଞ୍ଜନ ସାହୁ, ଜନ୍ମେଜୟ ଜେନା, ପ୍ରଦୀପ୍ତ ସାହୁ, ସୌମ୍ୟରଞ୍ଜନ ସାହୁ, ବନ୍ଦିତା ସାହୁ, ଅରବିନ୍ଦ ସାହୁ, ହୃଷିକେଶ ପଣ୍ଡା, ବାବାଜୀ ଦାସ ପ୍ରମୁଖ ଉପସ୍ଥିତ ଥିଲେ ।

## ଦୁଇଟି ସ୍ଥାନରୁ ମଦ ଜବତ

ପାରାଦୀପ,୧୮।୭(ସମିସ):ଜେଏସଡବ୍ଲ୍ୟୁ ଓ ଏହାସନ୍ନିକଟ ଗ୍ରାମରେ ଚୋରାମଦ କାରବାର ଦିନକୁ ଦିନ ବଢ଼ିଚାଲିଛି । ଏହି ଚୋରା ମଦ ବେପାରୀଙ୍କୁ ଧରିବା ପାଇଁ ଅଭୟଚାନ୍ଦପୁର ଥାନା ପକ୍ଷରୁ ଉଦ୍ୟମ ଜାରି ରହିଛି । ଗତକାଲି ବିଳମ୍ବିତ ରାତିରେ ଅଭୟଚାନ୍ଦପୁର ଥାନା ଅଧୀନ ଦୁଇଟି ପୃଥକ ସ୍ଥାନରୁ ଦୁଇ ଚୋରାମଦ ବେପାରୀଙ୍କୁ ଅଭୟଚାନ୍ଦପୁର ପୁଲିସ ଗିରଫ କରି ଆଜି କୋର୍ଟ ଚାଲାଣ କରିଛି । ସେମାନେ ହେଲେ ନୂଆଗାଁର ରାଜେନ୍ଦ୍ର ଡାଲୁଆ (୩୪) ଓ କୁଜଙ୍ଗ ଜଗନ୍ନାଥପୁରର ପ୍ରହ୍ଲାଦ ସେଠୀଙ୍କ ପୁଅ ମାନସ ସେଠୀ (୪୨) । ସେମାନଙ୍କ ନିକଟରୁ ୮.୫ ଲିଟର ବିଦେଶୀ ମଦ ଜବତ କରିଛି ପୁଲିସ ।

## ସମବାୟ ସମିତି ସମ୍ପାଦକ ଓ କର୍ମଚାରୀଙ୍କୁ ପ୍ରଶିକ୍ଷଣ

କୁଜଙ୍ଗ,୧୮।୭(ସମିସ): କୁଜଙ୍ଗ ବ୍ଲକ ରାହାମାସ୍ଥ ନିୟନ୍ତ୍ରିତ ବଜାର କମିଟି ପରିସରରେ ଜିଲ୍ଲା ପ୍ରଶାସନ ପକ୍ଷରୁ କୁଜଙ୍ଗ ବ୍ଲକ ଓ ଏରସମା ବ୍ଲକରେ ଥିବା ସମସ୍ତ ପ୍ରାଥମିକ ସମବାୟ ସମିତି ସମ୍ପାଦକ, ସହସମ୍ପାଦକ, କମ୍ପ୍ୟୁଟର ଅପରେଟରଙ୍କୁ ଆଗାମୀ ଖରିଫ୍ ବିପଣନ ଋତୁ ୨୦୨୫-୨୬ ଧାନ ସଂଗ୍ରହ ପାଇଁ ନାମ ପଞ୍ଜୀକରଣକୁ ନେଇ ପ୍ରଶିକ୍ଷଣ ପ୍ରଦାନ କରାଯାଇଛି । ଏହି ଶିବିରରେ ଜଗତସିଂହପୁର ଡିଏସଓ ଦତ୍ତାତ୍ରୟ ଟୁଡୁ, ଡିଆରସିଏସ୍ ପ୍ରଭାତ ଶତପଥୀ, ଅନ୍ୟ ପ୍ରଶିକ୍ଷକ, କୁଜଙ୍ଗର ଫିଲ୍ଡ ଅଫିସର, ଏରସମାର ଫିଲ୍ଡ ଅଫିସର ପ୍ରମୁଖ ଯୋଗଦେଇ ପ୍ରଶିକ୍ଷଣ ପ୍ରଦାନ କରିଥିଲେ ।

## ଇଚ୍ଛାମଣି ମହାନ୍ତିଙ୍କ ପରଲୋକ



କୁଜଙ୍ଗ,୧୮।୭(ସମିସ): କୁଜଙ୍ଗ ବ୍ଲକ୍ ସାଇଲୋ ପଞ୍ଚାୟତ ଭରାଳ ଗ୍ରାମର ସ୍ୱର୍ଗତ ଜଗବନ୍ଧୁ ମହାନ୍ତଙ୍କ ପତ୍ନୀ ଇଚ୍ଛାମଣି ମହାନ୍ତି(୯୨)ଙ୍କ ପରଲୋକ ହୋଇଯାଇଛି । ସେ ଗତ କିଛିଦିନ ଧରି ବାର୍ଦ୍ଧକ୍ୟଜନିତ ରୋଗରେ ପୀଡ଼ିତ ଥିଲେ । ଗ୍ରାମ ଶ୍ମଶାନରେ ଶେଷକୃତ୍ୟ ହୋଇଥିବାବେଳେ ପୁଅ ପ୍ରଦୀପ ମହାନ୍ତି ମୁଖାଗ୍ନି ଦେଇଥିଲେ । ମୃତ୍ୟୁଶଯ୍ୟା ନିକଟରେ ପୁତୁରା ତଥା ସାହିତ୍ୟିକ ବୈଷ୍ଣବ ଚରଣ ମହାନ୍ତି, ଗ୍ରାମର ମୁରବୀ ପ୍ରମୋଦ ସାହୁ, ସୁରେନ୍ଦ୍ର ମହାନ୍ତି, ନାତି ଲୋକନାଥ ମହାପାତ୍ର, ବିନମ୍ର ମହାନ୍ତି, ସାରଦା ପ୍ରସନ୍ନ ମହାନ୍ତି ପ୍ରମୁଖ ଉପସ୍ଥିତ ଥିଲେ ।

## ବନ୍ୟାଞ୍ଚଳରେ ସ୍ୱାସ୍ଥ୍ୟସେବା ଶିବିର



ରାଜନଗର, ୧୮।୭(ସମିସ): ରାଜନଗର ବ୍ଲକର ଧୋୟାଞ୍ଚଳ ବନ୍ଧପଡ଼ା ପଞ୍ଚାୟତର ଦାଣ୍ଡି, ସନ୍ତପଡ଼ା, ଗୋବିନ୍ଦପୁର, ଟାଙ୍ଗନତୈଳା, ଓସ୍ତିଆ, ବେଲପାଳ, ଚନ୍ଦନପୁର, ରାଜପୁର ପ୍ରଭୃତି ଗାଁ ପାଣିଘେରରେ ରହିଛି । ଏ ଅଞ୍ଚଳର ଲୋକଙ୍କୁ ରାଜନଗର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ପକ୍ଷରୁ ସ୍ୱାସ୍ଥ୍ୟସେବା ଯୋଗାଇ ଦିଆଯାଉଛି । ଥଣ୍ଡା ଜ୍ୱର, କାଶ, ଝାଡ଼ାବାନ୍ତି ପାଇଁ ଆବଶ୍ୟକ ଔଷଧ ବଣ୍ଟନ ସହିତ ବନ୍ୟା ସମୟରେ ଗର୍ଭବତୀ ମହିଳା, ଶିଶୁଙ୍କ ଯତ୍ନନେବାକୁ ପରାମର୍ଶ ଦିଆଯାଉଛି । ଭାରପ୍ରାପ୍ତ ଚିକିତ୍ସାଧିକାରୀ ଡା. ରଶ୍ମିରଞ୍ଜନ ମହାନ୍ତି, ଡା. ମନୋରଞ୍ଜନ ନାଥ, ଡା. ଟିଟି ମିଶ୍ର ଟାଙ୍ଗଣତୈଳା ଓ ଚନ୍ଦନପୁର, ରାଜପୁର ଗାଁରେ ପହଞ୍ଚି ଲୋକଙ୍କୁ ପରାମର୍ଶ ଦେଇଛନ୍ତି । ନଳକୂପ ପାଣି ବ୍ୟବହାର କରିବା ପୂର୍ବରୁ ବିଶୋଧନ କରି ପିଇବା ଉପରେ ଅଧିକ ଗୁରୁତ୍ୱ ଦେଇଛନ୍ତି । ଏହି କାର୍ଯ୍ୟକ୍ରମରେ ସ୍ୱାସ୍ଥ୍ୟକର୍ମୀ, ଅଙ୍ଗନବାଡି କର୍ମୀ ଓ ଆଶା କର୍ମୀ ସହଯୋଗ କରୁଛନ୍ତି । ଏଥିରେ ବିପିଏମ ଶ୍ରୀକାନ୍ତ ଦାସ, ହିମାଂଶୁ ଶେଖର ଦାସ ପ୍ରମୁଖ ସହଯୋଗ କରିଥିଲେ ।

## କାଦୁଅରେ ଫସିଲା ଯାତ୍ରା ପାର୍ଟି ଗାଡ଼ି

ପଞ୍ଚୁପାଣ୍ଡବ,୧୮।୭(ସମିସ): ଡେରାବିଶ ବ୍ଲକ୍ ରଘୁଦେଇପୁର ପଞ୍ଚାୟତ ଅନ୍ତର୍ଗତ ରାଜନଗର ଗ୍ରାମରେ ଏକ ଯାତ୍ରା ଗାଡ଼ି କାଦୁଅରେ ଫସିଥିବା ଦେଖିବାକୁ ମିଳୁଛି । ତିନିଦିନ ଧରି ବାଘାଯତୀନ ଲୋକ ନାଟ୍ୟ ଟ୍ରକ୍ କାଦୁଅରେ ଫସି ରହିଛି । ଏହି ଯାତ୍ରା ପାର୍ଟି ଗାଡ଼ି ସ୍ଥାନୀୟ ଗ୍ରାମର ରାଜନହରରେ ରହି ରିହଲସଲ କରିବା ପାଇଁ ଆସିଥିବା ସ୍ଥାନୀୟ ଲୋକେ କହିଛନ୍ତି ।

## ବନ୍ୟା ଯୋଗୁଁ ପଦିନିପାଳ ପଞ୍ଚାୟତ ପ୍ରଭାବିତ



ଆଳି, ୧୮।୭(ସମିସ): ବନ୍ୟା ଯୋଗୁଁ ପଦିନିପାଳ ପଞ୍ଚାୟତର ଦୁଇଟି ଗାଁ ଓ ଭୂଇଁପୁର ପଞ୍ଚାୟତର ଗୋଟିଏ ଗାଁ ବାହ୍ୟଜଗତରୁ ବିଚ୍ଛିନ୍ନ ହୋଇଯାଇଛି । ଫଳରେ ସାଧାରଣ ଲୋକେ ନାହିଁ ନ ଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି । ପଦିନିପାଳ ପଞ୍ଚାୟତର ଦୁଇଟି ରାଜସ୍ୱ ଗ୍ରାମ ପଦିନିପାଳ ଓ ଦୈତାରୀପୁରର ପାଖାପାଖି ୧୪ଟି ୱାର୍ଡରେ ୭ ଶହରୁ ଊର୍ଦ୍ଧ୍ୱ ପରିବାର ଲୋକ ବସବାସ କରନ୍ତି । ସେହିପରି ଭୂଇଁପୁର ପଞ୍ଚାୟତର କଳମଡା ଶାସନ ଗ୍ରାମରେ ୧ଟି ୱାର୍ଡର ୨ଶହରୁ ଊର୍ଦ୍ଧ୍ୱ ପରିବାର ବସବାସ କରନ୍ତି । ଏହି ତିନୋଟି ଗ୍ରାମକୁ ଚତୁପାର୍ଶ୍ୱରୁ ଘେରି ରଖିଥିବା ଖରସ୍ରୋତା ଓ ଏହାର ଶାଖା ନଦୀ କାଣୀ ନଦୀରେ ବନ୍ୟା ଆସିବା ଯୋଗୁଁ ଏହି ତିନିଟି ଗ୍ରାମର ଏକମାତ୍ର ରାସ୍ତା ବନ୍ୟାଜଳରେ ବୁଡ଼ିଯାଇଛି । ଫଳରେ ଯାତାୟାତ ବାଧାପ୍ରାପ୍ତ ହୋଇଛି । ଲୋକେ ଖାଦ୍ୟ ଓ ପାନୀୟଜଳ ପାଇଁ ହନ୍ତସନ୍ତ ହେଉଛନ୍ତି । ଏଯାବତ ପ୍ରଶାସନ ପକ୍ଷରୁ କୌଣସି ସହାୟତା କିମ୍ବା କୌଣସି ଅଧିକାରୀଙ୍କ ଦେଖାନାହିଁ । ଯାହାକୁ ନେଇ ଆଜି ପଦିନିପାଳ ସରପଞ୍ଚ ବିକ୍ରମ ମଲ୍ଲିକ, ବସନ୍ତ ମହାନ୍ତି, ଗୁରୁଚରଣ ଜେନା, ବାସୁଦେବ ବାରିକ, ଭୋଳାନାଥ ରାଉତ, ଅଶୋକ ଲେଙ୍କା, ରମାକାନ୍ତ ଦାଶ, କ୍ଷୀରୋଦ ମଲ୍ଲିକ, ବିନୋଦ ରାୟଙ୍କ ସହ ଶତାଧିକ ଲୋକେ ପ୍ରତିବାଦ କରିଛନ୍ତି । ଯଥାଶୀଘ୍ର ଏ ସମସ୍ୟାର ନିରାକରଣ କରାଯିବାକୁ ସରକାରଙ୍କ ନିକଟରେ ଦାବି କରିଛନ୍ତି ।

## ଗୁରୁକୁଳରେ ‘ଆସ ଭେଟିବା ଆମ ପିଲାଙ୍କୁ’ କାର୍ଯ୍ୟକ୍ରମ



ଜଗତସିଂହପୁର,୧୮।୭ (ସମିସ): ଜଗତସିଂହପୁର ସାରସ୍ୱତ ପରିଷଦ ପକ୍ଷରୁ ଏକ ନିଆରା ବୌଦ୍ଧିକ ପ୍ରଶ୍ନୋତର କାର୍ଯ୍ୟକ୍ରମ ‘ଆସ ଭେଟିବା ଆମ ପିଲାଙ୍କୁ’ ସ୍ଥାନୀୟ ତରଡାପଡ଼ାସ୍ଥ ଟାଇମ୍ସ ଗୁରୁକୁଳ ପରିସରରେ ଅନୁଷ୍ଠିତ ହୋଇଯାଇଛି । ଏ ଅବସରରେ ବିଦ୍ୟାର୍ଥୀଙ୍କ ମଧ୍ୟରେ କୁଇଜ୍ ପ୍ରତିଯୋଗିତା ଆୟୋଜନ କରାଯାଇଥିଲା । ଏଥିରେ ୧୯ ଜଣ ଛାତ୍ରଛାତ୍ରୀ ଭାଗ ନେଇଥିଲେ । କୁଇଜ୍ ମାଷ୍ଟର ଭାବେ ଅଧକ୍ଷ ପ୍ରହ୍ଲାଦ ନାୟକ ଯୋଗଦେଇ ୫ ଜଣ କୃତୀ ପ୍ରତିଯୋଗୀଙ୍କୁ ଚୟନ କରିଥିଲେ । ପୁରସ୍କାର ବିତରଣୀ ସଭାରେ ପରିଷଦର ସଭାପତି ଅବସରପ୍ରାପ୍ତ ଅଧ୍ୟାପକ ଓ ସ୍ତମ୍ଭକାର ହିମାଂଶୁ ଆଚାର୍ଯ୍ୟ ଅଧକ୍ଷତା କରିଥିଲେ । ମୁଖ୍ୟଅତିଥି ଭାବେ ରାଷ୍ଟ୍ରପତି ପୁରସ୍କାରପ୍ରାପ୍ତ ସେବାନିବୃତ୍ତ ପ୍ରଧାନଶିକ୍ଷକ ନିକୁଞ୍ଜ ବେହେରା ଯୋଗଦେଇ ପ୍ରତିଯୋଗୀଙ୍କୁ ଉତ୍ସାହିତ କରିବା ସହିତ ଭୁଲିଯିବା ଭାରି ସହଜ ଓ ମନେ ରଖିବା ଭାରି କଷ୍ଟ ବୋଲି କହିଥିଲେ । ଅନ୍ୟମାନଙ୍କ ମଧ୍ୟରେ ଅନୁଷ୍ଠାନର ନିର୍ଦ୍ଦେଶକ ରଶ୍ମିରଞ୍ଜନ ମିଶ୍ର, ଶିକ୍ଷୟିତ୍ରୀ ଏଲିନା ଦାସ ଓ ସୌମ୍ୟା ପ୍ରିୟଦର୍ଶିନୀ ପ୍ରମୁଖ ଯୋଗଦେଇ ନିରନ୍ତର ଅଭ୍ୟାସ ଓ କଠିନ ପରିଶ୍ରମ ବଳରେ ବିଦ୍ୟାର୍ଥୀ କେବଳ କୁଇଜ୍ ନୁହେଁ, ସବୁ କ୍ଷେତ୍ରରେ ସଫଳତା ହାସଲ କରିପାରିବେ ବୋଲି ମତବ୍ୟକ୍ତ କରିଥିଲେ । କୃତୀ ବିଦ୍ୟାର୍ଥୀ ତୁଷାର ବାରିକ, ଆଲିଆ ପରବିନ, ସାଇ ତନିଷ୍କା ଦାସ, ଶ୍ରେୟାଂସୀ ସାହୁ ଓ ଆକୃତି ମନ୍ଥନଙ୍କୁ ପରିଷଦ ପକ୍ଷରୁ ମହାପୁରୁଷଙ୍କ ଜୀବନୀ ପୁସ୍ତକ ପ୍ରଦାନ ପୂର୍ବକ ପୁରସ୍କୃତ କରାଯାଇଥିଲା । ଶିକ୍ଷୟିତ୍ରୀ ସୁଶ୍ରୀ ଅଞ୍ଜୁଷା ଧନ୍ୟବାଦ ଦେଇଥିଲେ ।

## ଆଳି ବିଧାୟକଙ୍କ ଧୋୟାଞ୍ଚଳ ପରିଦର୍ଶନ



ଆଳି, ୧୮।୭(ସମିସ): ଖରସ୍ରୋତା, ବ୍ରାହ୍ମଣୀ ଓ କାଣୀ ନଦୀରେ ପ୍ରଥମ ବନ୍ୟା ଜଳ ଆସିବା ଯୋଗୁଁ ଆଳି ବ୍ଲକ୍‌ର ଶତାଧିକ ଗ୍ରାମ ଜଳବନ୍ଦୀ ହୋଇଛି । ଆଜି ଆଳି ବିଧାୟକ ପ୍ରତାପ କେଶରୀ ଦେବ, ବିଡିଓ ଅବିନାଶ ବିଶ୍ୱଜିତ ସେଠୀ, ଏବିଡିଓ ସୁମତ ବେହେରା, ବ୍ଲକ୍ ସହକାରୀ ଯନ୍ତ୍ରୀ ପ୍ରଭାତ ପରିଡ଼ା, ମିହିର ଦାସ, ୧ନଂ ଜୋନ ଜିଲ୍ଲା ପରିଷଦ ପ୍ରତିନିଧ କେଦାରନାଥ ବେହେରା, ସଂସିଧା ସରପଞ୍ଚ ଦୀପକ ଭୂୟାଁ, ଜ୍ୟୋତିରଞ୍ଜନ ଭୂୟାଁ, ସୁବ୍ରତ ଦାଶ ପ୍ରମୁଖ ଧୋୟାଞ୍ଚଳର ସଂସିଧା, ମଙ୍ଗରାଜପୁର, ଠାକୁରପାଟଣା, ପେତପଡ଼ା, ଏରଡଙ୍ଗ, ପାଳିମି, ତିମିରିପାଳ ପଞ୍ଚାୟତ ଗସ୍ତ କରି ବନ୍ୟା ପରିସ୍ଥିତି ସମୀକ୍ଷା କରିଥିଲେ । ଲୋକେ ଘରୁ ପଦାକୁ ବାହାରି ପାରୁ ନ ଥିବାବେଳେ ଗୃହପାଳିତ ପଶୁ ଗୁହାଳରେ ବନ୍ଧା ହୋଇ ରହିଛନ୍ତି । ସେହିପରି ବ୍ରାହ୍ମଣୀ ନଦୀ କୂଳରେ ପତ୍ରପୁର, ନରେନ୍ଦ୍ରପୁର, ମାଣିକପାଟଣା, ଏକମାଣିଆ, ଦଶିପୁର, ସାହୁପଡ଼ା, ବିଜୟନଗର, ଇଚ୍ଛାପୁର, ଦିନିଆରୀ, ଜମୁଦଣ୍ଡା, ତଅଁଳାଡିହା, ପଦନିପାଳ ଅଞ୍ଚଳର ଲୋକେ ପ୍ରଭାବିତ ହୋଇଛନ୍ତି । ଖରଖରୀ, ନାଟରାରେ ସୃଷ୍ଟି ହୋଇଥିବା ଘଳିଆକୁ ବାଲି ବସ୍ତା ପକାଇ ବନ୍ଦ କରାଯାଇଥିବାବେଳେ ହଦୁଆ ନିକଟରେ ଦୁର୍ବଳ ନଦୀବନ୍ଧକୁ ଅଞ୍ଚଳବାସୀ ଦିନରାତି ଜଗି ରହିଛନ୍ତି ।

## ବନ୍ଦରରେ ୧୧ ମକ୍ କ୍ଲିନିଙ୍ଗ ଶ୍ରମିକଙ୍କୁ ପୁନଃନିଯୁକ୍ତି

ପାରାଦୀପ,୧୮।୭(ସମିସ): ଦୀର୍ଘ ୧୮ ମାସ ଧରି ଛଟେଇ ହୋଇଥିବା ଆକା ଲଜିଷ୍ଟିକ ଲିମିଟେଡ଼, ଆଇଓଏଚପି, ପାରାଦୀପ ବନ୍ଦର ଅଥରିଟି ଅଧୀନରେ କାର୍ଯ୍ୟ କରୁଥିବା ୧୧ ଜଣ ମକ୍ କ୍ଲିନିଙ୍ଗ ଶ୍ରମିକଙ୍କୁ ପୁନଃନିଯୁକ୍ତି ମିଳିଛି । ଏଥିପାଇଁ ପାରାଦୀପ ପୋର୍ଟ ୱାର୍କର୍ସ ୟୁନିଅନର ସଭାପତି ତଥା ସାଂସଦ ଡଃ ବିଭୁପ୍ରସାଦ ତରାଇ ପ୍ରୟାସ କରିଥିବାରୁ ତାଙ୍କୁ ସମ୍ବର୍ଦ୍ଧିତ କରାଯାଇଛି । ୟୁନିୟନ ସଭା ଗୃହରେ ଆୟୋଜିତ ସମ୍ବର୍ଦ୍ଧନା ସଭାରେ ୟୁନିଅନର ୧୧ ଜଣ ମକ୍ କ୍ଲିନିଙ୍ଗ ଶ୍ରମିକ ଉପସ୍ଥିତ ରହି ସଭାପତି ଶ୍ରୀ ତରାଇଙ୍କୁ ସମ୍ବର୍ଦ୍ଧିତ କରିଥିଲେ । ଏମାନେ ଚାକିରି ହରାଇ ୧୮ ମାସ ଧରି ବହୁ ଦୟନୀୟ ଅବସ୍ଥାରେ ଦିନ କାଟୁଥିଲେ । ପିଲାଙ୍କ ପାଠପଢ଼ାଠାରୁ ଆରମ୍ଭ କରି ପରିବାର ଚଳାଇବା, କୋର୍ଟ କଚେରୀ ଦୌଡ଼ିବା ଯେ କେତେ କଷ୍ଟ; ତାହା ଏହି ୧୧ ପରିବାର ହିଁ ଅନୁଭବ କରିଥିଲେ । ଉକ୍ତ ଶ୍ରମିକମାନେ ପୂର୍ବରୁ ତିନି ତିନିଟା ୟୁନିଅନରେ ସଦସ୍ୟ ଥାଇ ମଧ୍ୟ କୌଣସି ୟୁନିଅନର କର୍ମକର୍ତ୍ତା ସେମାନଙ୍କ ପ୍ରତି ଆନ୍ତରିକତା ଦେଖାଇ ନ ଥିଲେ । ବିଭୁପ୍ରସାଦଙ୍କ ନେତୃତ୍ୱରେ ପୁନଃନିଯୁକ୍ତି ମିଳିଥିବା ୧୧ ଜଣ ଶ୍ରମିକ କହିଛନ୍ତି । ଅନ୍ୟପକ୍ଷରେ ପାରାଦୀପ ବନ୍ଦରର ଶ୍ରମିକମାନେ ଶୃଙ୍ଖଳିତ ଭାବେ ବନ୍ଦରକୁ ସାହାଯ୍ୟ କରିବା ସହିତ ବିଭିନ୍ନ କମ୍ପାନୀକୁ ସହଯୋଗ କରିବେ, ତେବେ ତାଙ୍କ ୟୁନିଅନ ଶ୍ରମିକଙ୍କ ସ୍ୱାର୍ଥ ପାଇଁ ଚେଷ୍ଟା ଜାରି ରଖିବ ବୋଲି ଶ୍ରୀ ତରାଇ କହିଥିଲେ । ଉକ୍ତ ସମ୍ବର୍ଦ୍ଧନା ସଭାରେ ସମସ୍ତ ମକ କ୍ଲିନିଙ୍ଗ ଶ୍ରମିକଙ୍କ ସହିତ ସାଧାରଣ ସମ୍ପାଦକ ନୃସିଂହ ପ୍ରସାଦ ଶତପଥୀ, ଉପସଭାପତି ଗୁଣନିଧି ଚୌଧୁରୀ, କୋଷାଧ୍ୟକ୍ଷ ବ୍ରିଜେଶ ଲେଙ୍କା, ସମ୍ପାଦକ ବିପ୍ଲବ ଜେନାଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା ।

## କଳିଙ୍ଗ ମହିଳା ଶକ୍ତିର କ୍ୟାଣ୍ଡେଲ ଶୋଭାଯାତ୍ରା



ପାରାଦୀପ,୧୮।୭(ସମିସ): ବାଲେଶ୍ୱର ଫକୀରମୋହନ ମହାବିଦ୍ୟାଳୟ ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କୁ ନ୍ୟାୟ ଦାବିରେ ପାରାଦୀପ କଳିଙ୍ଗ ମହିଳା ଶକ୍ତି ପକ୍ଷରୁ ଏକ କ୍ୟାଣ୍ଡେଲ ଶୋଭାଯାତ୍ରା ସ୍ଥାନୀୟ ଲେଙ୍କା ମେଡ଼ିକାଲ ଛକରୁ ବାହାରି ପାରାଦୀପ ଆଦର୍ଶ ଥାନା ଛକ ନିକଟରେ ପହଞ୍ଚିଥିଲା । ୪ ଦଫା ସମ୍ବଳିତ ଏକ ଦାବିପତ୍ର ସଂଗଠନ ସଭାପତି ମନୋରମା ଖଟୁଆଙ୍କ ନେତୃତ୍ୱରେ ଥାନା ଅଧିକାରୀଙ୍କୁ ପ୍ରଦାନ କରିଥିଲେ । କଳିଙ୍ଗ ମହିଳା ଶକ୍ତି ସଭାନେତ୍ରୀ ମନୋରମା ଖଟୁଆଙ୍କ ନେତୃତ୍ୱରେ ଏହି ଶାନ୍ତିପୂର୍ଣ୍ଣ ଶୋଭାଯାତ୍ରା ଓ ପ୍ରତିବାଦ ସଭାରେ କମଳା ଓଝା, ବିଜୟଲକ୍ଷ୍ମୀ ଦାସ, ଜ୍ୟୋତ୍ସ୍ନା ବାହାଦୂର, ସରୋଜିନୀ ସ୍ୱାଇଁ, ଲକ୍ଷ୍ମୀପ୍ରିୟା ପାଲ, ବାସନ୍ତୀ ବିନ୍ଧାଣିଙ୍କ ସହିତ ଶହ ଶହ ସଂଖ୍ୟକ ମହିଳା ଅଂଶଗ୍ରହଣ କରିଥିଲେ ।

## ସୌମ୍ୟାଶ୍ରୀଙ୍କୁ ନ୍ୟାୟ ଦାବିରେ ଏବିଭିପିର ବିକ୍ଷୋଭ



ଜଗତସିଂହପୁର,୧୮।୭(ସମିସ): ଫକୀରମୋହନ ସ୍ୱୟଂଶାସିତ ମହବିଦ୍ୟାଳୟ ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ଆତ୍ମାହୁତି ଘଟଣାକୁ ନେଇ ସାରା ରାଜ୍ୟରେ ଚର୍ଚ୍ଚା ଜାରି ରହିଥିବାବେଳେ ବିଭିନ୍ନ ସଂଗଠନ ପକ୍ଷରୁ ଏହି ଅଘଟଣକୁ ନିନ୍ଦା କରାଯାଇଛି । ଏହି କ୍ରମରେ ଅଖିଳ ଭାରତୀୟ ବିଦ୍ୟାର୍ଥୀ ପରିଷଦ ଜଗତସିଂହପୁର ଜିଲ୍ଲା ଶାଖା ପକ୍ଷରୁ ବାଲିକୁଦା ମହାବିଦ୍ୟାଳୟ ଓ ସ୍ୱାମୀ ବିବେକାନନ୍ଦ ସ୍ମାରକୀ ମହାବିଦ୍ୟାଳୟ ସମ୍ମୁଖରେ ବିକ୍ଷୋଭ ପ୍ରଦର୍ଶନ କରାଯାଇଛି । ଏହି ସମ୍ବେଦନଶୀଳ ଘଟଣାର ସଠିକ ତଦନ୍ତ ସହିତ ଦୋଷୀଙ୍କୁ କଠୋର ଦଣ୍ଡବିଧାନ ପାଇଁ ଦାବି କରିଛି ଏବିଭିପି । ଆଗକୁ ଯେମିତି ଏଭଳି ଘଟଣାର ପୁନରାବୃତ୍ତି ନ ଘଟେ, ସେଥିପାଇଁ ସରକାର ଓ ପ୍ରଶାସନ ସମୁଚିତ ପଦକ୍ଷେପ ଗ୍ରହଣ କରିବାକୁ ବିଦ୍ୟାର୍ଥୀ ପରିଷଦ ପକ୍ଷରୁ ଦାବି କରାଯାଇଛି । ଏହି କାର୍ଯ୍ୟକ୍ରମରେ ଏବିଭିପିର କଟକ ବିଭାଗ ସଂଯୋଜକ ଜ୍ୟୋତି ରଞ୍ଜନ ପରିଡ଼ା ଓ ଜଗତସିଂହପୁର ଜିଲ୍ଲା ସଂଯୋଜକ ସତ୍ୟପ୍ରକାଶ ମହାନ୍ତିଙ୍କ ସମେତ ଛାତ୍ରଛାତ୍ରୀ ଯୋଗ ଦେଇଥିଲେ ।

## ବଛାଳୋରେ ପ୍ରତିବାଦ ଶୋଭାଯାତ୍ରା



ନାଉଗାଁ,୧୮।୭(ସମିସ): ବାଲେଶ୍ୱର ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟର ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ଆତ୍ମାହୁତି ଘଟଣାରେ ବଛାଳୋ ପଞ୍ଚାୟତରେ ଏକ ପ୍ରତିବାଦ ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି । ବଛାଳୋ ସରପଞ୍ଚ ପ୍ରିୟଦର୍ଶିନୀ ଲେଙ୍କାଙ୍କ ନେତୃତ୍ୱରେ ଏକ ବିଶାଳ ଶୋଭାଯାତ୍ରା ଅନୁଷ୍ଠିତ ହୋଇଥିଲା । ଏହି ଶୋଭାଯାତ୍ରାରେ ସୌମ୍ୟାଶ୍ରୀ ବିଶିଙ୍କୁ ତୁରନ୍ତ ନ୍ୟାୟ ପ୍ରଦାନ କରିବା ସହିତ ଦୋଷୀଙ୍କୁ କଠୋର ଦଣ୍ଡରେ ଦଣ୍ଡିତ କରିବା, ଆଗକୁ ଏଭଳି ଘଟଣାର ପୁନରାବୃତ୍ତି ନ ହୁଏ, ଏଥିପ୍ରତି ସରକାର ସଚେତନ ରହିବାକୁ ଦାବି କରାଯାଇଛି ।

## ଅରୂପା ବାଣିଜ୍ୟ ମେଳାର ଦଶମ ସନ୍ଧ୍ୟା

ପାରାଦୀପ, ୧୮।୭(ସମିସ): ପାରାଦୀପ ସମୁଦ୍ର ବେଳାଭୂମି ବିଜୁ ମଇଦାନରେ ଅରୂପା ପକ୍ଷରୁ ଆୟୋଜିତ ବାଣିଜ୍ୟ ମେଳାର ଦଶମ ସନ୍ଧ୍ୟାର ସାଂସ୍କୃତିକ କାର୍ଯ୍ୟକ୍ରମ ବେଶ୍ ମନ ମୁଗ୍ଧକର ଥିଲା । ପାରାଦୀପ ମୟୂରୀ କଳା ପରିଷଦ ଓ ସାଗରିକା କଳା ନିକେତନ ପକ୍ଷରୁ କୁନି କୁନି ପିଲାଙ୍କ ନୃତ୍ୟ ସମସ୍ତଙ୍କୁ ବେଶ ବିମୋହିତ କରିଥିଲା । ଆଜିର ସାଂସ୍କୃତିକ କାର୍ଯ୍ୟକ୍ରମକୁ ଆୟୋଜକ ଅରୂପାର ଅଶୋକ ସାହୁ ପରିଚାଳନା କରିଥିଲେ । ବାଣିଜ୍ୟ ମେଳାର ମୀନା ବଜାରରେ ପଡିଥିବା ସମସ୍ତ ଖେଳ ଷ୍ଟଲ୍‌ରେ ଛୋଟ ପିଲାଙ୍କ ଭିଡ ଜମିଥିଲା । ଫାଷ୍ଟଫୁଡ, ମନୋହରୀ ଷ୍ଟଲ, ଆଦିବାସୀ ଅଞ୍ଚଳର ଘରୋଇ ସାମଗ୍ରୀ ଆଦି ଷ୍ଟଲରେ ଭିଡ଼ ରହିଥିଲା । ବନ୍ଦର ଅନ୍ତେବାସୀଙ୍କୁ ଏହି ମେଳା ମନୋରଞ୍ଜନ ଦେବା ସହିତ ନୂତନ ସାମଗ୍ରୀ କ୍ରୟ କରିବା ସୁଯୋଗ ଦେଇଥିଲା । ସନ୍ଧ୍ୟାରେ ବନ୍ଦର ସହରରୁ ବହୁ ଲୋକଙ୍କ ସମାଗମ ହୋଇଥିଲା ।

## ବିଲରେ ଚାଷୀଙ୍କ ମୃତ୍ୟୁ

ତିର୍ତ୍ତୋଲ,୧୮।୭(ସମିସ):ତରଜଙ୍ଗା ପଞ୍ଚାୟତ ପଇଡ଼ପାଟଣା ଗ୍ରାମର ପରମାନନ୍ଦ ମୁଦୁଲିଙ୍କ ତେନ୍ତୁଳିପଦା କଳଘର ନିକଟ ବିଲରେ ସକାଳେ କାମ କରୁଥିବାବେଳେ ଟଳିପଡ଼ିଥିଲେ । ସେ ବାଟ ଦେଇ ଯାଉଥିବା ଲୋକ ତାଙ୍କୁ ବିଲରେ ପଡ଼ିଥିବା ଦେଖି ୧୦୮ ଆମ୍ବୁଲାନ୍ସରେ ନେଇ ମଣିଜଙ୍ଗା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରିଥିଲେ । ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷିତ କରିଥିଲେ । ତିର୍ତ୍ତୋଲ ପୁଲିସ ପହଞ୍ଚି ଶବକୁ ବ୍ୟବଚ୍ଛେଦ ପାଇଁ ପଠାଇଥିଲା ।

## ମନ୍ଦିର ପରିସର ପରିଷ୍କାର ରଖିବାକୁ ତହସିଲଦାରଙ୍କ ତାଗିଦ

ମହାକାଳପଡ଼ା,୧୮।୭(ସମିସ)



କେନ୍ଦ୍ରାପଡ଼ା ଜିଲ୍ଲା ମହାକାଳପଡ଼ା ବ୍ଲକ୍ ଦରିଆପାରି ମା’ ରାମଚଣ୍ଡୀ ମନ୍ଦିରର ଉନ୍ନତିକରଣ କାମ ଚାଲିଛି । ସ୍ଥାନୀୟ ତହସିଲଦାର ତଥା ଟ୍ରଷ୍ଟି ଶିବ ମଲ୍ଲିକ ମନ୍ଦିର ପରିସରରେ କାମ ତଦାରଖ କରିବା ସହ ପରିସର ପରିଷ୍କାର ରଖିବାକୁ ଠିକାସଂସ୍ଥାକୁ ତାଗିଦ କରିଥିବା ଜଣାପଡିଛି । ଗତ ୧୬ ତାରିଖ ଦିନ ମହାକାଳପଡ଼ା ପଞ୍ଚାୟତ ସମିତି ବୈଠକରେ ଏହି କାର୍ଯ୍ୟକୁ ନେଇ ଅଭିଯୋଗ ହୋଇଥିଲା । ସମ୍ପୃକ୍ତ ଠିକାଦାର ମନ୍ଦିର ପରିସରରେ ବେଆଇନ ଭାବେ ମାଟି, ଗୋଡି, ବାଲି ପକାଇ ରଖିଛନ୍ତି । ଫଳରେ ମନ୍ଦିର ପରିସରରୁ ବର୍ଷାଜଳ ନିଷ୍କାସନ ହୋଇପାରୁନି । ଅପରିଷ୍କାର ପାଣି ମନ୍ଦିର ମୁଖଶାଳାରେ ପଶିବା ସହ ବେଢା ଚତୁପାଶ୍ୱର୍ କାଦୁଅମୟ ହେଉଛି । ମା’ଙ୍କ ଦର୍ଶନ ପାଇଁ ଆସୁଥିବା ଶ୍ରଦ୍ଧାଳୁ ଆସୁଥିବାବେଳେ ନାନାଦି ଅସୁବିଧାର ସମ୍ମୁଖୀନ ହେଉଛନ୍ତି । ମନ୍ଦିର ପରିସରରେ ରୋଷଘରୁ ବାହାରୁଥିବା ଅପରିଷ୍କାର ପାଣି ନିଷ୍କାସନ ହୋଇ ନ ପାରିବାରୁ ଅସ୍ୱାସ୍ଥ୍ୟକର ପରିବେଶ ସୃଷ୍ଟି ହେଉଛି । ଏ ନେଇ ରାମଚଣ୍ଡୀ ଆଞ୍ଚଳିକ ସେନା ପକ୍ଷରୁ ଦାବି ହୋଇଆସୁଥିଲା । ସମ୍ପୃକ୍ତ ଠିକାଦାର କର୍ଣ୍ଣପାତ କରୁ ନ ଥିଲେ । ମନ୍ଦିର ଦାୟିତ୍ୱରେ ଥିବା ଟ୍ରଷ୍ଟି ତଥା ତହସିଲଦାର ଶ୍ରୀ ମଲ୍ଲିକ ମା’ଙ୍କ ବିଜେ ସ୍ଥଳୀରେ ପହଞ୍ଚି ସ୍ଥିତି ଅନୁଧ୍ୟାନ କରିବା ସହ ଠିକା କର୍ମଚାରୀଙ୍କୁ ତାଗିତ କରିବା ସହ ୧୨ ଘଣ୍ଟା ଭିତରେ ଅପରିଷ୍କାର ପାଣି ଡ୍ରେନେଜ କରି ବାହାର କରିବାକୁ ନିର୍ଦ୍ଦେଶ ଦେଇଛନ୍ତି । ଏହି ଗସ୍ତ କାର୍ଯ୍ୟକ୍ରମ ସମୟରେ ମା’ ରାମଚଣ୍ଡୀ ଆଞ୍ଚଳିକ ସେନା ଆବାହକ ଲକ୍ଷ୍ମୀକାନ୍ତ ସ୍ୱାଇଁ, ଦରିଆରାଣୀ ସମ୍ପାଦକ ବିରଞ୍ଚି ନାରାୟଣ ଦାସ, ସଦସ୍ୟ କଳ୍ପତରୁ ସାମାଲ, ସମରେନ୍ଦ୍ର ମାହାଳି, ଅଶୋକ ସ୍ୱାଇଁ, ହେମନ୍ତ ସ୍ୱାଇଁ, ଦୀପକ ଜେନା, ନାରାୟଣ ସ୍ୱାଇଁ ପ୍ରମୁଖ ଉପସ୍ଥିତ ଥିଲେ ।

# ନାରୀ ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ




ଢେଙ୍କାନାଳ, ୧୮ ।୭(ସମିସ): ସ୍ଥାନୀୟ ଗଣେଶ ବଜାରସ୍ଥିତ ଇ-ଟେକ +୩ ଆବାସିକ ବିଜ୍ଞାନ ମହାବିଦ୍ୟାଳୟରେ ଅଧ୍ୟକ୍ଷ ଜିତେନ୍ଦ୍ର କୁମାର ପଲେଇଙ୍କ ଅଧ୍ୟକ୍ଷତାରେ ନାରୀ ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ପ୍ରତ୍ୟେକ ନାରୀ ଆତ୍ମନିର୍ଭରଶୀଳ ହୋଇ ନିଜକୁ ସୁରକ୍ଷା ଦେବା ସହ ସମୃଦ୍ଧ ଦେଶ ଗଠନରେ ସହାୟକ ହୋଇପାରିବେ ବୋଲି ଅଧ୍ୟକ୍ଷ ପଲେଇ ବକ୍ତବ୍ୟକ୍ତ କରିଥିଲେ। ମହାବିଦ୍ୟାଳୟର ଆଭ୍ୟନ୍ତରୀଣ ଅଭିଯୋଗ କମିଟି ସଭାପତି ଅଧ୍ୟାପିକା ସଂଘମିତ୍ରା ଷଡ଼ଙ୍ଗୀ ଛାତ୍ରୀମାନଙ୍କୁ ଆତ୍ମରକ୍ଷାର କୌଶଳ ଶିଖିବା ସହ ନିଜପ୍ରତି ହେଉଥିବା ଅନ୍ୟାୟର ଦୃଢ଼ ପ୍ରତିବାଦ କରିବା ଅବଶ୍ୟକ ବୋଲି କହିଥିଲେ। ଅଧ୍ୟାପକ ପ୍ରଶାନ୍ତ କୁମାର ବେହେରା, ଅଧ୍ୟାପିକା ରାଜଲକ୍ଷ୍ମୀ ସାହୁ, ଲକ୍ଷ୍ମୀପ୍ରିୟା ସାହୁ, ପ୍ରୀତିସୌମ୍ୟା ପଟ୍ଟନାୟକଙ୍କ ସମେତ ସମସ୍ତ ଛାତ୍ରୀମାନେ ଯୋଗଦେଇଥିଲେ।

# ସାପକାମୁଡ଼ାରେ ଯୁବକ ମୃତ

କାମାକ୍ଷାନଗର, ୧୮ ।୭(ସମିସ): କଙ୍କଡାହାଡ଼ ଥାନା କୋଟିଲାବାଙ୍କ ଗ୍ରାମରେ ସାପକାମୁଡ଼ାରେ ଜଣେ ଯୁବକଙ୍କ ମୃତ୍ୟୁ ହୋଇଛି। ମୃତକ ହେଲେ ସେହି ଗ୍ରାମର ଆନନ୍ଦ ହେସା। ଗୁରୁବାର ରାତିରେ ଆନନ୍ଦ ଖାଇସାରିବା ପରେ ଘରେ ଶୋଇଥିବା ବେଳେ ସାପ କାମୁଡ଼ି ଦେଇଥିଲା। ସକାଳେ ଆନନ୍ଦ ନ ଉଠିବାରୁ ପରିବାର ଲୋକେ ତାଙ୍କୁ ଉଠାଇବାକୁ ଗଲାବେଳେ ସେ ଅଚେତ ଅବସ୍ଥାରେ ପଡ଼ିଥିବା ଦେଖିଥିଲେ। ତାଙ୍କ ପାଟିରୁ ଫେଣ ବାହାରୁଥିଲା। ତୁରନ୍ତ ଆନନ୍ଦଙ୍କୁ କାମାକ୍ଷାନଗର ମେଡିକାଲରେ ଭର୍ତ୍ତି କରାଇଥିଲା। ତେବେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଛନ୍ତି।

# ଟ୍ରକ ସହ ଟ୍ରେଲର ଧକ୍କା; ଚାଳକ ମୃତ

କାମାକ୍ଷାନଗର, ୧୮ ।୭(ସମିସ): ୫୩ ନମ୍ବର ଜାତୀୟ ରାଜପଥର କାମାକ୍ଷାନଗର ଥାନା ଲୋକନାଥପୁର ଶାସନ ନିକଟରେ ଏକ ଟ୍ରେଲର ଭାରସାମ୍ୟ ଟ୍ରକ୍ ସହ ଧକ୍କା ହେବାରୁ ଟ୍ରେଲର ଚାଳକଙ୍କ ମୃତ୍ୟୁ ହୋଇଛି। ମୃତକ ହେଲେ ବିହାର ସିୱାନ ଜିଲ୍ଲାର ନିସାର ଅହମ୍ମଦ। ନିସାର ଯାଜପୁର ଅଞ୍ଚଳରୁ ଟ୍ରେଲର ନେଇ ମେରାମୁଣ୍ଡଳି ଯାଉଥିବା ବେଳେ ଭାରସାମ୍ୟ ହରାଇ ଲୋକନାଥପୁର ଶାସନ ନିକଟରେ ରାସ୍ତା ପାର୍ଶ୍ୱରେ ଠିଆ ହୋଇଥିବା ଏକ ଟ୍ରକକୁ ଧକ୍କା ଦେଇଥିଲେ। ସ୍ଥାନୀୟ କିଛି ଲୋକେ ତାଙ୍କୁ ଉଦ୍ଧାର କରି ୧୦୮ ଆମ୍ବୁଲାନ୍ସ ଯୋଗେ କାମାକ୍ଷାନଗର ମେଡିକାଲରେ ଭର୍ତ୍ତି କରାଇଥିଲେ। ତେବେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ପୁଲିସ ମେଡିକାଲରେ ପହଞ୍ଚି ମୃତଦେହ ବ୍ୟବଚ୍ଛେଦ କରାଇବା ସହ ଅଧିକ ତଦନ୍ତ ଜାରି ରଖିଛି।

# ବରିଷ୍ଠ ନାଗରିକଙ୍କୁ ପରିଚୟପତ୍ର ବଣ୍ଟନ



ପରଜଙ୍ଗ, ୧୮ ।୭(ସମିସ): ଢେଙ୍କାନାଳ ଜିଲ୍ଲା ପରଜଙ୍ଗ ବ୍ଲକର ବରିଷ୍ଠ ନାଗରିକମାନଙ୍କୁ ପ୍ରଶାସନ ତରଫରୁ ପରିଚୟପତ୍ର ବଣ୍ଟନ କରାଯାଇଛି। ଏଠାରେ ବର୍ତ୍ତମାନ ବରିଷ୍ଠ ନାଗରିକ ପରିଷଦର ସଭ୍ୟ ସଂଖ୍ୟା ୨ ଶହରୁ ଉର୍ଦ୍ଧ୍ୱ ରହିଛି। ପ୍ରଥମ ପର୍ଯ୍ୟାୟରେ ୯୯ ଜଣଙ୍କୁ ପରିଚୟପତ୍ର ପ୍ରଦାନ କରାଯାଇଥିଲା। ଶୁକ୍ରବାର ୭୦ ସଭ୍ୟଙ୍କୁ ପରିଚୟପତ୍ର ବଣ୍ଟନ ଲାଗି ବରିଷ୍ଠ ନାଗରିକ ପରିଷଦ କାର୍ଯ୍ୟାଳୟରେ ଶୁକ୍ରବାର ଏକ ଉତ୍ସବ ଅନୁଷ୍ଠିତ ହୋଇଥିଲା। ବରିଷ୍ଠ ନାଗରିକ ପରିଷଦର ସଭାପତି ତଥା ପରଜଙ୍ଗ ମହାବିଦ୍ୟାଳୟର ପୂର୍ବତନ ଅଧ୍ୟକ୍ଷ ପ୍ରଫେସର ସନାତନ ସାମଲଙ୍କ ପୌରୋହିତ୍ୟରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ପରଜଙ୍ଗ ବିଡିଓ ସୌଭାଗ୍ୟ କୁମାର ବେହେରା ମୁଖ୍ୟଅତିଥି, ପରଜଙ୍ଗ ଥାନା ଆଇଆଇସି ଧୀରେନ କୁମାର ବେହେରା, ପରିଷଦର ଉପଦେଷ୍ଟା ରମେଶ ଚନ୍ଦ୍ର ସାହୁ ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ। ଅତିଥିଙ୍କୁ ପରିଷଦ ପକ୍ଷରୁ ପୁଷ୍ପଗୁଚ୍ଛ ଓ ଉପଢୌକନ ଦେଇ ସମ୍ମାନିତ କରାଯାଇଥିଲା। ସାମ୍ପ୍ରତିକ ସମାଜରେ ବରିଷ୍ଠ ନାଗରିକମାନଙ୍କ ଭୂମିକା ଉପରେ ପରଜଙ୍ଗ ମହାବିଦ୍ୟାଳୟ ଅଧ୍ୟକ୍ଷ ଡ. ନୀହାର ରଞ୍ଜନ ସାହୁ ବକ୍ତବ୍ୟ ରଖିଥିଲେ। ବରିଷ୍ଠ ନାଗରିକମାନଙ୍କ ସୁରକ୍ଷା ଓ ସେବା ଲାଗି ପୁଲିସ ସର୍ବଦା ବଦ୍ଧପରିକର ବୋଲି ଆଇଆଇସି ବେହେରା କହିଥିଲେ। ୭୦ ବର୍ଷରୁ ଉର୍ଦ୍ଧ୍ୱ ବୟସ୍କ ନାଗରିକଙ୍କୁ ବୟୋବନ୍ଦନା ସ୍ୱାସ୍ଥ୍ୟକାର୍ଡ ଓ ଅନ୍ୟ ସରକାରୀ ସହାୟତା ଯୋଗାଇ ଦେବାକୁ ବିଡିଓ ବେହେରା ଅବଗତ କରିଥିଲେ। ଶେଷରେ ଅତିଥିମାନେ ୭୦ ଜଣ ବରିଷ୍ଠ ନାଗରିକଙ୍କୁ ପରିଚୟପତ୍ର ବଣ୍ଟନ କରିଥିଲେ। ପରିଷଦର ସମ୍ପାଦକ ଅକ୍ଷୟ କୁମାର ନାୟକ ଅତିଥି ପରିଚୟ ପ୍ରଦାନ ଓ ମଞ୍ଚ ସଞ୍ଚାଳନ କରିଥିବା ବେଳେ ଉପଦେଷ୍ଟା ରମେଶ ଚନ୍ଦ୍ର ସାହୁ ଧନ୍ୟବାଦ ଅର୍ପଣ କରିଥିଲେ। ପରମାନନ୍ଦ ଦଳବେହେରା, ମହେନ୍ଦ୍ର କୁମାର ଦାସ, ସୁଧାକର ନାୟକ, ଗୋକୁଳାନନ୍ଦ ଖିଲାର, ପଞ୍ଚାନନ ଜେନା ପ୍ରମୁଖ ସହଯୋଗ କରିଥିଲେ।

## ଅନଲାଇନ ଗେମ୍‌ରେ ନିବେଶ କରି ମହିଳା ସର୍ବସ୍ୱାନ୍ତ

# ୧.୫୬ କୋଟି ଟଙ୍କାରେ ଘର ବିକ୍ରି କରିଦେଲେ

ଭୁବନ, ୧୮ ।୭(ସମିସ)

କଟକ ଜିଲ୍ଲା ସାଲେପୁର ଥାନା ବାଲିସାହିର ଜଣେ ମହିଳା ଅନଲାଇନ୍ ଗେମିଂ ପ୍ଲାଟ୍‌ଫର୍ମରେ ଟଙ୍କା ନିବେଶ କରି ବଡ଼ଲୋକ ହେବା ନିଶାରେ ନିଜ ଘରକୁ ୧.୫୬ କୋଟି ଟଙ୍କାରେ ବିକ୍ରି କରିଦେଇଛନ୍ତି। ସାଇବର ଠକ ମହିଳାଙ୍କଠାରୁ ୧ କୋଟି ୫୬ ଲକ୍ଷ ଟଙ୍କା ଲୁଟି ନେଇଛନ୍ତି। କ୍ରାଇମବ୍ରାଞ୍ଚ ଏହି ଘଟଣାରେ ଢେଙ୍କାନାଳ ଜିଲ୍ଲା ଭୁବନ ବ୍ଲକ ବାରୁଁଆ ପଞ୍ଚାୟତ କଂସରଗୋଡ଼ା ଗ୍ରାମର, ବଟକୃଷ୍ଣ ଜେଠୀଙ୍କ ପୁଅ ବିକ୍ରମ କୁମାର ଜେଠୀ ଓ କଙ୍କଡ଼ାହାଡ଼ ବ୍ଲକ ମରୁଆବିଲର କାମଦେବ ରାଉତଙ୍କୁ ଗିରଫ କରିଛି। ଏହି ଠକଙ୍କ ଲିଙ୍କ୍ ଝାଡ଼ଖଣ୍ଡ, ଛତିଶଗଡ଼ ଓ ମଧ୍ୟପ୍ରଦେଶର ସାଇବର୍ ଅପରାଧୀଙ୍କ ସହିତ ଥିବା କ୍ରାଇମବ୍ରାଞ୍ଚ ତଦନ୍ତ ସମୟରେ ଜାଣିବାକୁ ପାଇଛି।

ମହିଳା ଜଣକ ୨୦୨୪ ଫେବୃଆରୀରୁ ୨୦୨୫ ଫେବୃଆରୀ ମଧ୍ୟରେ ଏକାଧିକ ଗେମିଂ ପ୍ଲାଟ୍‌ଫର୍ମରେ ଟଙ୍କା ନିବେଶ କରିଥିଲେ। ୱାର୍ଲଡ ନେଟ୍, ବଣ୍ଟି ଗେମ୍ ଇନ୍, ୟୁବିଟ୍ କଏନ୍ ଷ୍ଟେକିଂ ଅପରଚ୍ୟୁନିଟି, ରାଇଡ୍ ବିଏନବି, ଏଚଏଚଏମ୍ ଇତ୍ୟାଦିରେ ସେ ୧ କୋଟି ୫୬ ଲକ୍ଷ ଟଙ୍କା ନିବେଶ କରିଥିଲେ। ପ୍ରଥମ ପର୍ଯ୍ୟାୟରେ କାମଦେବ ରାଉତ, ବିକ୍ରମ କୁମାର ଜେଠୀ ଓ ତାଙ୍କ ସହଯୋଗୀମାନେ ମହିଳାଙ୍କ ନିକଟରୁ ୧୦ଟି ବିଭିନ୍ନ ବ୍ୟାଙ୍କ୍ ଆକାଉଣ୍ଟ ଜରିଆରେ ୫୭ଲକ୍ଷ ୩୯ ହଜାର ୪୭୧ ଟଙ୍କା ନେଇଥିଲେ। ପରେ ନଗଦ ଆକାରରେ ୯୮ ଲକ୍ଷ ୬୦ ହଜାର ୫୨୯ ଟଙ୍କା ନେଇଥିଲେ। ଏହିଭଳି ଦୁଇ ପର୍ଯ୍ୟାୟରେ ମହିଳା ଜଣକ ଟଙ୍କା ଦେଇଥିଲେ। ଠକେଇର ଶିକାର ହୋଇଥିବା ଜାଣିବା ପରେ ମହିଳା ଜଣକ ୨୦୨୫ ଜୁଲାଇ ୭ରେ କ୍ରାଇମବ୍ରାଞ୍ଚରେ ଲିଖିତ ଅଭିଯୋଗ କରିଥିଲେ। ତଦନ୍ତ ସମୟରେ କାମଦେବଙ୍କ ବ୍ୟାଙ୍କ ଆକାଉଣ୍ଟକୁ ୧୪ ଲକ୍ଷ ୭୭ ହଜାର ଟଙ୍କା ଓ ବିକ୍ରମଙ୍କ ଆକାଉଣ୍ଟକୁ ୮ ଲକ୍ଷ ୪୫ ହଜାର ୪୬ ଟଙ୍କା ଟ୍ରାନ୍ସଫର୍ ହୋଇଥିବା ଜଣାପଡ଼ିଥିଲା। ମହିଳା ଓ ତାଙ୍କର ଜଣେ ବନ୍ଧୁଙ୍କ ଆକାଉଣ୍ଟରୁ ଏହି ଟଙ୍କା ଯାଇଥିଲା। ଏହି ଠକ ଗୋଷ୍ଠୀ ଭୁବନେଶ୍ୱର ଓ ଝାଡ଼ଖଣ୍ଡରେ ଜମି କିଣିଥିବା ତଦନ୍ତରୁ ଜଣାପଡ଼ିଛି। ବିକ୍ରମ ଭୁବନେଶ୍ୱର ଜୟଦେବ ବିହାର ଅଞ୍ଚଳରେ କୋଟିଏ ଟଙ୍କା ମୂଲ୍ୟର ଏକ ଘର କରିଛନ୍ତି। ନିଜ ଗାଁରେ ମଧ୍ୟ ସୁଦୃଶ୍ୟ ଅଟ୍ଟାଳିକା ନିର୍ମାଣ କରିଛନ୍ତି। ଏହି ଦୁଇ ଠକଙ୍କ ଘର ମାତ୍ର ୧୦ କିମି ଦୂରତା ମଧ୍ୟରେ ଅବସ୍ଥିତ। ବିକ୍ରମ ପାୱାର ଟିଲର ଚାଳକ ହୋଇଥିବା ବେଳେ ପରେ ସ୍ଥାନୀୟ ବିଦ୍ୟୁତ୍ ବିଭାଗ ଗ୍ରୀଡରେ ସିକ୍ୟୁରିଟି ଗାର୍ଡ ଭାବା କାର୍ଯ୍ୟ କରୁଥିଲେ। ୨ ସାଙ୍ଗ ଏକାଠି ହୋଇ ଝାଡ଼ଖଣ୍ଡ, ଛତିଶଗଡ଼, ମଧ୍ୟପ୍ରଦେଶର ସାଇବର୍ ଅପରାଧୀ ଗ୍ୟାଙ୍ଗର ଏଜେଣ୍ଟ ଭାବେ ଓଡ଼ିଶାରେ କାମ କରୁଥିଲେ। ତେବେ ସେମାନଙ୍କ ମଧ୍ୟରେ ଯାଜପୁର ଜିଲ୍ଲାର ଜଣେ ମଧ୍ୟସ୍ଥି ମଧ୍ୟ ରହିଛି। ସେ ଏବେ ଫେରାର ହୋଇଯାଇଛି। ଅନଲାଇନ୍ ଗେମିଂ ପ୍ଲାଟ୍‌ଫର୍ମରେ ଅର୍ଥ ନିବେଶ କରିବାକୁ ଯାଜପୁରର ଉକ୍ତ ବ୍ୟକ୍ତି ଜଣକ ବିଭିନ୍ନ ଲୋକଙ୍କୁ ପ୍ରଭାବିତ କରୁଥିବା କାମଦେବ ଓ ବିକ୍ରମ ଜେରା ସମୟରେ କ୍ରାଇମବ୍ରାଞ୍ଚକୁ କହିଛନ୍ତି। କ୍ରାଇମବ୍ରାଞ୍ଚ ଇନ୍ସପେକ୍ଟର ଦେବୀପ୍ରକାଶ ଦାସଙ୍କ ନେତୃତ୍ୱରେ ଏସ୍ଆଇ ଆକାଶ ସାମଲ ଉଭୟ ଢେଙ୍କାନାଳ ଓ ଭୁବନେଶ୍ୱରରେ ଚଢ଼ଉ କରି ଦୁଇ ଠକଙ୍କୁ ଗିରଫ କରିଥିବା ବେଳେ ଏହି କାରବାରରେ ଆହୁରି ଏକାଧିକ ଠକଙ୍କ ସମ୍ପୃକ୍ତି ଥିବା ଜଣାପଡ଼ିଛି।

# ହାତୀ ଆକ୍ରମଣରେ ମୃତକଙ୍କ ପରିବାରକୁ ଭେଟିଲେ ସାଂସଦ



ଢେଙ୍କାନାଳ, ୧୮ ।୭(ସମିସ): ହିନ୍ଦୋଳ ନିର୍ବାଚନ ମଣ୍ଡଳି ଓଡ଼ାପଡ଼ା ବ୍ଲକ କଳାଙ୍ଗ ପଞ୍ଚାୟତ କାଳୀକାପ୍ରସାଦ ଦଲକସାହିରେ ହାତୀ ଆକ୍ରମଣରେ ମୃତ ଉଦ୍ଧବ ଦେହୁରୀଙ୍କ ପରିବାର ଲୋକଙ୍କୁ ଭେଟି ଶୁକ୍ରବାର ସମବେଦନା ଜଣାଇଛନ୍ତି ଢେଙ୍କାନାଳ ସାଂସଦ ରୁଦ୍ରନାରାୟଣ ପାଣି। ଏହି ଅବସରରେ ସାଂସଦ ଉଦ୍ଧବଙ୍କ ପରିବାରକୁ ଆର୍ଥିକ ସହଯୋଗ କରିଥିଲେ। ପରିବାରର ସୁବିଧା ଅସୁବିଧା ପଚାରି ବୁଝିବା ସହ ଢେଙ୍କାନାଳ ଡିଏଫଓ ସୁମିତ କୁମାର କରଙ୍କୁ ଫୋନ କରି ସହାୟତା ଯୋଗାଇଦେବାକୁ ଆଲୋଚନା କରିଥିଲେ। ଗ୍ରାମର ରାସ୍ତା, ବିଦ୍ୟାଳୟ, ବୟସ୍କଙ୍କୁ ଭତ୍ତା ଓ ଆବାସ ଯୋଜନାରେ ଗରିବଙ୍କୁ ଘର ଯୋଗାଇ ଦେବା ପାଇଁ ଓଡ଼ାପଡ଼ା ବିଡିଓ ଦିଲୀପ କୁମାର ଷଡ଼ଙ୍ଗୀଙ୍କ ସହ ଆଲୋଚନା କରିଥିଲେ। କାର୍ଯ୍ୟକ୍ରମରେ ହିନ୍ଦୋଳ ବ୍ଲକ ଉପାଧ୍ୟକ୍ଷ ବରୁଣ ସର, ବିଜେପି ନେତା ପ୍ରଶାନ୍ତ ପ୍ରଧାନ, ସୁଶାନ୍ତ ପତି, ସହଦେବ ପୃଷ୍ଟି, ପ୍ରକାଶ ପଣ୍ଡା, ତପନ ମହାପାତ୍ର, ସନ୍ତୋଷ ନାଏକ, ଗୁଣ୍ଡିଚାପଡ଼ା ମଣ୍ଡଳ ସଭାପତି ଦୀପକ ଜେନା, ବରିଷ୍ଠ ନେତା ସନ୍ତୋଷ ସାମଲ, ମୋଟଙ୍ଗା ମଣ୍ଡଳ ସଭାପତି ଦେବାନନ୍ଦ ବେହେରା, ବାବନ୍ଧ ମଣ୍ଡଳ ସଭାପତି ପ୍ରବୋଧ ପ୍ରଧାନ ପ୍ରମୁଖ ଉପସ୍ଥିତ ଥିଲେ।

ପରେ ସାଂସଦ ଗ୍ରାମବାସୀଙ୍କ ସହ ଗ୍ରାମର ରାଧାକୃଷ୍ଣ ମନ୍ଦିର, ବାବା କପିଳେଶ୍ୱର ମନ୍ଦିର ପରିଦର୍ଶନ କରି ଏହାର ଉନ୍ନତୀକରଣ ନିମନ୍ତେ ବିଭିନ୍ନ ପ୍ରସ୍ତାବ ଗ୍ରହଣ କରିବା ସହ କଳାଙ୍ଗ ଗ୍ରାମରେ ସାପ କାମୁଡ଼ାରେ ମୃତ ବାନାମ୍ବର ସାମଲଙ୍କ ପରିବାରକୁ ଭେଟିଥିଲେ। ସେଠାରୁ ସତସଙ୍ଗ କେନ୍ଦ୍ର ପରିଦର୍ଶନ କରି ତାହାର ଉନ୍ନତି ନିମନ୍ତେ କର୍ମକର୍ତ୍ତାଙ୍କ ସହ ଆଲୋଚନା କରିଥିଲେ। ଆଲୋଚନାରେ ବାବୁଲା ସାହୁ, ଟୁନା ସାମଲ, ଅରୁଣ ପଣ୍ଡା, ପ୍ରତାପ ଜେନା, ପ୍ରଭାତ ମହାପାତ୍ର, ସୁଲେଖ ସ୍ୱାଇଁ, ସୁଜିତ ପ୍ରଧାନ ପ୍ରମୁଖ ଭାଗନେଇଥିଲେ। ପରେ ଦୀନବନ୍ଧୁପୁରସ୍ଥିତ ଶନି ମନ୍ଦିର ପରିଦର୍ଶନ ଓ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର ପରିଦର୍ଶନ କରିଥିଲେ। ବଟକୃଷ୍ଣ ଭୋଇଙ୍କ ନେତୃତ୍ୱରେ ବିଦ୍ୟାମନ୍ଦିରର ସମସ୍ତ ଆଚାର୍ଯ୍ୟ ଆଚାର୍ଯ୍ୟା କର୍ମଚାରୀ ସାଂସଦଙ୍କୁ ସ୍ୱାଗତ କରିଥିଲେ। ବିଦ୍ୟାଳୟର ବିଭିନ୍ନ ସମସ୍ୟା ସମ୍ପର୍କରେ କର୍ତ୍ତୃପକ୍ଷ ସାଂସଦଙ୍କୁ ଅବଗତ କରିଥିଲେ। କାର୍ଯ୍ୟକ୍ରମରେ ରମେଶ ପଣ୍ଡା, ପଦ୍ମନାଭ ସାମଲ, ଅମୂଲ୍ୟ ବେହେରା, ଗଣେଶ୍ୱର ବାରିକ, ସଂଗ୍ରାମ ନାୟକ, ନରେଶ ବେହେରା, ଅଜିତ ଗଡ଼ନାୟକ, ଗୌତମ ସାହୁ ପ୍ରମୁଖ ସହଯୋଗ କରିଥିଲେ।

# ସ୍କିଲ୍ ଇଣ୍ଡିଆ ତରଫରୁ ବିୟୁଟି ପାର୍ଲର ତାଲିମ୍



ଢେଙ୍କାନାଳ, ୧୮ ।୭(ସମିସ): ସଦର ବ୍ଲକ ଶିମିଳିପାଟଣା ଗ୍ରାମରେ ସ୍କିଲ୍ ଇଣ୍ଡିଆ ତରଫରୁ ଆୟୋଜିତ ୩ ମାସିଆ ବିୟୁଟି ପାର୍ଲର ତାଲିମ୍ ଶିବିର ଉଦଯାପିତ ହୋଇଛି। ଶିବିରରେ ଫେସିଆଲ୍, ମେକଅପ, ବଡି କେୟାର, ପେଡ଼ି କେୟାର ଓ ହେୟାର ସ୍ୱାଏ ଆଦି ବିଷୟରେ ତାଲିମ ଦିଆଯାଇଛି। ଗ୍ରାମର ୪୦ଜଣ ଯୁବତୀ ଓ ମହିଳା ଏଥିରେ ଅଂଶଗ୍ରହଣ କରି ତାଲିମ ଗ୍ରହଣ କରିଛନ୍ତି। ପ୍ରଶିକ୍ଷିକା ସ୍ନେହଲତା ସାହୁ ତାଲିମ ପ୍ରଦାନ କରିଥିଲେ। ଗ୍ରାମ ସଭାପତି ଶିବରାମ ଆଲୋକଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଉଦଯାପନୀ ଉତ୍ସବରେ ମୁଖ୍ୟଅତିଥି ଭାବେ ଜନଶିକ୍ଷା କେନ୍ଦ୍ରର ନିର୍ଦ୍ଦେଶକ ମାନସ ରଞ୍ଜନ ଦାସ, ସମ୍ମାନିତ ଅତିଥି ଭାବେ ଗ୍ରାମ ସମ୍ପାଦକ ଦୁର୍ଯ୍ୟୋଧନ ସାହୁ, ସହକାରୀ ସମ୍ପାଦକ ଅଖିଳ କୁମାର ସାହୁ, ସଂଯୋଜକ ସଞ୍ଜୟ ରାଉତ ପ୍ରମୁଖ ଯୋଗଦେଇ ପ୍ରଶିକ୍ଷାର୍ଥୀମାନଙ୍କୁ ପ୍ରମାଣପତ୍ର ବଣ୍ଟନ କରିଥିଲେ। ତାଲିମରୁ ପ୍ରାପ୍ତ ଜ୍ଞାନକୁ ଉପଯୋଗ କରି ଯୁବତୀ ଓ ମହିଳାମାନେ ସ୍ୱାବଲମ୍ବୀ ହୋଇପାରିଲେ ତାଲିମ ଆୟୋଜନ ସାର୍ଥକ ହେବ ବୋଲି ଅତିଥିମାନେ କହିଥିଲେ। ଗ୍ରାମର ଶ୍ରୀକାନ୍ତ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ।

# ଆକ୍ରମଣ ମାମଲାରେ ୨ ଅଭିଯୁକ୍ତଙ୍କୁ ଅର୍ଥଦଣ୍ଡ

ଢେଙ୍କାନାଳ, ୧୮ ।୭(ସମିସ): ଢେଙ୍କାନାଳ ଜିଲ୍ଲା ଗଁଦିଆ ଥାନା ଆଡିଣ୍ଡା ଗ୍ରାମରେ ଘଟିଥିବା ଏକ ଆକ୍ରମଣ ମାମଲାର ବିଚାର କରି ଗଁଦିଆ ପ୍ରଥମ ଶ୍ରେଣୀ ବିଚାର ବିଭାଗୀୟ ମାଜିଷ୍ଟ୍ରେଟ ଅଞ୍ଜୁ ସାହୁ ସାକ୍ଷ୍ୟ ପ୍ରମାଣ ଆଧାରରେ ୨ ଅଭିଯୁକ୍ତଙ୍କୁ ଦୋଷୀ ସାବ୍ୟସ୍ତ କରିବା ସହ ଅର୍ଥଦଣ୍ଡରେ ଦଣ୍ଡିତ କରିଛନ୍ତି। ଦଣ୍ଡିତ ବ୍ୟକ୍ତି ଦ୍ୱୟ ହେଲେ ସେହି ଗ୍ରାମର ବୁଲୁ ପ୍ରଧାନ ଏବଂ ତାଙ୍କ ଭାଇ ଚୁଟୁଲି ପ୍ରଧାନ। ମାମଲାର ବିବରଣୀ ଅନୁଯାୟୀ ୨୦୧୩ ନଭେମ୍ବର ୧୬ରେ ବୁଲୁ ଓ ଚୁଟୁଲି ପୂର୍ବ ଶତ୍ରୁତାକୁ କେନ୍ଦ୍ର କରି ଗ୍ରାମର ପାଣ୍ଡବ ପ୍ରଧାନଙ୍କୁ ଠେଙ୍ଗାରେ ଆକ୍ରମଣ କରିଥିଲେ। ଏନେଇ ଗଁଦିଆ ଥାନାରେ ଏକ ମାମଲା ରଜୁ ହୋଇଥିଲା। ଏହି ମାମଲା ଗଁଦିଆ ପ୍ରଥମ ଶ୍ରେଣୀ ବିଚାର ବିଭାଗୀୟ ମାଜିଷ୍ଟ୍ରେଟଙ୍କ କୋର୍ଟରେ ବିଚାରାଧୀନ ଥିଲା। ମୋଟ ୧୦ଜଣ ସାକ୍ଷୀ, ୬ଟି ଦସ୍ତାବିଜ ଏବଂ ଅନ୍ୟାନ୍ୟ ଆନୁଷଙ୍ଗିକ ପ୍ରମାଣ ଆଧାରରେ ବିଚାରପତି ଅଭିଯୁକ୍ତ ଦ୍ୱୟଙ୍କୁ ଦୋଷୀ ସାବ୍ୟସ୍ତ କରି ୮ଶହ ଟଙ୍କା ଅର୍ଥଦଣ୍ଡରେ ଦଣ୍ଡିତ କରିଛନ୍ତି। ଜରିମାନା ଅନାଦେୟ ଏକ ମାସ ଜେଲଦଣ୍ଡ ଭୋଗିବାକୁ ନିର୍ଦ୍ଦେଶ ଦେଇଛନ୍ତି। ସରକାରଙ୍କ ତରଫରୁ କ୍ୟାଡର ଏପିପି ଶାଶ୍ୱତ ଜେନା ମାମଲା ପରିଚାଳନା କରିଥିବା ବେଳେ ଏପିପି ବିଶ୍ୱନାଥ ନାୟକ ଏବଂ କାମାକ୍ଷାପ୍ରସାଦ ରଣା ସହଯୋଗ କରିଥିଲେ।

# ନୂଆଗଡ଼ରେ ହାତୀ ଉପଦ୍ରବ



ଗଁଦିଆ, ୧୮ ।୭(ସମିସ): ଢେଙ୍କାନାଳ ଜିଲ୍ଲା ଗଁଦିଆ ବ୍ଲକ ଷଡ଼ଙ୍ଗୀ ବନାଞ୍ଚଳ ଅଧୀନ ଦିଗମ୍ବରପୁର ପଞ୍ଚାୟତର ନୂଆଗଡ଼ ଶ୍ରୀଜଗନ୍ନାଥ ସରକାରୀ ଉଚ୍ଚ ବିଦ୍ୟାଳୟର ପାଚେରି ଭାଙ୍ଗି ଗୁରୁବାର ହାତୀ ଲଗାଯାଇଥିବା ଚାରାଗୁଡ଼ିକ ନଷ୍ଟ କରିଦେଇଛି। ବିଦ୍ୟାଳୟର ପ୍ରଧାନଶିକ୍ଷକ ସତ୍ୟାନନ୍ଦ ପାଣି ଓ ପରିବେଶ କ୍ଲବର ମାର୍ଗଦର୍ଶକ ଅଭୟ କୁମାର ଶତପଥୀ କ୍ଷୟକ୍ଷତି ସମ୍ପର୍କରେ ଷଡ଼ଙ୍ଗୀ ରେଞ୍ଜ ଅଧିକାରୀଙ୍କୁ ଲିଖିତ ଅଭିଯୋଗ କରିବା ସହ କ୍ଷତିପୂରଣ ପାଇଁ ଦାବି କରିଛନ୍ତି।

# ଦିନରେ ଜଳୁଛି ରାତିରେ ଲିଭୁଛି

ଭୁବନ, ୧୮ ।୭(ସମିସ): ୫୩ନଂ ଜାତୀୟ ରାଜପଥ ଦେଇ ଭୁବନ ଥାନାକୁ ଯାତାୟାତ କରୁଥିବା ଲୋକଙ୍କ ସମସ୍ୟା ଦୂରୀଭୂତ କରିବାକୁ ଲାଇଟ ଲଗାଯାଇଛି। ତେବେ ଏହି ଲାଇଟ ଦିନରେ ଜଳୁଥିବା ବେଳେ ରାତିରେ ବନ୍ଦ ରହୁଛି। ଏହି ଅଦ୍ଭୁତ କଥା ଦେଖିବାକୁ ମିଳିଛି ଢେଙ୍କାନାଳ ଜିଲ୍ଲା ଭୁବନ ଏନ୍ଏସି ଅନ୍ତର୍ଗତ ୫୩ନଂ ଜାତୀୟ ରାଜପଥର କଲେଜ ଛକଠାରୁ ସିଭିଲ କୋର୍ଟ ଛକ ସହିତ ଭୁବନ ଥାନା ମଧ୍ୟରେ ଥିବା ରାସ୍ତାରେ। ଏହି ସ୍ଥାନଗୁଡ଼ିକ ଅତ୍ୟନ୍ତ ସମ୍ବେଦନଶୀଳ ହୋଇଥିବା ବେଳେ ଜାତୀୟ ରାଜପଥ ବିଭାଗର ଖାମଖିଆଲ ମନୋଭାବ ପାଇଁ ଅଞ୍ଚଳରେ କ୍ଷୋଭ ପ୍ରକାଶ ପାଇଛି। ସକାଳ ୬ ରୁ ସନ୍ଧ୍ୟା ୬ ପର୍ଯ୍ୟନ୍ତ ଲାଇଟ ଜଳୁଛି। ତେବେ ସନ୍ଧ୍ୟା ୬ରୁ ସକାଳ ୬ ପର୍ଯ୍ୟନ୍ତ ବନ୍ଦ ରହୁଛି। ଫଳରେ ସନ୍ଧ୍ୟା ହେଲେ ପ୍ରାୟ ଦୁଇ କିଲୋମିଟର ଏହି ରାସ୍ତା ସମ୍ପୂର୍ଣ୍ଣ ଅନ୍ଧାର ହୋଇଯିବାରୁ ଦୁର୍ଘଟଣା ଘଟିବା ସହ ରାହାଜାନୀ ଭଳି ଘଟଣା ଦେଖିବାକୁ ମିଳିଛି। ଏ ଦିଗରେ ଜାତୀୟ ରାଜପଥ ପ୍ରାଧିକରଣ କର୍ତ୍ତୃପକ୍ଷ ତୁରନ୍ତ ଦୃଷ୍ଟିଦେଇ ତ୍ରୁଟି ସୁଧାରିବାକୁ ସାଧାରଣରେ ଦାବି ହୋଇଛି।



# ସରକାରୀ ପ୍ରାଥମିକ ବିଦ୍ୟାଳୟରୁ ଚୋରି

ପରଜଙ୍ଗ, ୧୮ ।୭(ସମିସ): ଢେଙ୍କାନାଳ ଜିଲ୍ଲା ପରଜଙ୍ଗ ବ୍ଲକ ମାଣିକମରା ପଞ୍ଚାୟତ ହରିଜନ ସାହି ସରକାରୀ ପ୍ରାଥମିକ ବିଦ୍ୟାଳୟରୁ ମଙ୍ଗଳବାର ବିଳମ୍ବିତ ରାତିରେ ଚୋରି ହୋଇଥିବା ଅଭିଯୋଗ ହୋଇଛି। ଦୁର୍ବୃତ୍ତ ବିଦ୍ୟାଳୟରେ ପଶି ଫିଲ୍ଟର, ପ୍ରେସର କୁକର, ମଧ୍ୟାହ୍ନ ଭୋଜନ ଚାଉଳ, ଅଣ୍ଡା, ଦୁଇଟି ଗ୍ୟାସ ଟାଙ୍କି, ଗ୍ୟାସ ଚୁଲା, ପିଲାଙ୍କ ଖେଳନା ସାମଗ୍ରୀ, ସାଇକେଲ ପମ୍ପ ସହ ବିଦ୍ୟାଳୟର ବିଭିନ୍ନ ଦରକାରୀ କାଗଜପତ୍ର ନେଇଯାଇଛନ୍ତି। ଏ ନେଇ ବିଦ୍ୟାଳୟ ଶିକ୍ଷା କମିଟି ସଭାପତି ଓ ପ୍ରଧାନଶିକ୍ଷକ ପରଜଙ୍ଗ ଥାନା ଅନ୍ତର୍ଗତ ଦଦରାଘାଟି ଫାଣ୍ଡିରେ ଲିଖିତ ଅଭିଯୋଗ କରିଛନ୍ତି।

# ହିନ୍ଦୋଳବାସୀଙ୍କ ପାଇଁ ଶୀତଳଭଣ୍ଡାର ସାତସ୍ୱପ୍ନ

ଖଜୁରିଆକଟା, ୧୮ ।୭(ସମିସ)

ଢେଙ୍କାନାଳ ଜିଲ୍ଲା ହିନ୍ଦୋଳ ଉପଖଣ୍ଡରେ ଶୀତଳଭଣ୍ଡାର ନାହିଁ। ଶୀତଳଭଣ୍ଡାର ସ୍ଥାପନ ପାଇଁ ଦୀର୍ଘଦିନ ଧରି ଦାବି ହୋଇଆସୁଥିବା ବେଳେ ଏ ଦିଗରେ କୌଣସି ପଦକ୍ଷେପ ଗ୍ରହଣ କରାଯାଉ ନ ଥିବାରୁ ଅସନ୍ତୋଷ ବୃଦ୍ଧି ପାଇବାରେ ଲାଗିଛି। ବିଭିନ୍ନ ମୌଳିକ ସୁବିଧା ସୁଯୋଗରୁ ବଞ୍ଚିତ ହିନ୍ଦୋଳ ଉପଖଣ୍ଡ ଗ୍ରାମାଞ୍ଚଳର ପ୍ରାୟ ୮୦ ପ୍ରତିଶତ ଲୋକ କୃଷି ଉପରେ ନିର୍ଭରଶୀଳ ଥିଲେ। ତେବେ ଶୀତଳଭଣ୍ଡାର, ଜଳସେଚନ ଆଦି ମୌଳିକ ସୁବିଧା ନ ମିଳିବାରୁ ଚାଷୀମାନେ କୃଷିକାର୍ଯ୍ୟ ଉପରୁ ମୁହଁ ଫେରାଉଛନ୍ତି। ଏଥିସହ ଅଞ୍ଚଳରେ ଗଢ଼ି ଉଠିଥିବା ଶିଳ୍ପସଂସ୍ଥାଗୁଡ଼ିକରେ ନିଯୁକ୍ତି ମଧ୍ୟ ମିଳୁ ନ ଥିବାରୁ ଅଧିକାଂଶ ଲୋକ ଦାଦନ ଖଟିବାକୁ ବାଧ୍ୟ ହେଉଛନ୍ତି।




ଶୀତଳଭଣ୍ଡାର ନ ଥିବାରୁ କୃଷକମାନେ ଶାଗମାଛ ଦରରେ କୃଷିଦ୍ରବ୍ୟ ବିକିଦେବା ସହ ଉପଯୁକ୍ତ ମୂଲ୍ୟ ପାଇପାରୁ ନାହାନ୍ତି। କୃଷିପ୍ରଧାନ ହିନ୍ଦୋଳ ଉପଖଣ୍ଡ ୩୫ ପଞ୍ଚାୟତ ଓ ଗୋଟିଏ ଏନଏସିକୁ ନେଇ ଗଠିତ। ଏହି ଅଞ୍ଚଳରେ ୩୧୫୩୭ ହେକ୍ଟର ଚାଷଜମି ଅଛି। ସେଥିମଧ୍ୟରୁ ମାତ୍ର ୨୫୨୦ ଏକର ଜଳସେଚିତ ବୋଲି ସରକାରୀ କାଗଜକଲମରେ ଦର୍ଶାଯାଉଥିବା ବେଳେ କେନାଲଗୁଡ଼ିକ ମରାମତି ଓ ରକ୍ଷଣାବେକ୍ଷଣ କରାଯାଉ ନ ଥିବାରୁ ପାଣି ଆସୁନାହିଁ। ଏଠିକାର ଚାଷୀମାନେ ଧାନ ସହ ବିଭିନ୍ନ ପନିପରିବା ଚାଷ କରିଥାନ୍ତି। ମାତ୍ର ଉତ୍ପାଦିତ ଦ୍ରବ୍ୟ ଗଚ୍ଛିତ ରଖିବାକୁ ଶୀତଳଭଣ୍ଡାର ନ ଥିବାରୁ ଶାଗମାଛ ଦରରେ ବିକ୍ରି କରି ହତାଶ ହେଉଛନ୍ତି। ହାଡ଼ଭଙ୍ଗା ପରିଶ୍ରମ ଓ ହଜାର ହଜାର ଟଙ୍କା ବିନିଯୋଗ କରିବା ସତ୍ତ୍ୱେ ଉପଯୁକ୍ତ ମୂଲ୍ୟ ପାଉ ନ ଥିବାରୁ କୃଷିକାର୍ଯ୍ୟ ପ୍ରତି ମୁହଁ ଫେରାଉଛନ୍ତି।

ଏହାଛଡ଼ା ପ୍ରକୃତ ଚାଷୀ ବିହନ, କୃଷି ଯନ୍ତ୍ରପାତି, ସୌରଚାଳିତ ଫ୍ରିଜର ଆଦି କୌଣସି ସୁବିଧା ସୁଯୋଗ ପାଉ ନ ଥିବା ମଧ୍ୟ ଅଭିଯୋଗ ହୋଇଆସୁଛି। ରାଜନୈତିକ ବ୍ୟକ୍ତିବିଶେଷଙ୍କ ପ୍ରରୋଚନାରେ ସରକାରୀ ସହାୟତାଗୁଡ଼ିକ ଅଣଚାଷୀ ହାତେଇ ନେଉଥିବା ଚାଷୀମାନେ ଅଭିଯୋଗ କରୁଛନ୍ତି। ଏହାର ତଦନ୍ତ କରି ଉପଯୁକ୍ତ ପଦକ୍ଷେପ ନେବା ସହ ଚାଷୀଙ୍କ ନିମନ୍ତେ ଶୀତଳଭଣ୍ଡାର ଓ ଜଳସେଚନ ବ୍ୟବସ୍ଥା କରିବାକୁ ଦାବି ହେଉଛି।

## ଢେଙ୍କାନାଳ ବନ୍ଦ ପାଳନ ସଫଳ

# କଂଗ୍ରେସ ତରଫରୁ ଜିଲ୍ଲାବାସୀଙ୍କୁ କୃତଜ୍ଞତା

ଢେଙ୍କାନାଳ, ୧୮ ।୭(ସମିସ): ବାଲେଶ୍ୱର ଏଫଏମ କଲେଜରେ ଦୀର୍ଘଦିନ ଧରି ଅଧ୍ୟାପକଙ୍କ ଦ୍ୱାରା ନିର୍ଯାତନାର ଶିକାର ହୋଇଆସୁଥିବା ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ଲିଖିତ ଅଭିଯୋଗକୁ ପ୍ରଶାସନିକ କଳର ବିଭିନ୍ନ ଅଧିକାରୀ, କଲେଜ ପ୍ରିନ୍ସିପାଲ, ଥାନା ଅଧିକାରୀ, ଜିଲ୍ଲାପାଳ, ବିଧାୟକ, ସଂସଦ, ମୁଖ୍ୟମନ୍ତ୍ରୀ, ରାଜ୍ୟ ଶିକ୍ଷାମନ୍ତ୍ରୀ, କେନ୍ଦ୍ର ଶିକ୍ଷାମନ୍ତ୍ରୀ, କେନ୍ଦ୍ର ମହିଳା ଆୟୋଗ ସମସ୍ତେ ଅଣଦେଖା କରିବା ପରେ ସେ ସମ୍ପୂର୍ଣ୍ଣ ପ୍ରଶାସନିକ ବ୍ୟବସ୍ଥା ଉପରେ ଆସ୍ଥା ହରାଇ ଆତ୍ମଦହନ କରି ଜୀବନ ହରାଇଦେଲେ। ଏହି ମର୍ମସ୍ପର୍ଶୀ ଘଟଣା ଦେଶବାସୀଙ୍କୁ ଗଭୀର ଭାବେ ମର୍ମାହତ କରିବା ସହ ଜନସାଧାରଣ, ଅଭିଭାବକ, ମହିଳା, ଛାତ୍ରଛାତ୍ରୀ, ବୁଦ୍ଧିଜୀବୀ ସମସ୍ତ ମହଲରେ ମହିଳା ସୁରକ୍ଷାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଏହାର ପ୍ରତିବାଦରେ ପିସିସି ସଭାପତି ଭକ୍ତ ଚରଣ ଦାସଙ୍କ ନିର୍ଦ୍ଦେଶରେ ରାଜ୍ୟ କଂଗ୍ରେସ ବାମପନ୍ଥୀ ଦଳଗୁଡ଼ିକ ସହିତ ମିଶି ଜୁଲାଇ ୧୭ ତାରିଖ ୧୨ ଘଣ୍ଟିଆ ଓଡ଼ିଶା ବନ୍ଦ ଡାକରା ଦେଇଥିଲା। ଢେଙ୍କାନାଳ ଜିଲ୍ଲାରେ ଏହି ବନ୍ଦ ସମ୍ପୂର୍ଣ୍ଣ ସଫଳ ହୋଇଛି। ଜନସାଧାରଣ, ବ୍ୟବସାୟୀ ସଂଘ, ଗାଡ଼ି ମାଲିକ ଏବଂ ଚାଳକ, ବିଭିନ୍ନ ପ୍ରତିଷ୍ଠାନ ବନ୍ଦ ଡାକରାକୁ ଅକୁଣ୍ଠ ସମର୍ଥନ ଦେଇ ସଫଳ କରାଇଥିବାରୁ କଂଗ୍ରେସ ପକ୍ଷରୁ ସମଗ୍ର ଜିଲ୍ଲାବାସୀଙ୍କୁ କୃତଜ୍ଞତା ଜ୍ଞାପନ କରାଯାଇଛି।

ଅନ୍ୟପଟେ ଜିଲ୍ଲା ସଂଯୋଜକ ଛବିରାଜ ବିଶ୍ୱାଳଙ୍କ ନେତୃତ୍ୱ ଏବଂ ପୂର୍ବତନ ଜିଲ୍ଲା ସଭାପତି ସୁନୀଲ ଦାଶଙ୍କ ସହଯୋଗରେ, ମହିଳା କଂଗ୍ରେସ, ଯୁବ କଂଗ୍ରେସ, ଛାତ୍ର କଂଗ୍ରେସ, ସମେତ ବିଭିନ୍ନ ସେଲର ନେତା ଏବଂ କର୍ମୀ ଜିଲ୍ଲା ସଦର ମହକୁମା ଏବଂ ଅନ୍ୟ ସ୍ଥାନରେ ପିକେଟିଂ କରିବା ସହ ଶାନ୍ତିପୂର୍ଣ୍ଣ ଭାବେ ବନ୍ଦ ପାଳନକୁ ପରିଚାଳନା କରିଥିଲେ। ତେବେ ବିକ୍ଷୋଭକାରୀଙ୍କ ମଧ୍ୟରୁ ୨୦ରୁ ଉର୍ଦ୍ଧ୍ୱ ନେତା ଏବଂ କର୍ମୀ ପୁଲିସ ଗିରଫ କରି ଅଟକ ରଖିଥିଲେ ମଧ୍ୟ ବ୍ୟକ୍ତିଗତ ମୁଚାଲିକାରେ ସେମାନଙ୍କୁ ମୁକ୍ତ କରାଯାଇଛି। ଅଟକ ଥିବା ନେତା ଏବଂ କର୍ମୀମାନଙ୍କୁ ପୁଲିସ ପକ୍ଷରୁ ଉତ୍ତମ ବ୍ୟବହାର ପ୍ରଦର୍ଶନ କରାଯାଇଥିବାରୁ ଦଳ ତରଫରୁ ସାଧୁବାଦ ଜ୍ଞାପନ କରାଯାଇଛି।

## ମୁଦ୍ରା ବିନିମୟ ମୂଲ୍ୟ



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୬.୨୫ ● ପାଉଣ୍ଡ ୧୧୫.୩୮
- ୟୁରୋ ୧୦୦.୬୯ ● ୟେନ୍ ୦.୫୮

## ସୁନା, ରୁପା ଦର (ଟଙ୍କାରେ)




୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୯୧,୧୪୦ (ନୂଆଦିଲ୍ଲୀ)
- ରୁପା : ୧,୧୩,୯୦୦ (କେଜି)



## ଷ୍ଟକ୍ ମାର୍କେଟ୍

ବଜାର କାରବାର (ପଏଣ୍ଟରେ)
- ସେନ୍ସେକ୍ସ ୮୧,୭୫୭.୦୦
- ନିଫ୍ଟି ୨୪,୯୬୮.୦୦



## ପେଟ୍ରୋଲ-ଡିଜେଲ୍

ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



# ଭାରତରେ ୩୫% ବ୍ୟାଙ୍କ ଆକାଉଣ୍ଟ ନିଷ୍କ୍ରିୟ

- ନିଷ୍କ୍ରିୟ ଆକାଉଣ୍ଟରେ ମହିଳାଙ୍କ ଅଂଶ ସର୍ବାଧିକ
- ୨୦୨୧ଠାରୁ ଏକ ତୃତୀୟାଂଶ ବ୍ୟାଙ୍କ ଆକାଉଣ୍ଟ ଅକାମୀ





ନୂଆଦିଲ୍ଲୀ,୧୮।୭(ଏଜେନ୍ସି): ୨୦୨୧ଠାରୁ ଦେଶରେ ଏକ ତୃତୀୟାଂଶରୁ ଅଧିକ ବ୍ୟାଙ୍କ ଆକାଉଣ୍ଟ 'ନିଷ୍କ୍ରିୟ' ରହିଛି। ବୁଧବାର ପ୍ରକାଶିତ 'ଗ୍ଲୋବାଲ୍ ଫିଣ୍ଡେକ୍ସ ୨୦୨୫› ଶୀର୍ଷକ ଏକ ରିପୋର୍ଟ ଅନୁଯାୟୀ, ୨୦୨୧ରେ ଭାରତରେ ପ୍ରାୟ ୩୫ ପ୍ରତିଶତ ବ୍ୟାଙ୍କ ଆକାଉଣ୍ଟ 'ନିଷ୍କ୍ରିୟ' ଥିଲା। ବିଶ୍ୱର ବିକାଶଶୀଳ ଅର୍ଥନୀତିଗୁଡ଼ିକରେ ସର୍ବାଧିକ ନିଷ୍କ୍ରିୟ ବ୍ୟାଙ୍କ ଆକାଉଣ୍ଟ ରହିଛି, ଯେଉଁଥିରେ ଭାରତ ସାମିଲ। ତେଣୁ, ବିକାଶଶୀଳ ଅର୍ଥନୀତି ତୁଳନାରେ ଭାରତରେ ୭ ଗୁଣ ଅଧିକ ନିଷ୍କ୍ରିୟ ବ୍ୟାଙ୍କ ଆକାଉଣ୍ଟ ରହିଛି।

ରିପୋର୍ଟ ଅନୁଯାୟୀ, 'ଭାରତରେ ନିଷ୍କ୍ରିୟ ବ୍ୟାଙ୍କ ଆକାଉଣ୍ଟ ସଂଖ୍ୟାରେ ବୃଦ୍ଧିର ମୁଖ୍ୟ କାରଣ ହେଉଛି, ଜନ ଧନ ଯୋଜନା। ଲୋକଙ୍କ ବ୍ୟାଙ୍କ ଆକାଉଣ୍ଟ ଖୋଲିବା ଜରିଆରେ ସେମାନଙ୍କୁ ଆର୍ଥିକ ଅନ୍ତର୍ଭୁକ୍ତୀକରଣରେ ସାମିଲ କରିବା ପାଇଁ ଭାରତ ସରକାର ଜନ ଧନ ଯୋଜନା ଆରମ୍ଭ କରିଥିଲେ। ଏହି ଯୋଜନା ୨୦୧୪ ଅଗଷ୍ଟରେ ଆରମ୍ଭ ହୋଇଥିଲା। ଏହି କାର୍ଯ୍ୟକ୍ରମ ମାଧ୍ୟମରେ ଭାରତର ବ୍ୟାଙ୍କିଙ୍ଗ ବ୍ୟବସ୍ଥାରେ ୨୦୨୨ ଏପ୍ରିଲ ସୁଦ୍ଧା ୪୫ କୋଟି ଅତିରିକ୍ତ ଆକାଉଣ୍ଟ ଯୋଡାଯାଇଥିଲା। ଭାରତରେ ବୟସ୍କମାନଙ୍କ ମଧ୍ୟରେ ନିଷ୍କ୍ରିୟ ବ୍ୟାଙ୍କ ଆକାଉଣ୍ଟର ଅଂଶ ୨୦୧୭ ରୁ ୨୦୨୧ ପର୍ଯ୍ୟନ୍ତ ସମାନ ରହିଥିଲା। ମୋଟ ଜନସଂଖ୍ୟାର କେବଳ ୯ ପ୍ରତିଶତ ବୟସ୍କ-ମୋଟ ଆକାଉଣ୍ଟର ୧୩ ପ୍ରତିଶତକୁ ନିଷ୍କ୍ରିୟ ଆକାଉଣ୍ଟ ଭାବରେ ଧରାଯାଉଛି। ଅପରପକ୍ଷେ ବିଶ୍ୱର ବିକାଶଶୀଳ ଅର୍ଥନୀତିଗୁଡ଼ିକରେ ନିଷ୍କ୍ରିୟ ଆକାଉଣ୍ଟର ସ୍ତର ୨୦% ରୁ ୩୦%କୁ ବୃଦ୍ଧି ପାଇଛି।


ଅନ୍ୟପକ୍ଷରେ, ଉଚ୍ଚ-ଆୟ ଥିବା ବିଶ୍ୱର ଅର୍ଥନୀତିଗୁଡ଼ିକରେ ପ୍ରାୟ ସମସ୍ତ ବ୍ୟାଙ୍କ ଆକାଉଣ୍ଟଧାରୀ ସକ୍ରିୟ ଅଛନ୍ତି। ରିପୋର୍ଟରେ ଉଲ୍ଲେଖ କରାଯାଇଛି ଯେ ବିକାଶଶୀଳ ଅର୍ଥନୀତିଗୁଡ଼ିକରେ, ପୁରୁଷମାନଙ୍କ ତୁଳନାରେ ମହିଳାଙ୍କର ୫ ପ୍ରତିଶତ ଅଧିକ ନିଷ୍କ୍ରିୟ ବ୍ୟାଙ୍କ ଆକାଉଣ୍ଟ ରହିଛି। ତଥାପି, ଭାରତରେ, ପୁରୁଷ ଏବଂ ମହିଳାଙ୍କ ନିଷ୍କ୍ରିୟ ବ୍ୟାଙ୍କ ଆକାଉଣ୍ଟ ମଧ୍ୟରେ ପାର୍ଥକ୍ୟ ୭୨%। ଭାରତରେ, ମହିଳାଙ୍କର ଅଧିକ ନିଷ୍କ୍ରିୟ ଆକାଉଣ୍ଟ (୪୨%) ଥିବାବେଳେ ପୁରୁଷମାନଙ୍କର କ୍ଷେତ୍ରରେ ନିଷ୍କ୍ରିୟ କମ୍ ବ୍ୟାଙ୍କ ଆକାଉଣ୍ଟ ସଂଖ୍ୟା ୩୦ ପ୍ରତିଶତ ରହିଛି। ଏଠାରେ ସୂଚନାଯୋଗ୍ୟ ଯେ, ଯଦି ଗୋଟିଏ ବର୍ଷ ପାଇଁ କୌଣସି ବ୍ୟାଙ୍କ ଆକାଉଣ୍ଟରେ ଜମା କିମ୍ବା ଡିଜିଟାଲ କାରବାର କରାଯାଇ ନ ଥାଏ, ତେବେ ଏହାକୁ ନିଷ୍କ୍ରିୟ ବୋଲି ବିବେଚନା କରାଯାଏ। ଆର୍ଥିକ ଅନ୍ତର୍ଭୁକ୍ତିକରଣ ଉପରେ ବିଶ୍ୱ ବ୍ୟାଙ୍କ ପକ୍ଷରୁ ପ୍ରକାଶିତ ରିପୋର୍ଟରେ ଏହି ସୂଚନା ଦିଆଯାଇଛି।

## ନିବେଶକ ହରାଇଲେ ଅଢ଼େଇ ଲକ୍ଷ କୋଟି

**୫୦୦ ପଏଣ୍ଟ ଖସିଲା ସେନ୍ସେକ୍ସ**

ମୁମ୍ବଇ,୧୮।୭(ଏଜେନ୍ସି): ଭାରତୀୟ ସେୟାର ବଜାର ସପ୍ତାହର ଶେଷ କାରବାର ଦିବସରେ ବଡ଼ ହ୍ରାସର ସମ୍ମୁଖୀନ ହୋଇଛି। ବମ୍ବେ ଷ୍ଟକ୍ ଏକ୍ସଚେଞ୍ଜ ( ବିଏସ୍‌ଇ) ସେନ୍‌ସେକ୍ସରେ ୫୦୧.୫୨ ପଏଣ୍ଟ ବା ୦.୬୧ ପ୍ରତିଶତ ହ୍ରାସ ଘଟି ୮୧,୭୫୭.୭୩ ପଏଣ୍ଟ ସ୍ତରରେ କାରବାର ଶେଷ କରିଛି। ଅନ୍ୟପଟେ ନ୍ୟାସନାଲ ଷ୍ଟକ୍ ଏକ୍ସଚେଞ୍ଜ ନିଫ୍ଟିରେ ୧୪୩.୦୫ ପଏଣ୍ଟ ବା ୦.୫୭ ପ୍ରତିଶତ ହ୍ରାସ ହୋଇ ୨୪,୯୬୪.୪୦ ପଏଣ୍ଟ ସ୍ତରରେ ବନ୍ଦ ହୋଇଛି। ସବୁଠୁ ଅଧିକ ହ୍ରାସ ବ୍ୟାଙ୍କିଙ୍ଗ ଓ ଏଫ୍‌ଏମ୍‌ସିଜି ସେୟାରରେ ଦେଖିବାକୁ ମିଳିଛି। ଏହି କାରଣରୁ ନିବେଶକମାନଙ୍କୁ ଆଜି ୨.୫୭ ଲକ୍ଷ କୋଟି ଟଙ୍କା କ୍ଷତି ହୋଇଛି। ବିଶ୍ୱ ବଜାରରେ ଦୁର୍ବଳ ସଙ୍କେତ ଓ ଆକ୍ସିସ୍ ବ୍ୟାଙ୍କ ସମେତ ଅନେକ କମ୍ପାନିର ଦୁର୍ବଳ ଆର୍ଥିକ ଫଳାଫଳ ଆଜି ନିବେଶକଙ୍କ ମନୋଭାବ ଉପରେ ପ୍ରଭାବ ପକାଇଛି। ଏବେ ନିବେଶକଙ୍କ ନଜର ସୋମବାର ଜୁଲାଇ ୨୧ରେ କିଛି ବଡ଼ କମ୍ପାନୀର ଆର୍ଥିକ ଫଳାଫଳ ଉପରେ ରହିବ। ଏଚ୍‌ଡିଏଫ୍‌ସି ବ୍ୟାଙ୍କ, ଆଇସିଆଇସିଆଇ ବ୍ୟାଙ୍କ ଓ ରିଲାଏନ୍ସ ଇଣ୍ଡଷ୍ଟ୍ରିଜ୍ ଏହି ଦିନ ନିଜର ଜୁନ୍ ତ୍ରୈମାସିକ ଆର୍ଥିକ ଫଳାଫଳ ଘୋଷଣା କରିବେ। ବିଏସ୍‌ଇରେ ସୂଚୀବଦ୍ଧ କମ୍ପାନୀଗୁଡ଼ିକର ମୋଟ ବଜାର ପୁଞ୍ଜି ଆଜି ହ୍ରାସ ପାଇ ୪୮୦.୩୦ ଲକ୍ଷ କୋଟି ଟଙ୍କା ହୋଇଛି। ପୂର୍ବ କାରବାର ଦିବସ ଅର୍ଥାତ୍ ଜୁଲାଇ ୧୭ରେ ଏହା ୪୬୦.୮୭ ଲକ୍ଷ କୋଟି ଟଙ୍କା ରହିଥିଲା। ସେହିପରି ବିଏସ୍‌ଇରେ ସୂଚୀବଦ୍ଧ କମ୍ପାନୀଗୁଡ଼ିକର ବଜାର ପୁଞ୍ଜିରେ ୨.୫୭ ଲକ୍ଷ କୋଟି ଟଙ୍କା ହ୍ରାସ ପାଇଛି। ସରଳ ଶବ୍ଦରେ ରହିବାକୁ ଗଲେ ନିବେଶକଙ୍କୁ ୨.୫୭ ଲକ୍ଷ କୋଟି ଟଙ୍କା କ୍ଷତି ହୋଇଛି। ବିଏସ୍‌ଇ ସେନ୍‌ସେକ୍ସର ୩୦ ସେୟାର ମଧ୍ୟରୁ ୭ ସେୟାର ଆଜି ସବୁଜ ସଙ୍କେତ ସହ ବନ୍ଦ ହୋଇଛି। ଏଥିରେ ବଜାଜ ଫାଇନାନ୍ସର ସେୟାରରେ ସବୁଠୁ ଅଧିକ ୧.୯୪ ପ୍ରତିଶତ ବୃଦ୍ଧି ହୋଇଛି। ଅନ୍ୟପକ୍ଷେ ୨୩ ସେୟାର ଲାଲ୍ ସଙ୍କେତରେ ବନ୍ଦ ହୋଇଛି।

## ବେଦାନ୍ତ ଆଲୁମିନିୟମ୍ ପକ୍ଷରୁ ସ୍ୱାସ୍ଥ୍ୟ ଶିବିର





ଭୁବନେଶ୍ୱର,୧୮।୭(ସମିସ): ଆଲୁମିନିୟମ ଉତ୍ପାଦକ ବେଦାନ୍ତ ଆଲୁମିନିୟମ ପ୍ରୋଜେକ୍ଟ ଆରୋଗ୍ୟ ଅନ୍ତର୍ଗତ ଏକ ବୃହତ ବହୁ - ବିଶେଷଜ୍ଞ ସ୍ୱାସ୍ଥ୍ୟ ଶିବିର ଆୟୋଜନ କରି ଅବହେଳିତ ଅଞ୍ଚଳଗୁଡ଼ିକୁ ଗୁଣବତ୍ତାପୂର୍ଣ୍ଣ ସ୍ୱାସ୍ଥ୍ୟସେବା ଯୋଗାଇବା ପାଇଁ ନିଜର ପ୍ରତିବଦ୍ଧତାକୁ ପୁନଃସ୍ଥାପିତ କରିଛି। ଏହି ଶିବିର ଗୋବର୍ଦ୍ଧନପୁର ଗ୍ରାମ ପଞ୍ଚାୟତ ଅନ୍ତର୍ଗତ ୧୫ଟି ଗ୍ରାମର ବାସିନ୍ଦାଙ୍କୁ ସେବା ପ୍ରଦାନ କରିଥିଲା। ଯାହା ଓଡ଼ିଶାର କଳାହାଣ୍ଡି ଜିଲ୍ଲାର ବିଭିନ୍ନ ଅଞ୍ଚଳରେ ଅନୁଷ୍ଠିତ ହୋଇଥିଲା। ଏହି ଶିବିରରେ ୩୫୦ରୁ ଅଧିକ ରୋଗୀ ଉପକୃତ ହୋଇଥିଲେ। ଶିଶୁରୋଗ, ସାଧାରଣ ଔଷଧ, ସ୍ତ୍ରୀ ରୋଗ ଏବଂ ଅନ୍ୟାନ୍ୟ ଆନୁସଙ୍ଗିକ ଚିକିତ୍ସା କ୍ଷେତ୍ରର ବିଶେଷଜ୍ଞଙ୍କ ସହାୟତାରେ ଶିବିରଟି ତୁରନ୍ତ ସେବା ପ୍ରଦାନ କରାଯିବା ସହ ପ୍ରତିରୋଧକ ସ୍ୱାସ୍ଥ୍ୟସେବା ଅଭ୍ୟାସ ଉପରେ ସଚେତନତା ବୃଦ୍ଧି କରାଯାଇଥିଲା। ଏ ସମ୍ପର୍କରେ ବେଦାନ୍ତ ଆଲୁମିନା ବ୍ୟବସାୟର ସିଇଓ ପ୍ରଣବ କୁମାର ଭଟ୍ଟାଚାର୍ଯ୍ୟ କହିଛନ୍ତି, ବେଦାନ୍ତ ଲାଞ୍ଜିଗଡ଼ରେ ଆମେ ସ୍ଥାୟୀ ସ୍ୱାସ୍ଥ୍ୟସେବା ପଦକ୍ଷେପ ମାଧ୍ୟମରେ ସମ୍ପ୍ରଦାୟର ଉନ୍ନତି ପାଇଁ ଦୃଢ ଭାବରେ ପ୍ରତିବଦ୍ଧ। ମେଗା ସ୍ୱାସ୍ଥ୍ୟ ଶିବିର ହେଉଛି ଆମର ପ୍ରତିରୋଧକ ପଦ୍ଧତିର ଏକ ଅଂଶ ଯାହା ଦୂରଦୂରାନ୍ତ ଗ୍ରାମଗୁଡ଼ିକରେ ସମୟୋଚିତ ଚିକିତ୍ସା ସହାୟତା ସୁନିଶ୍ଚିତ କରିଥାଏ। ପ୍ରୋଜେକ୍ଟ ଆରୋଗ୍ୟ ମାଧ୍ୟମରେ, ଆମେ ଅବହେଳିତ ଲୋକଙ୍କ ନିକଟରେ ସ୍ୱାସ୍ଥ୍ୟସେବା ପହଞ୍ଚାଇ ଅର୍ଥପୂର୍ଣ୍ଣ ପ୍ରଭାବ ପକାଇବା ଜାରି ରଖିଛୁ।

# ୯ କ୍ୟାରେଟ୍ ସୁନାରେ ହଲ୍‌ମାର୍କିଂ ବାଧ୍ୟତାମୂଳକ

**ଘଣ୍ଟା ଏବଂ କଲମରେ ହଲମାର୍କିଂ ଆବଶ୍ୟକ ନାହିଁ**





ନୂଆଦିଲ୍ଲୀ,୧୮।୭(ଏଜେନ୍ସି)

ଏଣିକି ଗ୍ରାହକ ୯ କ୍ୟାରେଟ୍‌ରେ ବି ହଲମାର୍କିଂ ସୁନା ପାଇପାରିବେ। ଭାରତୀୟ ମାନକ ବ୍ୟୁରୋ (ବିଆଇଏସ୍) ଶୁକ୍ରବାର ୯ କ୍ୟାରେଟ୍ ସୁନାରେ ତିଆରି ସୁନା ଅଳଙ୍କାର ଉପରେ ହଲମାର୍କିଂକୁ ବାଧ୍ୟତାମୂଳକ କରିଛି। ଏଠାରେ ସୂଚନାଯୋଗ୍ୟ ଯେ, ଏ ପର୍ଯ୍ୟନ୍ତ କେବଳ ୨୪କେ, ୨୩କେ, ୨୨,କେ,୨୦କେ, ୧୮କେ ଏବଂ ୧୪କେ ସୁନାରେ ତିଆରି ଅଳଙ୍କାର ଉପରେ ହଲମାର୍କିଂ ଆବଶ୍ୟକ ହେଉଥିଲା। ହଲମାର୍କ ସୁନାର ଶୁଦ୍ଧତାକୁ ନିଶ୍ଚିତ କରିଥାଏ। ସେହି ସମୟରେ, ସୁନାରେ ତିଆରି ଘଣ୍ଟା ଏବଂ କଲମରେ ହଲମାର୍କିଂ ଆଉ ଆବଶ୍ୟକ ନାହିଁ।

ଅଲ୍ ଇଣ୍ଡିଆ ଜେମ୍ ଆଣ୍ଡ ଜୁଏଲାରୀ ଡୋମେଷ୍ଟିକ୍ କାଉନସିଲ୍ କହିଛି ଯେ ଏବେ ସମସ୍ତ ଅଳଙ୍କାର ବ୍ୟବସାୟୀ ଏବଂ ହଲମାର୍କିଂ କେନ୍ଦ୍ରଗୁଡ଼ିକୁ ବିଆଇଏସ୍‌ର ନୂତନ ନିୟମ ପାଳନ କରିବାକୁ ପଡିବ। ନୂତନ ନିୟମ ଅନୁଯାୟୀ, ୯ କ୍ୟାରେଟ୍ ସୁନା (୩୭୫ପିପିଟି) ମଧ୍ୟ ବାଧ୍ୟତାମୂଳକ ହଲମାର୍କିଂ ପରିସରକୁ ଆସିଛି। ପୂର୍ବରୁ ୯ କ୍ୟାରେଟ୍ ସୁନା ପାଇଁ ଏହା ଆବଶ୍ୟକ ନ ଥିଲା, କିନ୍ତୁ ଏବେ ଗ୍ରାହକମାନଙ୍କୁ ସୁନାର ଶୁଦ୍ଧତା ବିଷୟରେ ସଠିକ୍ ସୂଚନା ଦେବା ପାଇଁ ଏହାକୁ ହଲମାର୍କିଂ କରିବାକୁ ପଡିବ। ବିଆଇଏସ୍ ଆଇନ ୨୦୧୬ ଅନୁଯାୟୀ ସୁନା ଅଳଙ୍କରରେ ହଲମାର୍କିଂ କରାଯାଇଥାଏ। ଏହା ଅଳଙ୍କାର ଏବଂ କଳାକୃତିରେ ମୂଲ୍ୟବାନ ଧାତୁର ପରିମାଣକୁ ପ୍ରମାଣିତ କରେ। ଏହା ଗ୍ରାହକମାନଙ୍କୁ ଜଣାଏ ଯେ ସେମାନଙ୍କ ଅଳଙ୍କାରରେ ସୁନା କେତେ ଶୁଦ୍ଧ। ହଲମାର୍କିଂ ଗ୍ରାହକମାନଙ୍କୁ ଠକେଇରୁ ରକ୍ଷା କରିପାରିବ। ହଲମାର୍କିଂର ୮ଟି ଗ୍ରେଡ୍ ରହିଛି। ପ୍ରତ୍ୟେକ ଗ୍ରେଡ୍ ସୁନାର ଶୁଦ୍ଧତାକୁ ସୂଚାଇଥାଏ। ବର୍ତ୍ତମାନ ୯କେ ସୁନା ମଧ୍ୟ ଏହି ତାଲିକାରେ ଅନ୍ତର୍ଭୁକ୍ତ ହୋଇଛି। ଏହା ଗ୍ରାହକମାନଙ୍କୁ ଅଧିକ ବିକଳ୍ପ ଦେବ। ଏବେ ଘଣ୍ଟା ଏବଂ କଲମରେ ହଲମାର୍କିଂ ଆବଶ୍ୟକ ନାହିଁ, ବିଆଇଏସ୍ ମଧ୍ୟ ଏହାର ନିୟମରେ କିଛି ପରିବର୍ତ୍ତନ କରିଛି। ଏବେ ସୁନା ଘଣ୍ଟା ଏବଂ କଲମକୁ କଳାକୃତିର ପରିଭାଷାରୁ ବାଦ ଦିଆଯାଇଛି। ଏହାର ଅର୍ଥ ହେଉଛି ଏବେ ସେମାନଙ୍କ ଉପରେ ହଲମାର୍କିଂ ବାଧ୍ୟତାମୂଳକ ନୁହେଁ। ସ୍ୱର୍ଣ୍ଣ ମୁଦ୍ରା ସମ୍ପର୍କରେ ଏକ ନୂତନ ନିୟମ ମଧ୍ୟ କରାଯାଇଛି। ଏବେ କେବଳ ୨୪କେଏଫ୍ କିମ୍ବା ୨୪କେଏସ୍ ସୁନାର ପତଳା ଚାଦରରୁ ତିଆରି ମୁଦ୍ରାକୁ ଶତ ପ୍ରତିଶତ ଶୁଦ୍ଧ ବୋଲି ବିବେଚନା କରାଯିବ। ଏହି ମୁଦ୍ରା କେବଳ ମିଣ୍ଟ କିମ୍ବା ରିଫାଇନାରୀ ଦ୍ୱାରା ତିଆରି କରାଯିବା ଉଚିତ ଏବଂ ଏହାର କୌଣସି ଆଇନଗତ ମୁଦ୍ରା ମୂଲ୍ୟ ରହିବା ଉଚିତ୍ ନୁହେଁ।

**ରେଭେନ୍ସାରେ ମହିଳାଙ୍କୁ ସନ୍ଧ୍ୟା ପର ରହଣି ବାରଣ ପ୍ରସଙ୍ଗ**

## ରାଜ୍ୟ ସରକାରଙ୍କ ମହିଳା ସ୍ୱାଧୀନତା ବିରୋଧୀ ମନୋଭାବର ପରିପ୍ରକାଶ: ବିଜେଡି

- ବିଶ୍ୱବିଦ୍ୟାଳୟ ଇତିହାସରେ ଏକ କଳଙ୍କମୟ ଅଧ୍ୟାୟ
- ରାଜ୍ୟରେ ମହିଳା ଅସୁରକ୍ଷିତ ଥିବାର ଏକ ସ୍ୱୀକାରୋକ୍ତି
- ଉଚ୍ଚଶିକ୍ଷା ମନ୍ତ୍ରୀ ଓ କେନ୍ଦ୍ର ଶିକ୍ଷାମନ୍ତ୍ରୀଙ୍କ ସ୍ପଷ୍ଟୀକରଣ ଦାବି

ଭୁବନେଶ୍ୱର, ୧୮।୭ (ସମିସ): ମହିଳାମାନେ ସନ୍ଧ୍ୟା ୫.୩୦ ପରେ କାର୍ଯ୍ୟସ୍ଥଳୀରେ ରହିପାରିବେ ନାହିଁ ବୋଲି ରେଭେନ୍ସା ବିଶ୍ୱବିଦ୍ୟାଳୟ କର୍ତ୍ତୃପକ୍ଷ ଏକ ନିର୍ଦ୍ଦେଶନାମା ପ୍ରକାଶ କରିଥିଲେ। ନିର୍ଦ୍ଦେଶନାମା ପ୍ରକାଶ ପାଇବାର କିଛି ସମୟ ପରେ ଏହାକୁ ପ୍ରତ୍ୟାହାର କରିନିଆଯାଇଥିଲା। ଏହାକୁ ନେଇ ବିଜୁ ଜନତା ଦଳ ସରକାରଙ୍କ ମହିଳାଙ୍କ ସ୍ୱାଧୀନତା ଆଭିମୁଖ୍ୟ ଉପରେ ପ୍ରଶ୍ନ ଉଠାଇ ତୀବ୍ର ସମାଲୋଚନା କରିଛି।

ଶଙ୍ଖ ଭବନଠାରେ ଆଜି ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଦଳର ମୁଖପାତ୍ର ତଥା ମିଡିଆ ସଂଯୋଜକ ଡଃ ଲେନିନ ମହାନ୍ତି କହିଛନ୍ତି, ମହିଳାଙ୍କୁ ସ୍ୱାଧୀନତା ପ୍ରଦାନ କ୍ଷେତ୍ରରେ ରାଜ୍ୟ ସରକାରଙ୍କ ଆଭିମୁଖ୍ୟ ଏହି ବିଜ୍ଞପ୍ତିରୁ ସ୍ପଷ୍ଟ ହେଉଛି। ରାଜ୍ୟରେ ମହିଳାମାନଙ୍କ ଉପରେ ଅତ୍ୟାଚାର ଦିନକୁ ଦିନ ବୃଦ୍ଧି ପାଇଚାଲିଥିବା ବେଳେ ରାଜ୍ୟ ସରକାର ମହିଳାମାନଙ୍କୁ ସୁରକ୍ଷା ଦେବାରେ ବିଫଳ ହୋଇଥିବାର ଏହା ଏକ ପ୍ରମାଣ ଭାବେ ଉଭା ହୋଇଛି। ଏହି ବିଜ୍ଞପ୍ତି ରାଜ୍ୟ ସରକାରଙ୍କ ମହିଳା ସ୍ୱାଧୀନତା ବିରୋଧୀ ମନୋଭାବକୁ ଦର୍ଶାଇଛି ବୋଲି ଡଃ ମହାନ୍ତି କହିଛନ୍ତି।

ସେ କହିଛନ୍ତି ଯେ ଏହି ବିଜ୍ଞପ୍ତି ଜରିଆରେ ମହିଳାଙ୍କ ସ୍ୱାଧୀନତା ଉପରେ ଅଙ୍କୁଶ ଲଗାଇବା ଉଦ୍ୟମ ରେଭେନ୍ସା ଭଳି ବିଶ୍ୱସ୍ତରୀୟ ବିଶ୍ୱବିଦ୍ୟାଳୟ ଇତିହାସରେ ସବୁଦିନ ପାଇଁ ଏକ କଳଙ୍କମୟ ଅଧ୍ୟାୟ ହୋଇ ରହିବ। ବିଜେପି ସରକାରଙ୍କ ଶାସନରେ ଆସିଥିବା ଏହି ବିଜ୍ଞପ୍ତି ଓଡ଼ିଶା ପାଇଁ ଆଉଥରେ ଲଜ୍ଜା ଓ ନିନ୍ଦା ଆଣିଛି। ଏହି ବିଜ୍ଞପ୍ତିକୁ ନେଇ ବିଭିନ୍ନ ମହଲରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇବା ପରେ ଏହାକୁ ପ୍ରତ୍ୟାହାର କରି ଦିଆଯାଇଥିଲା। ଏଭଳି ତାଲିବାନୀ ବିଜ୍ଞପ୍ତି କିଭଳି ଭାବେ ପ୍ରକାଶ ପାଇଲା, ସେ ସଂପର୍କରେ ରାଜ୍ୟ ଉଚ୍ଚଶିକ୍ଷା ମନ୍ତ୍ରୀ ଓ କେନ୍ଦ୍ର ଶିକ୍ଷାମନ୍ତ୍ରୀ ସ୍ପଷ୍ଟୀକରଣ ରଖିବା ପାଇଁ ବିଜେଡି ଦାବି କରୁଛି। ଏହାଛଡ଼ା ରେଭେନ୍ସା ବିଶ୍ୱବିଦ୍ୟାଳୟର ରେଜିଷ୍ଟ୍ରାରଙ୍କ ସ୍ୱାକ୍ଷରରେ ଏହି ବିଜ୍ଞପ୍ତି ପ୍ରକାଶ ପାଇଥିବାରୁ, ତୁରନ୍ତ ତାଙ୍କୁ ନିଲମ୍ବନ କରିବା ପାଇଁ ଡଃ ମହାନ୍ତି ଦାବି କରିଛନ୍ତି।

## କୁକୁଡ଼ା ଖାଇବାକୁ ଆସି ଫସିଲା ଅଜଗର

କୋକସରା,୧୮।୭(ସମିସ): କଳାହାଣ୍ଡି ଜିଲ୍ଲା କୋକସରା ବ୍ଲକ୍ ଆମପାଣି ଫରେଷ୍ଟ ସେକ୍ସନ ଅଧୀନ କାଉଡୋଲା ଚାବୁପଡାରୁ ବନବିଭାଗ ୭ ଫୁଟ୍ ଲମ୍ବର ଏକ ଅଜଗର ଉଦ୍ଧାର କରିଛି। ଏହି ଗାଁର ଦୁର୍ଲଭ ନାଏକଙ୍କ କୁକୁଡ଼ା ଭାଡ଼ିକୁ ଆସି ଅଜଗରଟି ଫସି ଯାଇଥିଲା। ଶୁକ୍ରବାର ସକାଳୁ ସକାଳୁ ଅଜଗରଟିକୁ ଦେଖି ବନ ବିଭାଗକୁ ଖବର ଦିଆଯାଇଥିଲା। ଧର୍ମଗଡ଼ ଜଙ୍ଗଲ ବିଭାଗ ସାପ ଉଦ୍ଧାରକାରୀ ଦଳର ସ୍ୱାଧୀନ ଦଣ୍ଡସେନା ପହଞ୍ଚି ଅଜଗରଟିକୁ ଉଦ୍ଧାର କରିଥିଲେ। ଗୋତମୁଣ୍ଡା ଅଠରନାଲାସ୍ଥିତ ସାହାଜଖୋଲ ଜଙ୍ଗଲର ପରେ ଏହି ଅଜଗରଟିକୁ ଛାଡ଼ି ଦିଆଯାଇଛି।

**କଂଗ୍ରେସ ରାଜନୈତିକ ବ୍ୟାପାର କମିଟି ବୈଠକ**

## ବନ୍ଦ ପରେ ବଡ଼ ସମାବେଶ ଯୋଜନା

**୨ ମାସ ମଧ୍ୟରେ ସରିବ ବ୍ଲକ୍ ଓ ଜୋନ୍ ସ୍ତରୀୟ କମିଟି ଗଠନ**

ଭୁବନେଶ୍ୱର, ୧୮।୭ (ସମିସ): ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟ ଛାତ୍ରୀ ଆତ୍ମଦାହ ଘଟଣାରେ କଂଗ୍ରେସ କେବଳ ଓଡ଼ିଶା ବନ୍ଦ କରି ଚୁପ୍ ବସି ରହିବନି। ଏହି ପ୍ରସଙ୍ଗରେ ସରକାରଙ୍କୁ ଘେରିବା ପାଇଁ ଦଳ ବିଧାନସଭାରେ ଶର ଶାଣିତ କରିବା ସହ ଜିଲ୍ଲାସ୍ତରରେ ମଧ୍ୟ ସମାବେଶ କରି ଲୋକଙ୍କୁ ଜାଗ୍ରତ କରିବ। ଏହି ସମାବେଶଗୁଡ଼ିକରେ ଏଫ୍‌ଏମ୍ କଲେଜ ଛାତ୍ରୀଙ୍କ ଘଟଣା ସହିତ ରାଜ୍ୟରେ ବଢୁଥିବା ନାରୀ ହିଂସା, ବେକାରୀ, ଦରଦାମ ବୃଦ୍ଧି ଭଳି ପ୍ରସଙ୍ଗରେ ମଧ୍ୟ ଦଳ ଗର୍ଜନ କରିବ। ଶୁକ୍ରବାର ଓଡ଼ିଶା ପିସିସି ପ୍ରଭାରୀ ଅଜୟ କୁମାର ଲଲ୍ଲୁଙ୍କ ଅଧ୍ୟକ୍ଷତାରେ ବସିଥିବା ରାଜ୍ୟ କଂଗ୍ରେସର ରାଜନୈତିକ ବ୍ୟାପାର କମିଟି ବୈଠକରେ ଏହି ନିଷ୍ପତ୍ତି ହୋଇଛି। ଅତିକମ୍‌ରେ ୬ଟି ସମାବେଶ କରିବା ପାଇଁ ନିଷ୍ପତ୍ତି ହୋଇଛି। ପ୍ରଥମ ସମାବେଶ ଆସନ୍ତା ୨୫ ତାରିଖ ପରେ ବାଲେଶ୍ୱରରେ ହେବ ବୋଲି ବୈଠକରେ ସ୍ଥିର କରାଯାଇଛି।

ସେହିପରି ଆସନ୍ତା ଦୁଇ ମାସ ମଧ୍ୟରେ କଂଗ୍ରେସ ଦଳ ବ୍ଲକ୍ ଓ ଜୋନ୍‌ସ୍ତରୀୟ କମିଟି ଗଠନ କରିବା ସହ ସଭାପତି ଚୟନ ପ୍ରକ୍ରିୟା ଶେଷ କରିବାକୁ ବୈଠକରେ ଆଲୋଚନା ହୋଇଛି। ଏହି କାମ ସହ 'ସଂଗଠନ ସୃଜନ' ମାଧ୍ୟମରେ ଏଆଇସିସି ଜିଲ୍ଲା ସଭାପତି ବାଛିବ ବୋଲି ହୋଇଥିବା ନିଷ୍ପତ୍ତିକୁ ବୈଠକରେ ସବୁଜ ସଂକେତ ମିଳିଛି। ଯେଉଁ ସ୍ଥାନରେ ସମାବେଶ ଆୟୋଜନ ହେବ, ସେଠାକୁ ଦଳର ସମସ୍ତ ବରିଷ୍ଠ ନେତାମାନେ ଗସ୍ତ କରିବେ ବୋଲି ନିଷ୍ପତ୍ତି ହୋଇଥିବା ବେଳେ ଦଳ ଏକ ହୋଇ ପ୍ରସଙ୍ଗ ଭିତ୍ତିକ ଲଢ଼େଇକୁ ଜୋରଦାର୍ କରିବାକୁ ଆଲୋଚନା ହୋଇଛି। ବୈଠକରେ ପିସିସି ସଭାପତି ଭକ୍ତ ଚରଣ ଦାସଙ୍କ ସମେତ ପୂର୍ବତନ ପିସିସି ସଭାପତି ଜୟଦେବ ଜେନା, ନିରଞ୍ଜନ ପଟ୍ଟନାୟକ, ଶରତ ପଟ୍ଟନାୟକଙ୍କ ସମେତ ଅନ୍ୟ ସଦସ୍ୟମାନେ ଉପସ୍ଥିତ ଥିଲେ।

## ରାଢୋ ସରପଞ୍ଚ ନିଲମ୍ବିତ



ଉଦଳା/ବାରିପଦା, ୧୮।୭(ସମିସ): ମୟୂରଭଞ୍ଜ ଜିଲ୍ଲା ଉଦଳା ବ୍ଲକ୍ ରାଢ଼ୋ ସରପଞ୍ଚ ବସେନ ମାରାଣ୍ଡି ଦୁର୍ନୀତି ଅଭିଯୋଗରେ ନିଲମ୍ବିତ ହୋଇଛନ୍ତି। ମିଛ ଦସ୍ତାବିଜ୍ ଦେଇ ଷ୍ଟ୍ରିଟ୍‌ଲାଇଟ କିଣାରେ ଲକ୍ଷଲକ୍ଷ ଟଙ୍କା ଦୁର୍ନୀତି କରିଥିବା ନେଇ ତାଙ୍କ ନାମରେ ଭିଜିଲାନ୍ସ ମାମଲା କରିଥିଲା। ୨୦୨୪ ନଭେମ୍ବରରେ ଭିଜିଲାନ୍ସ କୋର୍ଟ ତାଙ୍କୁ ଦୋଷୀ ସାବ୍ୟସ୍ତ କରିଛନ୍ତି। ତେଣୁ ପଞ୍ଚାୟତିରାଜ ବିଭାଗ ନିର୍ଦ୍ଦେଶକ ସରପଞ୍ଚ ଶ୍ରୀ ମାରାଣ୍ଡିଙ୍କୁ ନିଲମ୍ବିତ କରିଛନ୍ତି।

**ବନ୍ଧୁ ସାଜିଲା ବଇରୀ**

# ଚୋରି ଟଙ୍କା ଭାଗବଣ୍ଟାରୁ ପଥରରେ ଛେଚି ହତ୍ୟା

- ଚୋରା ଗାଡ଼ି ଧରି ଖସିଗଲା ଅଭିଯୁକ୍ତ
- ସାଇଣ୍ଟିଫିକ୍ ଟିମ୍‌ର ତଦନ୍ତ



ଭୁବନେଶ୍ୱର, ୧୮।୭(ସମିସ): ସାଙ୍ଗ ହୋଇ ଗୋଟିଏ ଘରେ ରହୁଥିଲେ, ଗୋଟିଏ ଥାଳିରେ ଖାଉଥିଲେ। ହେଲେ ମଦ ନିଶା ସବୁ ସାରିଦେଲା। ସାମାନ୍ୟ ବଚସାରୁ ମୁଣ୍ଡକୁ ପଥରରେ ଛେଚି ହତ୍ୟା କଲା ସାଙ୍ଗ। ଭରତପୁର ସୋମନାଥ ବସ୍ତିରେ ଏଭଳି ବୀଭତ୍ସ ହତ୍ୟାକାଣ୍ଡ ଘଟିଛି। ମୃତକ ହେଲେ, ଗଞ୍ଜାମ ଜିଲ୍ଲା ବୁଗୁଡ଼ା ଅଞ୍ଚଳର କୈଳାସ ନାୟକ (୨୬)। ଏଭଳି କାଣ୍ଡ ଭିଆଇଥିବା ଅଭିଯୁକ୍ତ ନରହରି ଫେରାର ହୋଇଯାଇଛି। ତେବେ ଉଭୟଙ୍କ ନାମରେ ପୂର୍ବରୁ ଚୋରି ମାମଲା ରହିଥିବାରୁ ଚୋରି ଟଙ୍କା ଭାଗ ବଣ୍ଟାକୁ ନେଇ ଏପରି ଘଟଣା ଘଟିଥିବା କୁହାଯାଉଛି।

ମିଳିଥିବା ସୂଚନାନୁସାରେ, ରଙ୍ଗ ମିସ୍ତ୍ରୀ ଭାବେ କାମ କରୁଥିବା କୈଳାସ ତାଙ୍କ ମାଆଙ୍କ ସହ ସୋମନାଥ ବସ୍ତିରେ ଭଡ଼ାରେ ରହୁଥିଲେ। କିଛି ଦିନ ହେବ କୈଳାସର ସାଙ୍ଗ ନରହରି ମଧ୍ୟ ତାଙ୍କ ଘରକୁ ଆସି ରହିବାକୁ ଲାଗିଲା। ଉଭୟ ଏକାଠି ରହିବା ସହ ଖିଆପିଆ କରୁଥିଲେ। ଗତକାଲି ସନ୍ଧ୍ୟାରେ ରୋଷେଇକୁ ନେଇ କୈଳାସ ଓ ତାଙ୍କ ମାଆ ବେବିନାଙ୍କ ମଧ୍ୟରେ କଥା କଟାକଟି ହୋଇଥିଲା। ଏହାପରେ ବେବିନା ରାଗିଯାଇ କିଛି ଦୂରରେ ଥିବା ସମ୍ପର୍କୀୟଙ୍କ ଘରକୁ ପଳାଇଥିଲେ। କିନ୍ତୁ କୈଳାସ ଓ ନରହରି ସୋମନାଥ ବସ୍ତି ସ୍ଥିତ ଘରେ ରହିଥିଲେ।

ରାତିରେ କୈଳାସ ଓ ନରହରି ମିଶି ଘରେ ମଦ୍ୟପାନ କରିବା ସହିତ ଖିଆପିଆ କରିଥିଲେ। ବିଳମ୍ବିତ ରାତିରେ କୌଣସି କଥାକୁ ନେଇ ଉଭୟଙ୍କ ମଧ୍ୟରେ କଥା କଟାକଟି ହୋଇଥିଲା। ଏମିତିକି, ହାତାହାତି ପର୍ଯ୍ୟନ୍ତ କଥା ଯାଇଥିଲା। ଏଥିରେ ରାଗିଯାଇ ନରହରି ପ୍ରଥମେ କୈଳାସଙ୍କୁ ଆକ୍ରମଣ କରିଥିଲା। କୈଳାସ ତଳେ ପଡ଼ିଯିବା ପରେ ନରହରି ପାଖରେ ଥିବା ସିମେଣ୍ଟ ଇଟାରେ ତାଙ୍କ ମୁଣ୍ଡକୁ ଛେଚି ଦେଇଥିଲା। ସେ ଜୀବନ ବଞ୍ଚାଇବାକୁ କାକୁତିମିନତି ହେଉଥିଲେ ମଧ୍ୟ ନରହରି ପଥର ଛେଚି ଚାଲିଥିଲା। କୈଳାସ ଅଚେତ ହୋଇଯିବା ପରେ ନରହରି ଚୋରା ବାଇକ୍ ନେଇ ଫେରାର୍ ହୋଇଯାଇଥିଲା।

ଶୁକ୍ରବାର ସକାଳୁ ବେବିନା ଘରେ ଆସି ପହଞ୍ଚିବା ବେଳକୁ ପୁଅଙ୍କ ରକ୍ତ ଜୁଡୁବୁଡୁ ମୃତଦେହ ପଡ଼ିଥିଲା। ଖବର ପାଇ ଭରତପୁର ପୁଲିସ୍ ଘଟଣାସ୍ଥଳରେ ପହଞ୍ଚିଥିଲା। କୈଳାସଙ୍କ ମୁହଁ ଓ ମୁଣ୍ଡରେ ଗଭୀର କ୍ଷତ ସୃଷ୍ଟି ହୋଇଛି। ଘର ଭିତରେ ରକ୍ତଲଗା ଇଟା ମଧ୍ୟ ପଡ଼ିରହିଥିଲା। ବେବିନାଙ୍କ ଅଭିଯୋଗ ଆଧାରରେ ଭରତପୁର ଥାନା ପୁଲିସ ଏକ ହତ୍ୟା ମାମଲା ରୁଜୁ କରିଥିଲା। ସାଇଣ୍ଟିଫିକ୍ ଟିମ୍‌ର ସହାୟତାରେ ତଦନ୍ତ ଆରମ୍ଭ କରିଥିଲା। ଘର ଭିତରୁ ରକ୍ତଲଗା ସିମେଣ୍ଟ ଇଟା, ରକ୍ତ ନମୁନା ସବୁକୁ ସଂଗ୍ରହ କରିଥିଲା। ମୃତଦେହ ବ୍ୟବଚ୍ଛେଦ ପରେ ପରିବାର ଲୋକଙ୍କୁ ହସ୍ତାନ୍ତର କରିଥିଲା।

ସେପଟେ କୈଳାସଙ୍କ ନାମରେ ଏକାଧିକ ଚୋରି ମାମଲା ରହିଥିବା ବେଳେ ପୂର୍ବରୁ ସେ ଜେଲ୍ ମଧ୍ୟ ଯାଇଛନ୍ତି। ସେହିପରି ହତ୍ୟା ଅଭିଯୁକ୍ତ ନରହରି ମଧ୍ୟ ଅନେକ ଚୋରି ମାମଲାରେ ସଂପୃକ୍ତ ରହିଛି। ତେଣୁ ଚୋରି ଟଙ୍କା ଭାଗ ବଣ୍ଟାକୁ ନେଇ ଏପରି ହତ୍ୟାକାଣ୍ଡ ଘଟି ଥାଇପାରେ ବୋଲି ପୁଲିସ ସନ୍ଦେହ କରୁଛି। ତେବେ ନରହରିକୁ ଧରିବା ପାଇଁ ଗୋଟିଏ ସ୍ୱତନ୍ତ୍ର ଟିମ୍ ବିଭିନ୍ନ ସ୍ଥାନରେ ଚଢ଼ଉ କରୁଥିଲେ ମଧ୍ୟ ତା'କୁ ଧରି ପାରିନାହିଁ।

## ଆଜିର ରାଶିଫଳ

**ମେଷ:** ପାରିବାରିକ ସମସ୍ୟା ଦେଖାଦେବ। ସ୍ୱାସ୍ଥ୍ୟ ପ୍ରତି ଯତ୍ନବାନ ହେବେ। ବ୍ୟବସାୟ ପାଇଁ ନୂଆ ଯୋଜନା ପ୍ରସ୍ତୁତ କରିବେ। ପ୍ରେମ ସମ୍ପର୍କରେ ସମସ୍ୟା ସୃଷ୍ଟି ହେବ।

**ବୃଷ:** ବନ୍ଧୁ ତଥା ଭାଇଙ୍କ ସହଯୋଗ ମିଳିବ। ବ୍ୟବସାୟରେ ଉନ୍ନତି ପରିଲକ୍ଷିତ ହେବ। ସାମାଜିକ ପ୍ରତିଷ୍ଠା ବଢ଼ିବ। ପ୍ରତିଯୋଗିତାମୂଳକ ପରୀକ୍ଷାରେ ବିଦ୍ୟାର୍ଥୀ କୃତକାର୍ଯ୍ୟ ହେବେ।

**ମିଥୁନ:** ଦିନଟି ଶୁଭଫଳ ପ୍ରଦାନ କରିବ। ଆର୍ଥିକ ମାମଲାରେ ସୁଧାର ଆସିବ। ସହକର୍ମୀଙ୍କ ସହଯୋଗରୁ ଅଫିସ୍ କାର୍ଯ୍ୟରେ ସଫଳତା ମିଳିବ। ଧାର୍ମିକ କାର୍ଯ୍ୟରେ ସାମିଲ ହେବେ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**କର୍କଟ:** ଆତ୍ମବିଶ୍ୱାସ ବୃଦ୍ଧି ପାଇବ। ଦୀର୍ଘଦିନରୁ ଅଟକି ରହିଥିବା କାର୍ଯ୍ୟ ପୂରା ହେବ। ପାରିବାରିକ ଜୀବନ ସୁଖମୟ ହେବ। ପରିବାର ସହିତ ସୁଖଦ ସମୟ ଅତିବାହିତ କରିବେ।

**ସିଂହ:** ସୃଜନାତ୍ମକ କାର୍ଯ୍ୟରେ ସଫଳତା ମିଳିବ। ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେବ। ମନ ପ୍ରସନ୍ନ ରହିବ। ପ୍ରେମ ସମ୍ବନ୍ଧ ମଜଭୁତ୍ ହେବ। ବିଦ୍ୟାର୍ଥୀ ମନୋରଞ୍ଜନ କାର୍ଯ୍ୟରେ ସମୟ ଅତିବାହିତ କରିବେ।

**କନ୍ୟା:** ଶିକ୍ଷା କ୍ଷେତ୍ରରେ ସଫଳତା ପ୍ରାପ୍ତି ହେବ। ରାଜନୀତିରେ ସାମିଲ ହେବେ। ଆର୍ଥିକ ସ୍ଥିତିରେ ସୁଧାର ଆସିବ। ବୈବାହିକ ଜୀବନରେ ସମସ୍ୟା ଆସିବ। ସାଙ୍ଗଙ୍କ ସହ ଦୂରସ୍ଥାନକୁ ଯାତ୍ରା କରିବେ।

**ତୁଳା:** ଅଫିସ୍ କାର୍ଯ୍ୟରେ ବିଦେଶ ଯାତ୍ରା ଯୋଗ ଅଛି। ଧାରକରଜକୁ ଦୂରେଇ ରହିବେ। ମାଆଙ୍କ ସ୍ୱାସ୍ଥ୍ୟ ସମସ୍ୟାରେ ଉନ୍ନତି ପରିଲକ୍ଷିତ ହେବ। ପ୍ରେମିକ-ପ୍ରେମିକାଙ୍କ ପାଇଁ ଦିନଟି ଭଲ।

**ବିଛା:** କର୍ମଚଞ୍ଚଳ ରହିବେ। ମନ ପ୍ରଫୁଲ୍ଲିତ ରହିବ। ଆୟଠୁ ବ୍ୟୟ ଅଧିକ ହେବ। ଅଯଥା ଖର୍ଚ୍ଚରୁ ଦୂରେଇ ରହିବେ। ଘର ପାଇଁ ନୂଆ ଜିନିଷ କିଣିବେ। କଳା, ସାହିତ୍ୟ କ୍ଷେତ୍ରରେ ସଫଳତା ମିଳିବ।

**ଧନୁ:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ଧାର୍ମିକ କାର୍ଯ୍ୟ କରିବେ। ସମାଜରେ ମାନ, ପ୍ରତିଷ୍ଠା ବଢ଼ିବ। ସମାଜସେବାରେ ନିଜକୁ ନିୟୋଜିତ କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖା ଦେବ।

**ମକର:** ଶାରୀରିକ ଯନ୍ତ୍ରଣା ଭୋଗିବେ। ସ୍ୱାସ୍ଥ୍ୟ ପ୍ରତି ଯତ୍ନବାନ ହେବେ। ବୁଲାବୁଲି ପାଇଁ ଯୋଜନା ପ୍ରସ୍ତୁତ କରିବେ। ଖେଳାଳିଙ୍କୁ ସଫଳତା ମିଳିବ। ବ୍ୟବସାୟରେ କ୍ଷତି ଘଟିବ।

**କୁମ୍ଭ:** ନିବେଶରୁ ଲାଭ ମିଳିବ। କାର୍ଯ୍ୟରୁ ଆଶାଜନକ ଫଳ ମିଳିବ। ଆତ୍ମବିଶ୍ୱାସର ସହ କାର୍ଯ୍ୟ ସମ୍ପାଦନ କରିବେ। ଅଫିସ୍‌ରେ ପଦୋନ୍ନତି ସମ୍ଭାବନା ଅଛି।

**ମୀନ:** ସନ୍ତାନଙ୍କ ଭବିଷ୍ୟତ ପାଇଁ ନୂଆ ଯୋଜନା କରିବେ। ବିଦ୍ୟାର୍ଥୀ ପଢ଼ାରେ ମନଯୋଗ ଦେବେ। ପଡ଼ୋଶୀଙ୍କ ସହ ବିବାଦ ଦେଖା ଦେବ। ବିଶେଷ କାର୍ଯ୍ୟରୁ ଲାଭ ମିଳିବ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଉତ୍ତମ ବୁଝାମଣା ରହିବ।

## ଆଜିର ଇତିହାସ


- ୧୮୨୭- କ୍ରାନ୍ତିକାରୀ ମଙ୍ଗଳ ପାଣ୍ଡେଙ୍କ ଜନ୍ମ।
- ୧୯୦୦- ପ୍ୟାରିସ୍‌ରେ ପ୍ରଥମ ମେଟ୍ରୋ ଟ୍ରେନ୍ ଚାଲିଲା।
- ୧୯୬୯- ଭାରତ ସରକାର ଦେଶର ୧୪ଟି ବଡ଼ ବ୍ୟାଙ୍କର ରାଷ୍ଟ୍ରୀୟକରଣ କଲେ।
- ୧୯୭୬- ନେପାଳରେ ସାଗରମାଥା ରାଷ୍ଟ୍ରୀୟ ଉଦ୍ୟାନ ନିର୍ମାଣ କରାଗଲା।
- ୨୦୦୫- ପ୍ରଧାନମନ୍ତ୍ରୀ ମନମୋହନ ସିଂହ ଆମେରିକୀୟ କଂଗ୍ରେସକୁ ସମ୍ବୋଧନ କଲେ।

## ନିଆରା ମେଳା
# ରୁଟି ଦେଇ ସାମଗ୍ରୀ କ୍ରୟ



ଆମ ଦେଶର ବିଭିନ୍ନ ଅଞ୍ଚଳରେ ଭିନ୍ନ ଭିନ୍ନ ପରମ୍ପରା ଦେଖିବାକୁ ମିଳେ। ତନ୍ମଧ୍ୟରୁ କିଛି ପରମ୍ପରା ବେଶ୍ ଅଜବ ଲାଗେ। ଏମିତି ଏକ ପରମ୍ପରାର ଝଲକ ଛତିଶଗଡ଼, ବଲୋଦାବଜାର, କୋରଦା ଗାଁରେ ଦେଖିବାକୁ ମିଳେ। ଏହି ଗାଁରେ ପ୍ରତିବର୍ଷ ପୋରା ପର୍ବକୁ ସ୍ଥାନୀୟ ଲୋକେ ବେଶ୍ ଉତ୍ସାହର ସହ ପାଳି ଆସୁଛନ୍ତି। ଏହି ଅବସରରେ ଏଠାରେ ଏକ ନିଆରା ମେଳା ଆୟୋଜିତ ହୋଇଥାଏ। ସାଧାରଣତଃ ପର୍ବାପର୍ବାଣୀଗୁଡ଼ିକରେ ଆୟୋଜିତ ହେଉଥିବା ମେଳାରେ ଲୋକେ ଟଙ୍କା ଦେଇ ଜିନିଷ କିଣନ୍ତି। ଛତିଶଗଡ଼ର ଏହି ମେଳାରେ ଲୋକେ ଟଙ୍କା ବଦଳରେ ରୁଟି ଦେଇ ଜିନିଷ କିଣନ୍ତି। ଦୋକାନୀକୁ ଲୋକେ ରୁଟି ଦେଇ ଜିନିଷ ନେଇଥାନ୍ତି। ଏହି ମେଳାକୁ ବେଶ୍ ମଜାମସ୍ତିରେ ଲୋକେ ଉପଭୋଗ କରନ୍ତି। ରୁଟି ବଦଳରେ ହେଉଥିବା ଏହି ବ୍ୟବସାୟର ପରମ୍ପରା ୧୨୭ ବର୍ଷର ପୁରୁଣା। ଏହି ମେଳାରେ କୋରଦା ସମେତ ଆଖପାଖ ଗାଁର ଲୋକେ ମଧ୍ୟ ଭିଡ଼ ଜମାନ୍ତି। ଅପରାହ୍ନ ୩ଟାରୁ ରାତି ୮ଟା ପର୍ଯ୍ୟନ୍ତ ଏହି ମେଳା ଚାଲିଥାଏ। ସ୍ଥାନୀୟ ଲୋକଙ୍କ କହିବାନୁସାରେ, ଗାଁ'ର ପୁରୁଷମାନେ ମେଳାରେ ବିକ୍ରି ପାଇଁ ମାଟିରେ କଣ୍ଢେଇ, ଖେଳନା ଓ କାଗଜରେ ଫୁଲ ତିଆରି କରି ରଖିଥାନ୍ତି। ଏହାକୁ ମହିଳାମାନେ ରୁଟି ଓ ଅନ୍ୟ ଖାଦ୍ୟ ସାମଗ୍ରୀ ଦେଇ କିଣିଥାନ୍ତି। ଏହି ମେଳାରେ ସାମାଜିକ ପ୍ରସଙ୍ଗ ଉପରେ ମଧ୍ୟ ଆଲୋଚନା କରାଯାଇଥାଏ। ଏଠାରେ ପଶୁପକ୍ଷୀଙ୍କ ସୁରକ୍ଷାଠୁ ନେଇ, ବିଲୁପ୍ତ ହୋଇଯାଉଥିବା ପକ୍ଷୀଙ୍କ ସଂରକ୍ଷଣ, ପରିବେଶ ସୁରକ୍ଷା ଉପରେ ଗୁରୁତ୍ୱାରୋପ କରାଯାଇଥାଏ। ସେହିପରି ଦଶମ ଏବଂ ଦ୍ୱାଦଶ ପରୀକ୍ଷାରେ ଯେଉଁ ଛାତ୍ରଛାତ୍ରୀମାନେ ଭଲ ପ୍ରଦର୍ଶନ କରିଥାନ୍ତି ସେମାନଙ୍କୁ ଏଠାରେ ସମ୍ମାନିତ କରାଯାଏ।

# 'ଡନ୍-୩'କୁ ବିକ୍ରାନ୍ତଙ୍କ ନା



ଫରହାନ୍ ଅଖତର୍‌ଙ୍କ ନିର୍ଦ୍ଦେଶିତ 'ଡନ୍-୩'ର ରିଲିଜ୍‌କୁ ଦର୍ଶକେ ଅପେକ୍ଷା କରିଛନ୍ତି। ଏହି ଫିଲ୍ମରେ ରଣବୀର ସିଂହ ଡନ୍ ଭୂମିକାରେ ନଜର ଆସିବେ। ତେବେ ଏଥିରେ ବିକ୍ରାନ୍ତ ମେସି ଖଳନାୟକ ଭାବେ ଦେଖାଯିବେ ବୋଲି କିଛି ଦିନ ପୂର୍ବରୁ କିଛି ରିପୋର୍ଟରେ ପ୍ରକାଶ ପାଇଥିଲା। ଏବେ ବିକ୍ରାନ୍ତ ଏଥିରୁ ନିଜେ ଓହରି ଯାଇଥିବା ଜଣାପଡ଼ିଛି। ଏଥିରେ ବିକ୍ରାନ୍ତ ଜଣେ ସ୍ମାର୍ଟ ସ୍କାମର ଭୂମିକାରେ ନଜର ଆସିଥାନ୍ତେ। ତେବେ ଏହି ଭୂମିକା ବିକ୍ରାନ୍ତଙ୍କୁ ପସନ୍ଦ ନ ଆସିବାରୁ ସେ ଫିଲ୍ମଟିକୁ ଛାଡ଼ି ଦେଇଥିବା କୁହାଯାଉଛି। ଏହାପୂର୍ବରୁ କିଆରା ଆଡଭାନୀ ମଧ୍ୟ ଏହି ଫିଲ୍ମ ଛାଡ଼ିଛନ୍ତି। କିଆରା ଏଥିରେ ରଣବୀରଙ୍କ ବିପକ୍ଷରେ ନଜର ଆସିଥାନ୍ତେ। ସେ ଗର୍ଭବତୀ ଥିବାରୁ ଏହି ଫିଲ୍ମ ଛାଡ଼ି ଦେଇଥିଲେ। ଏହାପରେ ଏଥିରେ କ୍ରିତି ସାନନ୍‌ଙ୍କୁ ସୁଯୋଗ ମିଳିଥିଲା। ତେବେ ଏଥିରୁ ବିକ୍ରାନ୍ତ ହଟିବା ପରେ ଏଥିରେ ଆଦିତ୍ୟ ରାୟ କପୁର କିମ୍ବା ବିଜୟ ଦେବରକୋଣ୍ଡାଙ୍କୁ ସୁଯୋଗ ମିଳିପାରେ ବୋଲି ଚର୍ଚ୍ଚା ହେଉଛି। ଜାନୁୟାରୀ, ୨୦୨୬ରୁ ଏହାର ସୁଟିଂ ଆରମ୍ଭ ହେବ।

# ଅଧିକ ଲୁଣ ଅଭ୍ୟାସ

ଖାଦ୍ୟକୁ ସ୍ୱାଦିଷ୍ଟ କରିଥାଏ ଲୁଣ। ହେଲେ ଆବଶ୍ୟକତାଠୁ ଅଧିକ ଲୁଣ ଖାଇବା ସ୍ୱାସ୍ଥ୍ୟ ପକ୍ଷେ କ୍ଷତିକାରକ। ଏବେ ଚିପ୍ସଠୁ ଆରମ୍ଭ କରି ଅନେକ ପ୍ରୋସେସଡ୍ ଫୁଡ୍‌ରେ ଅଧିକ ମାତ୍ରାରେ ଲୁଣ ମିଶିକି ରହୁଛି। ଯାହାକି ସ୍ୱାସ୍ଥ୍ୟ ପାଇଁ ଭଲ ନୁହେଁ। ଏନେଇ ନ୍ୟାସନାଲ ଇନଷ୍ଟିଚ୍ୟୁଟ୍ ଅଫ୍ ଏପିଡେମିୟୋଲୋଜିର ବିଶେଷଜ୍ଞଙ୍କ କହିବା କଥା, ଭାରତୀୟମାନଙ୍କର ଅଧିକ ଲୁଣ ଖାଇବା ଅଭ୍ୟାସ ଏବେ 'ସାଇଲେଣ୍ଟ ସଲ୍ଟ ଏପିଡେମିକ୍'ର କାରଣ ହୋଇଛି। ଯାହାକି ଧୀରେ ଧୀରେ ଦେଶରେ ଲକ୍ଷାଧିକ ଲୋକଙ୍କ ପାଇଁ ଉଚ୍ଚ ରକ୍ତଚାପ, ହୃଦ୍‌ରୋଗ ତଥା ହୃଦ୍‌ଘାତ ଭଳି ଗମ୍ଭୀର ରୋଗର କାରଣ ସାଜୁଛି। ତେଣୁ ଠିକ୍ ସମୟରୁ ସଚେତନ ନ ହେଲେ ସ୍ୱାସ୍ଥ୍ୟ ଉପରେ ଏହାର ଖରାପ ପ୍ରଭାବ ପଡ଼ିପାରେ ବୋଲି ସେମାନେ ଚେତାଇ ଦେଇଛନ୍ତି। ଲୁଣକୁ ନେଇ କରାଯାଇଥିବା ଅଧ୍ୟୟନଗୁଡ଼ିକରୁ ଜଣାପଡ଼ିଛି ଯେ, ଭାରତରେ ଅଧିକ ଲୋକ ଆବଶ୍ୟକତା ଠୁ ଅଧିକ ଲୁଣ ଖାଇଥାନ୍ତି। ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ଅନୁସାରେ, ଉତ୍ତମ ସ୍ୱାସ୍ଥ୍ୟ ପାଇଁ ଜଣେ ବ୍ୟକ୍ତିଙ୍କୁ ପ୍ରତିଦିନ ୫ ଗ୍ରାମରୁ କମ୍ ଲୁଣ ଖାଇବା ଆବଶ୍ୟକ। ହେଲେ ଭାରତର ସହରୀ ଲୋକମାନେ ପ୍ରତିଦିନ ୯.୨ ଗ୍ରାମ୍ ଲୁଣ ଖାଉଥିବା ବେଳେ ଗ୍ରାମାଞ୍ଚଳର ଲୋକେ ନିତିଦିନ ପାଖାପାଖି ୫.୬ ଗ୍ରାମ୍ ଲୁଣ ଖାଉଛନ୍ତି। ଆବଶ୍ୟକତାଠାରୁ ଅଧିକ ଲୁଣ ଖାଇବା ଜନସ୍ୱାସ୍ଥ୍ୟ ନିମନ୍ତେ ଏକ ଗମ୍ଭୀର ସମସ୍ୟା ପାଲଟିଛି। ଏହି ସମସ୍ୟାରୁ ମୁକ୍ତି ପାଇବା ଲାଗି ବୈଜ୍ଞାନିକମାନେ ଏକ କାର୍ଯ୍ୟକ୍ରମ ଆରମ୍ଭ କରିଛନ୍ତି। ଏହାର ଉଦ୍ଦେଶ୍ୟ ହେଉଛି ନିତିଦିନ ଖାଦ୍ୟରେ ଲୁଣର ମାତ୍ରାକୁ କମ୍ କରିବା। ଏଥିରେ ଲୋକଙ୍କୁ କମ୍ ସୋଡିୟମ ଯୁକ୍ତ ଲୁଣ ବ୍ୟବହାର କରିବାକୁ କୁହାଯାଉଛି। ଏହା ରକ୍ତଚାପକୁ କମ୍ କରିବା ସହ ହୃଦୟକୁ ସୁସ୍ଥ ରଖିବାରେ ସାହାଯ୍ୟ କରେ।



# ସୁମନ

## ସକାଳ ଶିଶୁ କୁଇଜ୍-୧୭୨

(୧) 'ଗୋବିନ୍ଦ ଚନ୍ଦ୍ର ଟିକା'ର ଲେଖକ କିଏ?
ଉତ୍ତର: ____________

(୨) ଚୀନ୍‌ର ମୁଦ୍ରାକୁ କ'ଣ କୁହାଯାଏ?
ଉତ୍ତର: ____________

(୩) କ୍ଷୀରଚୋରା ଗୋପୀନାଥ ମନ୍ଦିର ଓଡ଼ିଶାର କେଉଁ ଜିଲ୍ଲାରେ ଅବସ୍ଥିତ?
ଉତ୍ତର: ____________

(୪) ଭାରତରେ ପ୍ରଥମେ କେଉଁଠି ମେଟ୍ରୋ ଟ୍ରେନ୍ ଚାଲିଥିଲା?
ଉତ୍ତର: ____________

(୫) ସାର୍କ(SAARC)ର ମୁଖ୍ୟାଳୟ କେଉଁଠାରେ ଅଛି?
ଉତ୍ତର: ____________

**ଗତ ସପ୍ତାହର କୁଇଜ୍ ବିଜେତା**
- ଦେବାଶିଷ କର, ଆଙ୍କପଦା, ଭଦ୍ରକ
- ତପସ୍ୱିନୀ ପାଣି, ଚୌଦ୍ୱାର, କଟକ
- ପ୍ରାଚୀ ପରମିତା ପଟ୍ଟନାୟକ, ପାତ୍ରପଡ଼ା, ଭୁବନେଶ୍ୱର

ସକାଳ ଶିଶୁ କୁଇଜ୍‌ରେ ଅଂଶଗ୍ରହଣ କରୁଥିବା ଛାତ୍ରଛାତ୍ରୀମାନେ ଏବେ ସେମାନଙ୍କ ଉତ୍ତରକୁ sakalasishu@gmail.comରେ ପଠାଇବାକୁ ଅନୁରୋଧ। ତିନିଜଣ ସଠିକ୍ ଉତ୍ତରଦାତାଙ୍କ ନାମ ଏହି ପୃଷ୍ଠାରେ ପ୍ରକାଶ ପାଇବ।

ଆମର ଯୋଗାଯୋଗ ଠିକଣା
ନନ୍ଦିଘୋଷ ନେଟ୍‌ୱର୍କ ପ୍ରାଇଭେଟ୍ ଲିମିଟେଡ୍
ଇଡ୍‌କୋ ପ୍ଲଟ୍ ନଂ- ୯୦-୯୧, ଭଗବାନପୁର, ଭୁବନେଶ୍ୱର-୭୫୧୦୧୯

## ସାଧବ ବୋହୂ



ସୁଧାକର ରାଉତ

ନାଲି ଟୁକୁ ଟୁକୁ ସାଧବ ବୋହୂ
ଝଡ଼ି ବରଷାରେ କୁଆଡ଼େ ଯାଉ।
କେଉଁଠି ତୋ ସାଧବ ଅଛି ବସି
ଯା ପାଇଁ ଧାଉଁ ତୁ ହୋଇଣ ଖୁସି।
କେଡ଼େ ଥିରି ଥିରି ଚାଲିଟି ତୋର
ଜାଣେନା କେହି କେଉଁଠି ତୋ ଘର।
ନାଲିଆ ଦେହ ତୋ ସବୁଜ ଘାସେ
ସିନ୍ଦୂର ଟୋପାଟିଏ ଭଳି ଦିଶେ।
ଦେଖିନେଲେ ତୋ କଅଁଳିଆ ରଙ୍ଗ
ଭାରି ଇଚ୍ଛା ହୁଏ ହେବାକୁ ସାଙ୍ଗ।
ହେଲେ ତୁ ଆମଠି କରିଛୁ ରାଗ
ସେପାଇଁ ବାଟ ଭାଙ୍ଗି ଯାଉ ଆଗ।
ମାନୁଛୁ ପରିବେଶ କରି ନଷ୍ଟ
ନାଶୁଛୁ ତୋ ବଂଶ ହୋଇଣ ଦୁଷ୍ଟ।
କହୁଛୁ ସତ ଖାଇ ତୋର ରାଣ
ବଦଳାଇବୁ ଆମର ସେ ଗୁଣ।

ପ୍ରତାପ ନଗରୀ, କଟକ
ମୋ-୮୨୪୯୯୩୨୭୯୨

## ଶ୍ରାବଣର ଇଏ ବରଷାର ଧାରା



ତପନ କୁମାର ସ୍ୱାଇଁ

ସକାଳ ସୂରୁଜ ନିଦରୁ ଉଠିନି
ପୂରୁବ ଆକାଶ ହସିନି,
ଫୁଲ ବଗିଚାରେ ପ୍ରଜାପତି କାହିଁ
ଫୁଲଟି ଉପରେ ବସିନି।
ସାରା ରାତି କାଲି ବରଷୁଛି ମେଘ
ଥମିବାର ନାଆଁ ଧରୁନି,
ଓଲେଇ ଗାଇଟା କୁଆଡ଼େ ଯାଇଛି
ସକାଳ ହେଲାଣି ଫେରୁନି।
ଭିଜେଇ ଦେଇଛି ବରଷାର ଧାରା
ସାରା ଧରଣୀକୁ ଏମିତି,
ପଚର ପଚର ପାଣି କାଦୁଅରେ
କିଏ ବାହାରିବ କେମିତି।
କଳା ବଉଦରୁ ମୋତି ମାଳା ପରି
ମାଟିରେ ବରଷା ଝରୁଛି,
ଗଛ ଡାଳେ ଭିଜି କୁନି ଚଢ଼େଇଟି
ପତର ପରିକା ଥରୁଛି।
କଟର କଟର କି ଗୀତ ଗାଉଛି
ବେଙ୍ଗୁଲୀ ଖୁସିରେ ଏମିତି,
ଭୋକ ଶୋଷ ସତେ ଭୁଲି ଯାଇଅଛି
କାଲି ଠାରୁ ଅବା ଯେମିତି।
କଳା ମେଘ ଆଜି ସାରା ଆକାଶକୁ
ପଣତ କାନିରେ ଢାଙ୍କିଛି,
ଶ୍ରାବଣର ଇଏ ବରଷାର ଧାରା
ନୂଆ ଛବିଟିଏ ଆଙ୍କିଛି।

ଅଇବିଲି, ତିର୍ତ୍ତୋଲ, ଜଗତସିଂହପୁର
ମୋ-୯୪୩୭୫୯୬୭୫୧

## ବଡ଼ କିଏ



ଥରେ ମହାକାଳ ଫଳ ଆଉ ପଣସ ମଧ୍ୟରେ ଯୁକ୍ତି ତର୍କ ଆରମ୍ଭ ହେଲା। ମହାକାଳ ଫଳ ପଣସକୁ ଦେଖାଇ କହିଲା, "ଦେଖିଲୁ ମୁଁ କେଡ଼େ ସୁନ୍ଦର। ଯିଏ ଦେଖୁଛି ସିଏ ଭଲ ନ କହି ରହି ପାରିବନି। ହେଲେ ତୋ ଚେହେରା କେବେ ଦେଖିଛୁ। ଦେହ ସାରା ଆବଡ଼ା ଖାବଡ଼ା ତ ପୁଣି କଣ୍ଟାମୟ। ଲୋକେ ତତେ କେତେ ହତାଦର କରୁଥିବେ ଭାବିଲୁ।" ମହାକାଳ ଫଳର ଏପରି କଥା ଶୁଣି ପଣସ କହିଲା, "ଆରେ ଭାଇ ଭଗବାନ ଯାହାକୁ ଯେମିତି କରିଛନ୍ତି ସେଥିରେ ଆମେ ବା କ'ଣ କରିପାରିବା। ଖାଲି ତ ଦେଖିବାକୁ ସୁନ୍ଦର ହେଲେ ହେବ ନାହିଁ ଗୁଣ ବି ସୁନ୍ଦର ହେବା ଦରକାର। ଯଦି ତୁମ ଭଳି ଉପର ଦେଖିବାକୁ ସୁନ୍ଦର ଥାଇ ବି କାହାର କାମରେ ନ ଆସିବ ସେଥିରେ କି ଲାଭ। ମୋର ସିନା ଉପର ଅସୁନ୍ଦର ହେଲେ ମୋତେ କେତେ ପ୍ରାଣୀ ଖାଦ୍ୟ ରୂପେ ଖାଉଛନ୍ତି। ଭଗବାନଙ୍କ ପାଖରେ ବି ଭୋଗ ଲାଗିହେଉଛି। ତୁମକୁ କିଏ ବ୍ୟବହାର କରୁଛି କହିଲ। ବାସ୍ ତୁମେ ସେମିତି ସେଇଠି ରହିଛ ପୁଣି ତଳେ ପଡ଼ି ମାଟିରେ ମିଶୁଛ। କାହାର ବି କାମରେ ଆସୁନାହଁ।" ମହାକାଳ ଫଳ ବି ନଛୋଡ଼ବନ୍ଧା। ସେ ମୁହେଁ ମୁହେଁ ଶୁଣାଇ ଦେଲା, ମନକୁ ବୁଝାଇବା ଲାଗି ତୁ ଏପରି କହୁଛୁ। ପ୍ରକୃତ କଥା କ'ଣ ଏ ସଂସାର ଜାଣିଛି। କିଏ ଏଠି ବଡ଼ ଆଉ କିଏ ସାନ ଅନ୍ୟମାନଙ୍କୁ ପଚାରି ବୁଝିବା। ପ୍ରକୃତ ସତ୍ୟ ସେମାନେ କହିବେ। ମହାକାଳ ଫଳ ଆଉ ପଣସ କିଛି ବାଟ ଯିବାପରେ ଆମ୍ବ ସହ ଦେଖାହେଲା। ତାକୁ ଦେଖି ମହାକାଳ ଫଳ କହିଲା, "ଭାଇ ଏ ଦୁନିଆରେ କିଏ ସବୁଠାରୁ ବଡ଼ ଯାହାର ଗୁଣ ନା ଯାହାର ରୂପ ସୁନ୍ଦର।" ଆମ୍ବ ଟିକେ ହସିଦେଇ କହିଲା, "ଭାଇ ଆଜି ନୁହେଁ ଯୁଗେ ଯୁଗେ ସାରା ଜଗତ ଗୁଣକୁ ଭଲ ପାଆନ୍ତି ରୂପକୁ ନୁହେଁ। କାରଣ ରୂପ କିଛି ନିର୍ଦ୍ଦିଷ୍ଟ ସମୟ ପରେ ବଦଳିଯାଏ। କିନ୍ତୁ ଗୁଣ ସର୍ବଦା ଜୀବିତ ଆଉ ପୂଜା ମଧ୍ୟ ପାଇଥାଏ। ବାଇଡଙ୍କ ଫଳକୁ ଦୂରରୁ ଦେଖିଲେ କେତେ ସୁନ୍ଦର ଦେଖାଯାଏ କିନ୍ତୁ ଯାହା ଦେହରେ ଥରେ ଲାଗେ ସେ କେତେ ଭୟଙ୍କର ହୋଇପାରେ ସମସ୍ତେ ଜାଣିଛନ୍ତି। ଆମ୍ବ କଥା ଶୁଣି ମହାକାଳ ଫଳ ମନ ଦୁଃଖରେ ଫେରିଗଲା। ମନେ ମନେ ଭାବିଲା ନିଜକୁ କ'ଣ ବୋଲି ଭାବୁଛି କି? ଫଳମାନଙ୍କର ରାଜା ବୋଲି କ'ଣ ଏତେ ଗର୍ବ? ଆଗକୁ ଆଗକୁ ଚାଲିଥାଏ। ଅନ୍ୟ ଦିଗରୁ ବିଲୁଆଟେ ଆସିବାର ଦେଖି ତାକୁ ଅଟକାଇ ଦେଲା ମହାକାଳ ଫଳ। ବିଲୁଆ ଭାଇ କହିଲୁ ଦୁନିଆରେ ରୂପ ବଡ଼ ନା ଗୁଣ ବଡ଼। ବିଲୁଆ ଟିକେ ତେରେଛା ନଜର ପକାଇ କହିଲା। ତୁମ ପାଖରୁ ଏ ପ୍ରଶ୍ନ ପାଇବାଟା ସ୍ୱାଭାବିକ। ନିଜକୁ କ'ଣ କିଏ ଖରାପ ବୋଲି ଭାବିପାରେ ଯେ ତୁମେ ଭାବିବ। ଆଛା କହିଲୁ, ଆମ ସିଂହ ରାଜା ଖରାପ ନା ଭଲ। ବିଲୁଆ କଥା ଶୁଣି ମହାକାଳ ଫଳ କହିଲା, "ହେ ଭାଇ ତା କଥା କୁହନି। ଏପରି ରାଜା ମୁଁ ଜୀବନ କାଳରେ ଦେଖିନାହିଁ। ତା' ପାଇଁ ତ ଏବେ ଜଙ୍ଗଲୀଜନ୍ତୁମାନେ ଚିନ୍ତାରେ ପଡ଼ି ଯାଇଛନ୍ତି। କେହି ଘରୁ ବାହାରିଲେ ଡରି ଡରି ବାହାରୁଛି କାଳେ ରାଜା ଲୁଚି କି ଥିବେ ସଙ୍ଗେ ସଙ୍ଗେ ଆକ୍ରମଣ କରିବେ।" ବିଲୁଆ ଟିକେ ଅଟକାଇ କହିଲା, "ସେ ଦେଖିବାକୁ କିପରି ସୁନ୍ଦର ନା ଅସୁନ୍ଦର।" ବିଲୁଆଠାରୁ ଏଭଳି ପ୍ରଶ୍ନର ଉତ୍ତର ଦେବାକୁ ଯାଇ ମହାକାଳ ଫଳ ଟିକେ ଅଟକି ଯାଇ କହିଲା, "ସେ ତ ଦେଖିବାକୁ ବହୁତ ସୁନ୍ଦର।" ଏବେ ସେ ଠିକ୍‌ସେ ବୁଝି ସାରିଥିଲା ପ୍ରକୃତରେ କିଏ ବଡ? ବିଲୁଆର ପ୍ରଶ୍ନରେ ତା ଆଖି ଖୋଲିଯାଇଥିଲା। ସେ ନିଜର ଭୁଲ୍ ବୁଝିପାରି ଜାଣିପାରିଲା ଯେ, "ପ୍ରକୃତରେ ଗୁଣ ହିଁ ବଡ଼। ରାଜା ଏତେ ସୁନ୍ଦର ହୋଇବି ଗୁଣ ଖରାପ ହେତୁ ସାରା ବନ୍ୟଜଗତ ଘୃଣା କରୁଛି। ପଣସ ପାଖରେ ନିଜର ଭୁଲ ସ୍ୱୀକାର କରି କହିଲା ଭାଇ, ମୁଁ ଜାଣିପାରିଲି ଏ ଦୁନିଆ ରେ ଗୁଣ ହିଁ ବଡ। ଗୁଣ ହିଁ ଚିରସ୍ଥାୟୀ"



ଅର୍ଜ୍ଜୁନ ଦାସ

ମାଧବ, ନିଆଳୀ, କଟକ।

## ପ୍ରହେଳିକା

- ଏମିତି ଅଟଇ ମାସଟି ସିଏ
ମୁଷଳ ଧାରାରେ ବରଷା ହୁଏ
ଶିବ ମନ୍ଦିରରେ ଭିଡ଼ ଲାଗଇ
ପାଣି ଢାଳୁଥାନ୍ତି କାଉଡ଼ିଆ ଭାଇ
ଚାଷ ବେଉଷଣ ବିଲରେ ହୁଏ
ନାମଟି ତାହାର କହିବ କିଏ?
ଉ-ଶ୍ରାବଣ ମାସ



- ଶ୍ରାବଣ ମାସର ସୋମବାରରେ
ପାଣି ନେଉଥାନ୍ତି ସିଏ ଭାରରେ
ଶୁଦ୍ଧ ନିରାମିଷ କରି ଭୋଜନ
ତୁଣ୍ଡେ ନେଉଥାନ୍ତି ଶିବ ଭଜନ
ଗେରୁଆ ବସ୍ତ୍ର ଦେହର ନାଇ
ଶିବ ମନ୍ଦିରକୁ ଯାଆନ୍ତି ଧାଇଁ
ବୋଲବମ୍ ବୋଲି ଡାକନ୍ତି ସିଏ
ନାମଟି ତାଙ୍କର କହିବ କିଏ?
ଉ-କାଉଡ଼ିବାଲା

ପ୍ରଶାନ୍ତ କୁମାର ନାଥ
ସୁନ୍ଦରପୁର, ପ୍ରୀତିପୁର, ଯାଜପୁର
ମୋ-୮୩୧୦୩୨୮୩୪୫

## ତୁମେ ଆଙ୍କିଲ ଛବି





ଦେବହୁତି ବରଦାଲକ୍ଷ୍ମୀ ରାଉତ
ଦ୍ୱିତୀୟ ଶ୍ରେଣୀ
ଦୀପ୍ତି କନଭେଣ୍ଟ ସ୍କୁଲ
ରାୟଗଡ଼ା





ଆରାଧ୍ୟା ପୁଷ୍ପାଳକ
ଷଷ୍ଠ ଶ୍ରେଣୀ
ଓଡ଼ିଶା ଆଦର୍ଶ ବିଦ୍ୟାଳୟ
ହଂସପଡ଼ା, ପୁରୀ





ଆର୍ଶୀତ ମିଶ୍ର
ଚତୁର୍ଥ ଶ୍ରେଣୀ
ଏକଲବ୍ୟ ଶିକ୍ଷା କେନ୍ଦ୍ର
ନିମାପଡ଼ା





ଋତଭିକ ସାହୁ
ସପ୍ତମ ଶ୍ରେଣୀ
ଓଡ଼ିଶା ଆଦର୍ଶ ବିଦ୍ୟାଳୟ
ନିଆଳି, କଟକ

ଭାରତ-ଇଂଲଣ୍ଡ ଟେଷ୍ଟ ସିରିଜ୍

# ନରମ ଡ୍ୟୁକ୍ ବଲ୍‌ର ସମୀକ୍ଷା କରାଯିବ

ଲଣ୍ଡନ,୧୮।୭ (ଏଜେନ୍ସି)

ଡ୍ୟୁକ୍ ବଲ୍‌ର ନିର୍ମାତା ଏବେ ଚାପରେ। ଇଂଲଣ୍ଡରେ ଖେଳାଯାଉଥିବା ଟେଷ୍ଟ ମ୍ୟାଚ ଡ୍ୟୁକ୍ ବଲ୍‌ରେ ଖେଳାଯାଇଥାଏ। ଭାରତ ସହ ଚାଲିଥିବା ଟେଷ୍ଟ ମ୍ୟାଚ୍‌ରେ ଏହି ବଲ ସଫ୍ଟ ବା ନରମ ହେବା ନେଇ ଉଭୟ ଦଳର ଅଧିନାୟକ ବାରମ୍ବାର ଅଭିଯୋଗ କରିବା ପରେ ଏହା ଏବେ ବିବାଦୀୟ ହୋଇପଡ଼ିଛି। ଏହି ଅଭିଯୋଗକୁ ଆଧାର କରି ଡ୍ୟୁକ୍ ବଲ୍ ନିର୍ମାତା ଏହାର ସମୀକ୍ଷା କରିବେ ବୋଲି ଘୋଷଣା କରିଛି। ଭାରତ-ଇଂଲଣ୍ଡ ଟେଷ୍ଟ ସିରିଜ୍‌ରେ ଏହି ବଲ ୩୦ ଓଭର ଖେଳ ପରେ ସଫ୍ଟ ବା ନରମ ହୋଇଯାଉଥିବା ଦେଖାଯାଇଛି। ଯାହା ଫଳରେ ବାରମ୍ବାର ବଲ ପରିବର୍ତ୍ତନ କରାଯାଇ ସମୟ ତ ନଷ୍ଟ ହେଉଛି, ତାହା ସହ ଖେଳର ସମୀକରଣ ବଦଳିଯାଇଛି। ତୃତୀୟ ଟେଷ୍ଟରେ ଦୁଇଥର ଏଭଳି ହୋଇଥିଲା ଓ ଏଥିରେ ଭାରତ ବହୁ ପରିମାଣରେ କ୍ଷତିଗ୍ରସ୍ତ ହୋଇଥିଲା। ଯାହା ଫଳରେ ଦଳ ମ୍ୟାଚ୍ ହାରିଥିଲା। ଭାରତୀୟ ଅଧିନାୟକ ଶୁବମନ୍ ଗିଲ୍ ଏ ପ୍ରସଙ୍ଗ ବାରମ୍ବାର ଗଣମାଧ୍ୟମ ଓ ଆଇସିସିକୁ ଜଣାଇଥିଲେ।

ଡ୍ୟୁକ୍ ବଲ ନରମ ହେବା ବାରମ୍ବାର ଅଭିଯୋଗକୁ ଭିତ୍ତିକରି ଇଂଲଣ୍ଡ ଓ ୱେଲ୍ସ କ୍ରିକେଟ ବୋର୍ଡ ଭାରତ ଓ ଇଂଲଣ୍ଡ ମଧ୍ୟରେ ଖେଳାଯାଇଥିବା ୩ଟି ଯାକ ଟେଷ୍ଟରେ ବ୍ୟବହାର ହୋଇଥିବା ଡ୍ୟୁକ୍ ବଲ୍‌କୁ ସଂଗ୍ରହ କରି ନିର୍ମାତା ବ୍ରିଟିଶ କ୍ରିକେଟ ବଲ୍ସ ଲିମିଟେଡ୍ କମ୍ପାନୀକୁ ଦେବେ। ଚଳିତ ସପ୍ତାହରେ ବଲ ମିଳିବା ପରେ କମ୍ପାନୀ ଏହାକୁ ନେଇ ସମୀକ୍ଷା କରିବ। 'ଆମେ ଏ ସବୁ ବଲ୍‌କୁ ନେଇ ତନଖି ପରୀକ୍ଷା କରିବୁ। ଏଥିରେ ବ୍ୟବହାର ହେଉଥିବା ସାମଗ୍ରୀ ସହ ସେଥିରେ ଯାହା କିଛି ବ୍ୟବହାର କରାଯାଇଛି ତାହର ମାନ ମଧ୍ୟ ପରୀକ୍ଷା କରାଯିବ' ବୋଲି ଡ୍ୟୁକ୍ ବଲ ନିର୍ମାତାର ମାଲିକ ଦିଲୀପ ଜାଜୋଡିଆ କହିଛନ୍ତି। ତନ୍ନ ତନ୍ନ କରି ଏ ସବୁ ପରୀକ୍ଷା କରିବା ପରେ ଆବଶ୍ୟକତା ଅନୁଯାୟୀ ପରିବର୍ତ୍ତନ କରାଯିବ ବୋଲି ଜାଜୋଡିଆ କହିଛନ୍ତି। ଏଥର ଯେପରି କିଛି ଅସୁବିଧା ନ ହୁଏ ତାହା ଉପରେ ଗୁରୁତ୍ୱ ଦିଆଯିବ ବୋଲି ସେ କହିଛନ୍ତି।

ବ୍ରିଟିଶ କ୍ରିକେଟ ବଲ୍ସ ଲିଃ ୧୭୬୦ରୁ ଡ୍ୟୁକ୍ ବଲ୍ ତିଆରି କରି ଆସୁଛି। ଏହା ଇଂଲଣ୍ଡର ଘରୋଇ କାଉଣ୍ଟି କ୍ରିକେଟ ଓ ଏହି ଦେଶରେ ଖେଳାଯାଉଥିବା ସମସ୍ତ ଟେଷ୍ଟ ଓ ଅନ୍ୟାନ୍ୟ ମ୍ୟାଚ୍‌ରେ ବ୍ୟବହାର କରାହୋଇଆସୁଛି। ଭାରତରେ ଏସ୍‌ଜି ବଲ୍ ଓ ଅଷ୍ଟ୍ରେଲିଆରେ କୁକାବୁରା ବଲ ବ୍ୟବହାର କରାଯାଇଥାଏ। ଇଂଲଣ୍ଡ ସହ ଲର୍ଡ୍ସରେ ଖେଳାଯାଇଥିବା ତୃତୀୟ ଟେଷ୍ଟରେ ଭାରତୀୟ ଅଧିନାୟକ ଶୁବମାନ ଗିଲ୍ ଡ୍ୟୁକ୍ ବଲ ବିରୋଧରେ ଖୋଲାଖୋଲି ଅଭିଯୋଗ ଆଣିବା ସହ ଅସନ୍ତୋଷ ପ୍ରକାଶ କରିଥିଲେ। ଦ୍ୱିତୀୟ ଦିନ ଖେଳ ଏକ ଘଣ୍ଟା ପରେ ବଲ ସଫ୍ଟ ବା ନରମ ହୋଇଯାଇଥିଲା। ଯାହା ଫଳରେ ବଲକୁ ବଦଳାଇବାକୁ ପଡ଼ିଥିଲା। ଏହାର ସିଧାସଳଖ ପ୍ରଭାବ ପଡ଼ିଥିଲା ପୂରା ଲୟରେ ବୋଲିଂ କରୁଥିବା ଯଶପ୍ରୀତ୍ ବୁମ୍‌ରାଙ୍କ ଉପରେ। ପୂର୍ବରୁ ବ୍ୟବହାର ହୋଇଥିବା ବଲ୍‌ରେ ବୁମ୍‌ରା ଶୀଘ୍ର ଶୀଘ୍ର ୩ଟି ୱିକେଟ ନେଇଥିଲେ। ବଲ ବଦଳିବା ପରେ ବୁମ୍‌ରାଙ୍କ ସମସ୍ତ ଭାରତୀୟ ବୋଲର ପ୍ରଭାବ ବିହୀନ ହୋଇପଡ଼ିଥିଲେ। ଯାହା ଫଳରେ ଇଂଲଣ୍ଡ ଏକ ସମ୍ମାନଜନକ ସ୍କୋର କରିବାକୁ ସମର୍ଥ ହୋଇଥିଲା। ବଦଳାଯାଇଥିବା ବଲ ପୂର୍ବ ବଲର ସମାନ ନ ଥିଲା। ଯାହାକୁ ନେଇ ଅଧିନାୟକ ଗିଲ ଖୁବ୍ ଅସନ୍ତୋଷ ବ୍ୟକ୍ତ କରିବା ପରେ ଇଂଲଣ୍ଡ ଓ ୱେଲ୍ସ କ୍ରିକେଟ ବୋର୍ଡ ଏଭଳି ନିଷ୍ପତ୍ତି ନେଇଛନ୍ତି। ଏତେ ଦିନ ହେଲା ଇଂଲଣ୍ଡରେ ଡ୍ୟୁକ ବଲ୍ ବ୍ୟବହାର କରାଯାଉଛି। କିନ୍ତୁ ଚଳିତ ଟେଷ୍ଟ ସିରିଜ୍ ଭଳି ଏହା ପୂର୍ବରୁ ହୋଇ ନ ଥିଲା। ଭାରତୀୟ ୱିକେଟ ରକ୍ଷକ ଋଷଭ ପନ୍ତ୍ ମଧ୍ୟ ଏହି ବଲ ପରିବର୍ତ୍ତନକୁ ନେଇ ଆଇସିସି ଦ୍ୱାରା ଚେତାବନୀ ପାଇଛନ୍ତି। କିନ୍ତୁ ଆଶ୍ଚର୍ଯ୍ୟର କଥା ଜଣେ ଭାରତୀୟ ଜୟ ଶାହ ଆଇସିସିର ସଭାପତି ଥିଲେ ମଧ୍ୟ ବଲ ବିବାଦ ସମ୍ପର୍କରେ ମୁହଁ ଖୋଲି ନାହାନ୍ତି। ଆଇସିସି ନିୟମ ଅନୁଯାୟୀ ଟେଷ୍ଟ ସିରିଜ୍ ଆୟୋଜନ କରୁଥିବା ଦେଶର ନିଷ୍ପତ୍ତି ଅନୁଯାୟୀ ବଲ ବ୍ୟବହାର କରାଯିବ।

କେବଳ ଗିଲ ନୁହଁନ୍ତି, ଇଂଲଣ୍ଡର କିଂବଦନ୍ତୀ ଫାଷ୍ଟ ବୋଲର ଷ୍ଟୁଆର୍ଟ ବ୍ରଡ୍ ମଧ୍ୟ ଡ୍ୟୁକ୍ ବଲ ବିରୋଧରେ ଅସନ୍ତୋଷ ଜାହିର କରିଛନ୍ତି। ଇଂଲଣ୍ଡ ବିପକ୍ଷ ଗୁରୁତ୍ୱପୂର୍ଣ୍ଣ ଟେଷ୍ଟ ସିରିଜ୍‌ରେ ବଲ୍‌ର ନମନୀୟତା ଯୋଗୁଁ ଭାରତକୁ ମଧ୍ୟ କିଛି ଫାଇଦା ମିଳିଛି। କିନ୍ତୁ ବଲ ପରିବର୍ତ୍ତନ ଯୋଗୁଁ ଇଂଲଣ୍ଡ ଅଧିକ ସଫଳ ହୋଇଛି। ଯାହା ଫଳରେ ୫ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍‌ର ପ୍ରଥମ ୩ଟି ମ୍ୟାଚ୍ ଶେଷ ସୁଦ୍ଧା ଇଂଲଣ୍ଡ ୨-୧ରେ ଆଗୁଆ ରହିଛି। ଲଣ୍ଡନ ଓ ଲିଡ୍ସରେ ଇଂଲଣ୍ଡ ଜିତିଥିଲାବେଳେ ଏଜ୍‌ବାଷ୍ଟନରେ ଭାରତ ଜିତ୍ ହାସଲ କରିଛି। ସିରିଜ୍‌ର ଚତୁର୍ଥ ଟେଷ୍ଟ ମ୍ୟାଚ୍ ମାଞ୍ଚେଷ୍ଟରର ଓଲ୍ଡ ଟ୍ରାଫୋର୍ଡରେ ଜୁଲାଇ ୨୩ରୁ ଆରମ୍ଭ ହେବ।





# ସଚିନ ତେନ୍ଦୁଲକର ଇନ୍‌ଡୋର୍ ହଲ୍ ହେବ ସ୍ପୋର୍ଟସ ସାଇନ୍ସ ସେଣ୍ଟର



କଟକ,୧୮।୭(ସମିସ): ଖେଳାଳିମାନଙ୍କ ଆହତ ଜନିତ ସମସ୍ୟାକୁ ଗୁରୁତ୍ୱ ଦିଆଯିବ। ଆଥଲେଟିକ ମନିଟରିଂ ଜରିଆରେ ଖେଳାଳିମାନେ ସ୍ୱତନ୍ତ୍ର ନିରୀକ୍ଷଣରେ ରହିବେ। ଅତ୍ୟାଧୁନିକ ଜ୍ଞାନକୌଶଳର ବ୍ୟବହାର ଦ୍ୱାରା ଖେଳାଳିଙ୍କୁ ପ୍ରଶିକ୍ଷଣ ଦିଆଯିବା ସହ ପୁର୍ନନିବାସ ବ୍ୟବସ୍ଥା ଉପଲବ୍ଧ କରାଯିବ।

- ମହତାବଙ୍କ ନାମରେ ଫିଡର ସେଣ୍ଟର
- ଓସିଏ ଆପେକ୍ସ କାଉନସିଲ ବୈଠକରେ ନିଷ୍ପତ୍ତି

ବାରବାଟୀ ଷ୍ଟାଡିୟମ ପରିସରସ୍ଥ ସଚିନ ତେନ୍ଦୁଲକର ଇନଡୋର ହଲ୍‌କୁ ସ୍ପୋର୍ଟସ ସାଇନ୍ସ ସେଣ୍ଟରରେ ରୂପାନ୍ତରୀକରଣ କରି ଓଡ଼ିଶା କ୍ରିକେଟ ଆସୋସିଏସନ (ଓସିଏ) ଏଭଳି ବ୍ୟବସ୍ଥା ଆପଣାଇବାକୁ ଯାଉଛି। ଇନଡୋର ହଲ୍‌ର ଭିତ୍ତିଭୂମିର ବିକାଶ କରାଯାଇ ଏଠାରେ ଅତ୍ୟାଧୁନିକ କ୍ରୀଡ଼ା ବିଜ୍ଞାନର ଆବଶ୍ୟକୀୟ ଉପକରଣ ମହଜୁଦ କରାଯିବ। ଆଜି ଓସିଏର ଆପେକ୍ସ କାଉନସିଲ ବୈଠକରେ ଏଭଳି ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ଗ୍ରହଣ କରାଯାଇଛି। ରାଜ୍ୟରେ କ୍ରିକେଟର ବିକାଶ ନେଇ ଏକାଧିକ ପ୍ରସ୍ତାବ ଓ ଯୋଜନା ବାବଦରେ ଆପେକ୍ସ କାଉନସିଲ ବୈଠକରେ ଆଲୋଚନା ହୋଇଥିଲା। ଓସିଏ ସେଣ୍ଟର ଅଫ ଏକ୍ସିଲେନ୍ସର ସଫଳ ରୂପାୟନ ନିମନ୍ତେ ଦୁଇଟି କେନ୍ଦ୍ର ପ୍ରତିଷ୍ଠା ଦିଗରେ ବିଶେଷ ଗୁରୁତ୍ୱ ଦିଆଯାଇଥିଲା। ସଚିନ ତେନ୍ଦୁଲକର ସ୍ପୋର୍ଟସ ସାଇନ୍ସ ସେଣ୍ଟର ସହ ଖୁବଶୀଘ୍ର ଏଠାରେ ଆବାସିକ କ୍ରିକେଟ ଏକାଡେମୀ ମଧ୍ୟ ପ୍ରତିଷ୍ଠା ହେବ। ଯାହାର ନାଁ ରହିବ ଡଃ ହରେକୃଷ୍ଣ ମହତାବ କ୍ରିକେଟ ଫିଡର ସେଣ୍ଟର। ଏଠାରେ ୧୪ବର୍ଷରୁ କମ୍ ବୟସ ବର୍ଗର ମୋଟ ୮୦ଜଣ ଖେଳାଳି ରହିବେ। ଖେଳାଳିଙ୍କ ପ୍ରଶିକ୍ଷଣ, ଶିକ୍ଷା, ସ୍ୱାସ୍ଥ୍ୟ ସମସ୍ତ ଦିଗ ପ୍ରତି ଓସିଏ ଯତ୍ନବାନ ରହିବ। ରାଜ୍ୟର ପ୍ରଥମ ମୁଖ୍ୟମନ୍ତ୍ରୀ ଏବଂ ଓସିଏର ପ୍ରଥମ ସଭାପତି ଡଃ ମହତାବଙ୍କ ଉଦ୍ଦେଶ୍ୟରେ ଏକାଡେମୀଟି ସମର୍ପିତ ହେବ। ସେହିପରି ସେପ୍ଟେମ୍ବରରେ ହେବାକୁ ଥିବା ଓଡ଼ିଶା ପ୍ରୋ ଟି-୨୦ ଲିଗ୍‌ର ସଫଳ ଆୟୋଜନ ବାବଦରେ ଆଲୋଚନା ହୋଇଥିଲା। ଆପେକ୍ସ କାଉନସିଲ ବୈଠକରେ ସଭାପତି ପଙ୍କଜ ଲୋଚନ ମହାନ୍ତି, ଉପସଭାପତି ଜଗମୋହନ ପଟ୍ଟନାୟକ, ସମ୍ପାଦକ ସଞ୍ଜୟ ବେହେରା, ଯୁଗ୍ମ ସମ୍ପାଦକ ପ୍ରଭାତ କୁମାର ଭୋଳ, କୋଷାଧ୍ୟକ୍ଷ ବିକାଶ ପ୍ରଧାନ, ଆପେକ୍ସ କାଉନସିଲ ସଦସ୍ୟ ପ୍ରତାପ ଚନ୍ଦ୍ର ପ୍ରଧାନ, ରାକେଶ ମହାନ୍ତି, ଗୀତା ସାମନ୍ତରାୟ ପ୍ରମୁଖ ଉପସ୍ଥିତ ଥିଲେ। ଅନ୍ୟପକ୍ଷରେ ସମ୍ପାଦକ ସଞ୍ଜୟଙ୍କ ଅଧକ୍ଷତାରେ ଫାଇନାନ୍ସ କମିଟି ବୈଠକ ମଧ୍ୟ ଆଜି ଅନୁଷ୍ଠିତ ହୋଇଥିଲା।

ବିଶ୍ୱ ବିଶ୍ୱବିଦ୍ୟାଳୟ କ୍ରୀଡ଼ା

## ନଟରାଜଙ୍କ ଜାତୀୟ ରେକର୍ଡ

ଭୁବନେଶ୍ୱର, ୧୮।୭ (ସମିସ): ଜର୍ମାନୀର ରୁର-ରାଇନ୍‌ରେ ଚାଲିଥିବା ବିଶ୍ୱ ବିଶ୍ୱବିଦ୍ୟାଳୟ କ୍ରୀଡ଼ାର ଶୁକ୍ରବାର ଖେଳାଯାଇଥିବା ଇଭେଣ୍ଟରେ ଭାରତୀୟ ପ୍ରତିଯୋଗୀମାନେ ପ୍ରାଧାନ୍ୟ ବିସ୍ତାର କରିଛନ୍ତି। ପୁରୁଷ ସନ୍ତରଣରେ ଅଲିମ୍ପିଆନ ଶ୍ରୀହରି ନଟରାଜ ପୁରୁଷ ୨୦୦ ମିଟର ଫ୍ରିଷ୍ଟାଇଲ ରେସ୍‌କୁ ୧:୪୮.୨୨ ସେକେଣ୍ଡରେ ଅତିକ୍ରମ କରି ଏହି ଜାତୀୟ ରେକର୍ଡ ପ୍ରତିଷ୍ଠା କରିଛନ୍ତି। ନିଜ ନାମରେ ଏହି ରେକର୍ଡ ଥିଲା। ନଟରାଜଙ୍କ ବ୍ୟତୀତ ଟିଟି, ବ୍ୟାଡ୍‌ମିଣ୍ଟନ, ବାସ୍କେଟବଲ ଓ ଭଲିବଲ୍‌ରେ ଭାରତୀୟ ପ୍ରତିଯୋଗୀମାନେ ବିଜୟୀ ହୋଇଛନ୍ତି। ଡସେଲଡର୍ଫରେ ଖେଳାଯାଇଥିବା ଟେବୁଲ ଟେନିସର ଦଳଗତ ବିଭାଗରେ ଭାରତ ଉଭୟ ପୁରୁଷ ଓ ମହିଳା ବିଭାଗ କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛି। ବ୍ୟାଡମିଣ୍ଟନରେ ଭାରତର ସମସ୍ତ ପ୍ରତିଯୋଗୀ ବିଜୟୀ ହୋଇଛନ୍ତି। ଏହି ବିଶ୍ୱସ୍ତରୀୟ ଇଭେଣ୍ଟରେ ଓଡ଼ିଶାର ବିଶ୍ୱବିଦ୍ୟାଳୟରୁ ୪୨ଜଣ ପ୍ରତିଯୋଗୀ ଅଂଶଗ୍ରହଣ କରୁଛନ୍ତି।

ତ୍ରି-ରାଷ୍ଟ୍ରୀୟ ଟି-୨୦ ସିରିଜ

## ନ୍ୟୁଜିଲାଣ୍ଡର କ୍ରମାଗତ ୨ୟ ବିଜୟ



ହରାରେ, ୧୮।୭ (ଏଜେନ୍ସି): ଚଳିତ ତ୍ରି-ରାଷ୍ଟ୍ରୀୟ ଟି-୨୦ ସିରିଜରେ ନ୍ୟୁଜିଲାଣ୍ଡ କ୍ରମାଗତ ଦ୍ୱିତୀୟ ବିଜୟ ହାସଲ କରିଛି। ଶୁକ୍ରବାର ସ୍ଥାନୀୟ ହରାରେ ସ୍ପୋର୍ଟ୍ସ କ୍ଲବରେ ଅନୁଷ୍ଠିତ ଏକ ମ୍ୟାଚରେ ନ୍ୟୁଜିଲାଣ୍ଡ ୮ ୱିକେଟ୍‌ରେ ଆୟୋଜକ ଜିମ୍ବାୱେକୁ ପରାସ୍ତ କରିଛି। ପୂର୍ବରୁ ପ୍ରଥମ ମ୍ୟାଚରେ ୨୧ ରନରେ ଦକ୍ଷିଣ ଆଫ୍ରିକାକୁ ହରାଇଥିବା ନ୍ୟୁଜିଲାଣ୍ଡ ଏଥିସହ ୪ ପଏଣ୍ଟ ପାଇ ତାଲିକାର ଶୀର୍ଷରେ ରହିଛି। ଆସନ୍ତା ରବିବାର ଜିମ୍ବାୱେ ଓ ଦକ୍ଷିଣ ଆଫ୍ରିକା ମଧ୍ୟରେ ସିରିଜର ପରବର୍ତ୍ତୀ ମ୍ୟାଚ୍ ଖେଳାଯିବ।

ଶୁକ୍ରବାର ଅନୁଷ୍ଠିତ ମ୍ୟାଚରେ ଟସ୍ ହାରି ବ୍ୟାଟିଂ ଆମନ୍ତ୍ରଣ ପାଇଥିବା ଘରୋଇ ଜିମ୍ବାୱେ ୨୦ ଓଭରରେ ୭ ୱିକେଟ୍ ହରାଇ ୧୨୦ ରନ କରିଥିଲା। ଦଳ ପକ୍ଷରୁ ଦୁଇ ଓପନର୍ ୱେସଲୀ ମାଧଭେରେ ୩୬, ବ୍ରାଏନ ବେନେଟ୍ ୨୧, ଅଧିନାୟକ ସିକନ୍ଦର ରାଜା ଓ ର୍‌ୟାନ ବର୍ଲ ୧୨ ରନ ଲେଖାଏ କରିଥିଲେ। ନ୍ୟୁଜିଲାଣ୍ଡ ପାଇଁ ମ୍ୟାଟ୍ ହେନରୀ ସବୁଠୁ ସଫଳ ବୋଲର ରହିଥିଲେ। ସେ ୨୬ ରନ ବ୍ୟୟରେ ସର୍ବାଧିକ ୩ଟି ୱିକେଟ୍ ନେଇଥିଲେ। ଜବାବରେ ୧୨୧ ରନର ଛୋଟିଆ ଲକ୍ଷ୍ୟକୁ ପିଛା କରିଥିବା ନ୍ୟୁଜିଲାଣ୍ଡ ୨ ୱିକେଟ ହରାଇ ୩୭ ବଲ୍ ପୂର୍ବରୁ ବିଜୟୀ ହୋଇଥିଲା। ଓପନର୍ ଡେଭନ କନୱେ ୪୦ ବଲରେ ଅପରାଜିତ ୫୯ ରନ କରିଥିଲେ। ସେହିଭଳି ରାଚିନ ରବୀନ୍ଦ୍ର ୩୦, ଟିମ୍ ସେଇଫର୍ଟ ୩ ଓ ଡାରୀଲ ମିଚେଲ ଅପରାଜିତ ୨୬ ରନର ପାଳି ଖେଳିଥିଲେ। କନୱେ ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ।

## ମହିଳା କବାଡ଼ି ବିଶ୍ୱକପ୍ ୩ରୁ

ନୂଆଦିଲ୍ଲୀ, ୧୮।୭ (ଏଜେନ୍ସି): ମହିଳା କବାଡ଼ି ବିଶ୍ୱକପ୍‌ର ୨ୟ ସଂସ୍କରଣ ହାଇଦରାବାଦ୍‌ରେ ଅଗଷ୍ଟ ୩ରୁ ଆରମ୍ଭ ହେବ। ମହିଳା କବାଡ଼ି ବିଶ୍ୱକପ୍ ମୂଳତଃ ଜୁନ୍‌ରେ ବିହାରରେ ଆୟୋଜିତ ହେବାର ଥିଲା। କିନ୍ତୁ ବିହାର ଆୟୋଜନରୁ ଓହରିଯିବା ଫଳରେ ତେଲଙ୍ଗାନା ବିଶ୍ୱକପ୍ ଆୟୋଜନ କରିବାକୁ ଭାରତୀୟ କବାଡ଼ି ମହାସଂଘ ନିକଟରେ ଅନୁରୋଧ କରିଥିଲା। ୧୩ ବର୍ଷ ତଳେ ଅନୁଷ୍ଠିତ ବିଶ୍ୱକପ୍‌ର ପ୍ରଥମ ସଂସ୍କରଣରେ ଭାରତ ଚାମ୍ପିଅନ ହୋଇଥିଲା।

## ଭାରତର ବିଜୟ ଅଭିଯାନ

ନୂଆଦିଲ୍ଲୀ, ୧୮।୭ (ଏଜେନ୍ସି): ଇଣ୍ଡୋନେସିଆରେ ଚାଲିଥିବା ବ୍ୟାଡ୍‌ମିଣ୍ଟନ ଏସିଆ ଜୁନିଅର ମିକ୍ସଡ ଟିମ୍ ଚାମ୍ପିଅନସିପ୍‌ରେ ଭାରତ ବିଜୟରୁ ଅଭିଯାନ ଆରମ୍ଭ କରିଛି। ଶୁକ୍ରବାର ଅନୁଷ୍ଠିତ ଗ୍ରୁପ୍-ଡି'ର ଏକ ମ୍ୟାଚରେ ଭାରତ ୧୧୦-୬୯ ପଏଣ୍ଟରେ ଶ୍ରୀଲଙ୍କାକୁ ପରାସ୍ତ କରିଛି। ପ୍ରଥମ ମ୍ୟାଚରେ ମିକ୍ସଡ ଡବଲ୍ସରେ ବିଷ୍ଣୁ କୋଡେ ଓ ରିଷିକା ଯୋଡ଼ି ୧୧-୫ରେ କେନେଥ୍ ଅରୁଗୋଡା ଓ ଇଶୁରୀ ଅଟ୍ଟାନାୟକେ ଯୋଡ଼ିଙ୍କୁ ପରାସ୍ତ କରିଥିଲେ। ଏହାପରେ ଖେଳାଯାଇଥିବା ମହିଳା ଡବଲ୍ସରେ ଗାୟତ୍ରୀ ଓ ମାନସ ରାୱତ ଯୋଡ଼ି ଓ ପରେ ମହିଳା ସିଙ୍ଗଲ୍ସରେ ତନଭୀ ଶର୍ମା ବିଜୟୀ ହୋଇଥିଲେ।

## ଜାତୀୟ ଆଥଲେଟିକ୍ ଚାମ୍ପିଅନସିପ୍ ପାଇଁ ୨ରୁ ଟ୍ରାଏଲ୍

କଟକ,୧୮।୭(ସମିସ): ଅଗଷ୍ଟ ୨୦ରୁ ୨୪ ତାରିଖ ପର୍ଯ୍ୟନ୍ତ ତାମିଲନାଡୁର ଚେନ୍ନାଇରେ ୬୪ତମ ବରିଷ୍ଠ ଜାତୀୟ ଆନ୍ତଃରାଜ୍ୟ ଆଥଲେଟିକ ଚାମ୍ପିଅନସିପ୍ ଆୟୋଜନ ହେବ। ଏଥିନିମନ୍ତେ ଅଗଷ୍ଟ ୨ରୁ କଟକର ରିଜର୍ଭ ପୁଲିସ ଗ୍ରାଉଣ୍ଡରେ ସିଲେକ୍ସନ ଟ୍ରାଏଲ କରାଯିବ। ଓଡ଼ିଶା ଆଥଲେଟିକ ଆସୋସିଏସନ(ଓଏଏ) ପକ୍ଷରୁ ଶୁକ୍ରବାର ଏନେଇ ପ୍ରେସବିବୃତ୍ତି ମାଧ୍ୟମରେ ସୂଚନା ଦିଆଯାଇଛି। ଓଏଏ ସହ ଅନୁବନ୍ଧିତ ସମସ୍ତ ଜିଲ୍ଲା ସଂଘକୁ ଅବଗତ କରାଯାଇଛି। ଚଳିତ ମାସ ୨୮ ତାରିଖ ପୂର୍ବରୁ ପ୍ରତ୍ୟେକ ସଂଘ ଖେଳାଳି ତାଲିକା ପଠାଇବେ। ଟ୍ରାଏଲରେ ଭାଗ ନେବା ନିମନ୍ତେ ଖେଳାଳିମାନଙ୍କ ପାଇଁ ଓଏଏ ଏକ ମାନଦଣ୍ଡ ପ୍ରସ୍ତୁତ କରିଛି। ଟ୍ରାଏଲରୁ ଜାତୀୟ ଚାମ୍ପିଅନସିପ୍ ନିମନ୍ତେ ରାଜ୍ୟ ଦଳ ଗଠନ କରାଯିବ।

## ବିସିସିଆଇର ରେକର୍ଡ ଆୟ



୨୦୨୩-୨୪ରେ ୯,୭୪୧ କୋଟି ଟଙ୍କା

ନୂଆଦିଲ୍ଲୀ,୧୮।୭ (ଏଜେନ୍ସି): ଆର୍ଥିକବର୍ଷ ୨୦୨୪ରେ ବିସିସିଆଇ ଆୟ କରିଛି ରେକର୍ଡ ୯.୭୪୧ କୋଟି ଟଙ୍କା। ଏହା ମଧ୍ୟରୁ ଦେଶର ସବୁଠାରୁ ବଡ଼ କ୍ରିକେଟ ଟୁର୍ଣ୍ଣାମେଣ୍ଟ ଇଣ୍ଡିଆନ୍ ପ୍ରିମିୟର ଲିଗ୍‌ରୁ ମିଳିଛି ୫୯ ଭାଗ ଅର୍ଥ ବା ୫,୭୬୧ କୋଟି ଟଙ୍କା। ମ୍ୟାଚ୍ ଗୁଡିକର ଟେଲିଭିଜନ ପ୍ରସାରଣ, ବିଜ୍ଞାପନ ଓ ଅନ୍ୟ ଟୁର୍ଣ୍ଣାମେଣ୍ଟ ଗୁଡିକରୁ ଏହି ଅର୍ଥ ଆୟ ହୋଇଛି ବୋଲି ଆର୍ଥିକ ଦେଣନେଣ କରୁଥିବା ବିଜ୍ଞାପନ ସଂସ୍ଥା ରେଡିଫ୍ୟୁଜନ ପକ୍ଷରୁ କୁହାଯାଇଛି। ଅଣ ଆଇପିଏଲ ପ୍ରସାରଣ ଅଧିକାରରୁ ୩୬୧ କୋଟି ଟଙ୍କା ମିଳିଛି। ୨୦୦୭ରୁ ଆଇପିଏଲ୍ ଆରମ୍ଭ ହେବା ପରଠାରୁ ବିସିସିଆଇର ସମ୍ପତ୍ତି ବହୁଗୁଣା ବୃଦ୍ଧି ପାଇଛି। ଏବେ ମିଳିଥିବା ସୂଚନା ଅନୁଯାୟୀ ବିସିସିଆଇ ୩୦,୦୦୦ କୋଟି ଟଙ୍କା ଫିକ୍ସଡ ଡିପୋଜିଟ କରିଛି। ଏଥିରୁ ବର୍ଷରୁ ୧,୦୦୦ କୋଟି ଟଙ୍କାର ସୁଧ ମିଳୁଛି। କ୍ରିକେଟକୁ ନେଇ ବିସିସିଆଇ ଏକ ଭଲ ବିଜ୍‌ନେସ ମଡେଲ ତିଆରି କରିପାରିଛି। ଭାରତ ତଥା ଭାରତ ବାହାରେ ଆଇପିଏଲ୍‌ରେ କ୍ରେଜ୍‌କୁ ନେଇ ଏହା ସମ୍ଭବ ହୋଇଛି।

## ପ୍ରଶାନ୍ତ, ରମଜାନଙ୍କ ହ୍ୟାଟ୍ରିକ୍‌ରେ ସମ୍ବଲପୁର ବିଜୟୀ



ସାହାଣୀ କପ୍-୨୦୨୫

କଟକ,୧୮।୭(ସମିସ): ଫୁଟବଲ ଆସୋସିଏସନ ଅଫ ଓଡ଼ିଶା(ଫାଓ) ଏବଂ ରାଜ୍ୟ କ୍ରୀଡ଼ା ବିଭାଗ ମିଳିତ ଆନୁକୂଲ୍ୟରେ ୬୪ତମ ବରିଷ୍ଠ ପୁରୁଷ ଆନ୍ତଃଜିଲ୍ଲା ଫୁଟବଲ ଚାମ୍ପିଅନସିପ୍ ସାହାଣୀ କପ୍ ରାଜ୍ୟର ୪ଟି ଜୋନ୍‌ରେ ଖେଳାଯାଉଛି। ଶୁକ୍ରବାର ବୌଦ୍ଧ ଜୋନ୍‌ରେ ଖେଳାଯାଇଥିବା ଏକ ମ୍ୟାଚ୍‌ରେ ସମ୍ବଲପୁର ଏକତରଫା ଭାବେ ୯-୦ ଗୋଲ୍‌ରେ ନୂଆପଡ଼ାକୁ ପରାସ୍ତ କରିଥିଲା। ପ୍ରଥମାର୍ଦ୍ଧରେ ୨ଟି ଗୋଲ ସ୍କୋର କରିଥିବା ସମ୍ବଲପୁର ଦ୍ୱିତୀୟାର୍ଦ୍ଧରେ ୭ଟି ଗୋଲ ଦେଇ ସହଜ ବିଜୟ ହାସଲ କରିଥିଲା। ବିଜୟୀ ଦଳ ତରଫରୁ ପ୍ରଶାନ୍ତ ଓରାମ ଏବଂ ରମଜାନ ମୁଣ୍ଡା ଉଭୟ ହ୍ୟାଟ୍ରିକ ଗୋଲ୍ ସ୍କୋର କରିଥିଲେ। ବିଜୁ ଓରାମ ଓ ବଣ୍ଟି ମୁଣ୍ଡା ଯଥାକ୍ରମେ ୨ଟି ଓ ଗୋଟିଏ ଗୋଲ ଦେଇଥିଲେ। ଏହି ଜୋନ୍‌ରେ ଖେଳାଯାଇଥିବା ଅନ୍ୟ ଏକ ମ୍ୟାଚ୍ ମଧ୍ୟ ଏକତରଫା ଭାବେ ଶେଷ ହୋଇଥିଲା। ନରେଶ ଧାନଙ୍କ ଦୁଇଟି ଗୋଲ ସହାୟତାରେ ବଲାଙ୍ଗିର ୪-୦ ଗୋଲ୍‌ରେ ଘରୋଇ ବୌଦ୍ଧକୁ ହରାଇଥିଲା। କେନ୍ଦୁଝର ଜୋନ୍‌ରେ ଘରୋଇ କେନ୍ଦୁଝର ଓ ଯାଜପୁର ମଧ୍ୟରେ ଅନୁଷ୍ଠିତ ମ୍ୟାଚ୍ ୨-୨ ଗୋଲ୍‌ରେ ଅମୀମାଂସିତ ରହିଛି। ଅନ୍ୟ ଏକ ମ୍ୟାଚ୍‌ରେ ରାଉରକେଲା ଷ୍ଟିଲ ପ୍ଲାଣ୍ଟ ୪-୩ ଗୋଲରେ ଅନୁଗୋଳକୁ ହରାଇଛି। ବ୍ରହ୍ମପୁର ଜୋନ୍‌ରେ ନବରଙ୍ଗପୁର ୭-୦ ଗୋଲରେ ଗଜପତିକୁ, ଭୁବନେଶ୍ୱର ୧-୦ ଗୋଲରେ ଗଞ୍ଜାମକୁ, କେନ୍ଦ୍ରାପଡ଼ା ଜୋନ୍‌ରେ ଭଦ୍ରକ ୨-୦ ଗୋଲରେ ଜଗତସିଂହପୁରକୁ ଏବଂ ଝାରସୁଗୁଡ଼ା ୬-୧ ଗୋଲ୍‌ରେ କେନ୍ଦ୍ରପଡ଼ାକୁ ହରାଇଥିଲା।

ସିଏଏସ୍‌ରେ ସର୍ବଭାରତୀୟ ଫୁଟବଲ ମହାସଂଘକୁ ଧକ୍କା

# ଇଣ୍ଟର କାଶୀ ଆଇ-ଲିଗ୍ ଚାମ୍ପିଅନ

ନୂଆଦିଲ୍ଲୀ,୧୮।୭ (ଏଜେନ୍ସି)



ଇଣ୍ଟର କାଶୀ କ୍ଲବ୍ ନୂଆ ଆଇ-ଲିଗ୍ ଚାମ୍ପିଅନ୍ ହୋଇଛି। ବିଦେଶୀ ଖେଳାଳି ମାରିଓ ବାର୍କୋଙ୍କୁ ଗୋଟିଏ ବର୍ଷରେ ଦୁଇଥର ପଞ୍ଜିକରଣ କରି ଦଣ୍ଡିତ ହୋଇଥିବା କାଶୀ କ୍ଲବ୍ କ୍ରୀଡ଼ାରେ ବିବାଦ ଲାଗି ଥିବା ସର୍ବୋଚ୍ଚ ଅଦାଲତ କୋର୍ଟ ଅଫ୍ ଆର୍ବିଟ୍ରେସନ ଫର ସ୍ପୋର୍ଟ୍ସ (ସିଏଏସ୍)ରେ କରିଥିବା ମୋକଦ୍ଦମାରେ ବିଜୟୀ ହୋଇଛି। ଏହା ଫଳରେ ଦଳ ଚଳିତ ସିଜନରେ ଆଇ-ଲିଗ୍ ଚାମ୍ପିଅନ ହୋଇଛି। ପଏଣ୍ଟ ଟେବଲରେ ପ୍ରଥମସ୍ଥାନରେ ଥିବା ଚର୍ଚ୍ଚିଲ ବ୍ରଦର୍ସ ଓ ଇଣ୍ଟର କାଶୀର ପଏଣ୍ଟ ସଂଖ୍ୟା ସମାନ ହୋଇଥିଲା। ଫଳରେ ଉନ୍ନତ ଗୋଲ ବ୍ୟବଧାନରେ କାଶୀକୁ ୨୦୨୪-୨୫ ସିଜନ ଲାଗି ଚାମ୍ପିଅନ ଘୋଷିତ କରିଛି ସିଏଏସ୍। ସିଏଏସ୍‌ର ଏହି ନିଷ୍ପତ୍ତି ଫଳରେ ସର୍ବଭାରତୀୟ ଆପିଲ୍ସ କମିଟି ଦେଇଥିବା ଆଦେଶ ରଦ୍ଦ ହୋଇଛି।

ସ୍ପାନୀଶ ଖେଳାଳି ମାରିଓ ବାର୍କୋଙ୍କ ପଞ୍ଜିକରଣକୁ ନେଇ ଇଣ୍ଟର କାଶୀ ଓ ଏଆଇଏଫଏଫ୍ ମଧ୍ୟରେ ସୃଷ୍ଟି ହୋଇଥିଲା ବିବାଦ। ସିଜନ ଆରମ୍ଭ ପୂର୍ବରୁ ବାର୍କୋଙ୍କୁ ଦଳରେ ନେଇଥିବା କାଶୀ। କିନ୍ତୁ ସେ ଆହତ ହେବା ପରେ ଆଉ ଜଣେ ବିଦେଶୀ ଖେଳାଳିଙ୍କୁ ସାମିଲ କରିଥିଲା। ଦୁଇମାସ ପରେ ବାର୍କୋ ଫିଟ୍ ହେବା ପରେ ତାଙ୍କୁ ପୁନର୍ବାର ଆଉ ଜଣେ ବିଦେଶୀ ଖେଳାଳିଙ୍କ ବଦଳରେ କ୍ଲବ୍ ବାର୍କୋଙ୍କୁ ସାମିଲ କରିଥିଲା। ଆଇ-ଲିଗ୍‌ର ନିୟମ ଅନୁଯାୟୀ ଏହାକୁ ଗ୍ରହଣ କରି ନ ଥିଲା ଏଆଇଏଫ୍‌ଏଫ୍ ଆପିଲ କମିଟି। ଆଇ-ଲିଗ୍‌ର ଧାରା ୬.୫.୭ ଅନୁଯାୟୀ ଜଣେ ବିଦେଶୀ ଖେଳାଳି କେବଳ ଆଉ ଜଣେ ବିଦେଶୀ ଖେଳାଳିଙ୍କ ସ୍ଥାନରେ ବଦଳ ହୋଇପାରିବେ। ଗୋଟିଏ ସିଜନରେ ଆଘାତ, ଅସୁସ୍ଥ କିମ୍ବା ଆପୋଷ ବୁଝାମଣା ମଧ୍ୟରେ ଗୋଟିଏ ଆଇ-ଲିଗ୍ କ୍ଲବ୍ ୩ଥର ବିଦେଶୀ ଖେଳାଳି ବଦଳାଇପାରିବେ। କିନ୍ତୁ ଜଣେ ବିଦେଶୀ ଖେଳାଳି ଥରେ ବଦଳିଗଲେ ସେ ସେହି ସିଜନରେ ଆଉ ଖେଳିପାରିବେ ନାହିଁ ବୋଲି ଆଇନ୍ ରହିଛି। ଏହାକୁ ଆଧାର କରି ଏଆଇଏଫଏଫ୍ ଆପିଲ କମିଟି କାଶୀକୁ ଦଣ୍ଡିତ କରିବା ସହ ଏହାର ୪ ପଏଣ୍ଟ କାଟିଦେଇଥିଲେ। ଏହା ବିରୋଧରେ ଇଣ୍ଟର କାଶୀ ସିଏଏସ୍‌ର ଦ୍ୱାରସ୍ଥ ହୋଇଥିଲା। ସିଏଏସ୍ ଆପିଲ୍ସ କମିଟିର ରାୟକୁ ରଦ୍ଦ କରିଦେଇଥିଲା। ଏହାକୁ ମିଶାଇ କାଶୀ ଚଳିତବର୍ଷ ଦ୍ୱିତୀୟଥର ସିଏଏସ୍‌ରେ ମକଦ୍ଦମା କରି ବିଜୟୀ ହୋଇଛି। ପୂର୍ବରୁ ନାମଧାରୀ ଏକାଦଶ ବାସନ୍ଦ ହୋଇଥିବା ଜଣେ ଖେଳାଳିଙ୍କୁ ଦଳରେ ସାମିଲ କରିଥିଲା। ଏହା ବିରୋଧରେ କାଶୀ ସିଏଏସ୍‌ର ଦ୍ୱାରସ୍ଥ ହୋଇଥିଲା ଓ ମକଦ୍ଦମାରେ ବିଜୟୀ ହେବା ପରେ ଦଳକୁ ୩ ପଏଣ୍ଟ ମିଳିଥିଲା। ଏ ସବୁ ନିଷ୍ପତ୍ତି ବଳରେ ଇଣ୍ଟର କାଶୀ ଚାମ୍ପିଅନ ଓ ଚର୍ଚ୍ଚିଲ ବ୍ରଦର୍ସ ରନର୍ସ ଅପ୍ ହୋଇଥିଲା।

### ଆଇଏସ୍‌ଏଲ୍‌ରେ କାଶୀ ଖେଳିପାରିବ କି

ଗତ ୫ ବର୍ଷ ହେଲା ଭାରତରେ ନଂ-୧ ଫୁଟବଲ ଟୁର୍ଣ୍ଣାମେଣ୍ଟ ବିବେଚିତ ହୋଇଥିବା ଇଣ୍ଡିଆନ୍ ସୁପର ଲିଗ୍ (ଆଇଏସ୍‌ଏଲ୍)ର ଆୟୋଜନ ନେଇ ସନ୍ଦେହ ସୃଷ୍ଟି ହୋଇଛି। ନିକଟରେ ଆଇଏସ୍‌ଏଲ ଆୟୋଜନ କରୁଥିବା ନୀତା ଆମ୍ବାନିଙ୍କ ଫୁଟବଲ ସ୍ପୋର୍ଟ୍ସ ଡେଭଲେପମେଣ୍ଟ ଲିମିଟେଡ୍ ସହ ଏଆଇଏଫଏଫ୍ ସମ୍ବିଧାନ ଉପରେ ନିଷ୍ପତ୍ତି ନ ନେବା ପର୍ଯ୍ୟନ୍ତ ସମସ୍ତ ପ୍ରକାର ଆଲୋଚନାକୁ ସ୍ଥଗିତ ରଖିବାକୁ ସୁପ୍ରିମ କୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଆଇନତଃ ଏବେ ଆଇଏସ୍‌ଏଲ୍‌ର ପରବର୍ତ୍ତୀ ସଂସ୍କରଣ ଆୟୋଜନ ନେଇ କିଛି ସ୍ପଷ୍ଟ ହୋଇନାହିଁ। ଏଣୁ ଇଣ୍ଟର କାଶୀ ଆଇଏସ୍‌ଏଲକୁ ଯୋଗ୍ୟତା ଅର୍ଜନ କରିଥିଲେ ମଧ୍ୟ ଖେଳିବ କି ନାହିଁ ସନ୍ଦେହରେ ରହିଛି।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS